# ଧରିତ୍ରୀ
DHARITRI

ଧରିତ୍ରୀ 51 Years

ଭୁବନେଶ୍ୱର, ବୁଧବାର, ମେ ୨୮/୨୦୨୫ (୧୪ ପୃଷ୍ଠା) | Bhubaneswar, Wednesday, May 28/2025 | Page 14 | ₹ 7.00

୫୧ଶ ଭାଗ ୧୮୨ ସଂଖ୍ୟା | www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul | VOLUME 51 ISSUE 182 | ମୂଲ୍ୟ ₹୭/-





## ଗୁଲ୍‌ବୀରଙ୍କୁ ସ୍ୱର୍ଣ୍ଣ

ଏସିଆନ୍ ଆଥ୍‌ଲେଟିକ୍ସ ଚାମ୍ପିୟନଶିପ୍‌ର ପୁରୁଷ ୧୦,୦୦୦ ମିଟର ରେସ୍‌ରେ ସ୍ୱର୍ଣ୍ଣ ଜିତିଛନ୍ତି ଭାରତର ଗୁଲ୍‌ବୀର ସିଂ। ୧୪

୦୨

## ଜୁନ୍ ୬ରେ 'ହାଉସ୍‌ଫୁଲ ୫'

ଅଭିନେତା ଅକ୍ଷୟ କୁମାରଙ୍କ କମେଡି ଥ୍ରିଲର ଫିଲ୍ମ 'ହାଉସ୍‌ଫୁଲ ୫'ର ଟ୍ରେଲରକୁ ମଙ୍ଗଳବାର ଜାରି କରାଯାଇଛି।





ସମୁଦ୍ରର ଉଚ୍ଚ ଜୁଆର ପ୍ରଭାବରେ ମୁମ୍ବାଇ ବାନ୍ଦ୍ରା ଅଞ୍ଚଳର ଏକ ବସ୍ତିକୁ ମଙ୍ଗଳବାର ପାଣି ମାଡ଼ିଆସିଛି।

# ଭୁବନେଶ୍ୱରରେ ୧୦ଲକ୍ଷରେ ମିଳିବ ଘର

ଭୁବନେଶ୍ୱର, ୨୭।୫
(ରବିନାରାୟଣ ଜେନା)



ରାଜଧାନୀ ଭୁବନେଶ୍ୱରରେ ଏବେ ଜମି ଅମୂଲ ମୂଲ। ଏଠାରେ ଜମି କିଣି ଘର ତିଆରି କରିବା ପାଇଁ ବିପୁଳ ଅର୍ଥ ଆବଶ୍ୟକ, ଯାହା ମଧ୍ୟବିତ୍ତ, ନିମ୍ନ ମଧ୍ୟବିତ୍ତ ଏବଂ ଗରିବଙ୍କ ପାଇଁ ସ୍ୱପ୍ନ ହୋଇଯାଇଛି। ସେହିପରି ଆପାର୍ଟମେଣ୍ଟର ଗୋଟିଏ ଫ୍ଲାଟ୍ ମୂଲ୍ୟ କୋଟିଏ ଛୁଇଁଲାଣି। ଏହାକୁ ଦୃଷ୍ଟିରେ ରଖି ଭୁବନେଶ୍ୱରରେ ଲୋକଙ୍କୁ କମ୍ ମୂଲ୍ୟରେ ଘର ଯୋଗାଇବା ପାଇଁ ନଗର ଉନ୍ନୟନ ବିଭାଗ ଗୁରୁତ୍ୱ ଦେଉଛି। ତଦନୁଯାୟୀ ସର୍ବନିମ୍ନ ୧୦ ଲକ୍ଷ ଟଙ୍କାରେ ଲୋକଙ୍କୁ ଘର ଖଣ୍ଡିଏ ଯୋଗାଇଦେବାକୁ ପ୍ରକ୍ରିୟା ଆରମ୍ଭ ହୋଇଛି। ୧ କୋଟି ଟଙ୍କା ପର୍ଯ୍ୟନ୍ତ ବିଭିନ୍ନ ବର୍ଗର ଘର ଉପଲବ୍ଧ ରହିବ, ଯାହାକୁ ଲୋକେ ସାମର୍ଥ୍ୟ ଅନୁଯାୟୀ କିଣିପାରିବେ। ଏନେଇ ନିକଟରେ ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀଙ୍କ ଅଧ୍ୟକ୍ଷତାରେ ପ୍ରାଥମିକ ପର୍ଯ୍ୟାୟରେ ବୈଠକ ଅନୁଷ୍ଠିତ ହୋଇଯାଇଛି।

ବୈଠକର ସୂଚନା ଅନୁଯାୟୀ, ରାଜ୍ୟର ବହୁ ଲୋକଙ୍କ ଇଚ୍ଛା ରାଜଧାନୀରେ ଘର ଖଣ୍ଡିଏ ପାଇବା। କମ୍ ମୂଲ୍ୟରେ କିଭଳି ଘର ପାଇବେ ସେଥିପାଇଁ ସରକାରଙ୍କ ପକ୍ଷରୁ ଉତ୍କଳ ହସ୍ପିଟାଲ ନିକଟସ୍ଥ ଅଞ୍ଚଳରେ ନିଜସ୍ୱ ପ୍ରକଳ୍ପ କରାଯିବ। ଏହାସହିତ କେତେକ ଆବାସ ନିର୍ମାଣକାରୀ ସଂସ୍ଥା ସହିତ ମିଶି ସରକାରଙ୍କ ପକ୍ଷରୁ ପ୍ରକଳ୍ପ ନିର୍ମାଣ କରାଯିବାକୁ ଯୋଜନା ରହିଛି, ଯେଉଁଥିରେ ସରକାର ଘରୋଇ ସହଭାଗିତା (ପିପିପି) ମୋଡ୍‌ରେ ୬୦:୪୦ ପ୍ରତିଶତରେ ପ୍ରକଳ୍ପ ନିର୍ମାଣ କରାଯିବ। ଏହାଦ୍ୱାରା ପର୍ଯ୍ୟାୟକ୍ରମେ ରାଜଧାନୀରେ ରହିବାକୁ ଚାହୁଁଥିବା ନିମ୍ନ ଆୟକାରୀ ଲୋକଙ୍କ ଆଶା ପୂରଣ ହୋଇପାରିବ। ଏହି ପରିପ୍ରେକ୍ଷୀରେ ନଗର ଉନ୍ନୟନ ବିଭାଗ ପକ୍ଷରୁ ବିଭାଗୀୟ ଅତିରିକ୍ତ ସଚିବ ଦେବାଶିଷ ସିଂହ ଏବଂ ଅର୍ଥପରାମର୍ଶଦାତା ଶିଖା ବିଶାଳ ଫିଲିପାଇନ୍ସର ମାନିଲା ଗସ୍ତ କରିଛନ୍ତି। ସେଠାରେ 'ଆଫୋର୍ଡେବୁଲ ହାଉସ' ପ୍ରକଳ୍ପ ଉପରେ ବିସ୍ତୃତ ଆଲୋଚନା କରାଯିବାକୁ ରହିଛି। ମାନିଲାରେ ମେ ୨୭ରୁ ୩୦ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେଉଥିବା ସେମିନାରରେ କିଭଳି ସହରାଞ୍ଚଳବାସୀଙ୍କୁ 'ଆଫୋର୍ଡେବୁଲ ହାଉସ' ଯୋଗାଇବାରେ ସରକାରଙ୍କ ପକ୍ଷରୁ ଗୁରୁତ୍ୱ ଦିଆଯାଉଛି ତା' ଉପରେ ତଥ୍ୟ ଉପସ୍ଥାପନ କରାଯିବ। ଏହାସହିତ ସେଠାରେ ଯଦି କୌଣସି ଭଲ ପ୍ରକଳ୍ପ ଉପରେ ଆଲୋଚନା ହେବ ତା' ଉପରେ ପରବର୍ତ୍ତୀ ପର୍ଯ୍ୟାୟରେ ରାଜ୍ୟ ସରକାର ଗୁରୁତ୍ୱ ଦେବେ ବୋଲି ଦେବାଶିଷ ସିଂହ କହିଛନ୍ତି।

ଏହି ପରିପ୍ରେକ୍ଷୀରେ ନଗର ଉନ୍ନୟନ ବିଭାଗ ସ୍ୱତନ୍ତ୍ର ସଚିବ ଗଙ୍ଗାଧର ନାୟକ କହିଛନ୍ତି ଯେ, ରାଜ୍ୟ ସରକାରଙ୍କ ପକ୍ଷରୁ ରାଜଧାନୀ ଭୁବନେଶ୍ୱର ଏବଂ ଏହାର ଆଖପାଖ ଅଞ୍ଚଳରେ ବିଭିନ୍ନ ସ୍ଥାନରେ କମ୍ ମୂଲ୍ୟର ଆବାସ ପ୍ରକଳ୍ପ କରିବା ପାଇଁ ଯୋଜନା ରହିଛି। ପ୍ରାଥମିକ ପର୍ଯ୍ୟାୟରେ ଉତ୍କଳ ହସ୍ପିଟାଲ ପାଖରେ ସରକାରଙ୍କ ପକ୍ଷରୁ ଏବଂ ଉତ୍କଳ ହାଇଟ୍ସ ନିକଟରେ ଏକ ଘରୋଇ ପ୍ରକଳ୍ପ ସହାୟତାରେ ୧୦ଲକ୍ଷରୁ ୧୧ଲକ୍ଷ ଟଙ୍କା ମଧ୍ୟରେ ଗରିବ ଶ୍ରେଣୀର ଲୋକଙ୍କୁ ଘର ଯୋଗାଇବାକୁ ଯୋଜନା ରହିଛି। ଏହାପରେ ଆଉ ୨ଟି ଆବାସ ପ୍ରକଳ୍ପ ନିର୍ମାଣ କରାଯିବ। ମାତ୍ର ଏହା ଉପରେ ବିଶେଷ ତଥ୍ୟ ଦେଲେ ସ୍ଥାନୀୟ ଅଞ୍ଚଳରେ ଜମିର ଦର ବୃଦ୍ଧିହେବା ସମ୍ଭାବନା ଥିବାରୁ ଏହାର ତଥ୍ୟ ସରକାରଙ୍କ ପକ୍ଷରୁ ପରେ ପ୍ରଦାନ କରାଯିବ ବୋଲି ସେ କହିଛନ୍ତି।


**ଆଜିର ସମ୍ପାଦକୀୟ**

ଋଣ ମୃତ୍ୟୁ







# ବିଦେଶୀ ପାଣ୍ଠି: ଏନ୍‌ଜିଓକୁ ଖବର ପ୍ରକାଶନ ମନା

**କେନ୍ଦ୍ର ସରକାର ଫରେନ୍ କଣ୍ଟ୍ରିବ୍ୟୁଶନ୍ ରେଗୁଲେଶନ୍ ଆକ୍ଟ (ଏଫ୍‌ସିଆର୍‌ଏ)କୁ କଡ଼ାକଡ଼ି କରିବାକୁ ଯାଇ ବେସରକାରୀ ସଙ୍ଗଠନ (ଏନ୍‌ଜିଓ)ଗୁଡ଼ିକ ଉପରେ ଲଗାମ କଷିଛନ୍ତି। ତଦନୁସାରେ ଭାରତରେ ବିଦେଶୀ ଅନୁଦାନ ଗ୍ରହଣ କରୁଥିବା ଏନ୍‌ଜିଓ କୌଣସି ପ୍ରକାର ଖବର କିମ୍ବା ନ୍ୟୁଜ୍‌ଲେଟର ପ୍ରକାଶ କରିପାରିବେ ନାହିଁ। ଏଭଳି ଏନ୍‌ଜିଓଗୁଡ଼ିକ ବିଦେଶୀ ପାଣ୍ଠି ପାଇବାକୁ ହେଲେ ନନ୍-ନ୍ୟୁଜ୍ ପବ୍ଲିକେଶନ୍ ଷ୍ଟାଟସ୍ ନେଇ (ଖବର ପ୍ରକାଶ କରୁନାହୁଁ ବୋଲି) ଲିଖିତ ଭାବେ ରେଜିଷ୍ଟ୍ରାର ଅଫ୍ ନ୍ୟୁଜ୍‌ପେପର୍ସ ଫର୍ ଇଣ୍ଡିଆ (ଆର୍‌ଏନ୍‌ଆଇ)ଙ୍କୁ ଜଣାଇବା ସହ ଏସମ୍ପର୍କିତ ପ୍ରମାଣପତ୍ର ହାସଲ କରିବା ବାଧ୍ୟତାମୂଳକ କରାଯାଇଛି। ଏଥିସହ ଫାଇନାନ୍ସିଆଲ ଆକ୍ସନ ଟାସ୍କଫୋର୍ସ (ଏଫ୍‌ଏଟିଏଫ୍) ଗାଇଡ୍‌ଲାଇନ୍ ଅନୁପାଳନ ଏବଂ ନିଜ ଆର୍ଥିକ କାରବାରର ସମ୍ପୂର୍ଣ୍ଣ ବିବରଣୀ ପ୍ରଦାନ କରିବେ। ଏନ୍‌ଜିଓଗୁଡ଼ିକ ପାଇଁ ପାଣ୍ଠି ଯୋଗାଣକାରୀଙ୍କ ଅନୁଦାନପତ୍ର ଦାଖଲକୁ ମଧ୍ୟ ବାଧ୍ୟତାମୂଳକ କରାଯାଇଛି। କେବଳ ଏକ ସ୍ପଷ୍ଟ ସାଂସ୍କୃତିକ, ଶୈକ୍ଷିକ କିମ୍ବା ସାମାଜିକ ମିଶନ ହିଁ ପାଣ୍ଠି ଗ୍ରହଣ କରିପାରିବ ବୋଲି ସରକାରଙ୍କ ନୂଆ ଗାଇଡ୍‌ଲାଇନ୍‌ରେ ଉଲ୍ଲେଖ କରାଯାଇଛି।**

## ଏଫ୍‌ସିଆର୍‌ଏକୁ କଡ଼ାକଡ଼ି କଲା କେନ୍ଦ୍ର

ନୂଆଦିଲ୍ଲୀ, ୨୭।୫(ପି.ଟି.)

ଦେଶର ଏନ୍‌ଜିଓଗୁଡ଼ିକ ପାଇଁ ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ପକ୍ଷରୁ ଏକ ନୂଆ ବିଜ୍ଞପ୍ତି ଜାରି କରାଯାଇଛି। ତଦନୁସାରେ ଏଫ୍‌ସିଆର୍‌ଏ ଅଧୀନରେ ପଞ୍ଜୀକରଣ ଆବେଦନ କରିବାକୁ ଚାହୁଁଥିବା ଏନ୍‌ଜିଓଗୁଡ଼ିକୁ ନୂଆ ନିୟମାବଳୀ ମାନି ଚଳିବାକୁ ପଡ଼ିବ। ଉକ୍ତ ନୋଟିଫିକେଶନ୍‌ରେ ଉଲ୍ଲେଖ କରାଯାଇଛି ଯେ ଏଫ୍‌ସିଆର୍‌ଏ ନିୟମରେ ଅଣାଯାଇଥିବା ସଂଶୋଧନ ଅନୁଯାୟୀ ବିଦେଶୀ ପାଣ୍ଠି ହାସଲ ଲାଗି ଅନୁମତି ଚାହୁଁଥିବା ଏନ୍‌ଜିଓଗୁଡ଼ିକୁ ଟେରର ଫଣ୍ଡିଂ ଏବଂ ମନିଲଣ୍ଡରିଂ ସମ୍ପର୍କିତ ଜଗୁଆଳି ସଂସ୍ଥା ଏଫ୍‌ଏଟିଏଫ୍‌ର ଗୁଡ୍ ପ୍ରାକ୍ଟିସ୍ ଗାଇଡ୍‌ଲାଇନ୍ସ ମାନି ଚଳିବା ନେଇ ଲିଖିତ ଭାବେ ଏକ ଅଙ୍ଗୀକାରପତ୍ର ଦାଖଲ କରିବାକୁ ପଡ଼ିବ। ଯେଉଁ ସଂସ୍ଥା ବା ଏନ୍‌ଜିଓ ପଞ୍ଜୀକରଣ ପାଇଁ ଆବେଦନ କରିବେ, ସେଗୁଡ଼ିକ ନିଜ ଆବେଦନପତ୍ରରେ ଅନ୍ୟୁନ ୩ ବର୍ଷର ଫାଇନାନ୍ସିଆଲ ଷ୍ଟେଟ୍‌ମେଣ୍ଟ ଓ ଅଡିଟ୍ ରିପୋର୍ଟ ଦାଖଲ କରିବେ। ସେଥିରେ ସମ୍ପୃକ୍ତ ଏନ୍‌ଜିଓର ସମ୍ପତ୍ତି, ଋଣ, ଗ୍ରହଣ କରିଥିବା ପାଣ୍ଠିର ରସିଦ, ଦେୟ ବିବରଣୀ ଏବଂ ଆୟବ୍ୟୟ ଆକାଉଣ୍ଟ ତଥ୍ୟ ମଧ୍ୟ ରହିବ। ଅଡିଟ୍ ରିପୋର୍ଟ ଓ ଫାଇନାନ୍ସିଆଲ ଷ୍ଟେଟ୍‌ମେଣ୍ଟରେ କାର୍ଯ୍ୟକଳାପ ଅନୁସାରେ ଗତ ୩ ବର୍ଷର ଏକ୍ସପେଣ୍ଡିଚର ରହି ନ ଥିଲେ ଜଣେ ଚାର୍ଟାର୍ଡ ଆକାଉଣ୍ଟାଣ୍ଟଙ୍କଠାରୁ ପ୍ରମାଣପତ୍ର ଆଣିବାକୁ ପଡ଼ିବ। ସମ୍ପୃକ୍ତ ସଂସ୍ଥା ଦ୍ୱାରା ଖର୍ଚ୍ଚ କରାଯାଇଥିବା ଅର୍ଥ ଏହାର ଆୟବ୍ୟୟ ଅନୁରୂପ ବୋଲି ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ସେଥିରେ ଉଲ୍ଲେଖ କରିବେ।

କୌଣସି ସଂଘ କିମ୍ବା ଏନ୍‌ଜିଓ ପ୍ରକାଶନ ସମ୍ପର୍କିତ କାର୍ଯ୍ୟକଳାପରେ ସମ୍ପୃକ୍ତ ଥିଲେ ଅଥବା ଏହାର ମେମୋରାଣ୍ଡମ୍ ଅଫ୍ ଆସୋସିଏଶନ୍/ଟ୍ରଷ୍ଟ ଡିଡ୍‌ରେ ଖବର ପ୍ରକାଶ କରିବା ନେଇ ଉଦ୍ଦେଶ୍ୟ ସମ୍ପର୍କରେ ଉଲ୍ଲେଖ କରାଯାଇଥିଲେ ସମ୍ପୃକ୍ତ ସଂସ୍ଥାର ମୁଖ୍ୟଙ୍କୁ ଏଫ୍‌ସିଆର୍‌ଏ-୨୦୧୦ର ଅନୁପାଳନ କରାଯିବା ନେଇ ଅଣ୍ଡରଟେକିଂ ଦେବାକୁ ପଡ଼ିବ। ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ଆହୁରି କହିଛି ଯେ, ଯଦି ସମ୍ପୃକ୍ତ ସଂସ୍ଥା ଆର୍‌ଏନ୍‌ଆଇରେ ପଞ୍ଜୀକୃତ ହୋଇଛି ତେବେ ତାକୁ ଆର୍‌ଏନ୍‌ଆଇଠାରୁ 'ନଟ୍ ଏ ନ୍ୟୁଜ୍‌ପେପର' ସାର୍ଟିଫିକେଟ୍ ଆଣି ଦାଖଲ କରିବାକୁ ପଡ଼ିବ। ଯଦି ଏନ୍‌ଜିଓ ପୂର୍ବରୁ ଏଫ୍‌ସିଆର୍‌ଏ ଅଧୀନରେ ପଞ୍ଜୀକୃତ ହୋଇଥିଲା, ତେବେ ଏହାକୁ ରେଜିଷ୍ଟ୍ରେଶନ୍ ସାର୍ଟିଫିକେଟ୍ ଅବଧି ଶେଷ କିମ୍ବା ରଦ୍ଦ ହେବା ପରେ ମିଳିଥିବା ଓ ବିନିଯୋଗ କରାଯାଇଥିବା ବିଦେଶୀ ପାଣ୍ଠି ସମ୍ପର୍କିତ ବିବରଣୀ ନେଇ ଏକ ସତ୍ୟପାଠ ଦାଖଲ କରିବାକୁ ପଡ଼ିବ। ଯଦି ଏନ୍‌ଜିଓର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସ୍ତମ୍ଭରେ ଗତ ୩ ବର୍ଷର ବ୍ୟୟ ୧୫ ଲକ୍ଷ ଟଙ୍କାରୁ କମ୍ ରହିଥିବ, ତେବେ ପୁଞ୍ଜି ଅନ୍ତର୍ଭୁକ୍ତୀକରଣ ଉପରେ ସତ୍ୟପାଠ ଦେବାକୁ ପଡ଼ିବ ବୋଲି ଉକ୍ତ ଗାଇଡ୍‌ଲାଇନ୍‌ରେ ଉଲ୍ଲେଖ କରାଯାଇଛି। ସେହିପରି ଏନ୍‌ଜିଓର ପ୍ରଶାସନିକ ଖର୍ଚ୍ଚକୁ ମଧ୍ୟ ବିଦେଶୀ ପାଣ୍ଠିର ୨୦% ଭିତରେ ସୀମିତ ରଖିବାକୁ ପଡ଼ିବ। ବିଦେଶୀ ସଂସ୍ଥା ଓ ସରକାରଠାରୁ ଅନୁଦାନ ଲାଭ କରି ଭାରତରେ ଦେଶବିରୋଧୀ କାର୍ଯ୍ୟରେ ନିୟୋଜିତ ଏନ୍‌ଜିଓଗୁଡ଼ିକ ଉପରେ ଅଙ୍କୁଶ ଲଗାଇବା ପାଇଁ ଏଫ୍‌ସିଆର୍‌ଏ ନିୟମରେ ଏପରି ସଂଶୋଧନ ଅଣାଯାଇଥିବା କୁହାଯାଉଛି। ଏହାକୁ ବିଭିନ୍ନ ମହଲରେ ସ୍ୱାଗତ କରାଯାଇଛି।

# ୨୦ କୋଟିର ଋଣବୋଝ: ୭ ଜଣଙ୍କ ଆତ୍ମହତ୍ୟା

ଚଣ୍ଡିଗଡ଼, ୨୭।୫

ହରିୟାଣାର ପଞ୍ଚକୁଲାରେ ରହୁଥିବା ଗୋଟିଏ ପରିବାରର ୭ ସଦସ୍ୟ ଆର୍ଥିକ ବୋଝ ସହି ନ ପାରି ଏକ କାର୍ ଭିତରେ ବିଷ ପିଇ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ୩ ପିଲାଙ୍କ ସମେତ ୬ ଜଣଙ୍କ ମୃତଦେହ କାର ଭିତରୁ ଜବତ କରାଯାଇଥିବାବେଳେ ଅନ୍ୟ ଜଣଙ୍କୁ ଗୁରୁତର ଅବସ୍ଥାରେ ହସ୍ପିଟାଲକୁ ନିଆଯାଉଥିବାବେଳେ ସେ ଆଖି ବୁଜି ଦେଇଥିଲେ। ପୋଲିସ ଏହାକୁ ଏକ ଆତ୍ମହତ୍ୟା ମାମଲା ବୋଲି ସନ୍ଦେହ କରୁଥିବାବେଳେ ବିଭିନ୍ନ ଦିଗକୁ ନେଇ ତଦନ୍ତ ଚଳାଇଛି।

ପଞ୍ଚକୁଲାର ସେକ୍ଟର ୨୭ସ୍ଥିତ ଆବାସିକ ଅଞ୍ଚଳରେ ସୋମବାର ରାତିରେ ରାସ୍ତାକଡ଼ରେ ଲୋକେ ଡେରାଡୁନ୍ ନମ୍ବର ପ୍ଲେଟ୍ ଥିବା ଏକ କାର୍‌କୁ ଦେଖିଥିଲେ। ଏପରି କି ସେମାନେ ଶେଷରେ ଜୀବନ ଯାଇଥିବା ପରିବାର ସଦସ୍ୟମାନଙ୍କ ସହ ମଧ୍ୟ କଥା ହୋଇଥିଲେ।

## ଏକ କାର୍, ଏକ ପରିବାର



ପୋଲିସ ପ୍ରବୀଣ ମିତ୍ତଲ(୪୧), ତାଙ୍କ ସ୍ତ୍ରୀ, ସେମାନଙ୍କ ୩ ନାବାଳିକ ପିଲା ଓ ମା'ବାପାଙ୍କୁ ଚିହ୍ନଟ କରିଛି। ୩ ପିଲାଙ୍କ ମଧ୍ୟରେ ୨ ଜଣ ଯାଆଁଳା ଝିଅ ରହିଛନ୍ତି। ତଦନ୍ତରୁ ଜଣାପଡ଼ିଛି ଯେ, ପ୍ରବୀଣଙ୍କ ଉପରେ ପ୍ରାୟ ୨୦ କୋଟି ଟଙ୍କାର ଋଣ ଥିଲା। ପ୍ରବୀଣ ଏନେଇ ନିଜ ସମ୍ପର୍କୀୟମାନଙ୍କୁ ଜଣାଇଥିଲେ। ତେବେ ଋଣ ବୋଝ ସହି ନ ପାରି ସେମାନେ ସାମୂହିକ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। କାରରୁ ଏକ ସୁଇସାଇଡ୍ ନୋଟ୍ ଜବତ ହୋଇଛି। ପ୍ରବୀଣଙ୍କ ସହ ୫ ଦିନ ତଳେ କଥା ହୋଇଥିବା ତାଙ୍କ ସମ୍ପର୍କୀୟ ଭାଇ ସନ୍ଦୀପ ଅଗରୱାଲ ସେମାନଙ୍କ ଶେଷକୃତ୍ୟ ସମ୍ପନ୍ନ କରିବେ ବୋଲି ସେଥିରେ ଉଲ୍ଲେଖ କରାଯାଇଛି।

ପ୍ରବୀଣ କିଛି ବର୍ଷ ପୂର୍ବେ ହିମାଚଳ ପ୍ରଦେଶର ବଦ୍ଦିରେ ଏକ ସ୍କ୍ରାପ୍ ଫ୍ୟାକ୍ଟ୍ରି ଖୋଲିଥିଲେ। ☞ ପୃଷ୍ଠା-୪

# ଚଳିତ ବର୍ଷ ସ୍ୱାଭାବିକଠାରୁ ଅଧିକ ବର୍ଷା: ଆଇଏମ୍‌ଡି

ନୂଆଦିଲ୍ଲୀ, ୨୭।୫(ପି.ଟି.)

ଭାରତରେ ଜୁନ୍ ମାସରେ ସ୍ୱାଭାବିକଠାରୁ ଅଧିକ ବର୍ଷା ହେବା ସମ୍ଭାବନା ରହିଛି। ଏହି ଅବଧିରେ ଦୀର୍ଘକାଳୀନ ହାରାହାରି ବର୍ଷା ତୁଳନାରେ ୮% ଅଧିକ ବର୍ଷା ରେକର୍ଡ ହୋଇପାରେ ବୋଲି ଆଇଏମ୍‌ଡି କହିଛି। ସେହିପରି ଚଳିତ ବର୍ଷର ସମ୍ପୂର୍ଣ୍ଣ ମୌସୁମୀ ଋତୁରେ ସ୍ୱାଭାବିକଠାରୁ ୬% ଅଧିକ ବର୍ଷା ଅର୍ଥାତ୍ ୧୦୬% ବର୍ଷା ରେକର୍ଡ ହୋଇପାରେ ବୋଲି ଆଇଏମ୍‌ଡି ଆକଳନ କରିଛି। ମଙ୍ଗଳବାର ଆଇଏମ୍‌ଡି ପକ୍ଷରୁ ହୋଇଥିବା ଏକ ଖବରଦାତା ସମ୍ମିଳନୀରେ ଭୂ-ବିଜ୍ଞାନ ମନ୍ତ୍ରଣାଳୟର ସଚିବ ଏମ୍. ରବିଚନ୍ଦ୍ରନ କହିଛନ୍ତି, ଚଳିତ ବର୍ଷର ମୌସୁମୀ ଋତୁ ସମୟରେ ଦେଶର ମୌସୁମୀ କୋର୍ ଜୋନ୍‌ରେ ସ୍ୱାଭାବିକଠାରୁ ୬% ଅଧିକ ବର୍ଷା ହେବା ଆକଳନ କରାଯାଇଛି। ମୌସୁମୀ କୋର୍ ☞ ପୃଷ୍ଠା-୪


KALINGA INSTITUTE OF INDUSTRIAL TECHNOLOGY (KIIT)
Deemed to be University
(Established U/S 3 of UGC Act 1956), Bhubaneswar, Odisha, India

15th nirf
Among National Universities Ranked by NIRF, Govt. of India

A++ Grade
Accredited by NAAC

Tier 1 NBA
Re-accredited by NBA
All Engineering Programs for 6 Years

KIITEE 2025 PHASE - 2

APPLY ONLINE
through KIIT Websites
www.kiitee.ac.in / www.kiit.ac.in

Last Date to Apply 4th June 2025 | No Examination Fee (Computer-Based Test)

KIITEE 2025 Online Test (Phase -2) starts from
8th June to 12th June 2025

Special Consultative Status by the UN-ECOSOC
ABET (US) Accreditation
THE 601-800 University Ranking 2024
World University Rankings
IET Accredited Programme
The Institute of Engineering and Technology

ACADEMIC PROGRAMMES AVAILABLE

UG (3 years/4 years)/Integrated (5 years) Programmes [All 4 years Programmes are with Honors/Research]

B.Tech Programmes
- Civil
- Construction Technology
- Electrical
- Electrical & Computer Science
- Mechanical
- Mechanical (Automobile)
- Aerospace
- Mechatronics
- Electronics & Telecommunication
- Electronics & Computer Science
- Electronics & Electrical
- Electronics (VLSI Design & Technology)
- Chemical
- Computer Science & Engineering (CSE)
- CSE (Artificial Intelligence & Machine Learning)
- CSE (Artificial Intelligence)
- CSE (Cyber Security)
- CSE (Data Science)
- CSE (Internet of Things &
- Cyber Security including Block Chain Technology)
- CSE (Internet of Things)
- Information Technology
- Computer Science & System
- Computer Science & Communication

UG Programmes in other Disciplines
- B.Design (Automobile/ Graphic/Product)
- B.Design (Fashion / Textile)
- B.Tech & M.Tech Biotechnology (5yrs)
- B.Tech (Lateral Entry)
- B.Arch
- BCA
- BBA
- B.Sc (Hospitality & Tourism)
- Bachelor of Film & Television Production
- Bachelor of Communication & Journalism
- Bachelor of Physical Education & Sports
- BA Economics
- BA Sociology
- BA English
- BA Psychology
- BA French
- BA Spanish
- BA Japanese
- BA German
- B.Com
- B.Sc (Economics & Data Analytics)
- B.Sc Computer Science
- B.Sc Nursing
- B.Pharma
- D.Pharma
- BA LLB/BBA LLB/B.Sc LLB (Hons) 5yrs

PG (1 year/2 years)/Integrated (5 years) Programmes
- M.Tech
- LLM (1yr)
- MCA
- M.Sc Biotechnology
- M.Sc Applied Microbiology
- M.Arch
- MBA
- MBA in Rural Management
- MBA in Agribusiness Management
- MBA-IEV (Innovation, Entrepreneurship and Venture Development)
- Master of Communication & Journalism
- Master in Urban & Regional Planning
- Master in Yoga & Naturopathy
- Master of Hospital Administration
- Master of Public Health
- MA in Fashion Management
- M. Design (Interior)
- M.Sc Computer Science
- MA Economics
- MA Sociology
- MA English
- MA Psychology
- Master in Public Policy
- M.Com
- M.Sc Physics
- M.Sc Chemistry
- M.Sc Mathematics & Data Science
- Master in Library & Information Sciences
- Master in Physical Education & Sports
- M.Sc Nursing
- Integrated M.Tech & Ph.D
- Ph.D

CAMPUS PLACEMENT 2024 HIGHLIGHTS
700+ Companies | 5585+ Job Offers | ₹53 LPA Highest Salary Offered
₹8.50 LPA Average CTC | 1500+ Paid Internships | 1000+ Students with multiple job offers

Director, Admissions : Admission Cell, Koel Campus, Po- KIIT, Bhubaneswar-751024, Odisha, India, Ph: 8080 735 735, Fax : 0674 - 2741465, Email: admission@kiit.ac.in, Website: www.kiitee.ac.in

KIIT (Deemed to be University) has only one permanent campus in Bhubaneswar, Odisha. It has no other campus / off campus anywhere else in the country and globe.

## ସଂକ୍ଷେପରେ

### ବିସ୍ଫୋରଣରେ ବାବର ଖାଲ୍‌ସା ଆତଙ୍କବାଦୀ ନିହତ

ଅମୃତସର, ୨୭।୫

ପଞ୍ଜାବର ଅମୃତସରର ମଜିଠା ରୋଡ୍ ବାଇପାସ୍ ଅଞ୍ଚଳରେ ମଙ୍ଗଳବାର ଏକ ବିସ୍ଫୋରଣ ହୋଇଥିଲା। ସୂଚନା ପାଇ ପୋଲିସ ଘଟଣାସ୍ଥଳରେ ପହଞ୍ଚି ଜଣେ ଗୁରୁତର ବ୍ୟକ୍ତି ପଡ଼ି ରହିଥିବାର ଦେଖିବାକୁ ପାଇଥିଲା। ହସ୍ପିଟାଲ ନେବା ବାଟରେ ତାଙ୍କ ମୃତ୍ୟୁ ହୋଇଯାଇଥିଲା। ସେ ବାବର ଖାଲ୍‌ସା ଆତଙ୍କବାଦୀ ସଙ୍ଗଠନ ସହ ଜଡ଼ିତ ଥିଲେ ବୋଲି ଅମୃତସର ପୋଲିସ ସୂଚନା ଦେଇଛି। ବିସ୍ଫୋରକ ସାମଗ୍ରୀ ବାହାର କରିବାକୁ ଚେଷ୍ଟା କରୁଥିବାବେଳେ ବିସ୍ଫୋରଣ ଘଟିଥିଲା, ଫଳରେ ଉକ୍ତ ସନ୍ଦିଗ୍ଧ ଆତଙ୍କବାଦୀଙ୍କ ମୃତ୍ୟୁ ହୋଇଯାଇଥିଲା। ତେବେ ବର୍ତ୍ତମାନ ସୁଦ୍ଧା ଏହି ସନ୍ଦିଗ୍ଧ ଆତଙ୍କବାଦୀଙ୍କ ପରିଚୟ ଜଣାପଡ଼ିନାହିଁ। ପାକିସ୍ତାନର ଗୋଇନ୍ଦା ଏଜେନ୍ସି ଆଇଏସ୍‌ଆଇ ଏବଂ ଭାରତରେ ପ୍ରତିବନ୍ଧିତ ସଙ୍ଗଠନ ବାବର ଖଲସା ସହ ମୃତ ସନ୍ଦିଗ୍ଧ ଆତଙ୍କବାଦୀଙ୍କ ସମ୍ପର୍କକୁ ନେଇ ପୋଲିସର ତଦନ୍ତ ଜାରି ରହିଛି ବୋଲି ଡିଆଇଜି (ବର୍ଡର ରେଞ୍ଜ) ସତିନ୍ଦର ସିଂ କହିଛନ୍ତି।

### ଡିଆର୍‌ଡିଓ ଚେୟାରମ୍ୟାନଙ୍କ କାର୍ଯ୍ୟକାଳ ବର୍ଷେ ବଢ଼ିଲା

ନୂଆଦିଲ୍ଲୀ, ୨୭।୫

କେନ୍ଦ୍ର ସରକାର ସୋମବାର ପ୍ରତିରକ୍ଷା ଗବେଷଣା ଏବଂ ବିକାଶ ସଙ୍ଗଠନ (ଡିଆର୍‌ଡିଓ)ର ଚେୟାରମ୍ୟାନ ଡ. ସମୀର


ଡ. ସମୀର ଭି. କାମତ

ଭି. କାମତଙ୍କର କାର୍ଯ୍ୟକାଳକୁ ବର୍ଷେ ବଢ଼ାଇଛନ୍ତି। ଆସନ୍ତା ୩୧ରେ ସରୁଥିବା ସମୀରଙ୍କ କାର୍ଯ୍ୟକାଳକୁ ୨୦୨୬ ମେ' ୩୧ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ସେ ୨୦୨୨ ଅଗଷ୍ଟରୁ ଡିଆର୍‌ଡିଓ ଅଧ୍ୟକ୍ଷ ଅଛନ୍ତି। ୧୯୮୯ରେ ସେ ଡିଆର୍‌ଡିଓରେ ଯୋଗଦେଇଥିଲେ। ପୂର୍ବରୁ ସେ ନାଭାଲ ସିଷ୍ଟମ୍ସ ଆଣ୍ଡ୍ ମ୍ୟାଟେରିଆଲ୍ସରେ ମଧ୍ୟ ଡାଇରେକ୍ଟର ଜେନେରାଲ ଭାବେ କାର୍ଯ୍ୟ କରିଛନ୍ତି।

**ଆତଙ୍କବାଦ ପାକିସ୍ତାନର ଯୁଦ୍ଧ ରଣନୀତି**

# ଅନୁରୂପ ଜବାବ ଦିଆଯିବ: ମୋଦି


ଗୁଜରାଟର ଗାନ୍ଧୀନଗରରେ ସହରାଞ୍ଚଳ ବିକାଶ ଯୋଜନା ଉଦ୍‌ଘାଟନ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସହ ମୁଖ୍ୟମନ୍ତ୍ରୀ ଭୂପେନ୍ଦ୍ର ପଟେଲ ଓ ନେତୃବୃନ୍ଦ।


ଗାନ୍ଧୀନଗର, ୨୭।୫

ପାକିସ୍ତାନର ସବୁ କାର୍ଯ୍ୟକଳାପ ଛାୟାଯୁଦ୍ଧ ନୁହେଁ, ବରଂ ଯୁଦ୍ଧର ପରିକଳ୍ପିତ ରଣନୀତି। ପାକିସ୍ତାନ ଯଦି ଯୁଦ୍ଧରେ ନିୟୋଜିତ ହୁଏ, ତାକୁ ପ୍ରତିଥର 'ଅପରେଶନ୍ ସିନ୍ଦୂର' ଭାଷାରେ ହିଁ ଜବାବ ଦିଆଯିବ ବୋଲି ମଙ୍ଗଳବାର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି କହିଛନ୍ତି।

ଗୁଜରାଟର ଗାନ୍ଧୀନଗରରେ ଆୟୋଜିତ ଏକ କାର୍ଯ୍ୟକ୍ରମକୁ ସମ୍ବୋଧିତ କରି ପ୍ରଧାନମନ୍ତ୍ରୀ ମୋଦି କହିଛନ୍ତି, ଯେତେବେଳେ ବି ଭାରତ-ପାକିସ୍ତାନ ମଧ୍ୟରେ ଯୁଦ୍ଧ ଚାଲେ ଭାରତୀୟ ସଶସ୍ତ୍ର ବଳ ପାକିସ୍ତାନୀ ସେନାକୁ ହରାଇଥାନ୍ତି। ପଡ଼ୋଶୀ ଦେଶ ତାକୁ କେବେ ଭୁଲିବା ଅନୁଚିତ। ଭାରତ ସହ ପ୍ରତ୍ୟକ୍ଷ ଯୁଦ୍ଧରେ ପରାଜୟ ଅବଶ୍ୟମ୍ଭାବୀ ବୋଲି ଜାଣିଥିବାରୁ ପାକିସ୍ତାନ ଛାୟାଯୁଦ୍ଧ ଚଳାଇଥାଏ। ଆତଙ୍କବାଦୀଙ୍କୁ ସାମରିକ ତାଲିମ ଓ ସମର୍ଥନ ଦେଇ ଭାରତକୁ ପଠାଇଥାଏ। ପାକିସ୍ତାନ ଭବିଷ୍ୟତରେ ଏଭଳି କାର୍ଯ୍ୟ କଲେ ଏହାକୁ ମୁହଁତୋଡ଼ ଜବାବ ଦିଆଯିବ। ବିଭାଜନ ବେଳେ ଭାରତ ମାତା ଦୁଇଭାଗ ହୋଇଗଲା। ସେହି ରାତିରେ କଶ୍ମୀର ଉପରେ ମୁଜାହିଦ୍ଦିନମାନେ ପ୍ରଥମ ଥର ଆତଙ୍କବାଦୀ ଆକ୍ରମଣ କରିଥିଲେ। ସେହି ସମୟରେ ପାକିସ୍ତାନ ମୁଜାହିଦ୍ଦିନ ନାମରେ ଆତଙ୍କବାଦୀଙ୍କ ସହାୟତାରେ ଭାରତର କିଛି ଅଂଶକୁ ଜବରଦଖଲ କରିଥିଲା। ସେହିଦିନ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ପରାମର୍ଶକୁ ଗ୍ରହଣ କରି ମୁଜାହିଦ୍ଦିନମାନଙ୍କୁ ନିପାତ କରାଯାଇଥିଲେ ଗତ ୭୫ ବର୍ଷରେ ଏତେ ଆତଙ୍କବାଦୀ ଆକ୍ରମଣ ଦେଖିବାକୁ ମିଳି ନ ଥାନ୍ତା ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି।

> "କଶ୍ମୀରରେ ଆତଙ୍କବାଦ ପ୍ରତି ଭୟ ବାତାବରଣ କମିଗଲାଣି। ଉପତ୍ୟକାର ସୌନ୍ଦର୍ଯ୍ୟ ଉପଭୋଗ କରିବାକୁ ପର୍ଯ୍ୟଟକଙ୍କ ସୁଅ ପୁଣି ଛୁଟିବାରେ ଲାଗିଛି। କେତେକ ଦେଶ ପକ୍ଷରୁ ଜାରି ନକାରାତ୍ମକ ଟ୍ରାଭେଲ ଆଡ୍‌ଭାଇଜରି ହଟାଇବା ପାଇଁ ଭାରତର ବହିର୍ବ୍ୟାପାର ମନ୍ତ୍ରଣାଳୟ ପଦକ୍ଷେପ ନେବା ଉଚିତ।
> **-ଫାରୁକ୍ ଅବ୍‌ଦୁଲ୍ଲା, ନ୍ୟାଶନାଲ କନ୍‌ଫରେନ୍ସ ଅଧ୍ୟକ୍ଷ**

## ଆତଙ୍କବାଦକୁ ଡରିବୁ ନାହିଁ: ଓମାର


ଓମାର ଅବ୍‌ଦୁଲ୍ଲା

ପହଲଗାମ୍, ୨୭।୫

ପର୍ଯ୍ୟଟନ ସଂଘର୍ଷ ନିରପେକ୍ଷ ହେବା ଉଚିତ। ଆତଙ୍କବାଦ ଭଳି ଭୀରୁ କାର୍ଯ୍ୟକୁ ନେଇ ସରକାର ଭୟଭୀତ ହେବେ ନାହିଁ ବୋଲି ମଙ୍ଗଳବାର ଜମ୍ମୁ-କଶ୍ମୀର ମୁଖ୍ୟମନ୍ତ୍ରୀ ଓମାର ଅବ୍‌ଦୁଲ୍ଲା କହିଛନ୍ତି। ଏପ୍ରିଲ ୨୨ ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ପରେ ପ୍ରଥମ ଥର ପାଇଁ ଏକ ପ୍ରେସ୍ କନ୍‌ଫରେନ୍ସକୁ ସମ୍ବୋଧିତ କରି ଓମାର କହିଛନ୍ତି, ପର୍ଯ୍ୟଟନ କ୍ଷେତ୍ରକୁ ପ୍ରୋତ୍ସାହିତ କରିବା ପାଇଁ ପଦକ୍ଷେପ ନିଆଯାଉଛି। କେନ୍ଦ୍ର ସରକାର ବିଶେଷକରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଗତ ସପ୍ତାହରେ ଅନୁଷ୍ଠିତ ନୀତି ଆୟୋଗ ବୈଠକରେ ଏନେଇ ସବୁ ପ୍ରକାର ସହାୟତାର ପ୍ରତିଶ୍ରୁତି ଦେଇଥିବା ଓମାର ପ୍ରକାଶ କରିଛନ୍ତି। ଏହି ଅବସରରେ ଓମାର ପହଲଗାମ୍ କ୍ଲବ୍‌ରେ ଆୟୋଜିତ ସମ୍ମିଳନୀର ଫଟୋ ଏକ୍ସ'ରେ ପୋଷ୍ଟ କରିବା ସହ ଆକ୍ରମଣକୁ ନିନ୍ଦା କରିଥିବା ସମସ୍ତଙ୍କୁ ଧନ୍ୟବାଦ ଜଣାଇଛନ୍ତି।

## ୫ମ ପିଢ଼ି ଯୁଦ୍ଧ ବିମାନ କାର୍ଯ୍ୟକ୍ରମକୁ ରାଜନାଥଙ୍କ ମଞ୍ଜୁରୀ

ନୂଆଦିଲ୍ଲୀ, ୨୭।୫



ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ମଙ୍ଗଳବାର ଆଡ୍‌ଭାନ୍ସଡ ମିଡିୟମ କମ୍ବାଟ ଏୟାରକ୍ରାଫ୍ଟ (ଏଏମ୍‌ସିଏ) କାର୍ଯ୍ୟକ୍ରମ ପାଇଁ ବିଶେଷ ମଞ୍ଜୁରୀ ପ୍ରଦାନ କରିଛନ୍ତି। ଆତ୍ମନିର୍ଭର ଭାରତ ଅଭିଯାନକୁ ମଜଭୁତ କରିବା ଦିଗରେ ଏହା ଏକ ବଡ଼ ପଦକ୍ଷେପ। ଏହି ପ୍ରୋଜେକ୍ଟ ଭାରତର ସ୍ୱଦେଶୀ ପ୍ରତିରକ୍ଷା କ୍ଷମତାକୁ ବଢ଼ାଇବ। ପ୍ରତିରକ୍ଷା ଗବେଷଣା ଏବଂ ବିକାଶ ସଙ୍ଗଠନ (ଡିଆର୍‌ଡିଓ) ଅଧୀନ ଏରୋନଟିକାଲ ଡେଭେଲପମେଣ୍ଟ ଏଜେନ୍ସି (ଏଡିଏ) ଦ୍ୱାରା ଏହି କାର୍ଯ୍ୟକ୍ରମ ପରିଚାଳନା କରାଯିବ। ଏହି ପ୍ରକଳ୍ପରେ ଏଡିଏ ବିଭିନ୍ନ ଘରୋଇ ଏବଂ ସରକାରୀ କମ୍ପାନୀଗୁଡ଼ିକର ସହଭାଗିତାରେ ଏଏମ୍‌ସିଏକୁ ବିକଶିତ କରିବ। ଏଏମ୍‌ସିଏ ଏକ ପଞ୍ଚମ ପିଢ଼ିର ଷ୍ଟିଲ୍‌ଥ୍ ଫାଇଟର ପ୍ଲେନ୍ ହୋଇଥିବା ବେଳେ ଏହା ଭାରତୀୟ ବାୟୁସେନାକୁ ଆହୁରି ମଜଭୁତ କରିବ। ଏଏମ୍‌ସିଏର ବିକାଶ ପାଇଁ ଏଡିଏ ଖୁବ୍‌ଶୀଘ୍ର ଏକ୍ସପ୍ରେସନ୍ ଅଫ୍ ଇଣ୍ଟ୍ରେଷ୍ଟ (ଇଓଆଇ) ଜାରି କରିବ।

## ମାଓବାଦୀ କମାଣ୍ଡର ମୃତ

ରାଞ୍ଚି, ୨୭।୫

ଝାଡ଼ଖଣ୍ଡର ପାଲାମୁ ଜିଲାର ସୀତାଚୁଆଁ ଅଞ୍ଚଳରେ ଥିବା ନୈୟା ଜଙ୍ଗଲରେ ସୁରକ୍ଷା ବଳ ସହ ଗୁଳି ବିନିମୟରେ ମଙ୍ଗଳବାର ଶୀର୍ଷ ମାଓବାଦୀ କମାଣ୍ଡର ତୁଲସୀ ଭୂୟାଁଙ୍କର ମୃତ୍ୟୁ ଘଟିଛି। ସେହିପରି ସୁରକ୍ଷାବଳ ଗୁଳିରେ ଆଉଜଣେ ମାଓବାଦୀ ମଧ୍ୟ ଆହତ ହୋଇଛନ୍ତି। ତୁଲସୀଙ୍କ ଉପରେ ୧୫ ଲକ୍ଷ ଟଙ୍କାର ପୁରସ୍କାର ରାଶି ଘୋଷଣା କରାଯାଇଥିଲା। ସେ ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ମାଓବାଦୀ)ର ଟପ୍ କମାଣ୍ଡର ଥିଲେ। ତାଙ୍କ ନିକଟରୁ ଗୋଟିଏ ସେଲ୍ଫ ଲୋଡିଂ ରାଇଫଲ ସମେତ ବହୁ ଅସ୍ତ୍ରଶସ୍ତ୍ର ଏବଂ ଗୋଳାବାରୁଦ ଜବତ କରାଯାଇଛି।


ୟୁକ୍ରେନୀୟ ସଶସ୍ତ୍ର ବଳର ୬୮ତମ ସେପାରେଟ୍ ଚସେଉର୍ସ ବ୍ରିଗେଡ୍‌ର ଜଣେ ସୈନ୍ୟ ଯୁଦ୍ଧଭୂମିରୁ ଫେରିବା ପରେ ଡୋନେସ୍କ ରିଜିୟନ୍‌ର ପେକ୍ରୋଭ୍‌ସ୍କ ସହରରେ ଫଟୋ ପାଇଁ ପୋଜ୍ ଦେଉଛନ୍ତି।

# ୩୧ ଥର ଏଭରେଷ୍ଟରେ ଚଢ଼ି ରେକର୍ଡ

କାଠମାଣ୍ଡୁ, ୨୭।୫

ନେପାଳର ଏଭରେଷ୍ଟ ମ୍ୟାନ୍ ଭାବେ ପରିଚିତ ୫୫ ବର୍ଷୀୟ ପର୍ବତାରୋହୀ କାମି ରିତା ଶେର୍‌ପା ପୁଣିଥରେ ବିଶ୍ୱର ସର୍ବୋଚ୍ଚ ଗିରିଶୃଙ୍ଗରେ ଚଢ଼ି ରେକର୍ଡ ସୃଷ୍ଟି କରିଛନ୍ତି। ମଙ୍ଗଳବାର ସେ ଏଭରେଷ୍ଟର ଶିଖରରେ ୩୧ତମ ଥର ପାଇଁ ଚଢ଼ି ନିଜ ପୁରୁଣା ରେକର୍ଡକୁ ଭାଙ୍ଗିଛନ୍ତି। ୧୯୯୨ରେ ଏକ ଏଭରେଷ୍ଟ ଅଭିଯାନରେ ଜଣେ ସହାୟକ କର୍ମଚାରୀ ଭାବେ ସେ ନିଜର ଏହି ଯାତ୍ରା ଆରମ୍ଭ କରିଥିଲେ। ୧୯୯୪ରେ ଶେର୍‌ପା ପ୍ରଥମ ଥର ପାଇଁ ଏଭରେଷ୍ଟର ଶିଖରରେ ଚଢ଼ିଥିଲେ। ଏହାପରଠାରୁ


କାମି ରିତା ଶେର୍‌ପା

ସେ ପ୍ରତିବର୍ଷ ୮,୮୪୯ ମିଟର ଉଚ୍ଚ ବିଶିଷ୍ଟ ଏଭରେଷ୍ଟ ଶିଖରରେ ଚଢ଼ୁଛନ୍ତି।

**୧୯୯୪ରେ ପ୍ରଥମ ଥର ଚଢ଼ିଥିଲେ**

ନିଜ ସଫଳତା ବିଷୟରେ ପ୍ରତିକ୍ରିୟା ରଖି ଶେର୍‌ପା କହିଛନ୍ତି, ସେ ରେକର୍ଡ ପ୍ରତି ଦୃଷ୍ଟି ଦିଅନ୍ତି ନାହିଁ। ପ୍ରତ୍ୟେକ ରେକର୍ଡ ଦିନେ ନା ଦିନେ ଭାଙ୍ଗିଥାଏ। ତେଣୁ ଏଥିପ୍ରତି ସେ ବିବ୍ରତ ହୁଅନ୍ତି ନାହିଁ କିମ୍ବା ଖୁସି ହୁଅନ୍ତି ନାହିଁ। ତେବେ ତାଙ୍କର ପର୍ବତାରୋହଣ ନେପାଳକୁ ସାରା ବିଶ୍ୱରେ ପରିଚିତ କରାଇପାରୁଥିବାରୁ ଏହା ତାଙ୍କୁ ଆନନ୍ଦ ଦେଇଥାଏ ବୋଲି ଶେର୍‌ପା କହିଛନ୍ତି।

# ଟ୍ରମ୍ପଙ୍କ ଏଆଇ ଭିଡିଓ ଦେଖାଇ ୨ କୋଟି ଠକେଇ

ବେଙ୍ଗାଲୁରୁ, ୨୭।୫

କର୍ଣ୍ଣାଟକରୁ ଏକ ଚାଞ୍ଚଲ୍ୟକର ଠକେଇ ମାମଲା ସାମ୍ନାକୁ ଆସିଛି। ସାଇବର ଠକମାନେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଏକ ଏଆଇ ଜେନେରେଟେଡ୍ ଭିଡିଓ ପ୍ରସ୍ତୁତ କରିବା ସହ ଏହାକୁ ବ୍ୟବହାର କରି ଗତ କିଛି ମାସ ମଧ୍ୟରେ ୨୦୦ ଲୋକଙ୍କଠାରୁ ୨ କୋଟି ଟଙ୍କା ଠକେଇ କରିଥିବା ପୋଲିସ କହିଛି। ଟ୍ରମ୍ପଙ୍କ ହୋଟେଲରେ ନିବେଶ କରି ଅଧିକ ରିଟର୍ନ ହାସଲ କରି ହେବ ବୋଲି ସାଇବର ଠକମାନେ ଟ୍ରମ୍ପଙ୍କ ଏଆଇ ଭିଡିଓକୁ ବ୍ୟବହାର କରି ଠକାମିର


ଡୋନାଲ୍ଡ ଟ୍ରମ୍ପ

ଶିକାର ହୋଇଥିବା ଲୋକଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ସାଇବର ଠକଙ୍କ ଏହି ଦୁର୍ନୀତି କର୍ଣ୍ଣାଟକର ବେଙ୍ଗାଲୁରୁ ସମେତ ତୁମକୁରୁ, ମାଙ୍ଗାଲୋର, ହାଭେରୀ ଆଦି ସହରକୁ ବ୍ୟାପିଥିବା ପୋଲିସ କହିଛି।


ପୋଲିସ ସୂଚନା ଅନୁଯାୟୀ, ଟ୍ରମ୍ପଙ୍କ ଏଆଇ ଜେନେରେଟେଡ୍ ଭିଡିଓରେ ସେ ଏକ ନିବେଶ ଯୋଜନା ସମ୍ପର୍କରେ ପ୍ରଚାର କରୁଥିବାର କ୍ଷତିଗ୍ରସ୍ତମାନେ ଅଭିଯୋଗ କରିଛନ୍ତି। ଉକ୍ତ ଯୋଜନାରେ କମ୍ ସମୟ ମଧ୍ୟରେ ସେମାନଙ୍କ ରାଶିକୁ ଦ୍ୱିଗୁଣିତ କରାଯିବ ବୋଲି ନିବେଶକମାନଙ୍କୁ ଲୋଭନୀୟ ପ୍ରତିଶ୍ରୁତି ଦିଆଯାଇ ସେମାନଙ୍କଠାରୁ ଟଙ୍କା ହଡ଼ପ କରାଯାଇଥିଲା। ଲୋକମାନେ ଟ୍ରମ୍ପଙ୍କ ଏହି ଏଆଇ ଭିଡିଓକୁ ସତ ଭାବି ସାଇବର ଠକଙ୍କ ଜାଲରେ ଫସିଯାଇଥିଲେ। ଏହି ଠକାମିରେ ସାଇବର ଅପରାଧୀମାନେ ମୁଖ୍ୟତଃ ଛୋଟ ବ୍ୟବସାୟୀ, ଅବସରପ୍ରାପ୍ତ କର୍ମଚାରୀ ଏବଂ ଗୃହିଣୀମାନଙ୍କୁ ବେଶି ଟାର୍ଗେଟ କରୁଥିବା ପୋଲିସ କହିଛି। ଏହି ଦୁର୍ନୀତିକୁ ନେଇ ଗତ କିଛି ଦିନ ମଧ୍ୟରେ ପୀଡ଼ିତମାନେ ବେଙ୍ଗାଲୁରୁ ସମେତ କର୍ଣ୍ଣାଟକର ବିଭିନ୍ନ ସହରର ସାଇବର କ୍ରାଇମ ପୋଲିସ ଷ୍ଟେଶନରେ ଅଭିଯୋଗ କରିଛନ୍ତି। କର୍ଣ୍ଣାଟକ ପୋଲିସର ସାଇବର କ୍ରାଇମ ବ୍ରାଞ୍ଚ ମାମଲାର ତଦନ୍ତ ଆରମ୍ଭ କରିଛି। ଏକ ସଙ୍ଗଠିତ ସାଇବର ଅପରାଧୀ ଗ୍ୟାଙ୍ଗ୍ ଦ୍ୱାରା ଏହି ଠକେଇ ପରିଚାଳିତ ହୋଇଥିବା ନେଇ ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି। ସମ୍ଭବତଃ ଏହି ଗ୍ୟାଙ୍ଗ୍ ଭାରତ ବାହାରୁ କାର୍ଯ୍ୟ କରୁଥିବା ପୋଲିସ କହିଛି।

## ଫୁର୍‌ସତ୍

### ଜୁନ୍ ୬ରେ 'ହାଉସ୍‌ଫୁଲ ୫'

ମୁମ୍ବାଇ

ଚଳିତ ବର୍ଷର ବହୁ ପ୍ରତୀକ୍ଷିତ ଫିଲ୍ମ 'ହାଉସ୍‌ଫୁଲ ୫'ର ଟ୍ରେଲରକୁ ମଙ୍ଗଳବାର ଜାରି କରାଯାଇଛି। ଏହି ମଲ୍ଟି ଷ୍ଟାରର୍ କମେଡି ଥ୍ରିଲର ଫିଲ୍ମରେ ଅଭିନେତା ଅକ୍ଷୟ କୁମାର, ରିତେଶ ଦେଶମୁଖ, ଅଭିଷେକ ବଚ୍ଚନ, ସଞ୍ଜୟ ଦତ୍ତ, ନାନା ପାଟେକର, ଜନି ଲିବର, ଚଙ୍କି ପାଣ୍ଡେଙ୍କ ସମେତ ଅଭିନେତ୍ରୀ ଜ୍ୟାକଲିନ୍ ଫର୍ନାଡିଜ୍, ନର୍ଗିସ ଫାକ୍ରି, ସୋନମ୍ ବାଜୱା ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ସାଜିଦ୍ ନାଡିଆଡ୍‌ୱାଲାଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମର ନିର୍ଦ୍ଦେଶନା ଦେଇଛନ୍ତି ତରୁଣ ମନ୍‌ସୁଖାନି। ଆସନ୍ତା ମାସ ୬ ତାରିଖରେ ଏହି ଫିଲ୍ମ ରିଲିଜ୍ ହେବ। ଫିଲ୍ମର ଟ୍ରେଲରରେ ଅନେକ ସସ୍‌ପେନ୍ସ ଏବଂ ଏଣ୍ଟରଟେନ୍‌ମେଣ୍ଟ ଦୃଶ୍ୟ ରହିଥିବାରୁ ଏହାକୁ ନେଇ ଦର୍ଶକଙ୍କ ମଧ୍ୟରେ ଉତ୍ସାହ ବଢ଼ିଛି। ବିଭିନ୍ନ ରଙ୍ଗିନ୍ ଲୋକେସନରେ ଫିଲ୍ମର ସୁଟ୍ କରାଯାଇଥିବା ନେଇ ଟ୍ରେଲରରୁ ଜଣାପଡ଼ିଛି। ୩ ମିନିଟ ୫୩ ସେକେଣ୍ଡର ଏହି ଟ୍ରେଲରର ଶେଷ ଆଡ଼କୁ ଅଭିନେତା ସଞ୍ଜୟ ଦତ୍ତଙ୍କର ଧମାକାଦାର ଏଣ୍ଟ୍ରି ହୋଇଛି। ଟ୍ରେଲରରେ ତାଙ୍କ ଦମ୍‌ଦାର ଡାଏଲଗ୍ ଏବଂ ଅନ୍ଦାଜ ଦର୍ଶକଙ୍କୁ ବିମୋହିତ କରିଛି। ସେହିପରି ଟ୍ରେଲରରେ ଅଭିନେତ୍ରୀ ଜ୍ୟାକଲିନ, ନର୍ଗିସ ଏବଂ ସୋନମଙ୍କ ଗ୍ଲାମରସ୍ ଅନ୍ଦାଜକୁ ଦର୍ଶକ ପସନ୍ଦ କରିଛନ୍ତି।


ଅକ୍ଷୟ କୁମାର

### ଚାଇନାରେ ପ୍ରଥମ ରୋବୋ ବକ୍ସିଂ ଟୁର୍ନାମେଣ୍ଟ



ବେଜିଂ

ବିଶ୍ୱର ପ୍ରଥମ ହ୍ୟୁମାନଏଡ୍ ରୋବୋ କିକ୍ ବକ୍ସିଂ ଟୁର୍ନାମେଣ୍ଟ ଗତ ୨୫ ତାରିଖରେ ପୂର୍ବ ଚାଇନାର ହାଙ୍ଗଝୌଠାରେ ଆୟୋଜିତ ହୋଇଥିଲା। ଏହି ଟୁର୍ନାମେଣ୍ଟରେ ଏକାଧିକ ମ୍ୟାଚ୍ ହୋଇଥିବା ବେଳେ ପ୍ରତ୍ୟେକ ମ୍ୟାଚ୍‌ରେ ୨ ଜଣ ଲେଖାଏ ରୋବୋ ବକ୍ସିଂ ରିଙ୍ଗ ମଧ୍ୟରେ ପରସ୍ପରକୁ ପଞ୍ଚ୍ ମାରି ମୁକାବିଲା କରୁଥିଲେ। ମ୍ୟାଚ୍ ସମୟରେ ରୋବୋମାନଙ୍କୁ ସେମାନଙ୍କ ହ୍ୟାଣ୍ଡଲର ପରିଚାଳିତ କରୁଥିଲେ। ରୋବୋଙ୍କ ମଧ୍ୟରେ ଏହି ରୋମାଞ୍ଚକର ବକ୍ସିଂ ଟୁର୍ନାମେଣ୍ଟ ଦେଖିବା ପାଇଁ ଦର୍ଶକଙ୍କ ଭିଡ଼ ଦେଖାଦେଇଥିଲା। ପ୍ରତି ବକ୍ସିଂ ମ୍ୟାଚ୍ ସମୟରେ ଜଣେ ରେଫରି ରିଙ୍ଗ ମଧ୍ୟରେ ଉଭୟ ପ୍ରତିଯୋଗୀ ରୋବୋ ଏବଂ ଖେଳକୁ ସଞ୍ଚାଳନ କରୁଥିଲେ। ହ୍ୟାଣ୍ଡଲର ଲୁ ଜିନ୍‌ଙ୍କ ଦ୍ୱାରା ପରିଚାଳିତ ରୋବୋ 'ଏଆଇ ଷ୍ଟ୍ରାଟେଜିଷ୍ଟ' ଏହି ଟୁର୍ନାମେଣ୍ଟର ଟାଇଟଲ ହାସଲ କରିଥିଲା। ଫାଇନାଲ ମ୍ୟାଚ୍‌ରେ ସେ ହ୍ୟାଣ୍ଡଲର ହୁ ୟୁଙ୍କିଆନଙ୍କ ରୋବୋ 'ଏନର୍ଜି ଗାର୍ଡିଆନ'କୁ ପରାସ୍ତ କରିଥିଲା। ଏହି ପ୍ରତିଯୋଗିତାରେ ରୋବୋମାନେ ପ୍ରଭାବଶାଳୀ ଢଙ୍ଗରେ ପରସ୍ପର ସହ ବକ୍ସିଂ ମୁକାବିଲା କରିଥିଲେ, ଯାହା ରୋବୋଟିକ୍ସ ଏବଂ ଏଆଇ କ୍ଷେତ୍ରରେ ଚାଇନା କରିଥିବା ଦ୍ରୁତ ପ୍ରଗତିକୁ ଦର୍ଶାଉଥିବା ନେଇ ବିଭିନ୍ନ ସ୍ଥାନୀୟ ଗଣମାଧ୍ୟମରେ ପ୍ରକାଶ ପାଇଛି। ଏହି ନିଆରା ବକ୍ସିଂ ଟୁର୍ନାମେଣ୍ଟର କେତେକ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି, ଯେଉଁଥିରେ ଅନେକ ୟୁଜର୍ସ ବିଭିନ୍ନ ମଜାଳିଆ କମେଣ୍ଟ କରିଛନ୍ତି।

ତେବେ ବକ୍ସିଂ ମ୍ୟାଚ୍ ନାଁରେ ରୋବୋମାନଙ୍କୁ ପରସ୍ପର ମଧ୍ୟରେ ଲଢ଼ା ଯିବାକୁ ଏବଂ ପରସ୍ପରକୁ ଆକ୍ରମଣ ପାଇଁ ଅପରେଟ୍ କରାଯିବାକୁ ନେଇ କେତେଜଣ ୟୁଜର୍ସ ଚିନ୍ତା ପ୍ରକଟ କରିଛନ୍ତି। ନିକଟରେ ୟୁନିଟ୍ରି ରୋବୋଟିକ୍ସ ଦ୍ୱାରା ବିକଶିତ ଏକ ହ୍ୟୁମାନଏଡ୍ ରୋବୋ ନିଜ ହ୍ୟାଣ୍ଡଲରଙ୍କୁ ଆକ୍ରମଣ କରିଥିବାର ମାମଲା ସାମ୍ନାକୁ ଆସିଥିଲା, ଯାହା ଏଆଇକୁ ନେଇ ସମ୍ଭାବ୍ୟ ବିପଦ ବିଷୟରେ ଚିନ୍ତା ବଢ଼ାଇଥିଲା। ଏପରି ଦୁର୍ଘଟଣାକୁ ରୋକିବା ପାଇଁ ଏଆଇ ବିକାଶରେ କଠୋର ପରୀକ୍ଷଣ ଏବଂ ଗୁଣବତ୍ତା ନିୟନ୍ତ୍ରଣର ଆବଶ୍ୟକତା ରହିଛି ବୋଲି ବିଶେଷଜ୍ଞମାନେ କହିଛନ୍ତି।

25 CELEBRATING YEARS
DRIEMS UNIVERSITY
100% PLACEMENT ASSISTANCE
Approved by UGC, AICTE, NMC, INC & PCI
ADMISSION OPEN - 2025
• B.Tech | M.Tech | Ph.D
• MBA | Executive MBA | BBA | Ph.D
• MCA | BCA | B.Sc. ITM
• Nursing (B.Sc. | M.Sc. | PB.B.Sc. GNM | ANM | P.B.Diploma
• B.Pharm | D.Pharm | Ph.D
• BPT | MPT | BOT | MOT | MPH
• BMLT | DMLT | BMRT | DMRT | BAT | BOTT
• Hotel Management
• Fashion Design
• M.Sc. (Computer Science & Data Science) | Ph.D
• M.Sc. (Physics, Chemistry & Mathematics) | Ph.D
We also offer Diploma in Engineering | +2 Science | ITI
Elevate Your Career with Flexible Programs for WORKING PROFESSIONALS
DRUET-2025
(DRIEMS UNIVERSITY ENTRANCE TEST)
To apply for Admission through DRUET, Please Visit : https://www.driems.ac.in/admission/
150 Acres Lush Green Campus | 650 Bedded Multispeciality Hospital | 50+ Programme Offered | MBBS 100 Seats

TANGI, CUTTACK, ODISHA - 754022
07941050666 | 9937369262 | 7735504679



# ଉପକୂଳ ସୁରକ୍ଷାକୁ ମୁଖ୍ୟମନ୍ତ୍ରୀଙ୍କ ଗୁରୁତ୍ୱ

## ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂଙ୍କ ସହ ଆଲୋଚନା କଲେ

**ଭୁବନେଶ୍ୱର, ୨୭।୫(ସୁନିତ୍ ମିଶ୍ର)**

ଚଳିତ ମାସ ଦ୍ୱିତୀୟ ସପ୍ତାହରେ ୪ ଦିନ ଧରି ଭାରତ-ପାକିସ୍ତାନ ମଧ୍ୟରେ ସଶସ୍ତ୍ର ସଂଘର୍ଷ ଘଟିଥିଲା। ଏହି ପରିପ୍ରେକ୍ଷୀରେ ଦେଶର ସମସ୍ତ ସୀମାବର୍ତ୍ତୀ ଅଞ୍ଚଳ ଏବଂ ଆଭ୍ୟନ୍ତର ସୁରକ୍ଷାକୁ ବିଶେଷ ଗୁରୁତ୍ୱ ଦିଆଯାଉଛି। ଏଭଳିସ୍ଥଳେ ଓଡ଼ିଶାର ଉପକୂଳବର୍ତ୍ତୀ ଅଞ୍ଚଳର ସୁରକ୍ଷାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁତ୍ୱାରୋପ କରୁଛନ୍ତି। ସେ ମଙ୍ଗଳବାର କେନ୍ଦ୍ର ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂଙ୍କୁ ସାକ୍ଷାତ୍ କରିଛନ୍ତି। ଏହି ଅବସରରେ ସେ ଦେଶ ତଥା ରାଜ୍ୟର ସୁରକ୍ଷା ଓ ବିକାଶ ସମ୍ପର୍କିତ ବିଭିନ୍ନ ଦିଗକୁ ନେଇ ଆଲୋଚନା କରିଛନ୍ତି। ଦେଶର ପୂର୍ବସୀମାରେ ଓଡ଼ିଶାର ରଣନୀତିର ଗୁରୁତ୍ୱ ସମ୍ପର୍କରେ ଆଲୋଚନା ହୋଇଛି। ବୈଠକରେ ଜାତୀୟ ସୁରକ୍ଷା ଏବଂ ପ୍ରତିରକ୍ଷା ଭିତ୍ତିଭୂମି ଉପରେ ମଧ୍ୟ ପ୍ରାଧାନ୍ୟ ଦିଆଯାଇଛି।

ଓଡ଼ିଶାରେ ପ୍ରତିରକ୍ଷା କ୍ଷେତ୍ରକୁ ଅଧିକ ଶକ୍ତିଶାଳୀ କରିବା ନିମନ୍ତେ ମୁଖ୍ୟମନ୍ତ୍ରୀ ଲୋଚନା କରିଥିବା ଜଣାପଡିଛି। ଏହାସହ ରାଜ୍ୟ ସରକାରଙ୍କ ବର୍ଷପୂର୍ତ୍ତି ଉତ୍ସବ ଏବଂ ରଥଯାତ୍ରାରେ ଯୋଗଦେବା ଲାଗି ମୁଖ୍ୟମନ୍ତ୍ରୀ ତାଙ୍କୁ ନିମନ୍ତ୍ରଣ କରିଥିବା ଜଣେ ଅଧିକାରୀ ସୂଚନା ଦେଇଛନ୍ତି। ଓଡ଼ିଶାର ଉପକୂଳରେ ୪୮୦ କି.ମି.ର ବେଳାଭୂମି ରହିଛି। ଏହାସହ ରାଜ୍ୟର କେତେକ ଗୁରୁତ୍ୱପୂର୍ଣ୍ଣ ପ୍ରତିରକ୍ଷା ପ୍ରତିଷ୍ଠାନ ରହିଛି। ସେଥିମଧ୍ୟରେ ବାଲେଶ୍ୱର ଜିଲା ଚାନ୍ଦିପୁରଠାରେ ଇଣ୍ଟିଗ୍ରେଟେଡ ଟେଷ୍ଟ ରେଞ୍ଜ(ଆଇଟିଆର୍) ଏବଂ ଭଦ୍ରକଠାରେ ଡ. ଏପିଜେ ଅବଦୁଲ କଲାମ ଦ୍ୱୀପ ରହିଛି। ଏହି ଦୁଇ ସ୍ଥଳୀକୁ ମିଶାଇଲ୍ ଲଞ୍ଚ କରିବା କ୍ଷେତ୍ରରେ ବ୍ୟବହାର କରାଯାଉଛି। ଏଥିଲାଗି ଦେଶର ପ୍ରତିରକ୍ଷା ବ୍ୟବସ୍ଥାରେ ଓଡ଼ିଶାର ବହୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଅନ୍ୟପଟେ ଜଳପଥ ଦେଇ ଯେପରି ଆତଙ୍କବାଦୀ କାର୍ଯ୍ୟକଳାପ ନ ହେବ ସେଥିଲାଗି ରାଜ୍ୟ ସରକାର ଭାରତୀୟ ନୌସେନା, କୋଷ୍ଟ ଗାର୍ଡ ଏବଂ ମେରାଇନ ପୋଲିସ ସମନ୍ୱୟ ରକ୍ଷା କରି ସମୁଦ୍ର ତଟବର୍ତ୍ତୀ ଅଞ୍ଚଳର ସୁରକ୍ଷା ଉପରେ ଗୁରୁତ୍ୱ ଦେଉଛନ୍ତି।




# ୨୧ ହାଇକୋର୍ଟ ବିଚାରପତିଙ୍କ ବଦଳି ସୁପାରିସ

## ଓଡ଼ିଶା ହାଇକୋର୍ଟ ବିଚାରପତି ହେବେ ମାନସ ରଞ୍ଜନ ପାଠକ



ମାନସ ରଞ୍ଜନ ପାଠକ

**ନୂଆଦିଲ୍ଲୀ,୨୭।୫(ପି.ଟି.)**

ସୁପ୍ରିମକୋର୍ଟ କଲେଜିୟମ ଦେଶର ବିଭିନ୍ନ ହାଇକୋର୍ଟର ୨୧ଜଣ ବିଚାରପତିଙ୍କ ବଦଳି ସୁପାରିସ କରିଛନ୍ତି। ବିଚାରବିଭାଗୀୟ ପ୍ରଶାସନ ଏବଂ ସଂସ୍ଥାଗତ ସନ୍ତୁଳନ ବଜାୟ ରଖିବା ଉଦ୍ଦେଶ୍ୟରେ କଲେଜିୟମ ସୋମବାର ବସିଥିବା ବୈଠକରେ ଏହି ନିଷ୍ପତ୍ତି ନେଇଛନ୍ତି। ବିଚାରପତି ସୁଜୋୟ ପାଲ୍‌ଙ୍କୁ ତେଲଙ୍ଗାନା ହାଇକୋର୍ଟରୁ କଲିକତା ହାଇକୋର୍ଟ ବଦଳି ସୁପାରିସ କରାଯାଇଥିବାବେଳେ କର୍ଣ୍ଣାଟକ ହାଇକୋର୍ଟ ବିଚାରପତି ଭି. କାମେଶ୍ୱର ରାଓଙ୍କୁ ଦିଲ୍ଲୀ ହାଇକୋର୍ଟ, ଗୌହାଟି ହାଇକୋର୍ଟ ବିଚାରପତି ଲାନୁସୁଙ୍ଗକୁମ୍ ଜମିରଙ୍କୁ କଲିକତା ହାଇକୋର୍ଟ, ଗୌହାଟି ବିଚାରପତି ମାନସ ରଞ୍ଜନ ପାଠକଙ୍କୁ ଓଡ଼ିଶା ହାଇକୋର୍ଟ, ବମ୍ବେ ହାଇକୋର୍ଟ ବିଚାରପତି ନୀତିନ ବାସୁଦେଓ ସମ୍ବରେଙ୍କୁ ଦିଲ୍ଲୀ ହାଇକୋର୍ଟକୁ ବଦଳି ସୁପାରିସ କରାଯାଇଛି। ସେହିପରି ଆଲ୍ଲାହାବାଦ ହାଇକୋର୍ଟ ବିଚାରପତି ଅଶ୍ୱିନୀ କୁମାର ମିଶ୍ରାଙ୍କୁ ପଞ୍ଜାବ-ହରିୟାଣା ହାଇକୋର୍ଟ, ଗୌହାଟି ହାଇକୋର୍ଟ ବିଚାରପତି ସୁମନ ଶ୍ୟାମଙ୍କୁ ବମ୍ବେ ହାଇକୋର୍ଟ, ପଞ୍ଜାବ- ହରିୟାଣା ହାଇକୋର୍ଟ ବିଚାରପତି ସଞ୍ଜୀବ ପ୍ରକାଶ ଶର୍ମାଙ୍କୁ ରାଜସ୍ଥାନ ହାଇକୋର୍ଟ, ଆଲ୍ଲାହାବାଦ ହାଇକୋର୍ଟ ବିଚାରପତି ବିବେକ ଚୌଧୁରୀଙ୍କୁ ଦିଲ୍ଲୀ ହାଇକୋର୍ଟ, କେରଳ ହାଇକୋର୍ଟ ବିଚାରପତି ଦୀନେଶ କୁମାର ସିଂଙ୍କୁ କର୍ଣ୍ଣାଟକ ହାଇକୋର୍ଟ, ମାଡ୍ରାସ୍ ହାଇକୋର୍ଟ ବିଚାରପତି ବିବେକ କୁମାର ସିଂଙ୍କୁ ମଧ୍ୟପ୍ରଦେଶ ହାଇକୋର୍ଟ ଏବଂ ମାଡ୍ରାସ ହାଇକୋର୍ଟ ବିଚାରପତି ବଟ୍ଟୁ ଦେବାନନ୍ଦଙ୍କୁ ଆନ୍ଧ୍ରପ୍ରଦେଶ ହାଇକୋର୍ଟକୁ ବଦଳି ସୁପାରିସ କରାଯାଇଛି। ଆଲ୍ଲାହାବାଦ ହାଇକୋର୍ଟ ବିଚାରପତି ଓମ୍ ପ୍ରକାଶ ଶୁକ୍ଲାଙ୍କୁ ଦିଲ୍ଲୀ ହାଇକୋର୍ଟ, ରାଜସ୍ଥାନ ହାଇକୋର୍ଟ ବିଚାରପତି ଶ୍ରୀ ଚନ୍ଦ୍ରଶେଖରଙ୍କୁ ବମ୍ବେ ହାଇକୋର୍ଟ, ପଞ୍ଜାବ-ହରିୟାଣା ହାଇକୋର୍ଟ ବିଚାରପତି ସୁଧୀର ସିଂଙ୍କୁ ପାଟନା ହାଇକୋର୍ଟ, ପଞ୍ଜାବ-ହରିୟାଣା ହାଇକୋର୍ଟ ବିଚାରପତି ଅନିଲ କ୍ଷେତ୍ରପାଲ୍‌ଙ୍କୁ ଦିଲ୍ଲୀ ହାଇକୋର୍ଟ, ରାଜସ୍ଥାନ ହାଇକୋର୍ଟ ବିଚାରପତି ଅରୁଣ କୁମାର ମୋଙ୍ଗାଙ୍କୁ ଦିଲ୍ଲୀ ହାଇକୋର୍ଟ, ଆଲ୍ଲାହାବାଦ ହାଇକୋର୍ଟ ବିଚାରପତି ଜୟନ୍ତ ବାନାର୍ଜୀଙ୍କୁ କର୍ଣ୍ଣାଟକ ହାଇକୋର୍ଟ, କର୍ଣ୍ଣାଟକ ହାଇକୋର୍ଟ ବିଚାରପତି ସି. ସୁମଲଥାଙ୍କୁ ତେଲଙ୍ଗାନା ହାଇକୋର୍ଟ, କର୍ଣ୍ଣାଟକ ହାଇକୋର୍ଟ ବିଚାରପତି ଲଲିଥା କାନେଗାଣ୍ଟିଙ୍କୁ ତେଲଙ୍ଗାନା ହାଇକୋର୍ଟ ଏବଂ ପାଟନା ହାଇକୋର୍ଟ ବିଚାରପତି ଆନିରେଡ୍ଡୀ ଅଭିଷେକ ରେଡ୍ଡୀଙ୍କୁ ତେଲଙ୍ଗାନା ହାଇକୋର୍ଟ ବିଚାରପତି ଭାବେ ସୁପାରିସ କରାଯାଇଛି। ସୁପ୍ରିମକୋର୍ଟ କଲେଜିୟମ୍‌ର ଏହି ସୁପାରିସ କେନ୍ଦ୍ର ସରକାରଙ୍କ ଅନୁମୋଦନ ପାଇଁ ପଠାଯିବ। କେନ୍ଦ୍ରରୁ ଅନୁମୋଦନ ମିଳିବା ପରେ ଉପରୋକ୍ତ ବିଚାରପତିମାନେ ସେମାନଙ୍କ ନୂତନ ବଦଳି ସ୍ଥାନରେ ନିୟମ ଅନୁସାରେ ଯୋଗ ଦେବେ।




# ୪ ଜିଲାରେ ପ୍ରବଳ ବର୍ଷିବ

### ସତର୍କ ରହିବାକୁ ଜିଲାପାଳମାନଙ୍କୁ ଏସ୍ଆର୍‌ସିଙ୍କ ନିର୍ଦ୍ଦେଶ

ଭୁବନେଶ୍ୱର,୨୭।୫
(ଅନୁରାଧା ମହାରଣା)

ଦକ୍ଷିଣ-ପଶ୍ଚିମ ମୌସୁମୀ ଆଗେଇବା ପାଇଁ ପାଗ ଅନୁକୂଳ ରହିଛି। ସେହିପରି ଓଡ଼ିଶା ଉପକୂଳ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ବୁଧବାର ରାଜ୍ୟର ୪ ଜିଲା କେନ୍ଦ୍ରାପଡ଼ା, କଟକ, ଯାଜପୁର, ଜଗତ୍‌ସିଂହପୁରରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ନେଇ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି। ବିଜୁଳି ଘଡ଼ଘଡ଼ି ସହ ଝଟ୍‌କା ପବନର ବେଗ ଘଣ୍ଟା ପ୍ରତି ୪୦ରୁ ୫୦ କିଲୋମିଟର ରହିବ। ଏନେଇ ସମ୍ପୃକ୍ତ ଜିଲାଗୁଡ଼ିକୁ ଅରେଞ୍ଜ ୱାର୍ନିଂ ଜାରି କରାଯାଇଛି। ସେହିପରି ୨୬ ଜିଲାକୁ ଅରେଞ୍ଜ ୱାର୍ନିଂ ଜାରି କରାଯାଇଛି। ଏହିସବୁ ଜିଲାରେ ବିଶେଷକରି ମଧ୍ୟାହ୍ନରୁ ସନ୍ଧ୍ୟା ପର୍ଯ୍ୟନ୍ତ ଘଡ଼ଘଡ଼ି ସହ ବର୍ଷା ପବନର ଆଶଙ୍କା ରହିଛି।

ଅନ୍ୟପଟେ ଲୋକଙ୍କୁ ପାଗ ଉପରେ ନଜର ରଖିବା ସହ ବଜ୍ରପାତ ସମୟରେ ରକ୍ଷା ପାଇବା ପାଇଁ ସୁରକ୍ଷିତ ଆଶ୍ରୟ ନେବାକୁ ଅନୁରୋଧ କରାଯାଇଛି। ଫସଲ ଅମଳ ଉପରେ ଧ୍ୟାନଦେବାକୁ ମଧ୍ୟ ପରାମର୍ଶ ଦିଆଯାଇଛି। ଅନ୍ୟପଟେ ୩୧ ତାରିଖ ପର୍ଯ୍ୟନ୍ତ ଭାରି ବର୍ଷା ହେବା ନେଇ ପୂର୍ବାନୁମାନ କରାଯାଇଛି। ଏହାର ମୁକାବିଲା ଲାଗି ସ୍ୱତନ୍ତ୍ର ରିଲିଫ୍ କମିଶନର(ଏସ୍ଆର୍‌ସି) ସମସ୍ତ ଜିଲାପାଳଙ୍କୁ ସତର୍କ ରହିବାକୁ ନିର୍ଦ୍ଦେଶ ଦେଇଛନ୍ତି। ବିଜୁଳି ଓ ଝଡ଼ବର୍ଷାଜନିତ କ୍ଷୟକ୍ଷତି ସମ୍ପର୍କିତ ରିପୋର୍ଟ ତୁରନ୍ତ ଦାଖଲ କରିବାକୁ କୁହାଯାଇଛି। ଝଡ଼ବର୍ଷା ସମୟରେ ମତ୍ସ୍ୟଜୀବୀମାନଙ୍କୁ ଗଭୀର ସମୁଦ୍ର ଭିତରକୁ ଯିବା ପାଇଁ ବାରଣ କରାଯାଇଛି।

# ଆଜି ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣ ମାମଲାର ରାୟ

**ବଲାଙ୍ଗୀର/ପାଟଣାଗଡ଼,୨୭।୫**
**(ବୀରେନ୍ଦ୍ର କୁମାର ଝାଙ୍କର/ ସଚ୍ଚିଦାନନ୍ଦ ମହାକୁଡ଼)**

ସାରା ଦେଶରେ ହଇଚଇ ସୃଷ୍ଟି କରିଥିବା ପାଟଣାଗଡ଼ ପାର୍ସଲ ବୋମା ବିସ୍ଫୋରଣ ମାମଲାର ରାୟ ବୁଧବାର ପ୍ରକାଶ ପାଇବ। ଦୀର୍ଘ ୭ ବର୍ଷର ଅପେକ୍ଷା ପରେ ଏହି ରାୟ ପ୍ରକାଶ ପାଇବାକୁ ଯାଉଥିବାରୁ ବିଭିନ୍ନ ମହଲରେ ଏନେଇ ଉତ୍ସୁକତା ପ୍ରକାଶ ପାଇଛି। ପାଟଣାଗଡ଼ ଏଡିଜେ କୋର୍ଟରେ ଏହି ଚର୍ଚ୍ଚିତ ମାମଲାର ରାୟ ପ୍ରକାଶ ପାଇବାକୁ ଯାଉଛି। ୨୦୧୮ ଫେବୃଆରୀ ୨୩ରେ ପାଟଣାଗଡ଼ରେ ପାର୍ସଲ ବୋମା ବିସ୍ଫୋରଣ ଘଟି ନବବିବାହିତ ସଫ୍ଟୱେର ଇଞ୍ଜିନିୟର ସୌମ୍ୟଶେଖର ସାହୁ, ତାଙ୍କ ଜେଜେମା ଜେମାମଣି ସାହୁଙ୍କ ମୃତ୍ୟୁ ଘଟିଥିଲା। ମୃତ ସୌମ୍ୟଶେଖରଙ୍କ ନବବିବାହିତା ସ୍ତ୍ରୀ ରିମାରାଣୀ ଗୁରୁତର ଆହତ ହୋଇଥିଲେ। ଏହି ମାମଲାରେ କ୍ରାଇମବ୍ରାଞ୍ଚ ପାଟଣାଗଡ଼ ନିକଟସ୍ଥ ଭଇଁଷା କଲେଜର ଇଂଲିଶ ବିଭାଗ ଅଧ୍ୟାପକ ପୁଞ୍ଜିଲାଲ ମେହେରଙ୍କୁ ଏକମାତ୍ର ଓ ମୁଖ୍ୟ ଅଭିଯୁକ୍ତ ଭାବେ ଗିରଫ କରିଥିଲା। କ୍ରାଇମବ୍ରାଞ୍ଚ ଟିମ୍ ୨୦୦୦ ପୃଷ୍ଠାର ଚାର୍ଜଶିଟ୍ ଦାଖଲ କରିବା ପରେ ପାଟଣାଗଡ଼ ଏଡିଜେ କୋର୍ଟରେ ପ୍ରାୟ ୨ବର୍ଷ କାଳ ଏହାର ଶୁଣାଣି ଓ ନ୍ୟାୟିକ ପ୍ରକ୍ରିୟା ଚାଲିଥିଲା। ୬୨ଜଣ ସାକ୍ଷୀଙ୍କ ସାକ୍ଷ୍ୟ ଗ୍ରହଣ ପରେ ଏଡିଜେ ୨୮ ତାରିଖରେ ଏହି ଚର୍ଚ୍ଚିତ ମାମଲାର ରାୟ ପ୍ରକାଶ କରିବେ ବୋଲି ଶୁଣାଇଥିଲେ। ଫଳରେ ନ୍ୟାୟ ଅପେକ୍ଷାରେ ଥିବା ମୃତ ସୌମ୍ୟଶେଖରଙ୍କ ମାତାପିତା ସଞ୍ଜୁକ୍ତା ସାହୁ ଓ ରବୀନ୍ଦ୍ର ସାହୁ ନ୍ୟାୟ ପାଇବେ ବୋଲି ଆଶାବାଦୀ ଥିବା ଜଣାଇଛନ୍ତି। ଅନ୍ୟପକ୍ଷରେ ଅଭିଯୁକ୍ତ ପୁଞ୍ଜିଲାଲ ମେହେରଙ୍କୁ କ'ଣ ଦଣ୍ଡ ମିଳିବ ଏବେ ତା' ଉପରେ ସମସ୍ତଙ୍କର ନଜର ରହିଛି।



ଅଭିଯୁକ୍ତ ପୁଞ୍ଜିଲାଲ ମେହେର

# କାନ୍ଥ ପଡ଼ି ମହିଳା ମୃତ

**ବାସୁଦେବପୁର,୨୭।୫ (କାଳିପଦ ରାୟ)**

ଭଦ୍ରକ ଜିଲା ବାସୁଦେବପୁର ପୌରାଞ୍ଚଳରେ ମଙ୍ଗଳବାର ମଧ୍ୟାହ୍ନରେ କାନ୍ଥ ପଡ଼ି ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତା ମହିଳା ହେଲେ ରାଧାନାଥପୁର ଗ୍ରାମର ବିଷ୍ଣୁପ୍ରିୟା ମହାନ୍ତି(୫୨)। ପୂର୍ବାହ୍ନରୁ ଲଘୁଚାପଜନିତ ବର୍ଷା ଲାଗି ରହିଥିଲା। ଏହି ସମୟରେ ବିଷ୍ଣୁପ୍ରିୟା ତାଙ୍କ ମାଟିଘରେ ଥିବାବେଳେ ପ୍ରବଳ ବର୍ଷାରେ କାନ୍ଥ ଭାଙ୍ଗି ତାଙ୍କ ଉପରେ ପଡ଼ିଯାଇଥିଲା। ପରିବାର ଲୋକେ ତାଙ୍କୁ ଉଦ୍ଧାର କରି ବାସୁଦେବପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ବିଜୁ ପଟ୍ଟନାୟକ କ୍ରୀଡ଼ା ପୁରସ୍କାର ପାଇଁ ଆବେଦନ ଆରମ୍ଭ

**କଟକ,୨୭।୫(କାର୍ତ୍ତିକ ସାହୁ)**

ବିଜୁ ପଟ୍ଟନାୟକ କ୍ରୀଡ଼ା ପୁରସ୍କାର ୨୦୨୪ ନିମନ୍ତେ କ୍ରୀଡ଼ା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଦର୍ଶନ କରିଥିବା ବ୍ୟକ୍ତିବିଶେଷ ବା ଅନୁଷ୍ଠାନଙ୍କଠାରୁ ମନୋନୟନ ପତ୍ର ଆହ୍ୱାନ କରାଯାଉଛି। କ୍ରୀଡ଼ା କ୍ଷେତ୍ରରେ ଆଜୀବନ ଉପଲବ୍ଧି, କ୍ରୀଡ଼ାରେ ଉଲ୍ଲେଖନୀୟ କୃତିତ୍ୱ ଲାଭ କରିଥିବା ବର୍ଷର ଶ୍ରେଷ୍ଠ କ୍ରୀଡ଼ାବିତ୍, କ୍ରୀଡ଼ା ପ୍ରଶିକ୍ଷଣ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ, କ୍ରୀଡ଼ା ପ୍ରୋତ୍ସାହନ ପାଇଁ ସର୍ବୋତ୍କୃଷ୍ଟ ଅବଦାନ, କ୍ରୀଡ଼ା ସାମ୍ବାଦିକତା କ୍ଷେତ୍ରରେ ଉତ୍କର୍ଷ, ବର୍ଷର ଶ୍ରେଷ୍ଠ ଦିବ୍ୟାଙ୍ଗ କ୍ରୀଡାବିତ୍, ବର୍ଷର ଶ୍ରେଷ୍ଠ କନିଷ୍ଠ ଉଦୀୟମାନ କ୍ରୀଡ଼ାବିତ୍ ଓ ବର୍ଷର ଶ୍ରେଷ୍ଠ କ୍ରୀଡ଼ା ବୈଷୟିକ ଅଧିକାରୀ/ସହକାରୀ କର୍ମକର୍ତ୍ତା ବର୍ଗରେ ଏହି ପୁରସ୍କାର ପ୍ରଦାନ କରାଯିବ। ଏଥିନିମନ୍ତେ ସବିଶେଷ ମାର୍ଗଦର୍ଶିକା, ବିଭିନ୍ନ ବର୍ଗ ପାଇଁ ଉଦ୍ଦିଷ୍ଟ ପୁରସ୍କାର ରାଶି, ଆବେଦନ ଫର୍ମ ଇତ୍ୟାଦି କ୍ରୀଡ଼ା ଓ ଯୁବସେବା ବିଭାଗର ୱେବସାଇଟ http://sports.odisha.gov.inରେ ଉପଲବ୍ଧ। ମନୋନୟନ ପତ୍ର ଉଭୟ ଅନଲାଇନ ଓ ଅଫଲାଇନରେ ତା୧୬।୬।୨୦୨୫ ରିଖ ଅପରାହ୍ନ ୫ ଘଟିକା ସୁଦ୍ଧା ଗ୍ରହଣ କରାଯିବ। ଜିଲାର କୃତୀ କ୍ରୀଡ଼ାବିତ୍, କ୍ରୀଡ଼ା ପ୍ରଶିକ୍ଷକ ଓ କ୍ରୀଡ଼ା ସାମ୍ବାଦିକ ଉପଯୁକ୍ତ ଦସ୍ତାବିଜ ସହ ଆବେଦନ କରିବାକୁ ଅନୁରୋଧ କରାଯାଉଛି।

# ଯଜ୍ଞେଶ୍ୱର ଦଣ୍ଡପାଟ ଉତ୍କଳ ବିଶ୍ୱବିଦ୍ୟାଳୟର କୁଳପତି

**ଭୁବନେଶ୍ୱର,୨୭।୫(ସୁଚିସ୍ମିତା ସାହୁ)**

ପ୍ରଫେସର ଯଜ୍ଞେଶ୍ୱର ଦଣ୍ଡପାଟ ଉତ୍କଳ ବିଶ୍ୱବିଦ୍ୟାଳୟର ନୂଆ ଭାରପ୍ରାପ୍ତ କୁଳପତି ଭାବେ ଦାୟିତ୍ୱ ଗ୍ରହଣ କରିବେ। ପରବର୍ତ୍ତୀ ନିର୍ଦ୍ଦେଶନାମା ପର୍ଯ୍ୟନ୍ତ ସେ ଏହି ଦାୟିତ୍ୱ ସମ୍ଭାଳିବେ। ଏ ନେଇ ମଙ୍ଗଳବାର ରାଜଭବନ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ବର୍ତ୍ତମାନ ପ୍ରଫେସର ଦଣ୍ଡପାଟ ଉତ୍କଳ ବିଶ୍ୱବିଦ୍ୟାଳୟ ବାୟୋଟେକ୍ନୋଲୋଜି ବିଭାଗର ମୁଖ୍ୟ ରହିଛନ୍ତି। ୨୦୦୨ରେ ଉତ୍କଳ ବିଶ୍ୱବିଦ୍ୟାଳୟରୁ ସେ ପିଏଚ୍‌ଡି କରିଥିଲେ। ୨୦୧୦ରୁ ସେ ଏଠାରେ କାର୍ଯ୍ୟରତ ଥିବାବେଳେ ବିଭିନ୍ନ ପ୍ରଶାସନିକ କାର୍ଯ୍ୟରେ ତାଙ୍କର ଅଭିଜ୍ଞତା ଓ ଦକ୍ଷତା ରହିଛି। ଉତ୍କଳ ବିଶ୍ୱବିଦ୍ୟାଳୟ ଦ୍ୱିତୀୟ କ୍ୟାମ୍ପସର ଓଏସ୍‌ଡି ଭାବେ ସେ କାର୍ଯ୍ୟ କରିବା ସହ ଉତ୍କର୍ଷ କେନ୍ଦ୍ର ସଂଯୋଜକ ସମେତ ଗବେଷଣା ଓ ବିକାଶର ନିର୍ଦ୍ଦେଶକ ଥିଲେ। ସୂଚନା ଅନୁଯାୟୀ, ଉତ୍କଳ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସବିତା ଆଚାର୍ଯ୍ୟ ମେ ୨୩ରୁ ଦାୟିତ୍ୱରୁ ଆବ୍ୟାହତ ନେଇଛନ୍ତି।

# ଏସ୍‌ସି, ଏସ୍‌ଟିଙ୍କ ଜମି ବିକ୍ରି ଅନୁମତିରେ ଅନିୟମିତତା

## ପ୍ରାକ୍ତନ ୬ ଉପଜିଲାପାଳଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସୁପାରିସ

### ଏଜି ଅଡିଟ୍ ରିପୋର୍ଟରେ ଧରାପଡ଼ିଲା

**ସୋନପୁର,୨୭।୫**
**(ମୃତ୍ୟୁଞ୍ଜୟ ଶତପଥୀ)**

ସୁବର୍ଣ୍ଣପୁର ଜିଲାରେ ଅନୁସୂଚିତ ଜାତି(ଏସ୍‌ସି) ଓ ଅନୁସୂଚିତ ଜନଜାତି(ଏସ୍‌ଟି) ଲୋକଙ୍କ ଜମିକୁ ବିକ୍ରି ଅନୁମତି ପ୍ରଦାନରେ ଅନିୟମିତତା ହୋଇଛି। ଜିଲାର ବୀରମହାରାଜପୁର ଓ ସୋନପୁର ଉପଜିଲାପାଳଙ୍କ କାର୍ଯ୍ୟାଳୟରେ ଆଇନ ଉଲ୍ଲଂଘନ କରାଯାଇ ଜମି ବିକ୍ରି ପାଇଁ ଅନୁମତି ଦିଆଯାଇଛି। ଏହାର ଫାଇଦା ଧନୀ, ପ୍ରଭାବଶାଳୀ ଗୋଷ୍ଠୀ ନେଇଛନ୍ତି। ଏହାଦ୍ୱାରା ଏସ୍‌ସି ଓ ଏସ୍‌ଟିମାନେ କମ୍ ଦରରେ ଜମି ବିକ୍ରିକରି ଭୂମିହୀନ ହେଉଥିବା ବେଳେ ସେମାନଙ୍କ ଜମି ସାଧାରଣ ବର୍ଗର ଧନୀ ଲୋକଙ୍କ ହାତକୁ ଚାଲିଯାଉଛି। ଓଡ଼ିଶା ପ୍ରଧାନ ମହାଲେଖାଗାର(ପ୍ରିନ୍ସିପାଲ ଆକାଉଣ୍ଟାଣ୍ଟ ଜେନେରାଲ)ଙ୍କ ଅଡିଟ୍ ରିପୋର୍ଟରୁ ଏହାର ପର୍ଦ୍ଦାଫାଶ ହୋଇଛି।

ରିପୋର୍ଟ ଅନୁଯାୟୀ ସମ୍ପୃକ୍ତ ଉପଜିଲାପାଳଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ସହ ଏସ୍‌ସି ଓ ଏସ୍‌ଟିଙ୍କ ଜମି ସେମାନଙ୍କ ଖାତାକୁ ପୁନଃ ଫେରସ୍ତ ପାଇଁ ରାଜ୍ୟ ସରକାର ଓ ଜିଲାପାଳଙ୍କୁ ପତ୍ରସଂଖ୍ୟା ୧୧୦୫/୦୨।୦୨।୨୦୨୪ରେ ସିଏଜି ସୁପାରିସ କରିଛନ୍ତି। ତେବେ ଅନିୟମିତତାରେ ସମ୍ପୃକ୍ତଙ୍କ ବିରୋଧରେ ସୁବର୍ଣ୍ଣପୁର ଜିଲା ପ୍ରଶାସନ ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିବା ଜଣାପଡ଼ିଛି। ଏଥିନେଇ ଜିଲାର ଏସ୍‌ସି ଓ ଏସ୍‌ଟି ବର୍ଗର ଲୋକଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇବା ସହ ମାମଲାର ଉଚ୍ଚସ୍ତରୀୟ ତଦନ୍ତ ପାଇଁ ଦାବି ହେଉଛି।

ପ୍ରଧାନ ମହାଲେଖାଗାରଙ୍କ ରିପୋର୍ଟ ଅନୁଯାୟୀ ବୀରମହାରାଜପୁର ଉପଜିଲାପାଳ ଏସ୍‌ସି, ଏସ୍‌ଟିଙ୍କ ୨୧୩.୯୩୮ ଏକର ଜମି ବିକ୍ରି ପାଇଁ ୨୧୮ ଜଣଙ୍କୁ ଅନୁମତି ଦେଇଛନ୍ତି। ଓଏଲ୍ଆର୍ ଆକ୍ଟର ଧାରା ୨୨ର ୧୮୧ଟି ମାମଲାର କାଗଜପତ୍ରକୁ ତର୍ଜମା ପରେ ୧୩୮ଟି ମାମଲାରେ ଅନିୟମିତତା ହୋଇଥିବା ପ୍ରମାଣ ମିଳିଛି; ଯେଉଁଥିରେ ୨୦୦.୭୫୩ ଏକର ଜମି ଯାହାର ସରକାରୀ ମୂଲ୍ୟ ୬କୋଟି ୧୭ଲକ୍ଷ ୭୦ହଜାର ୬୨୯ଟଙ୍କାର ଅନିୟମିତତା ହୋଇଛି। ସେହିପରି ସୋନପୁର ଉପଜିଲାପାଳ ଏସ୍‌ସି, ଏସ୍‌ଟିଙ୍କ ୧୮୧.୩୭ ଏକର ଜମି ବିକ୍ରି ପାଇଁ ୩୨୨ଜଣଙ୍କୁ ଅନୁମତି ଦେଇଛନ୍ତି। ୧୧୫ଟି ମାମଲାର କାଗଜପତ୍ରକୁ ତର୍ଜମା କରାଯାଇଥିଲା। ଯେଉଁଥିରେ ୧୦୧.୫୯୪ଏକର ଜମିର ଅନୁମତି ପ୍ରଦାନରେ ଅନିୟମିତତା ହୋଇଛି, ଯାହାର ସରକାରୀ ମୂଲ୍ୟ ୫କୋଟି ୨୩ଲକ୍ଷ ୧୪ହଜାର ୨୦୧ଟଙ୍କା। ୨୦୧୮ରୁ ୨୦୨୩ ମସିହା ମଧ୍ୟରେ ଜିଲାର ୬ଜଣ ପ୍ରାକ୍ତନ ଉପଜିଲାପାଳ ମୋଟ ୩୨୨.୩୪୭ଏକର ଏସ୍‌ସି, ଏସ୍‌ଟି ଜମିକୁ ବିକ୍ରି ପାଇଁ ଅନୁମତି ଦେଇଛନ୍ତି। ଯାହାର ସେତେବେଳର ସରକାରୀ ମୂଲ୍ୟ ୧୧କୋଟି ୪୦ଲକ୍ଷ ୮୪ହଜାର ୮୩୦ଟଙ୍କା ବୋଲି ରିପୋର୍ଟରେ ଦର୍ଶାଯାଇଛି। ଏହି ସମୟରେ ବୀରମହାରାଜପୁରରେ ଗୋପୀନାଥ ସାରକା, ସୁବ୍ରତ କୁମାର ବେହେରା ଓ ଅଶୋକ କୁମାର ଭୋଇ ଉପଜିଲାପାଳ ଥିଲେ। ତେବେ ଅଶୋକଙ୍କ ସମୟରେ ଅଧିକ ଜମି ବିକ୍ରି ପାଇଁ ଅନୁମତି ଦିଆଯାଇଥିଲା। ସେହିପରି ସୋନପୁରରେ ବଳରାମ ମଲ୍ଲିକ, ନିହାର ରଞ୍ଜନ କହଁର ଓ ଡ. ଈପ୍‌ସିତା ପ୍ରିୟଦର୍ଶିନୀ ମିଶ୍ର ଉପଜିଲାପାଳ ଥିଲେ। ତେବେ ବଳରାମ ଓ ଈପ୍‌ସିତାଙ୍କ ସମୟରେ ଅଧିକ ଜମି ବିକ୍ରି ପାଇଁ ଅନୁମତି ମିଳିଥିବା ରିପୋର୍ଟରେ ଉଲ୍ଲେଖ ଅଛି। ରିପୋର୍ଟ ପାଇବା ପରେ ଜିଲାପାଳଙ୍କ କାର୍ଯ୍ୟାଳୟରୁ ସୋନପୁର ଓ ବୀରମହାରାଜପୁରଙ୍କ କାର୍ଯ୍ୟାଳୟକୁ କେସ୍ ରେକର୍ଡ ମଗାଯାଇଥିଲା। କିନ୍ତୁ ଏ ପର୍ଯ୍ୟନ୍ତ କୌଣସି ପଦକ୍ଷେପ ନିଆଯାଇନାହିଁ। ଏ ସମ୍ପର୍କରେ ସୁବର୍ଣ୍ଣପୁର ଜିଲାପାଳ ଅନ୍ୟା ଦାସଙ୍କୁ ପଚାରିବାରୁ ଅଡିଟ୍ ରିପୋର୍ଟ ଅନୁଯାୟୀ ଅନିୟମିତତାର ପ୍ରମାଣ ମିଳିଛି। ତର୍ଜମାକଲା ପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।



# ଆଜି କ'ଣ କେଉଁଠି

## ଭୁବନେଶ୍ୱର
- ଅଲିଆଗଦା ହଟାଅ ଓ ସୈନିକ ସ୍କୁଲ ବଞ୍ଚାଅ ଅଭିଯାନ ପକ୍ଷରୁ ପ୍ରତିବାଦ, ସ୍ଥାନ: ଗାଡ଼କଣ ଅଲିଆଗଦା ଗେଟ୍ ସମ୍ମୁଖ, ସମୟ: ସକାଳ ୯ଟା।
- ପୋଖରୀ ସଫେଇ ଓ ପୋଖରୀ ସୁରକ୍ଷା ସଚେତନତା ଶୋଭାଯାତ୍ରା, ସ୍ଥାନ: ଚନ୍ଦ୍ରଶେଖରପୁର, ସମୟ: ପୂର୍ବାହ୍ନ ୧୦ଟା।
- ଶ୍ରୀ ଡ୍ୟାନ୍ସ ଏକାଡେମୀ ପକ୍ଷରୁ 'ନୃତ୍ୟ ବିଳାସ', ସ୍ଥାନ: ଭଞ୍ଜକଳା ମଣ୍ଡପ, ସମୟ: ସନ୍ଧ୍ୟା ୬ଟା ୩୦।

## କଟକ
- ସୁଭାଷ ସଙ୍ଗଠନ ପକ୍ଷରୁ ଦଶତୁଠ ଅଭିଯାନ, ସ୍ଥାନ: ସିଏମ୍‌ସି କାର୍ଯ୍ୟାଳୟ ସମ୍ମୁଖ, ସମୟ: ପୂର୍ବାହ୍ନ ୧୧ ଟା।

## ଖୋର୍ଦ୍ଧା
- କୁଣ୍ଡଳେଶ୍ୱର ଦେବଙ୍କ ୨୧ତମ ମହାଯଜ୍ଞ ଉତ୍ସବ ଆରମ୍ଭ ଓ ଅଙ୍କୁରରୋପଣ, ସ୍ଥାନ: ମନ୍ଦିର ପରିସର, ଷଣ୍ଢପୁର, ଜଟଣୀ, ସମୟ: ସନ୍ଧ୍ୟା ୭ଟା।

## ବାଲେଶ୍ୱର
- ଜିଲା ମୁନି ସମାଜ ପକ୍ଷରୁ ଯୋଗ କର୍ମଶାଳାର ଉଦ୍‌ଯାପନୀ ଦିବସ, ସ୍ଥାନ: ସଦ୍‌ଗୁରୁ ଶିବମୁନି ଯୋଗାଶ୍ରମ, ହଳଦୀପଦା, ସମୟ: ଦିବସବ୍ୟାପୀ।
- ମହାପ୍ରଭୁଙ୍କ ୩୨ ବେଶର ଯଜ୍ଞକୁଣ୍ଡରେ ପୂର୍ଣ୍ଣାହୂତି, ଅନ୍ନ ମହୋତ୍ସବ, ଜଗନ୍ନାଥ ସଂସ୍କୃତି ଆଧାରିତ ଛାତ୍ରୀଛାତ୍ରଙ୍କ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ, ସାଧାରଣ ସଭା, କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବିତରଣ ଓ ଆଧ୍ୟାତ୍ମିକ ପ୍ରବଚନ, ସ୍ଥାନ: ନିଶନପୁର, ଶଙ୍କରନାଥ ଜୀଉ ଓ ସରସ୍ୱତୀ ପୂଜା ମଣ୍ଡପ, ଭୋଗରାଇ, ସମୟ: ସକାଳୁ ରାତି ପର୍ଯ୍ୟନ୍ତ।
- ଭୋଗରାଇ ବ୍ଲକରେ ଚାଷୀଙ୍କ ବିକ୍ଷୋଭ, ସ୍ଥାନ: ବ୍ଲକ କାର୍ଯ୍ୟାଳୟ ସମ୍ମୁଖ, ଭୋଗରାଇ, ସମୟ: ସକାଳ ୯ଟା।
- ଏଫ୍‌ଏମ୍‌ୟୁରେ ଖବରଦାତା ସମ୍ମିଳନୀ, ସ୍ଥାନ: ମିନି କନଫରେନ୍ସ ହଲ୍, ନୂଆପାଢ଼ୀ କ୍ୟାମ୍ପସ୍, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା।
- ଗ୍ରୀଷ୍ମକାଳୀନ ପ୍ରଶିକ୍ଷଣ କାର୍ଯ୍ୟକ୍ରମର ନବମ ଦିବସ, ସ୍ଥାନ: ଫକୀରମୋହନ ବିଶ୍ୱବିଦ୍ୟାଳୟ, ନୂଆପାଢ଼ୀ କ୍ୟାମ୍ପସ୍, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା ୩୦।
- ଏଫ୍‌ଏମ୍‌ୟୁରେ ଇଷ୍ଟର୍ଣ୍ଣ ଇଣ୍ଡିଆ ଓରିଏଣ୍ଟାଲ କନଫରେନ୍ସର ଉଦ୍‌ଯାପନୀ ଦିବସ, ସ୍ଥାନ: ପିଜି କାଉନସିଲ କନଫରେନ୍ସ ହଲ୍, ନୂଆପାଢ଼ୀ କ୍ୟାମ୍ପସ୍, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା ୩୦।
- ଡ. ଜ୍ୟୋତିଷ୍କର ମହାପାତ୍ରଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ଅବସରରେ ସ୍ମୃତିସଭା, ସ୍ଥାନ: ବ୍ରିଟ୍ କଲ୍ୟାଣ ମଣ୍ଡପ, ବାଲେଶ୍ୱର, ସମୟ: ସନ୍ଧ୍ୟା ୬ଟା।

## ଭଦ୍ରକ
- ରବି ଧାନ ବିକ୍ରି ପାଇଁ ଜିଲାସ୍ତରୀୟ ମଣ୍ଡି ଉଦ୍‌ଘାଟନ, ସ୍ଥାନ: ଧାମନଗର ସେବା ସମବାୟ ସମିତି, ସମୟ: ସକାଳ ୯ଟା।
- ପ୍ରେସ୍ କ୍ଲବ୍‌ର ସାଧାରଣ ପରିଷଦ ବୈଠକ, ସ୍ଥାନ: ପ୍ରେସ୍ କ୍ଲବ୍ ପରିସର, ଧାମନଗର, ସମୟ: ଅପରାହ୍ନ ୪ଟା।

## ମୟୂରଭଞ୍ଜ
- ଆନ୍ତଃ ବିଦ୍ୟାଳୟସ୍ତରୀୟ କ୍ରିକେଟ ଟୁର୍ନାମେଣ୍ଟ, ସ୍ଥାନ: ବାରିପଦା ଷ୍ଟାଡିୟମ,ସମୟ: ସକାଳ ୬ଟା।
- ଅଣ ଆବାସିକ ଗ୍ରୀଷ୍ମକାଳୀନ ଫୁଟବଲ ପ୍ରଶିକ୍ଷଣ ଶିବିର, ସ୍ଥାନ:ଷ୍ଟାଡିୟମ ପଡ଼ିଆ ବାରିପଦା,ସମୟ: ସକାଳ ୮ଟା।
- ଆମେ-୮୦ ପକ୍ଷରୁ ଜଳସେବା, ସ୍ଥାନ:ପିଡବ୍ଲ୍ୟୁଡି ଅଫିସ ସମ୍ମୁଖ ବାରିପଦା,ସମୟ: ସକାଳ ୯ଟା।

## ବ୍ରହ୍ମପୁର
- ଜୋନାଲସ୍ତରୀୟ ଫୁଟବଲ ଟୁର୍ନାମେଣ୍ଟ, ସ୍ଥାନ: ମହାତ୍ମାଗାନ୍ଧୀ ଷ୍ଟାଡିୟମ,ସମୟ: ସକାଳ ୭ଟା।

## ରାୟଗଡ଼ା
- ବାଲ୍ୟ ବିବାହ ନିରାକରଣ ସଚେତନତା କର୍ମଶାଳା, ସ୍ଥାନ: ଗୁଡ଼ାରି ପଞ୍ଚାୟତ ସମିତି କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା।
- ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ, ସ୍ଥାନ: ପଦ୍ମପୁର ବ୍ଲକ୍ ସଦ୍‌ଭାବନା ଗୃହ, ସମୟ: ପୂର୍ବାହ୍ନ ୧୦ଟା।

## କୋରାପୁଟ
- ଜିଲା ସାମାଜିକ ସୁରକ୍ଷା ବିଭାଗର ସମୀକ୍ଷା ବୈଠକ, ସ୍ଥାନ: ଜିଲାପାଳଙ୍କ ସମ୍ମିଳନୀ କକ୍ଷ, କୋରାପୁଟ, ସମୟ: ପୂର୍ବାହ୍ନ ୧୦ଟା ୩୦।
- ସପ୍ତମ ରାଜ୍ୟ ବ୍ରଡ ବ୍ରାଣ୍ଡ କମିଟି ବୈଠକ, ସ୍ଥାନ: ମିଶନଶକ୍ତି ଗୃହ, କୋରାପୁଟ, ସମୟ: ମଧ୍ୟାହ୍ନ ୧୨ଟା ୩୦।
- ଡିସିସି, ଡିଏଲଆରସି ବ୍ୟାଙ୍କର୍ସ ବୈଠକ, ସ୍ଥାନ: ଦକ୍ଷତା ବୃଦ୍ଧି ତାଲିମ କେନ୍ଦ୍ର, କୋରାପୁଟ, ସମୟ: ଅପରାହ୍ନ ୪ଟା।

## ମାଲକାନଗିରି
- ଆନ୍ତଃରାଜ୍ୟ ଟି- ୨୦ କ୍ରିକେଟ ଟୁର୍ନାମେଣ୍ଟ ଫାଇନାଲ, ସ୍ଥାନ:ପେଡ଼ାକୋଣ୍ଡା, ସମୟ: ମଧ୍ୟାହ୍ନ ୧୨ ଟା।

## ଜଗତ୍‌ସିଂହପୁର
- ପାରାଦୀପ ପୌର ପରିଷଦ କାଉନସିଲର ବୈଠକ, ସ୍ଥାନ: ପୌର ସମ୍ମିଳନୀ କକ୍ଷ, ପ୍ରଶାସନିକ ଭବନ, ପାରାଦୀପ, ସମୟ: ପୂର୍ବାହ୍ନ ୧୦ଟା।

## କେନ୍ଦ୍ରାପଡ଼ା
- ବିଶ୍ୱଶାନ୍ତି ମହାଯଜ୍ଞ, ସ୍ଥାନ: ଗର୍ଗେଶ୍ୱର ଦେବ ପୀଠ, ବାଲିଚନ୍ଦ୍ରପୁର, ରାଜନଗର, ସମୟ: ସକାଳ ୬ଟା।

## ସମ୍ବଲପୁର
- ସାଓଲିନ କୁଙ୍ଗ୍ ଫୁ ଉଷ୍ମ ଅନୁଷ୍ଠାନ ପକ୍ଷରୁ ବିଦ୍ୟାଳୟ ଛାତ୍ରୀଛାତ୍ରମାନଙ୍କ ସକାଶେ ମାର୍ଶଲ ଆର୍ଟ ପ୍ରଶିକ୍ଷଣ ଶିବିର ଉଦ୍‌ଘାଟନୀ ଉତ୍ସବ, ସ୍ଥାନ : ସମ୍ବଲପୁର ବିନାଖିଣ୍ଡି ସ୍ଥିତ ଜିଲା ଜୁଡୋ ହଲ, ସମୟ : ସକାଳ ୬ଟା ୩୦।
- ଫାଓ ଏବଂ ସମ୍ବଲପୁର ଜିଲା କ୍ରୀଡା ସଂଘ ମିଳିତ ଆୟୋଜନରେ ଗ୍ରୀଷ୍ମକାଳୀନ ଫୁଟବଲ ପ୍ରଶିକ୍ଷଣ ଶିବିର, ସ୍ଥାନ: ବୀର ସୁରେନ୍ଦ୍ର ସାଏ ଷ୍ଟାଡିୟମ, ସମୟ : ସକାଳ ୭ଟା।
- ସମ୍ବଲପୁରୀ ଡେରା ବିକାଶ ଶୀର୍ଷକ ଆଲୋଚନା, ସ୍ଥାନ : ସମ୍ବଲପୁରୀ ଡେରା, ସମୟ : ପୂର୍ବାହ୍ନ ୧୦ଟା।
- ମୁଖ୍ୟମନ୍ତ୍ରୀ କପ୍ ଆନ୍ତଃଜିଲା ଜୋନାଲ ଫୁଟବଲ ଟୁର୍ନାମେଣ୍ଟ ଉଦ୍‌ଘାଟନୀ ଉତ୍ସବ, ସ୍ଥାନ : ବୀର ସୁରେନ୍ଦ୍ର ସାଏ ଷ୍ଟାଡିୟମ, ସମୟ : ଅପରାହ୍ନ ୨ଟା।
- ନନ୍ଦପଡା ବମ ବରାଡ ବାଲୁଙ୍କେଶ୍ୱର ବାବାଙ୍କ ନୃସିଂହ ନିଉତା କାର୍ଯ୍ୟକ୍ରମ, ସ୍ଥାନ : ନନ୍ଦପଡା ଛକ, ସମୟ : ରାତି ୮ଟା।

## ବଲାଙ୍ଗୀର
- ଲୋଇସିଂହାର ୧୯ତମ ଜମିଦାରଙ୍କ ରାଜ ଅଭିଷେକ ସମାରୋହ, ସ୍ଥାନ: ରାଜବାଟି, ଲୋଇସିଂହା, ସମୟ: ସକାଳ ୮ଟା।

## ରାଉରକେଲା
- ବେଦବ୍ୟାସ ଗୁରୁକୁଳ ଆଶ୍ରମରେ ଆଧ୍ୟାତ୍ମିକ କାର୍ଯ୍ୟକ୍ରମ, ସ୍ଥାନ: ବେଦବ୍ୟାସ, ସମୟ: ପୂର୍ବାହ୍ନ ୧୦ଟା।
- ରଜ ମଉଜ-୨୦୨୫ ପାଳନ ନେଇ ଖବରଦାତା ସମ୍ମିଳନୀ, ସ୍ଥାନ: ସେକ୍ଟର-୨ କମ୍ୟୁନିଟି ସେଣ୍ଟର, ସମୟ: ଅପରାହ୍ନ ୫ଟା।

## ବରଗଡ଼
- ସାରସ୍ୱତ ସାଧକ ଡକ୍ଟର ଗଙ୍ଗାଧର ଗୁରୁ ଜୟନ୍ତୀ, ସ୍ଥାନ:ରାଜବୋଡାସମ୍ବର ହାଇସ୍କୁଲ ପରିସର,ପଦ୍ମପୁର,ସମୟ:ସନ୍ଧ୍ୟା ୬ଟା।

## ଦେବଗଡ଼
- ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଦେବଗଡ଼ ଗସ୍ତ, ସ୍ଥାନ: ଜିଲାପାଳଙ୍କ କାର୍ଯ୍ୟାଳୟ, ସମୟ: ସକାଳ ୮ଟା ୩୦।
- ମା' କନକ ଦୁର୍ଗାଙ୍କ ସନ୍ଧ୍ୟା ଆଳତି, ସ୍ଥାନ: ମଠ ସାହି, ମା' କନକ ଦୁର୍ଗା ମନ୍ଦିର, ସମୟ: ସନ୍ଧ୍ୟା ୬ଟା।

## ସୁବର୍ଣ୍ଣପୁର
- ସୁବର୍ଣ୍ଣପୁରରେ ତ୍ରିରଙ୍ଗା ପରାକ୍ରମ ଶୋଭାଯାତ୍ରା, ସ୍ଥାନ: ସୁରେଶ୍ୱରୀ ମନ୍ଦିର ସମ୍ମୁଖ, ସମୟ: ସକାଳ ୮ଟା।
- ସୋନପୁର ପ୍ରିମିୟର ଲିଗ୍‌ର ଦ୍ୱିତୀୟ ମ୍ୟାଚ୍, ସ୍ଥାନ: ଗାନ୍ଧୀ ଷ୍ଟାଡିୟମ, ସମୟ: ସକାଳ ୮ଟା।
- ବାଗବର ଗୋଚର ଜମି ଜବରଦଖଲ ହଟାଇବା ପାଇଁ ତହସିଲଦାରଙ୍କୁ ଦାବିପତ୍ର ପ୍ରଦାନ, ସ୍ଥାନ: ବୀରମହାରାଜପୁର ତହସିଲ କାର୍ଯ୍ୟାଳୟ, ସମୟ: ସକାଳ ୮ଟା।
- ସୁବର୍ଣ୍ଣପୁର ଶୀତଳଷଷ୍ଠୀ ଯାତ୍ରା ପାଇଁ ଟ୍ରେଜେରୀରୁ ସୁନା ନାଗ ଓ ଅଳଙ୍କାର ବାହାରିବେ, ସ୍ଥାନ: ସୁବର୍ଣ୍ଣପୁର ଟ୍ରେଜେରୀ ଅଫିସ, ସମୟ: ପୂର୍ବାହ୍ନ ୧୦ଟା।
- ଗୋ ସେବା ପାଳନ କେନ୍ଦ୍ର ଉଦ୍‌ଘାଟିତ, ସ୍ଥାନ: କୁଲପଡା ସ୍ଥିତ ଗୋଶାଳା, ସମୟ: ପୂର୍ବାହ୍ନ ୧୦ଟା।
- ବିନିକା ଶୀତଳଷଷ୍ଠୀ ମହୋତ୍ସବ ଉପଲକ୍ଷେ କନ୍ୟା ମନୋନୟନ ଓ ନିର୍ବନ୍ଧ, ସ୍ଥାନ: ବିଶ୍ୱେଶ୍ୱର ମନ୍ଦିର, ସମୟ: ସନ୍ଧ୍ୟା ୬ଟା।
- ସୁବର୍ଣ୍ଣପୁର ଶୀତଳଷଷ୍ଠୀ ପାଇଁ ଦେବ ନିମନ୍ତ୍ରଣ, ସ୍ଥାନ: ଥନାପତିପଡା ସ୍ଥିତ ଚନ୍ଦ୍ରଶେଖର ମନ୍ଦିର, ସମୟ: ସନ୍ଧ୍ୟା ୭ଟା।

# ଋତୁସ୍ରାବ: ବଢୁଛି ସଚେତନତା

**ଋତୁସ୍ରାବ ସ୍ୱଚ୍ଛତା ଦିବସ**

ଗାଁ ହେଉ କି ସହର ମାସିକ ଋତୁସ୍ରାବ କଥା କହିବାରେ ପ୍ରାୟ ମହିଳା ସଂକୋଚ କରନ୍ତି। ଏପରିକି ନିଜ ଘର ଲୋକଙ୍କୁ ମଧ୍ୟ ଏସମ୍ପର୍କରେ କହିବାକୁ ଉଚିତ ମନେ କରନ୍ତି ନାହିଁ। ଏ କଥା ପଡିବା ମାତ୍ରେ ଝିଅ ବୋହୂମାନେ ଲାଜ କରି ନ ହେଲେ ମୁହଁ ଘୋଡାଇ ପଳାନ୍ତି। ହେଲେ ଏବେ ସମୟ ବଦଳିଛି ଆଉ ମହିଳାଙ୍କ ଭିତରରେ ସଚେତନତା ବଢ଼ିଛି। ଅପରପକ୍ଷେ ଋତୁସ୍ରାବ ସ୍ୱଚ୍ଛତା ସମ୍ପର୍କରେ ମହିଳାଙ୍କ ମଧ୍ୟରେ ସଚେତନତା ସୃଷ୍ଟି ପାଇଁ ୨୦୧୪ରୁ ମେ' ମାସ ୨୮କୁ ଋତୁସ୍ରାବ ସ୍ୱଚ୍ଛତା ଦିବସ ଭାବେ ପାଳନ କରାଯାଇଆସୁଛି। ଏ କ୍ଷେତ୍ରରେ ସଚେତନତା ସୃଷ୍ଟି ପାଇଁ ବିଦ୍ୟାଳୟଠାରୁ ଆରମ୍ଭ କରି ବିଭିନ୍ନ କାର୍ଯ୍ୟକ୍ରମମାନ କରାଯାଉଛି।

ରିପୋର୍ଟ: ସୁଚିସ୍ମିତା ସାହୁ, ଭୁବନେଶ୍ୱର

## ୪ରୁ ୬ ଘଣ୍ଟା ମଧ୍ୟରେ ପ୍ୟାଡ ବଦଳାନ୍ତୁ



ବର୍ତ୍ତମାନ ମହିଳା ଓ ଯୁବତୀଙ୍କ ମଧ୍ୟରେ ସଚେତନତା ବଢୁଥିବାରୁ ଋତୁସ୍ରାବ ଜନିତ ସଂକ୍ରମଣ କମିବାରେ ଲାଗିଛି। ସରକାରଙ୍କ ପକ୍ଷରୁ ବିଦ୍ୟାଳୟରେ ନବାଗତ ଛାତ୍ରୀଙ୍କୁ ଋତୁସ୍ରାବ ସମୟରେ କିପରି ନିଜକୁ ସ୍ୱଚ୍ଛ ରଖିବେ ସେ ସମ୍ପର୍କରେ ସଚେତନ କରାଯାଉଛି। ବାଳିକାମାନେ କପଡା ବ୍ୟବହାରକୁ ବନ୍ଦ କରି ପ୍ୟାଡ ପିନ୍ଧିବା ଆରମ୍ଭ କରିଛନ୍ତି। ସ୍କୁଲ ଏବଂ କଲେଜରେ ଛାତ୍ରୀଙ୍କୁ ପ୍ୟାଡ୍ ଯୋଗାଇ ଦିଆଯାଉଛି। ତେବେ ପ୍ରତି ୪ରୁ ୬ ଘଣ୍ଟା ମଧ୍ୟରେ ପ୍ୟାଡ ବଦଳାଇବାର ଆବଶ୍ୟକତା ରହିଛି। ଯଦି ଋତୁସ୍ରାବ ଅଧିକ ପରିମାଣ କିମ୍ବା କମ ଦିନ ହେଉଛି ତେବେ ତୁରନ୍ତ ଡାକ୍ତରଙ୍କ ପରାମର୍ଶ ନିଅନ୍ତୁ।

**- ପ୍ରଫେସର ଡା. ସୌମ୍ୟା ନନ୍ଦ, ପ୍ରସୂତି ଓ ସ୍ତ୍ରୀରୋଗ ବିଶେଷଜ୍ଞ**

## ଖାଦ୍ୟପେୟ ଓ ଜୀବନଶୈଳୀ ପାଇଁ ଶୀଘ୍ର ଋତୁସ୍ରାବ ହେଉଛି



ଅନେକ ମହିଳା ଏବେବି ଡାକ୍ତରଙ୍କ ପାଖକୁ ଆସି ଋତୁସ୍ରାବ ସମ୍ପର୍କରେ ଠିକ୍ କଥା କହିବାକୁ ଲାଜ କରନ୍ତି। ଅବଶ୍ୟ ପୂର୍ବାପେକ୍ଷା ସଚେତନତା ବଢ଼ିଛି। ମାତ୍ର ଅନେକେ ଋତୁସ୍ରାବ ସ୍ୱଚ୍ଛତାକୁ ମାନୁନାହାନ୍ତି। ସେଥିପାଇଁ ବିଦ୍ୟାଳୟ, ବାଳିକାଙ୍କ ସହିତ ମା' ଏବଂ ପରିବାର ଲୋକଙ୍କୁ ମଧ୍ୟ ସଚେତନ କରିବାକୁ ପଡିବ। ତେବେ ଖାଦ୍ୟପେୟ ଏବଂ ଜୀବନଶୈଳୀର ପରିବର୍ତ୍ତନ ଯୋଗୁଁ ଏବେ ବହୁ ବାଳିକା ୧୦ରୁ ୧୧ ବର୍ଷ ବୟସରେ ଋତୁସ୍ରାବର ସମ୍ମୁଖୀନ ହେଉଛନ୍ତି। ଝିଅମାନଙ୍କୁ ଅଭିଭାବକମାନେ କିପରି ଏକ୍ଷେତ୍ରରେ କିପରି ସ୍ୱଚ୍ଛତା ବଢାଇ ହେବ ସେ ସମ୍ପର୍କରେ ବୁଝାଇବା ଜରୁରୀ।

**-ପ୍ରଫେସର ଡା. ମାୟା ପାଢ଼ୀ, ପ୍ରସୂତି ଓ ସ୍ତ୍ରୀରୋଗ ବିଶେଷଜ୍ଞ**

# ବିଦ୍ୟୁତ୍ ଆଘାତରେ ପ୍ରଧାନ ଶିକ୍ଷୟିତ୍ରୀଙ୍କ ମୃତ୍ୟୁ

### ବଞ୍ଚାଇବାକୁ ଯାଇ ସ୍ୱାମୀ ଗୁରୁତର

ନାକଟିଦେଉଳ,୨୭।୫(ବୈକୁଣ୍ଠନାଥ ସାହୁ)

ସମ୍ବଲପୁର ଜିଲା ନାକଟିଦେଉଳ ବ୍ଲକ୍ ଅନ୍ତର୍ଗତ ବାଟଗାଁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ତଥା ସ୍ଥାନୀୟ ଭାଲୁଗାଡ଼ିଆ ଗାଁର ଅନିତା ପୁରୋହିତ(୫୨)ଙ୍କ ମଙ୍ଗଳବାର ସକାଳେ ବିଦ୍ୟୁତ୍ ଆଘାତରେ ମୃତ୍ୟୁ ଘଟିଛି। ଏଥିରେ ତାଙ୍କ ସ୍ୱାମୀ ସନ୍ତୋଷ ଶତପଥୀ ଗୁରୁତର ହୋଇଛନ୍ତି। ସକାଳ ପ୍ରାୟ ୬ଟାରେ ନିଜ ଘର ବାଡ଼ିରେ ଥିବା କୂଅରୁ ପାଣି ଉଠାଇବା ପାଇଁ ମୋଟର ପମ୍ପ ଲଗାଉଥିବାବେଳେ ଅନିତା ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ଯାଇଥିଲେ। ତାଙ୍କୁ ବଞ୍ଚାଇବାକୁ ଉଦ୍ୟମ କଲାବେଳେ ସନ୍ତୋଷ ମଧ୍ୟ ବିଦ୍ୟୁତ୍ ସଂସ୍ପର୍ଶରେ ଆସିଥିଲେ। ତାଙ୍କ ଚିତ୍କାର ଶୁଣି ପାଖରେ ଥିବା ୨ଜଣ ଯୁବକ ସେଠାକୁ ଆସି ଏକ କାଠବାଡ଼ିରେ ବିଦ୍ୟୁତ୍ ତାରକୁ ପିଟି ଅଲଗା କରିଥିଲେ। ପରେ ଉଭୟଙ୍କୁ ଗୁରୁତର ଅବସ୍ଥାରେ ନାକଟିଦେଉଳ ଡାକ୍ତରଖାନା ନିଆଯାଇଥିଲା। ହେଲେ ସେଠାରେ ଡାକ୍ତର ଅନିତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ନାକଟିଦେଉଳ ପୋଲିସ ଡାକ୍ତରଖାନାରେ ପହଞ୍ଚି ମୃତଦେହ ଜବତକରି ବ୍ୟବଚ୍ଛେଦ ପାଇଁ ରେଢ଼ାଖୋଲ ପଠାଇଥିଲା। ଏ ନେଇ ଥାନାରେ ଏକ ଅପମୃତ୍ୟୁ ମାମଲା(ନଂ. ୬/୨୫) ରୁଜୁ ହୋଇଛି। ମୃତକଙ୍କ ପୁଅ ଆମେରିକାରେ ଚାକିରି କରୁଥିବା ବେଳେ ଝିଅ ଘରେ ରହିଛି। ଅନିତା ଗତ ୪ବର୍ଷ ହେଲା ବାଟଗାଁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟିତ୍ରୀଭାବେ କାର୍ଯ୍ୟ କରୁଥିଲେ। ଜଣେ ଛାତ୍ରବତ୍ସଳ ଶିକ୍ଷୟିତ୍ରୀଭାବେ ତାଙ୍କର ସୁନାମ ଥିଲା। ତାଙ୍କ ବିୟୋଗରେ ଅଞ୍ଚଳବାସୀ ତଥା ପରିଚିତ ମହଲରେ ଶୋକର ଛାୟା ଖେଳିଯାଇଛି।



ଅନିତା ପୁରୋହିତ

# ଇନ୍ଦିରା ଆବାସ ପାଇଥିବା ଅନେକ ହିତାଧିକାରୀ ପାଇବେ ପିଏମ୍‌ଏୱାଇ: ମନ୍ତ୍ରୀ

ଭୁବନେଶ୍ୱର, ୨୭।୫(ସୁନିତ୍ ମିଶ୍ର)

### ୩୧ ସୁଦ୍ଧା ପିଏମ୍‌ଏୱାଇ ପାଇଁ କରିହେବ ଆବେଦନ

ରାଜ୍ୟରେ ଏପରି ପରିବାର ରହିଛନ୍ତି ଯେଉଁମାନେ ଇନ୍ଦିରା ଆବାସ ପାଇଥିଲେ। ସେଥିଲାଗି ସେମାନେ ଆଉ ପରବର୍ତ୍ତୀ ସମୟରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା(ପିଏମ୍‌ଏୱାଇ) ପାଇବାକୁ ଯୋଗ୍ୟ ହୋଇପାରିନାହାନ୍ତି। ସେତେବେଳେ ସେମାନେ ଇନ୍ଦିରା ଆବାସ ଯୋଜନାରେ ୪୮ ହଜାର ଟଙ୍କା ପର୍ଯ୍ୟନ୍ତ ପାଇଥିଲେ। ସେହି ହିତାଧିକାରୀମାନେ ଯେଉଁ ଘର କରିଥିଲେ ସେଗୁଡିକ ମଧ୍ୟ ଭାଙ୍ଗିଗଲାଣି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହାକୁ ନେଇ ନିର୍ଦ୍ଦେଶ ଦେଇଛନ୍ତି ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଲାଗି ତଳସ୍ତରକୁ ଯାଇ ଆହୁରି ଭଲରେ ସର୍ଭେ କରିବା ଲାଗି। ଯେଉଁମାନେ ଇନ୍ଦିରା ଆବାସ ପାଇଥିଲେ ଏବଂ ସେମାନଙ୍କ ଘର ନଷ୍ଟ ହୋଇଯାଇଛି ତାଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାର ତାଲିକାରେ ସାମିଲ କରାଯିବ ବୋଲି ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାଏକ ସୂଚନା ଦେଇଛନ୍ତି।

ଗଣମାଧ୍ୟମକୁ ସୂଚନା ଦେଇ ମନ୍ତ୍ରୀ ନାଏକ କହିଛନ୍ତି, ରାଜ୍ୟରେ ହିତାଧିକାରୀଙ୍କୁ ୨ ପ୍ରକାର ଯୋଜନାରେ ଘର ଦିଆଯାଉଛି। ଲୋକଙ୍କୁ ମୁଖ୍ୟତଃ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଘର ପ୍ରଦାନ କରାଯାଉଛି। ହେଲେ ସରକାରକୁ ଆସିବା ବେଳେ ହିତାଧିକାରୀଙ୍କ ତାଲିକା କିଛି ନ ଥିଲା। ସରକାରକୁ ଆସିବା ପରେ ନୂତନ ସର୍ଭେ ଆରମ୍ଭ ହୋଇଛି। ଆସନ୍ତା ୩୧ ହେଉଛି ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଲାଗି ଆବେଦନ କରିବାର ଶେଷ ସମୟ। ଏବେ ସୁଦ୍ଧା ୩୬ ଲକ୍ଷ ୮୧ ହଜାର ଲୋକ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଲାଗି ଆବେଦନ କରିଛନ୍ତି। ଯଦି ଆଉ କେହି ଯୋଗ୍ୟ ହିତାଧିକାରୀ ରହିଯାଇଛନ୍ତି ସେମାନେ ଆସନ୍ତା ୩ ଦିନ ମଧ୍ୟରେ ଆବେଦନ କରନ୍ତୁ। ରାଜ୍ୟ ସରକାର ଆଶା ରଖିଛନ୍ତି କେନ୍ଦ୍ରରୁ ୨୨ ଲକ୍ଷ ଘର ମିଳିବ। ପରିସ୍ଥିତି ଅନୁଯାୟୀ ଯଦି ଅଧିକ ଘର ଆବଶ୍ୟକ ପଡିବ ତାହା କେନ୍ଦ୍ରକୁ ଜଣାଯିବ ଏବଂ ଲୋକଙ୍କୁ ଘର ଦିଆଯିବ ବୋଲି ସେ କହିଛନ୍ତି।

ସେ ଆହୁରି କହିଛନ୍ତି, ଯେଉଁମାନେ ଆବେଦନ କରିଛନ୍ତି ୨ ମାସ ମଧ୍ୟରେ ସେମାନଙ୍କ ଆବେଦନକୁ ସର୍ଭେକରି କେନ୍ଦ୍ର ସରକାରଙ୍କ ନିକଟକୁ ତାଲିକା ପଠାଇଯିବ। ଏଭଳି ନିଷ୍ପତ୍ତି ବିଭାଗ ପକ୍ଷରୁ ନିଆଯାଇଛି। ଅନ୍ତ୍ୟୋଦୟ ଗୃହ ଯୋଜନାରେ ପ୍ରଥମ ପର୍ଯ୍ୟାୟରେ ୬୦ ହଜାର ଗୃହ ବଣ୍ଟନ କରିଛନ୍ତି। ଏବେ ୧ ଲକ୍ଷ ୭ ହଜାର ଗୃହ ଅନ୍ତ୍ୟୋଦୟ ଘର ଦେବାକୁ ଯୋଜନା ରଖାଯାଇଛି। ଏହି ଘର ମୌସୁମୀ ପରେ ଯୋଗାଇଦେବାକୁ ଲକ୍ଷ୍ୟ ରଖାଯାଇଛି।

ପ୍ରଥମ ପୃଷ୍ଠାରୁ...

## ଚଳିତ ବର୍ଷ ସ୍ୱାଭାବିକଠାରୁ...

ଜୋନ୍‌ରେ ମଧ୍ୟପ୍ରଦେଶ, ଛତିଶଗଡ଼, ମହାରାଷ୍ଟ୍ର, ଓଡ଼ିଶା ସମେତ ଏହାର ଆଖପାଖ ଅଞ୍ଚଳ ରହିଛି। ଏହି ଅଞ୍ଚଳରେ ଅଧିକାଂଶ ବର୍ଷା ଦକ୍ଷିଣ ପଶ୍ଚିମ ମୌସୁମୀ ସମୟରେ ହୋଇଥାଏ। ଫଳରେ ଉକ୍ତ ଅଞ୍ଚଳର କୃଷିକାର୍ଯ୍ୟ ମୌସୁମୀ ବର୍ଷା ଉପରେ ଅଧିକ ନିର୍ଭର ରହିଥାଏ। ଉତ୍ତର-ପଶ୍ଚିମ ଭାରତରେ ସ୍ୱାଭାବିକ ବର୍ଷା ହେବା ସମ୍ଭାବନା ଥିବାବେଳେ ଭାରତର ଉତ୍ତର-ପୂର୍ବାଞ୍ଚଳରେ ସ୍ୱାଭାବିକଠାରୁ କମ୍ ବର୍ଷା ରେକର୍ଡ ହୋଇପାରେ। ସେହିପରି ଚଳିତ ମୌସୁମୀରେ ମଧ୍ୟ ଏବଂ ଦକ୍ଷିଣ ଭାରତରେ ସ୍ୱାଭାବିକଠାରୁ ଅଧିକ ବର୍ଷା ସମ୍ଭାବନା ଥିବା ଆଇଏମ୍‌ଡି ଡିଜି ମୃତ୍ୟୁଞ୍ଜୟ ମହାପାତ୍ର କହିଛନ୍ତି।

## ୨୦ କୋଟିର ଋଣବୋଝ...

ତେବେ ଏଥିପାଇଁ ଆଣିଥିବା ଋଣ ପରିମାଣ ବଢ଼ି ଚାଲିବାରୁ ସେ ଶୁଝିପାରି ନ ଥିଲେ। ଫଳରେ ବାଧ୍ୟହୋଇ ଫ୍ୟାକ୍ଟ୍ରି ବନ୍ଦ କରିଦେଇଥିଲେ। ଆର୍ଥିକ ସ୍ଥିତି ଖରାପ ହେବାରୁ ଦିନେ ପ୍ରବୀଣଙ୍କୁ ପଞ୍ଚକୁଲା ଛାଡ଼ିବାକୁ ପଡ଼ିଲା। ସେ ଡେରାଡୁନରେ ରହିଲେ। ସେଠାରେ ରହିବା ଭିତରେ ପ୍ରବୀଣ ପରିବାରଠାରୁ ଦୀର୍ଘ ୬ ବର୍ଷ ଧରି କୌଣସି ପ୍ରକାର ଯୋଗାଯୋଗ କରି ନ ଥିଲେ। ସେ ପରବର୍ତ୍ତୀ ସମୟରେ ପଞ୍ଜାବର ଖରାର ଓ ହରିୟାଣାର ପିଞ୍ଜୋରକୁ ଗଲେ। ପିଞ୍ଜୋରରେ ପ୍ରବୀଣ ନିଜ ଶ୍ୱଶୁରଘରେ ରହିବା ପରେ ମାସକ ତଳେ ପୁଣି ପଞ୍ଚକୁଲାକୁ ଫେରିଥିଲେ। ସେଠାରେ ସେ ଏକ ଟ୍ୟାକ୍ସି ଡ୍ରାଇଭର ଭାବେ କାର୍ଯ୍ୟ କରିବାକୁ ଲାଗିଲେ। ବ୍ୟାଙ୍କ ତାଙ୍କର ଦୁଇଟି ଫ୍ଲାଟ୍ ଓ ଗାଡ଼ିଗୁଡ଼ିକୁ ମଧ୍ୟ ବାଜ୍ୟାପ୍ତ କରିଥିଲା। ଇତିମଧ୍ୟରେ ସୋମବାର ପ୍ରବୀଣ ଓ ତାଙ୍କ ପରିବାର ଲୋକେ ବାଗେଶ୍ୱର ଧାମକୁ ଏକ ଆଧ୍ୟାତ୍ମିକ କାର୍ଯ୍ୟକ୍ରମରେ ଯୋଗଦେଇ କାର୍‌ରେ ଫେରୁଥିଲେ। ରାସ୍ତାରେ ଯିବାବେଳେ ପ୍ରବୀଣଙ୍କ ସମେତ ପରିବାରର ସମସ୍ତ ସଦସ୍ୟ ବିଷ ପିଇଦେଇଥିବା କୁହାଯାଉଛି। ପୁନୀତ ରାଣା ନାମକ ଜଣେ ସ୍ଥାନୀୟ ବ୍ୟକ୍ତି ରାତି ୧୦ଟାରେ ସେହି ରାସ୍ତା ଦେଇ ଯାଉଥିବାବେଳେ ସେମାନଙ୍କୁ ଦେଖିଥିଲେ। ସେ ଖବର ଦେବା ପରେ ପୋଲିସ ଆସି ପହଞ୍ଚିଥିଲା। ୬ ଜଣ କାର୍ ଭିତରେ ପ୍ରାଣ ହରାଇଥିବାବେଳେ ଜଣଙ୍କୁ ହସ୍ପିଟାଲକୁ ନେବାବେଳେ ବାଟରେ ଆଖି ବୁଜି ଦେଇଥିଲେ। ୩ ପିଲାଙ୍କ ମଧ୍ୟରୁ ୨ ଝିଅଙ୍କ ବୟସ ୧୩ ବର୍ଷ ହୋଇଥିବାବେଳେ ପୁଅ ହାର୍ଦ୍ଦିକଙ୍କୁ ୧୫ ବର୍ଷ ହୋଇଥିଲା। ଅଧିକ ତଦନ୍ତ ଜାରି ରହିଥିବା ପଞ୍ଚକୁଲା ଡିସିପି ହିମାଦ୍ରୀ କୌଶିକ ସୂଚନା ଦେଇଛନ୍ତି।

## ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)


**ଭାକ୍ ଲୋ ବୋହୂ ବରୁଗୁଡ଼ି,
ବସିଥେଲେ ବୋହୂ ସୁନ୍ଦର ଦିଶେ,
ଚାଲିଗଲେ ଦିଶେ ନଳିଗୋଡ଼ି ।**

ନୂଆ ହୋଇ ଶାଶୁଘରେ ପାଦ ଦେଇଥିବା ବୋହୂକୁ ରୋଷେଇ ଓ ଘରକରଣା କାମରେ ନିପୁଣା କରାଇବାର ଦାୟିତ୍ୱ ସାଧାରଣତଃ ଶାଶୁ ଉପରେ ନ୍ୟସ୍ତ ଥାଏ। ତେବେ ବୋହୂ ଯଦି ନିଜ ଦାୟିତ୍ୱ ପ୍ରତି ସଚେତନ ନ ହୋଇ ଅବହେଳା ଦେଖାଏ, ତାହେଲେ ସେ ନିନ୍ଦା ଶରବ୍ୟର ପାତ୍ରୀ ହେଉଥିବା ନେଇ ଏଭଳି ବ୍ୟଙ୍ଗୋକ୍ତି ପ୍ରକାଶ କରାଯାଇଛି।

**ଭୋଜି ହୋଇଥିଲେ ବରଷେ
ଘୋଷି ହେଉଥାଇ ପୁରୁଷେ।**

ସାଧାରଣତଃ ଭୋଜି ଭାତରେ ସ୍ୱାଦିଷ୍ଟ ଖାଦ୍ୟ ଖାଇବାକୁ ମିଳିଥାଏ। ତେବେ ଏପରି ଭଲ ସୁଆଦିଆ ଖାଇବା କଥା ବହୁଦିନ ପାଇଁ ମନରେ ସ୍ମୃତି ହୋଇ ରହିଥାଏ ବୋଲି ଏଠାରେ ଉଲ୍ଲେଖ କରାଯାଇଛି।

ନିର୍ବାଚିତ ଢଗଢମାଳି, ପ୍ରବାଦ, ପ୍ରବଚନ ଓ ଅନ୍ୟାନ୍ୟ-ପ୍ରାଚୀ ସାହିତ୍ୟ ପ୍ରତିଷ୍ଠାନ




ମଙ୍ଗଳବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ** - ଆଜି ପ୍ରତ୍ୟେକ କ୍ଷେତ୍ରରେ ନିଜକୁ ଠିକ୍ ଭାବେ ଆଡ୍‌ଜଷ୍ଟ କରିବା କଷ୍ଟକର ହେବ। ଯଦିଓ ବିଶେଷ କିଛି ଗୁରୁତର ସମସ୍ୟା ନାହିଁ ତଥାପି ଅସୁସ୍ଥତା ଅନୁଭବ କରିବେ। ସାମାଜିକ କ୍ଷେତ୍ରରେ ଅଟକିଯାଇଥିବା କାର୍ଯ୍ୟ ତ୍ୱରାନ୍ୱିତ ହେବାରେ ବନ୍ଧୁ ସାହାଯ୍ୟ କରିବେ । କୃଷି, ବାଣିଜ୍ୟ, ବ୍ୟବସାୟ, ପ୍ରଶାସନ ଓ ରାଜନୀତିରେ ଚେଷ୍ଟା ସଫଳ ହେବ।

**ବୃଷ** - ସହକର୍ମୀଙ୍କ ସହାୟତାରେ କର୍ମକ୍ଷେତ୍ରର ସମସ୍ୟା ସୁଧାରିବାକୁ ପ୍ରଯତ୍ନ କରିବେ। ପରିବାରରେ ମାନସିକ ଚାପର ପ୍ରଭାବ ଲାଗିରହିବ। ଏମିତି କେତେକ କଥା ରହିଛି ଯାହାକୁ ଅନ୍ୟମାନଙ୍କୁ କହିପାରିବେ ନାହିଁ ଫଳରେ ଅନ୍ତର୍ଦ୍ୱନ୍ଦ୍ୱ ଲାଗିରହିବ। ସାମାଜିକ ସ୍ତରରେ ସମ୍ମାନ ଲାଭ ଓ ପଦମର୍ଯ୍ୟାଦା ବୃଦ୍ଧି ପାଇବାରୁ ଖୁସି ହେବେ।

**ମିଥୁନ** - ବନ୍ଧୁମାନଙ୍କ ସହାନୁଭୂତିର ସୁଯୋଗ ଲାଭକରି ନିଜକୁ ଧନ୍ୟ ମନେକରିବେ। ଯେଉଁ କାମଟିକୁ ଆଜି ଯାଏଁ ଆପଣ କରିପାରୁ ନ ଥିଲେ ଆଜି ତାହା ସୁବିଧାରେ ସମ୍ପନ୍ନ ହୋଇଯିବ। ମାତ୍ର ପରିବାର ସହମତିରେ କାମକଲେ ଅବଶ୍ୟ ଉପକୃତ ହେବେ। ଅଫିସରେ ଗୁରୁତ୍ୱପୂର୍ଣ୍ଣ କାମଗୁଡ଼ିକ ସମ୍ପର୍କରେ ଆଲୋଚନା ଅସମାପ୍ତ ରହିପାରେ।

**କର୍କଟ** - ଆଜି ଆପଣ ପ୍ରତିବନ୍ଧକର ସାମ୍ନାକରି କାମ ହାସଲ କରିବାରେ ସମର୍ଥ ହେବେ। ଯାହା କରିବା ପାଇଁ ଚିନ୍ତା କରିଥିଲେ ସେହି କାମଗୁଡ଼ିକ ସହଜ ଓ ସୁବିଧାରେ ହୋଇଯିବ। ବାଣିଜ୍ୟ, ବ୍ୟବସାୟ ଓ ପରିବହନରେ ଦେଖିଚାହିଁ ପଦକ୍ଷେପ ନିଅନ୍ତୁ। କେତେକ କ୍ଷେତ୍ରରେ କଅଁଳ କଥା କହି ପରିସ୍ଥିତିକୁ ସୁଧାରି ନେଇପାରନ୍ତି।

**ସିଂହ** - ପରିବାରର ଅଭାବ ଓ ଅସୁବିଧାକୁ ନେଇ ସରଗରମ ଆଲୋଚନା ହୋଇପାରେ। ଶିଳ୍ପ, ବାଣିଜ୍ୟ, ସଙ୍ଗଠନ, ପ୍ରଶାସନ, ବେତାର, ଗଣ ଯୋଗାଯୋଗ ପାଇଁ ଦିନଟି ଭଲ। କର୍ମକ୍ଷେତ୍ରରେ ଉଚ୍ଚପଦାଧିକାରୀଙ୍କ କ୍ରୋଧରୁ କିଛିଟା ହଇରାଣ ହୋଇପାରନ୍ତି। ପରିବାରରେ ପୁତ୍ରକନ୍ୟା ହେତୁକ ସମସ୍ୟା ଲାଗି ରହିବାରୁ ଚିନ୍ତିତ ରହିପାରନ୍ତି ।

**କନ୍ୟା** - ଆଜିର ବିଷମ ପରିସ୍ଥିତିରେ ବନ୍ଧୁଙ୍କଠାରୁ ପ୍ରତ୍ୟୁପକାର ଆଶା ନିରର୍ଥକ ହେବ। ଅନ୍ୟମାନଙ୍କ ସକାଶେ ଯେଉଁ କାମଟିକୁ ଆରମ୍ଭ କରିବାକୁ ମନ ବଳାଇଥିଲେ ତାହା କରିପାରିବେ। ସାମାଜିକ ସ୍ଥରରେ ଲୋକସମ୍ପର୍କ ବୃଦ୍ଧି ପାଇବା ସହ ପ୍ରଶଂସିତ ହୋଇପାରନ୍ତି। ସାଙ୍ଗସାଥୀଙ୍କ ସହ ଭ୍ରମଣ ସୁଯୋଗ ଲାଭକରି ଖୁସିହୋଇପାରନ୍ତି।

**ତୁଳା** - ଆଜି ହାତ ଖାଲି ରହିବ ନାହିଁ, ବିଭିନ୍ନ ଦିଗରୁ ରୋଜଗାର କରିବାରେ ସମର୍ଥ ହେବେ। ସାହିତ୍ୟ, ସଙ୍ଗୀତ, ନୃତ୍ୟ ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମରେ ପ୍ରଶଂସିତ ହେବେ। ଗବେଷଣା, ଅନୁସନ୍ଧାନ, କୃଷି, ବାଣିଜ୍ୟ ଓ ରାଜନୀତିରେ ଚେଷ୍ଟା ସଫଳ ହେବ। ବିବାଦୀୟ ଘଟଣାରେ ନୀରବ ରହିଲେ ସମସ୍ୟା ଆଗକୁ ବଢ଼ିପାରିବ ନାହିଁ।

**ବିଛା** - ଅଯଥା ଭୟ, ଆଶଙ୍କା ଓ ଉଦ୍‌ବେଗ ମଧ୍ୟରେ ଦିନଟି କଟାଇବେ। ସ୍ୱାସ୍ଥ୍ୟଗତ ସମସ୍ୟା ମନକୁ ନିରୁତ୍ସାହିତ କରିପାରେ। ଭୁଲ୍ ବୁଝାମଣାବଶତଃ ସାଧାରଣ କଥାରେ ପଡ଼ୋଶୀ କ୍ରୋଧ ପ୍ରକାଶ କରିପାରନ୍ତି। ପରିବହନ ପାଇଁ ବିଶେଷ ଅସୁବିଧା ହେବ ନାହିଁ ଏବଂ ଆଜିର ବ୍ୟବସାୟ ପ୍ରାୟତଃ ଭଲ ହେବ।

**ଧନୁ** - ପାରିବାରିକ ଅଶାନ୍ତି ରହିଥିଲେ ମଧ୍ୟ ପରିସ୍ଥିତିକୁ ଆଖି ଆଗରେ ରଖି କାମ କଲେ କୌଣସି ଅସୁବିଧା ହେବ ନାହିଁ। ଭାବିଚିନ୍ତି କାମ କରିବା ଭଲ ହେବ। ଅଫିସରଙ୍କ ସମ୍ମୁଖରେ ନିଜ ମନର ଭାବକୁ ପ୍ରକାଶ କରିବାରେ ପଛାଇଯାଇପାରନ୍ତି। ରୋଗପୀଡ଼ା ଭୋଗ କରୁଥିବା ବ୍ୟକ୍ତିଙ୍କ ଶାରୀରିକ ଅବସ୍ଥାରେ ଉନ୍ନତି ଘଟିବ।

**ମକର** - ପରୋକ୍ଷ ଶତ୍ରୁତା, କରଜ ଏବଂ ପିଲାଙ୍କ ସ୍ୱାସ୍ଥ୍ୟ ସମସ୍ୟା ମନକୁ ଭାରାକ୍ରାନ୍ତ କରିବ। ଯେତେ ଯାହା କରନ୍ତୁ ଆଦୌ ପସନ୍ଦ ନ ଥିବା ଲୋକମାନେ ନିନ୍ଦା ରଟନା କରିବେ। ସାଧାରଣ କଥାକୁ କେନ୍ଦ୍ରକରି ଗୃହରେ କିମ୍ବା ଅଫିସରେ କଳହ ସୃଷ୍ଟି ହୋଇପାରେ। ଅନ୍ୟମାନଙ୍କ ଘରୋଇ କଥାରେ କିମ୍ବା କାମରେ ମୁଣ୍ଡ ପୂରାନ୍ତୁ ନାହିଁ।

**କୁମ୍ଭ** - ଆଜି ମାନ୍ଦା ବେପାର, ବନ୍ଧୁଙ୍କ ଶତ୍ରୁତା, ପୁଅ ଝିଅଙ୍କ ବାହାଘର ସମସ୍ୟା ନେଇ ବ୍ୟସ୍ତ ରହିପାରନ୍ତି। ନୂତନ ବନ୍ଧୁ ପ୍ରସ୍ତାବ ସ୍ଥିରୀକୃତ ହେବା ଦିଗରେ ଜଣେ ପୂର୍ବବନ୍ଧୁ ଖବର ନେଇ ଆସିବେ। ବନ୍ଧୁଙ୍କ ସହାୟତାରେ କର୍ମକ୍ଷେତ୍ରରେ ଅଭାବନୀୟ ସ୍ଥିତିରୁ ମୁକ୍ତି ମିଳିବ। ବହୁ ଦିନର ନୂଆ ଯୋଜନା କାର୍ଯ୍ୟକାରୀ କରିବା ଉପରେ ଗୁରୁତ୍ୱ ଦେବେ।

**ମୀନ** - ପାରିବାରିକ ସ୍ଥିରତା ଓ କର୍ମକ୍ଷେତ୍ରର ସ୍ଥିତି ଅକ୍ଷୁଣ୍ଣ ରହିଥିବାରୁ ଖୁସି ହେବେ। କର୍ମକ୍ଷେତ୍ରରେ ବାରମ୍ବାର ସମସ୍ୟା ଯୋଗୁ ମନ ଭାରାକ୍ରାନ୍ତ ରହିବ। ଆର୍ଥିକ ଦୃଷ୍ଟିକୋଣରୁ ଦିନଟି ମନ୍ଦ ନ ହେଲେ ମଧ୍ୟ ବ୍ୟବସାୟ, ପରିବହନରେ ସମସ୍ୟା ଲାଗି ରହିବ। ସ୍ଥାନାନ୍ତର ସକାଶେ ରାଜନୈତିକ ଚାପର ସମ୍ମୁଖୀନ ହୋଇପାରନ୍ତି।

ଆଜି ମେ ୨୮ ତାରିଖ, ଜ୍ୟେଷ୍ଠ ଶୁକ୍ଳ ଦ୍ୱିତୀୟା ବୁଧବାର। ରାଶିନକ୍ଷତ୍ର- ମୃଗଶିରା/ବୃଷ, ଘ.୦୧।୨୭ ମି. ଗତେ ମିଥୁନ ଚନ୍ଦ୍ର, ଦ୍ୱିତୀୟାର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ। ସକାଳ ୦୭।୪୮ ଗତେ,୦୮।୨୭ ମଧ୍ୟେ, ଘ.୧୦।୦୫ ଗତେ, ଘ.୧୧।୧୭ ମଧ୍ୟେ ଶୁଦ୍ଧ ଶୁଭବେଳା। ଦିବା ଘ. ୧୧।୪୪ ଗତେ, ଘ.୦୧।୨୨ ମଧ୍ୟେ ରାହୁକାଳ।

# ଟନେଲ ଭୁଶୁଡ଼ିଥିବା ସ୍ଥାନରେ ପିସିସି ସଭାପତି



ଟନେଲ ଭୁଶୁଡିଥିବା ସ୍ଥାନରେ ପିସିସି ସଭାପତି ଓ କଂଗ୍ରେସ କାର୍ଯ୍ୟକର୍ତ୍ତା।

## ଘଟଣା ପାଇଁ ରେଳ ବିଭାଗକୁ ଦାୟୀ କଲେ

**ବୌଦ୍ଧ/ହରଭଙ୍ଗା,୨୭।୫(ଅଜିତ କୁମାର ବାରିକ/ ନରେନ୍ଦ୍ର କୁମାର ସାହୁ)**

ବୌଦ୍ଧ ଜିଲା ହରଭଙ୍ଗା ବ୍ଲକ ଆଡେଣିଗଡ ପଞ୍ଚାୟତରେ ଖୋର୍ଦ୍ଧା–ବଲାଙ୍ଗୀର ରେଳ ପ୍ରକଳ୍ପର ୪ଟି ଟନେଲ କାମ ଚାଲିଥିବାବେଳେ ଗତ ସୋମବାର କଖାରୁଫାଲଠାରେ ୪ ନଂ. ଟନେଲ ଭୁଶୁଡିଯିବାରୁ ୩୦ ଫୁଟ୍ ଗର୍ତ୍ତ ସୃଷ୍ଟି ହୋଇଛି। ଅନ୍ୟପକ୍ଷେ ଟନେଲ ଭୁଶୁଡିବା ପରେ ମଙ୍ଗଳବାର ସକାଳେ ରାଜ୍ୟ କଂଗ୍ରେସ ସଭାପତି ଭକ୍ତ ଚରଣ ଦାସ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ସେ ରେଳ ବିଭାଗ ଓ ଠିକା ସଂସ୍ଥା ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଏହି ଘଟଣା ପାଇଁ ସେ ରେଳ ବିଭାଗକୁ ଦାୟୀ କରିଛନ୍ତି। ରେଳ ବିଭାଗର ଅବହେଳା ଯୋଗୁ ଉକ୍ତ ଘଟଣା ଘଟିଛି। ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କ ସମୟରେ ବାରମ୍ବାର ଏଭଳି ଘଟଣା ଘଟୁଥିବାରୁ ପିସିସି ସଭାପତି ଦାସ ତାଙ୍କ ଇସ୍ତଫା ଦାବି କରିଛନ୍ତି। ଏଥିସହ ଠିକ୍ ଭାବେ ମାଟି ପରୀକ୍ଷା କରାଯାଇ ନ ଥିବାରୁ ଏପରି ଘଟଣା ଘଟିଥିବା ସେ କହିଛନ୍ତି। ସେହିପରି ସରକାର ସିଧାସଳଖ ଜମି ଅଧିଗ୍ରହଣ ନ କରି ଦଲାଲ ମାଧ୍ୟମରେ ଜମି ହସ୍ତଗତ କରିଥିବା ଯୋଗୁ ପିସିସି ସଭାପତି ତୀବ୍ର ସମାଲୋଚନା କରିଛନ୍ତି। ଜମି ହରାଇଥିବା ପରିବାରଙ୍କୁ ଶୀଘ୍ର ଉପଯୁକ୍ତ କ୍ଷତିପୂରଣ ନ ଦେଲେ ରାଜ୍ୟ କଂଗ୍ରେସ ଆନ୍ଦୋଳନକୁ ଓହ୍ଲାଇବ ବୋଲି ସେ ଚେତାବନୀ ଦେଇଛନ୍ତି। ଏହି ସମୟରେ ପିସିସି ସଭାପତିଙ୍କ ସହ ରାଜ୍ୟ କଂଗ୍ରେସ ଉପସଭାପତି ସନ୍ତୋଷ ସିଂ ସାଲୁଜା, ରାଜଗାଙ୍ଗପୁର ବିଧାୟକ ଡ. ରାଜନ ଏକ୍କା, ବୌଦ୍ଧ ଜିଲା କଂଗ୍ରେସ ସଭାପତି ନବ କୁମାର ମିଶ୍ର, ମୁଖ୍ୟ ପ୍ରବକ୍ତା ଶାନ୍ତନୁ କୁମାର ମହାପାତ୍ର, ହରଭଙ୍ଗା ବ୍ଲକ ସଭାପତି ପଙ୍କଜ କର୍ଣ୍ଣ, କଣ୍ଟାମାଳ ବ୍ଲକ ସଭାପତି ସୁଶାନ୍ତ ମଲିକ, କେଶବ କ୍ଷେତି, ସମରେନ୍ଦ୍ର ମହାକୁଲ, ପ୍ରଦୀପ ମଲିକ, ଦେବେନ୍ଦ୍ର ନାୟକ, ପ୍ରଦୀପ ଯୋଶୀ, କନ୍ଧମାଳ ଜିଲା କଂଗ୍ରେସ ସଭାପତି ଚନ୍ଦ୍ରଶେଖର ପରିଡାଙ୍କ ସମେତ ଶତାଧିକ କଂଗ୍ରେସ କର୍ମୀ ଓ ନେତା ଉପସ୍ଥିତ ଥିଲେ।

# ପୁଣି ଭୁଶୁଡ଼ିଲା ନିର୍ମାଣାଧୀନ ଟନେଲ



ଟନେଲ ଭୁଶୁଡ଼ି ୩୦ ଫୁଟର ଗାତ ସୃଷ୍ଟି ହୋଇଛି।

**ବୌଦ୍ଧ/ହରଭଙ୍ଗା,୨୭।୫(ଅଜିତ କୁମାର ବାରିକ / ନରେନ୍ଦ୍ର କୁମାର ସାହୁ)**

ବୌଦ୍ଧ ଜିଲା ହରଭଙ୍ଗା ବ୍ଲକର ଆଡେଣିଗଡ଼ ନିକଟ କଖାରୁଫାଲଠାରେ ନିର୍ମାଣାଧୀନ ଖୋର୍ଦ୍ଧା–ବଲାଙ୍ଗୀର ରେଳପଥର ୪ ନଂ. ଟନେଲ ଗତ ସୋମବାର ଭୁଶୁଡ଼ି ପଡ଼ିଥିଲା। ଏହି ଟନେଲ ଭୁଶୁଡ଼ିଯିବାରୁ ୩୦ ଫୁଟର ଏକ ଗାତ ସୃଷ୍ଟି ହୋଇଥିଲା। ମଙ୍ଗଳବାର ଅପରାହ୍ନରେ ଉକ୍ତ ଭୁଶୁଡ଼ିଥିବା ଟନେଲ ସ୍ଥାନଠାରୁ ପୁଣି ୫୦ ମିଟର ଦୂରତାରେ ଆଉ ଏକ ସ୍ଥାନରେ ୧୦ ଫୁଟର ଗୋଲେଇ ହେବା ସହ ୩୦ ଫୁଟର ଗାତ ସୃଷ୍ଟି ହୋଇଛି। ଫଳରେ ଦୁଇ ଦିନରେ ଦୁଇ ଥର ଭୁଶୁଡ଼ିଥିବାରୁ ରେଳ ପ୍ରକଳ୍ପ କାର୍ଯ୍ୟ ବିଳମ୍ବ ହେବ ବୋଲି ଅନୁମାନ କରାଯାଉଛି। ଭୁଶୁଡ଼ିଥିବା ସ୍ଥାନଗୁଡ଼ିକର ମାଟି ହାଲୁକା ଥିବାରୁ ସମାନ୍ୟ ବର୍ଷା ଯୋଗୁ ଭୁଶୁଡୁଥିବା କୁହାଯାଉଛି। ଆଗାକୁ ଜୋର ବର୍ଷା ହେଲେ ପୁଣି ଟନେଲ ଭୁଶୁଡ଼ିବା ଆଶଙ୍କା କରାଯାଉଛି।

# ଗତବର୍ଷ ତୁଳନାରେ ଏପ୍ରିଲ ସୁଦ୍ଧା ସାମଗ୍ରିକ ଖର୍ଚ୍ଚରେ ୩୫% ବୃଦ୍ଧି

**ଭୁବନେଶ୍ୱର, ୨୭।୫(ସୁନିତ୍ ମିଶ୍ର)**

ଗତବର୍ଷ ତୁଳନାରେ ଚଳିତ ବର୍ଷ ଏପ୍ରିଲ ସୁଦ୍ଧା ସାମଗ୍ରିକ ଖର୍ଚ୍ଚରେ ୩୫% ବୃଦ୍ଧି ଘଟିଛି। ଏହାସହ ବିଭିନ୍ନ କାର୍ଯ୍ୟକ୍ରମ ବାବଦରେ ଗତବର୍ଷ ତୁଳନାରେ ୬୬% ଖର୍ଚ୍ଚ ବୃଦ୍ଧି ହୋଇଛି। ବଜେଟ ପ୍ରାବଧାନ ଅନୁସାରେ ପ୍ରତ୍ୟେକ ବିଭାଗ ନିଜ ସ୍ତରରେ ପ୍ରତ୍ୟେକ ମାସରେ କାର୍ଯ୍ୟର ଅଗ୍ରଗତି ଓ ତଦନୁଯାୟୀ ଖର୍ଚ୍ଚର ସମୀକ୍ଷା କରିବାକୁ ମୁଖ୍ୟ ଶାସନ ସଚିବ ଆବଶ୍ୟକ ନିର୍ଦ୍ଦେଶ ଓ ପରାମର୍ଶ ଦେଇଛନ୍ତି। ବିଭିନ୍ନ ମାଧ୍ୟମରୁ ସଂଗୃହିତ ନିଜସ୍ୱ କର ଓ ଅଣକର ଆଦାୟ ସ୍ଥିତି ଅନୁଧ୍ୟାନ କରାଯାଇଛି। ୨୦୨୫–୨୬ ବଜେଟରେ ରହିଥିବା ନୂଆ ଯୋଜନାର କାର୍ଯ୍ୟକାରିତା ଅଗ୍ରଗତି ସମ୍ପର୍କରେ ସମୀକ୍ଷା କରାଯାଇଛି। ମଙ୍ଗଳବାର ମୁଖ୍ୟ ଶାସନ ସଚିବଙ୍କ ଅଧ୍ୟକ୍ଷତାରେ ଖାରବେଳ ଭବନସ୍ଥିତ ସମ୍ମିଳନୀ କକ୍ଷଠାରେ ଅନୁଷ୍ଠିତ ସଚିବସ୍ତରୀୟ ବୈଠକରେ ଏହା ଉପରେ ଆଲୋଚନା କରାଯାଇଛି। ବୈଠକରେ ୨୦୨୫–୨୬ ଆର୍ଥିକ ବର୍ଷର ବଜେଟ ପ୍ରାବଧାନ ଅନୁସାରେ ଚଳିତ ଏପ୍ରିଲ ସୁଦ୍ଧା ରାଜ୍ୟର ବିତ୍ତୀୟ ପ୍ରଦର୍ଶନ ସମ୍ପର୍କରେ ଅର୍ଥ ବିଭାଗ ତରଫରୁ ସ୍ଥିତି ଉପସ୍ଥାପନ କରାଯାଇଛି। ବିଭିନ୍ନ ବିଭାଗରେ ଓସ୍ୱାସ୍ ବା କମ୍ପ୍ୟୁଟରୀକରଣ ବ୍ୟବସ୍ଥାରେ ସରକାରୀ ନଥି ପ୍ରୋସେସିଂ କାର୍ଯ୍ୟ ସାଧାରଣତଃ ସହକାରୀ ଉପବିଭାଗ ଅଧିକାରୀ, ଉପବିଭାଗ ଅଧିକାରୀ(ଏଏସ୍ଓ–ଏସ୍ଓଙ୍କ) ଠାରୁ ଆରମ୍ଭ ହୋଇ ବିଭିନ୍ନ ଉପରିସ୍ଥ ଅଧିକାରୀଙ୍କ ସ୍ତର ଦେଇ ପ୍ରାୟ ୫–୬ଟି ପର୍ଯ୍ୟାୟରେ ଶେଷରେ ବିଭାଗୀୟ ସଚିବଙ୍କ ନିକଟରେ ପରବର୍ତ୍ତୀ ନିଷ୍ପତ୍ତି ବା ଆଦେଶ ପାଇଁ ନଥି ପହଞ୍ଚୁଥିବାରୁ ସରକାରୀ କାର୍ଯ୍ୟ ବିଳମ୍ବିତ ହେଉଥିବା ପରିଲକ୍ଷିତ ହେଉଛି। ଏହି ପ୍ରକ୍ରିୟାକୁ ସରଳ କରାଯାଇ ଯେପରି ସର୍ବାଧିକ ୩ଟି ସ୍ତର ଦେଇ ନିଷ୍ପତ୍ତି ପ୍ରଦାନକାରୀ କର୍ତ୍ତୃପକ୍ଷଙ୍କ ନିକଟରେ ନଥି ପହଞ୍ଚିବ ସେଥିପାଇଁ ଏହି ବିଭିନ୍ନ ସ୍ତରୀୟ ବ୍ୟବସ୍ଥାକୁ କମାଯାଇ (ଡିଲେୟାରିଂ) ପ୍ରକ୍ରିୟାରେ ଏହି ବ୍ୟବସ୍ଥାର ସରଳୀକରଣ କରାଯିବ। ସେହିପରି ଆଗାମୀ ଦିନରେ କେତେକ ବିଭାଗ ତରଫରୁ ଆଗତ ହେବାକୁ ଥିବା ବିଭିନ୍ନ ନୀତି ଓ ନିର୍ଦ୍ଦେଶାବଳୀ ସମ୍ପର୍କରେ ଚୂଡ଼ାନ୍ତ ପ୍ରସ୍ତାବ ପାଇଁ ବିଭାଗଗୁଡ଼ିକୁ ପରାମର୍ଶ ଦିଆଯାଇଛି।

# ହାର୍ଡକୋର ମାଓବାଦୀ ବିଜୟଙ୍କ ଆତ୍ମସମର୍ପଣ

**ରାୟଗଡ଼ା,୨୭।୫ (ଆଶିଷ ରଞ୍ଜନ ପଣ୍ଡା)**

ରାୟଗଡ଼ା ଏସ୍‌ପିଙ୍କ ନିକଟରେ ମଙ୍ଗଳବାର ଜଣେ ହାର୍ଡକୋର ମାଓବାଦୀ ବିଜୟାପୁନେମ୍ ଓରଫ୍ ବିଜୟ ଆତ୍ମସମର୍ପଣ କରିଛନ୍ତି। ବିଜୟଙ୍କ ନିଜ ଘର ଛତିଶଗଡ଼ର ବିଜାପୁର ଜିଲା ଅନ୍ତର୍ଗତ ହୁସୁର ଥାନା ବାଟିଗୁଡ଼େମ ଗ୍ରାମରେ। ବିଜୟ ବାସଧାରା–ଘୁମସୁର–ନାଗାବଳୀ ଡିଭିଜନର ଜଣେ ହାର୍ଡକୋର ମାଓବାଦୀ ଥିଲେ ବୋଲି ରାୟଗଡ଼ା ଜିଲା ପୋଲିସ କାର୍ଯ୍ୟାଳୟରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଏସ୍‌ପି ସ୍ୱାଥୀ ଏସ୍.କୁମାର ସୂଚନା ଦେଇଛନ୍ତି। ବିଜୟଙ୍କଠାରୁ ପୋଲିସ ଗୋଟିଏ ୯ ଏମ୍‌ଏମ୍ ପିସ୍ତଲ, ୮ ରାଉଣ୍ଡ ଗୁଳି ଏବଂ ଗୋଟିଏ ୱାକିଟାକି ଜବତ କରିଛି। ବିଜୟଙ୍କ ଉପରେ ୪ଲକ୍ଷ ଟଙ୍କାର ପୁରସ୍କାର ରାଶି ଥିଲା। ଛତିଶଗଡ଼, ମାଲକାନଗିରି, କୋରାପୁଟ, ନୂଆପଡ଼ା, କଳାହାଣ୍ଡି, ବୌଦ୍ଧ, କନ୍ଧମାଳ ଓ ରାୟଗଡ଼ା ଜିଲାରେ ଘଟିଥିବା ବିଭିନ୍ନ ମାଓବାଦୀ ହିଂସାରେ ବିଜୟ ଜଡ଼ିତ ଥିବା ରାୟଗଡ଼ା ଏସ୍‌ପି ସ୍ୱାଥୀ ସୂଚନା ଦେଇଛନ୍ତି।

ବିଜୟ ୨୦୦୯ରେ ସିପିଆଇ ମାଓବାଦୀ ସଂଗଠନରେ ସାମିଲ ହୋଇଥିଲେ। ପରେ ପ୍ରଶିକ୍ଷଣ ଶେଷ ହେବା ପରେ ମଡେମ ବାଲକ୍ରିଷ୍ଣା ଓରଫ୍ ମନୋଜଙ୍କ ସୁରକ୍ଷା ଟିମ୍ ଦାୟିତ୍ୱରେ ରହିଥିଲେ। ୨୦୧୪ରେ ବିଜୟ ମାଓବାଦୀଙ୍କ ଏସିଏମ୍ ର୍ୟାଙ୍କକୁ ପଦୋନ୍ନତି ପାଇ ମନୋଜଙ୍କ ଗନ୍‌ମ୍ୟାନ୍ ଭାବେ କାମ କରିଥିଲେ। ୨୦୨୩ରେ ତାଙ୍କୁ ବିଜିଏନ୍ ଡିଭିଜନକୁ ପଠାଯାଇଥିଲା। ସେବେଠାରୁ ସେ ଘୁମସୁର ଏସିରେ କାର୍ଯ୍ୟରତ ଥିଲେ। ଆତ୍ମସମର୍ପଣ କରିଥିବା ବିଜୟ କନ୍ଧମାଳ ଜିଲା କୋଟଗଡ଼ ଥାନାର ବଣ୍ଡିପାଙ୍ଗା ଗ୍ରାମର ମେଟଲା ରଇତଙ୍କ ହତ୍ୟା ମାମଲା, କୋଟଗଡ଼ ଥାନା ଅନ୍ତର୍ଗତ ମେରାଗୁଡି ଗ୍ରାମ ନିକଟସ୍ଥ ଜଙ୍ଗଲ ଏବଂ ତୁମୁଡିବନ୍ଧ ଥାନା ଅନ୍ତର୍ଗତ ସିରଲା ଗ୍ରାମ ନିକଟସ୍ଥ ଜଙ୍ଗଲ, ରାଇକିଆ ଥାନା ଅନ୍ତର୍ଗତ ଚଢ଼େଇପାଲି ଜଙ୍ଗଲ ଓ ଗୋଛାପଡା ଥାନା ଅନ୍ତର୍ଗତ କୋଡାଙ୍ଗ ଜଙ୍ଗଲରେ ସୁରକ୍ଷା କର୍ମୀ ଓ ମାଓବାଦୀଙ୍କ ମଧ୍ୟରେ ହୋଇଥିବା ଗୁଳି ବିନିମୟ ଘଟଣାରେ ସାମିଲ ଥିଲେ। ସେହିଭଳି ୨୦୨୨ରେ ଛତିଶଗଡ଼ର ଗାରିଆବନ୍ଧ ଜିଲାର ଜୋଡେଇପାଣି, ସିକସାର ଜଙ୍ଗଲରେ ହୋଇଥିବା ଗୁଳି ବିନିମୟରେ ସେ ସାମିଲ ଥିବା ଏସ୍‌ପି ସୂଚନା ଦେଇଛନ୍ତି। ତାଙ୍କ ନାଁରେ ବିଭିନ୍ନ ଥାନାରେ ୭ଟି ମାମଲା ରହିଛି। ସିପିଆଇ(ମାଓବାଦୀ) ସଙ୍ଗଠନର ଭୁଲ୍ ଚିନ୍ତାଧାରା, ନେତାଙ୍କ ଦୁର୍ବ୍ୟବହାର ଓ ଆଦର୍ଶ ବିହୀନ ସଙ୍ଗଠନ ଯୋଗୁ ସେ ମାଓବାଦୀ ସଂଗଠନ ଉପରେ ବିମୁଖ ହୋଇ ଆତ୍ମସମର୍ପଣ କରିଥିବା ବିଜୟ କହିଛନ୍ତି। ଆଗକୁ ତାଙ୍କ ସ୍ତ୍ରୀ ଓ ଅନେକ ସାଥୀ ଆତ୍ମସମର୍ପଣ କରିବେ ବୋଲି ମାଓବାଦୀ ବିଜୟ ସୂଚନା ଦେଇଛନ୍ତି। ତେବେ ୨୦୦୬ରୁ ୨୦୨୪ ଯାଏ ରାୟଗଡ଼ା ଜିଲାରେ ୨୯ ଜଣ ମାଓବାଦୀ ଆତ୍ମସମର୍ପଣ କରିଥିବା ଏସ୍‌ପି ସ୍ୱାଥୀ କହିଛନ୍ତି।



ରାୟଗଡ଼ା ଏସ୍‌ପି ସ୍ୱାଥୀ ଏସ୍.କୁମାରଙ୍କ ନିକଟରେ ଆତ୍ମସପର୍ମଣ କରିଥିବା ମାଓବାଦୀ।

# ୪ ହାର୍ଡକୋର୍ ସମେତ ୧୮ ମାଓବାଦୀଙ୍କ ଆତ୍ମସମର୍ପଣ

**ମାଲକାନଗିରି, ୨୭।୫ (ଦୁର୍ଯ୍ୟୋଧନ ପାତ୍ର)**

ଛତିଶଗଡ଼ ସୁକ୍‌ମା ପୋଲିସ ନିକଟରେ ମଙ୍ଗଳବାର ୪ ପିଏଲ୍‌ଜିଏ ସଦସ୍ୟଙ୍କ ସମେତ ୧୮ ମାଓବାଦୀ ଆତ୍ମସମର୍ପଣ କରିଛନ୍ତି। ଏମାନଙ୍କ ମଧ୍ୟରୁ ୨ ଜଣଙ୍କ ନାମରେ ୧୬ ଲକ୍ଷ ଟଙ୍କା ପୁରସ୍କାର ରାଶି ଥିଲା। ୧୮ ଜଣଙ୍କ ନାମରେ ମୋଟ ୩୯ ଲକ୍ଷ ଟଙ୍କାର ପୁରସ୍କାର ରହିଛି। ଏମାନେ ଛତିଶଗଡ଼ ବିଜାପୁର, ସୁକ୍‌ମା ଜିଲାରେ ଅନେକ ବଡ଼ ବଡ଼ ହିଂସାରେ ଜଡ଼ିତ ଥିଲେ। ତେବେ ବର୍ତ୍ତମାନ ଯବାନଙ୍କ କୋମ୍ବିଂ, ବିଭିନ୍ନ ସ୍ଥାନରେ କ୍ୟାମ୍ପ ସ୍ଥାପନକୁ ଭୟକରି ଏମାନେ ଦଳ ଛାଡି ସମାଜର ମୁଖ୍ୟସ୍ରୋତରେ ସାମିଲହେବା କହିଛନ୍ତି। ଏମାନଙ୍କୁ ସରକାରଙ୍କ ପୁନଃଥଇଥାନ ନୀତିରେ ଥିବା ସମସ୍ତ ସୁବିଧା ଯୋଗାଇଦେବା ସହ ଅନ୍ୟ ମାଓବାଦୀଙ୍କୁ ମଧ୍ୟ ମୁଖ୍ୟସ୍ରୋତରେ ସାମିଲ ହେବା ପାଇଁ ପୋଲିସ ପକ୍ଷରୁ ଆହ୍ୱାନ ଦିଆଯାଇଛି।




ଆତ୍ମସମର୍ପଣ କରିଥିବା ମାଓବାଦୀ।



ଏକଥା ସତ ଯେ, ସ୍ୱାର୍ଥପରତା ଆତ୍ମାକୁ ନଷ୍ଟ କରେ। ସ୍ୱାର୍ଥପର ପ୍ରବୃତ୍ତିକୁ ଧ୍ୱଂସ କର। କିନ୍ତୁ ତୁମକୁ ଅନ୍ୟ ଦିଗରେ ମଧ୍ୟ ସାବଧାନ ହେବାକୁ ପଡିବ। କାରଣ ତୁମର ବଦାନ୍ୟତା ମଧ୍ୟ ଯେପରି ଅନ୍ୟମାନଙ୍କ ଆତ୍ମାକୁ ନଷ୍ଟ ନ କରେ। -ଶ୍ରୀଅରବିନ୍ଦ

-ଚନ୍ଦ୍ର ଦର୍ଶନ,
ପୂଜା ଓ ଉପବାସ



# ଋଣ ମୃତ୍ୟୁ

ହରିୟାଣାର ପଞ୍ଚକୁଳାଠାରେ ୨୬ ମେ' ରାତିରେ ଘଟିଥିବା ଏକ ଅଘଟଣ ଏବେ ଦେଶବ୍ୟାପୀ ଆଲୋଡ଼ନ ସୃଷ୍ଟି କରିଛି। ଋଣ ଶୁଝି ନ ପାରିବାରୁ ବ୍ୟବସାୟୀ ପ୍ରବୀଣ ମିତ୍ତଲ ତାଙ୍କ ସ୍ତ୍ରୀ, ୩ ପିଲା ଏବଂ ମାତାପିତାଙ୍କୁ ବିଷ ଦେଇ ଆତ୍ମହତ୍ୟା କରାଇ ଦେଇଛନ୍ତି। ମିଳିଥିବା ସୂଚନା ଅନୁଯାୟୀ ପଞ୍ଚକୁଳା ରାସ୍ତାକଡ଼ରେ ଗୋଟେ କାର୍ ରାତିରେ ଥୁଆ ହୋଇଥିବା ସ୍ଥାନୀୟ ଲୋକେ ଦେଖିବାକୁ ପାଇଥିଲେ। ସେଥିରୁ ୬ ଜଣ ସଂଜ୍ଞାହୀନ ଥିଲେ ଓ ଆଉ ଜଣେ ଗାଡ଼ି ଭିତରୁ ବାନ୍ତି କରୁଥିବା ଦେଖାଯାଇଥିଲା। ବାନ୍ତି କରୁଥିବା ବ୍ୟକ୍ତି ଥିଲେ ପ୍ରବୀଣ ମିତ୍ତଲ। ସ୍ଥାନୀୟ ଲୋକଙ୍କୁ ସେ ନିଜ ଦୁଃଖଦ କାହାଣୀ ବର୍ଣ୍ଣନା କରି କହିଥିଲେ ଯେ ୬ ଜଣ ମରିସାରିଲେଣି ଓ ତାଙ୍କର ମଧ୍ୟ କିଛି ସମୟ ପରେ ମୃତ୍ୟୁ ଘଟିବ। ସଙ୍ଗେ ସଙ୍ଗେ ଲୋକେ ତାଙ୍କୁ ଡାକ୍ତରଖାନା ନେଉଥିବା ବେଳେ ତାଙ୍କ ପ୍ରାଣବାୟୁ ଉଡ଼ିଯାଇଥିଲା। ପରବର୍ତ୍ତୀ ସମୟରେ ପୋଲିସ ଗାଡ଼ି ଭିତରୁ ସୁଇସାଇଡ୍ ନୋଟ ଜବତ କରିଥିଲା। ସେଥିରେ ଉଲ୍ଲେଖ ଥିଲା ଯେ, ଋଣ ଶୁଝି ନ ପାରିବା ଯୋଗୁ ପରିବାର ଆତ୍ମହତ୍ୟା ପଥ ବାଛି ନେଇଛନ୍ତି।

ଋଣ ପରିଶୋଧ ସମ୍ଭବ ନ ହେବାରୁ ୭ ଜଣଙ୍କ ଆତ୍ମହତ୍ୟା ଘଟଣାରୁ ଏହା ବୁଝାପଡ଼ିଯାଉଛି ଯେ, ପରିବାର ଉପରେ କେଉଁ ଧରଣର ମାନସିକ ଚାପ ପଡ଼ିଥିବ। ଶୁଣିବାକୁ ମିଳୁଛି ପ୍ରବୀଣ ହିମାଚଳ ପ୍ରଦେଶରେ ସ୍କ୍ରାପ୍ ବ୍ୟବସାୟ କରୁଥିଲେ। ବ୍ୟବସାୟ ବଢ଼ାଇବା ପାଇଁ ପ୍ରାୟ ୨୦ କୋଟି ଟଙ୍କା ଲୋନ୍ କରିଥିଲେ। ଋଣ ଶୁଝି ନ ପାରିବାରୁ ତାଙ୍କ ୨ଟି ଫ୍ଲାଟ, ଗାଡ଼ି ଆଦି ସମ୍ପତ୍ତିକୁ ବ୍ୟାଙ୍କ ବାଜ୍ୟାପ୍ତି କରିଦେଇଥିଲା। ତାହା ଋଣ ମୂଲ୍ୟ ପାଇଁ ପର୍ଯ୍ୟାପ୍ତ ହୋଇ ନ ଥିବାରୁ ତାଙ୍କୁ ବାରମ୍ବାର ହତ୍ୟା ଧମକ ମଧ୍ୟ ମିଳୁଥିଲା। ସ୍କ୍ରାପ୍ ବ୍ୟବସାୟ ବନ୍ଦ କରି ପ୍ରବୀଣ ପଞ୍ଚକୁଳା ପଳାଇ ଆସି ନିଜେ ଟାକ୍ସି ଚଳାଇ ପରିବାର ପ୍ରତିପୋଷଣ କରୁଥିଲେ ମଧ୍ୟ ବ୍ୟାଙ୍କ ତାଙ୍କ ପିଛା ଛାଡ଼ି ନ ଥିଲା। ଫଳରେ ସେ ଚରମ ନିଷ୍ପତ୍ତି ନେଇଥିବା ଜଣାପଡ଼ିଛି।

> ଏ ଦେଶରେ ବ୍ୟାଙ୍କ ଋଣ ନେଇ ବହୁ ବଡ଼ବଡ଼ିଆ ଦେଶ ବାହାରକୁ ଚାଲିଯାଉଥିଲେ ମଧ୍ୟ ସେମାନଙ୍କଠାରୁ ଅର୍ଥ ଅସୁଲ ଠିକ୍ ସମୟରେ କରାଯାଇପାରୁ ନାହିଁ। କିନ୍ତୁ ସାଧାରଣ ବ୍ୟକ୍ତି, କ୍ଷୁଦ୍ର ଓ ମଧ୍ୟମ ଧରଣର ବ୍ୟବସାୟୀଙ୍କ ଉପରେ ଅଧିକ ଜୁଲମ ହୋଇଥାଏ। ସେମାନେ କିଭଳି ସହଜରେ ଋଣ ପରିଶୋଧ କରିପାରିବେ ସେ ନେଇ ଉପାୟ ନ ଦେଖାଇ ଧମକଚମକ ଦିଆଯିବା ଯୋଗୁ ବହୁ ସମୟରେ ପ୍ରବୀଣଙ୍କ ଭଳି ବ୍ୟକ୍ତି ଆତ୍ମହତ୍ୟା ଭଳି ପଦକ୍ଷେପ ନେଇଯାଉଛନ୍ତି।

କେଉଁ ସ୍ଥିତିରେ ପ୍ରବୀଣ ଋଣ କରି ତାହାକୁ ପରିଶୋଧ କରିବାରେ ଅକ୍ଷମ ହେଲେ ସେ ସମ୍ପର୍କରେ ସବିଶେଷ ତଥ୍ୟ ମିଳିପାରି ନାହିଁ। ଓଡ଼ିଆରେ ଢଗ ଅଛି-'ଚୂନା ଦେଖି ପିଠା କରିବା ଦରକାର'। ଅର୍ଥାତ୍ ଋଣର ଆକାର କେତେ ହେଲେ ଜଣେ ଶୁଝିପାରିବେ ତାହା ପ୍ରଥମେ ଋଣ କରୁଥିବା ବ୍ୟକ୍ତି ସ୍ଥିର କରିବା କଥା। କିନ୍ତୁ ବହୁ ସମୟରେ ଦେଖାଯାଉଛି ବ୍ୟାଙ୍କ ଅଧିକାରୀଙ୍କୁ କହିବୋଲି ଅନେକେ ବହୁ ପରିମାଣର ଋଣ ନେଇଯାଉଛନ୍ତି। ବ୍ୟକ୍ତିଙ୍କ ଆର୍ଥିକ କ୍ଷମତା ବା ସ୍ଥଳବିଶେଷରେ ବ୍ୟବସାୟିକ ମୂଲ୍ୟାଆକୁ ବ୍ୟାଙ୍କ ଅଧିକାରୀମାନେ ଠିକ୍ ଭାବେ ଯାଞ୍ଚ କରୁ ନ ଥିବାରୁ ଏଭଳି ଅସ୍ୱାଭାବିକ ଘଟଣା ଘଟୁଛି। ବହୁ ସମୟରେ ଜାଲ୍ ତଥ୍ୟ ଦେଇ ଅନେକେ ଋଣ ନେଇ ଯାଉଥିବା ବିଷୟ ପଦାକୁ ଆସୁଛି। ଆଉ ଗୋଟିଏ କଥା ହେଉଛି ପରିବାରର ଜଣେ ବ୍ୟକ୍ତି ରୋଜଗାରକ୍ଷମ ହୋଇଥିଲେ ତାଙ୍କ ଉପରେ ସମସ୍ତେ ନିର୍ଭର କରିଥାଆନ୍ତି। ବ୍ୟବସାୟ ଚଳାଇବାରେ ବାଧା ଥିଲେ ପରିବାର ଉପରେ ଆର୍ଥିକ ପ୍ରଭାବ ପଡ଼ିବା ସ୍ୱାଭାବିକ। ଏଭଳି କ୍ଷେତ୍ରରେ ଋଣ କିସ୍ତି ପରିଶୋଧ କରିବାରେ ହେଉଥିବା ଅନିୟମିତତାକୁ ବ୍ୟାଙ୍କ ଠିକ୍ ଭାବେ ମଧ୍ୟ ଯାଞ୍ଚ କରିବା କଥା। କିନ୍ତୁ ଦେଖାଯାଉଛି ଋଣ ନେଇଥିବା ବ୍ୟକ୍ତି ଡିଫଲ୍ଟର ନ ହେବା ଯାଏ ତାଙ୍କ ବିଷୟରେ ବ୍ୟାଙ୍କ ଆଗୁଆ ଯାଞ୍ଚ କରି ନ ଥାଏ। ମନେରଖିବାକୁ ହେବ ଯେ, ପୂର୍ବରୁ ଭାରତରେ ଋଣ ଆବେଦନକାରୀଙ୍କୁ ଅନେକ ପ୍ରକାରର ତଥ୍ୟ ଦେବା ସହିତ ତୃତୀୟ ପକ୍ଷ ଦ୍ୱାରା ବ୍ୟାଙ୍କ ଯାଞ୍ଚ କାର୍ଯ୍ୟ କରାଉଥିଲା। ଏବେ ତଥାକଥିତ ଖୋଲା ତଥା ଡିଜିଟାଲ ଅର୍ଥନୀତିରେ ଅଯୋଗ୍ୟଙ୍କୁ ସହଜରେ ଋଣ ମିଳିଯାଉଥିବା ବେଳେ ଯୋଗ୍ୟ ବଞ୍ଚିତ ହେଉଛନ୍ତି। ଏହା ହେଉଛି ଅର୍ଥନୈତିକ ଉଦାରୀକରଣର ଏବକାର ନମୁନା।

ଏ ଦେଶରେ ବ୍ୟାଙ୍କ ଋଣ ନେଇ ବହୁ ବଡ଼ବଡ଼ିଆ ଦେଶ ବାହାରକୁ ଚାଲିଯାଉଥିଲେ ମଧ୍ୟ ସେମାନଙ୍କଠାରୁ ଅର୍ଥ ଅସୁଲ ଠିକ୍ ସମୟରେ କରାଯାଇପାରୁ ନାହିଁ। କିନ୍ତୁ ସାଧାରଣ ବ୍ୟକ୍ତି, କ୍ଷୁଦ୍ର ଓ ମଧ୍ୟମ ଧରଣର ବ୍ୟବସାୟୀଙ୍କ ଉପରେ ଅଧିକ ଜୁଲମ ହୋଇଥାଏ। ସେମାନେ କିଭଳି ସହଜରେ ଋଣ ପରିଶୋଧ କରିପାରିବେ ସେ ନେଇ ଉପାୟ ନ ଦେଖାଇ ଧମକଚମକ ଦିଆଯିବା ଯୋଗୁ ବହୁ ସମୟରେ ପ୍ରବୀଣଙ୍କ ଭଳି ବ୍ୟକ୍ତି ଆତ୍ମହତ୍ୟା ଭଳି ପଦକ୍ଷେପ ନେଇଯାଉଛନ୍ତି। ତେଣୁ ଏହି ଘଟଣାକୁ ଏକ କେସ୍ ଷ୍ଟଡି ଭାବେ ଗ୍ରହଣ କରି ବ୍ୟାଙ୍କ ଏବଂ ଭାରତୀୟ ଅର୍ଥ ପ୍ରଦାନକାରୀ ସଂସ୍ଥାଗୁଡ଼ିକ ଅଭିନବ ବାଟ ବାହାର କରିବାର ପ୍ରୟୋଜନ ଦେଖାଦେଲାଣି।

# ୧୪୦ କୋଟି ବନାମ ୧୨ କୋଟି



ଡ. ସନ୍ତୋଷ କୁମାର ମହାପାତ୍ର

ଭାରତ ଜାପାନକୁ ପଛରେ ପକାଇ ବିଶ୍ୱର ଚତୁର୍ଥ ବୃହତ୍ ଅର୍ଥ ବ୍ୟବସ୍ଥା ବା ଅର୍ଥନୀତିରେ ପରିଣତ ହେବାକୁ ଯାଉଛି ବୋଲି ପ୍ରଚାର କରାଯାଉଛି। କେବଳ ଆମେରିକା, ଚାଇନା ଏବଂ ଜର୍ମାନୀ ଭାରତଠାରୁ ଆଗରେ ଅଛନ୍ତି। ନୀତି ଆୟୋଗର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ (ସିଇଓ) ବି.ଭି.ଆର୍. ସୁବ୍ରମଣ୍ୟମ ଏହି କଥାକୁ ଦୋହରାଇଛନ୍ତି ଏବଂ ଆହୁରି ଦୁଇପାଦ ଆଗକୁ ଯାଇ କହିଛନ୍ତି, ଆଗାମୀ ୩୦ ରୁ ୩୬ ମାସ ମଧ୍ୟରେ ଭାରତ ଜର୍ମାନୀକୁ ପଛରେ ପକାଇ ବିଶ୍ୱର ତୃତୀୟ ବୃହତ୍ତମ ଅର୍ଥନୀତି ପାଲଟିଯିବ। କିନ୍ତୁ ସତ୍ୟ ହେଉଛି ଅନ୍ତର୍ଜାତୀୟ ମୁଦ୍ରାପାଣ୍ଠି ଆକଳନ କରିଛି, ୨୦୨୫-୨୬ ଶେଷ ବେଳକୁ ନାମାଙ୍କନ ଜିଡିପି ଦୃଷ୍ଟିରୁ ଭାରତ ଜାପାନକୁ ଅତିକ୍ରମ କରିବ। ଅସଲ କଥା ହେଉଛି କ୍ରୟ ଶକ୍ତି ସମତାରେ ଆକଳିତ ଜିଡିପି ଅନୁସାରେ ଭାରତ ଉପା ସରକାର ଅମଳରେ ଜାପାନକୁ ପଛରେ ପକାଇ ୨୦୧୧ରୁ ତୃତୀୟ ବୃହତ୍ତମ ଅର୍ଥନୀତି ହୋଇସାରିଛି। ଅନ୍ତର୍ଜାତୀୟ ମୁଦ୍ରାପାଣ୍ଠି ଆକଳନ ଅନୁସାରେ ୨୦୨୫- ୨୬ ଆର୍ଥିକ ବର୍ଷ ଶେଷ ବେଳକୁ ବିଶ୍ୱ ଜିଡିପି ୧୧୩. ୭୯୫ ଟ୍ରିଲିୟନ ଆମେରିକୀୟ ଡଲାର (୧ ଟ୍ରିଲିୟନ=୧୦୦୦୦୦ କୋଟି, ୧ ଆମେରିକୀୟ ଡଲାର ବର୍ତ୍ତମାନ ୮୫ଟଙ୍କା)ରେ ପହଞ୍ଚିଲା ବେଳେ ଆମେରିକାର ଜିଡିପି ୩୦.୫୦୭ ଟ୍ରିଲିୟନ, ଚାଇନାର ଜିଡିପି ୧୯.୨୩ ଟ୍ରିଲିୟନ, ଜର୍ମାନୀର ଜିଡିପି ୪.୭୪୪ ଟ୍ରିଲିୟନ ଆମେରିକୀୟ ଡଲାର ହେବ। ତା' ପଛକୁ ଭାରତ ୪.୧୮୭ ଟ୍ରିଲିୟନ ଡଲାର ସହ ୪ର୍ଥ ସ୍ଥାନରେ ରହିବ। ଜାପାନର ଅର୍ଥ ବ୍ୟବସ୍ଥା ସାମାନ୍ୟ କମ୍ ଅର୍ଥାତ୍ ୪.୧୮୬ ଟ୍ରିଲିୟନ ଡଲାର ହେବ। ଭବିଷ୍ୟତ ଆକଳନ ସର୍ବଦା ଅନିଶ୍ଚିତ। ଏହା ଭାରତର ଅଭିବୃଦ୍ଧି ହାର ୬.୩% ଏବଂ ଡଲାର ଅନୁସାରେ ଟଙ୍କାର ବିନିମୟ ମୂଲ୍ୟ ବୃଦ୍ଧି ଓ ହ୍ରାସ ଉପରେ ନିର୍ଭରକରେ , କାରଣ ଅନ୍ତର୍ଜାତୀୟ ସଂସ୍ଥା ଜିଡିପି ଡଲାରରେ ଆକଳନ କରନ୍ତି।

ଅବଶ୍ୟ ତୁଳନା କଲାବେଳେ ଯାହା ହାସଲ କରିଛେ ତାହା କହିବା ଉଚିତ, ଯାହା ହାସଲ କରିନେ ତାହା କହିବା ଅନୁଚିତ। ୨୦୨୪-୨୫ ଶେଷ ସୁଦ୍ଧା ଆମେରିକାର ଜିଡିପି ୨୯.୨ ଟ୍ରିଲିୟନ, ଚାଇନାର ଜିଡିପି ୧୮.୭୫ ଟ୍ରିଲିୟନ, ଜର୍ମାନୀର ଜିଡିପି ୪.୬୬ ଟ୍ରିଲିୟନ, ଜାପାନର ୪.୦୬ ଟ୍ରିଲିୟନ ଆମେରିକୀୟ ଡଲାର ହୋଇଥିଲାବେଳେ ଭାରତର ୩.୯ ଟ୍ରିଲିୟନ ଡଲାର। ଦେଶର ବିକାଶ ଆକଳନ କରିବା ପାଇଁ ବାସ୍ତବରେ ମୁଣ୍ଡ ପିଛା ଜିଡିପି ହିଁ ଅଧିକ ଗୁରୁତ୍ୱପୂର୍ଣ୍ଣ। କାରଣ ଯେଉଁ ଦେଶର ଲୋକ ସଂଖ୍ୟା ଅଧିକ ତାହାର ଜିଡିପି ଅଧିକ ହେବା ସ୍ୱାଭାବିକ। ୨୦୨୪-୨୫ ସୁଦ୍ଧା ଆମେରିକାରେ ଏହା ୮୫,୮୧୨, ଚାଇନାରେ ୧୩,୩୦୦, ଜର୍ମାନୀରେ ୫୪,୯୮୯, ଜାପାନରେ ୩୨,୫୦୦ ଆମେରିକୀୟ ଡଲାର ହୋଇଥିଲାବେଳେ ଭାରତରେ ମାତ୍ର ୨୭୧୧ ଡଲାର ଥିଲା। ୨୦୨୫-୨୬ ଶେଷରେ ଜାପାନରେ ଏହା ୩୩,୯୯୫ ହେଲା ବେଳେ ଭାରତରେ ମାତ୍ର ୨,୮୭୮ ଆମେରିକୀୟ ଡଲାର ହେବ। ୨୦୨୫-୨୬ରେ ମୁଣ୍ଡ ପିଛା ଆୟ ଦୃଷ୍ଟିରୁ ଜାପାନ ୩୪ ତମ ସ୍ଥାନରେ ରହିଲାବେଳେ ଭାରତ ପ୍ରାୟ ୧୩୬ ତମ ସ୍ଥାନରେ ଅଛି। ଅର୍ଥାତ୍ ୧୩୫ଟି ଦେଶ ତଳେ ରହିବ। ବିଭିନ୍ନ ଅନ୍ତର୍ଜାତୀୟ ସୂଚକାଙ୍କରେ ଭାରତ ଜାପାନଠାରୁ ବହୁ ପଛରେ ରହିଛି। ମାନବିକ ବିକାଶ ସୂଚକାଙ୍କ ଦୃଷ୍ଟିରୁ ଜାପାନ ୨୪ ସ୍ଥାନରେ ଥିଲାବେଳେ ଭାରତ ୧୩୦ ସ୍ଥାନରେ ଅଛି। ଦୁର୍ନୀତି ଧାରଣା ସୂଚକାଙ୍କ ଦୃଷ୍ଟିରୁ ୧୮୦ଟି ଦେଶ ମଧ୍ୟରୁ ଜାପାନ ୭୩ ସ୍ଥାନରେ ଥିଲାବେଳେ ଭାରତ ୯୬ ସ୍ଥାନରେ ରହିଛି। ଅର୍ଥାତ୍ ଭାରତରେ ଦୁର୍ନୀତି ବ୍ୟାପକ।



ଜାପାନୀ ନାଗରିକଙ୍କ ହାରାହାରି ରୋଜଗାର ଭାରତୀୟଙ୍କ ତୁଳନାରେ ପ୍ରାୟ ୧୨ ଗୁଣ ଅଧିକ। ସେହି ପାର୍ଥକ୍ୟ ଉତ୍ତମ ସ୍ୱାସ୍ଥ୍ୟସେବା, ଦକ୍ଷ ଭିତ୍ତିଭୂମି, ଉଚ୍ଚ-ଗୁଣବତ୍ତା ଶିକ୍ଷାର ଉପଲବ୍ଧତା ଏବଂ ଜୀବନର ଉଚ୍ଚ ସାମଗ୍ରିକ ଗୁଣବତ୍ତା ପ୍ରଦାନ କରେ। ଜାପାନର ଏକ ଅତ୍ୟନ୍ତ ଦକ୍ଷ ଏବଂ ସୁଦୃଢ଼ ସାମାଜିକ ସୁରକ୍ଷା ବ୍ୟବସ୍ଥା ଅଛି, ଯାହା ଜିଡିପିର ପ୍ରାୟ ୨୩.୫%। ପେନ୍‌ସନ ସାମାଜିକ ସୁରକ୍ଷା ବ୍ୟବସ୍ଥାର ସର୍ବବୃହତ ଅଂଶ ଥିଲା, ତା'ପରେ ଚିକିତ୍ସା ଯତ୍ନ। ଭାରତରେ ସାମାଜିକ କ୍ଷେତ୍ର ବ୍ୟୟ ବରାଦ ଜିଡିପିର ୩.୩% ଏବଂ ଆୟୁଷ୍ମାନ ଭାରତ ଓ ଅନ୍ୟ କିଛି ମନ୍ତ୍ରଣାଳୟ ବ୍ୟୟ ମିଶାଇଲେ ସାମାଜିକ ସେବାରେ ବିନିଯୋଗ ୨୦୨୩-୨୪ରେ ୭.୮% ଥିଲା। ଜାପାନରେ ବେକାରି ହାର ୨.୩% ହେଲାବେଳେ ଭାରତରେ ୫ରୁ ୧୦%ରହୁଛି। ଜାପାନରେ ଉଚ୍ଚ କୁଶଳୀ , ଗୁଣାତ୍ମକ ଚାକିରି ବେଶି ସୃଷ୍ଟି ହେଲାବେଳେ ଭାରତରେ ଓଲଟା। ବିଶ୍ୱରେ ଗବେଷଣା ଏବଂ ବିକାଶ ପାଇଁ ଖର୍ଚ୍ଚ ହାରାହାରି ଜିଡିପିର ପ୍ରାୟ ୧.୮% ହୋଇଥିଲାବେଳେ ଜାପାନରେ ୩.୭%। ଭାରତରେ ୨୦୨୦-୨୧ରେ ଏହା ୦.୬୪ %। ଜାପାନର ବୈଦେଶିକ ମୁଦ୍ରାଭଣ୍ଡାର ବିଶ୍ୱର ଦ୍ୱିତୀୟ ବୃହତ୍ତମ, ଯାହାର ମୂଲ୍ୟ ୧.୪ ଟ୍ରିଲିୟନ ଆମେରିକୀୟ ଡଲାର। ୧୬ ମେ' ୨୦୨୫ ସୁଦ୍ଧା ଭାରତରେ ଏହା ୬୮୫.୭ ବିଲିୟନ ଡଲାର ଥିଲା। ଜାପାନ ବିଶ୍ୱର ତୃତୀୟ ବୃହତ୍ତମ ଆର୍ଥିକ ସମ୍ପତ୍ତିର ଦେଶ, ଯାହାର ମୂଲ୍ୟ ୨୦୨୦ ସୁଦ୍ଧା ୧୨ ଟ୍ରିଲିୟନ ଡଲାର କିମ୍ବା ବିଶ୍ୱ ଜିଡିପିର ୮.୬%। ଡିସେମ୍ବର ୨୦୨୪ ସୁଦ୍ଧା ଭାରତର ମୋଟ ଆର୍ଥିକ ସମ୍ପତ୍ତି ୩୧୯ ଲକ୍ଷ କୋଟି ଟଙ୍କା (ପ୍ରାୟ ୩.୭ ଟ୍ରିଲିୟନ ଡଲାର)। ବର୍ତ୍ତମାନ ୨୦୨୫ ସୁଦ୍ଧା ବଜାର ପୁଞ୍ଜିକରଣ ଦ୍ୱାରା ଟୋକିଓ ଷ୍ଟକ୍ ଏକ୍ସଚେଞ୍ଜ ହେଉଛି ବିଶ୍ୱର ତୃତୀୟ ବୃହତ୍ତମ ଷ୍ଟକ୍ ଏକ୍ସଚେଞ୍ଜ। ଏହାର ବଜାର ମୂଲ୍ୟ ୬.୩୫ ଟ୍ରିଲିୟନ ଡଲାର ହୋଇଥିଲାବେଳେ ଭାରତରେ ଏହା ୫.୦୬୩ ଟ୍ରିଲିୟନ ଡଲାର। ୨୦୨୪ ସୁଦ୍ଧା ଫର୍ଚୁନ ଗ୍ଲୋବାଲ ୫୦୦ କମ୍ପାନୀ ମଧ୍ୟରୁ ୪୦ଟି ଜାପାନରେ ଅଛି।

ଦ୍ୱିତୀୟ ବିଶ୍ୱଯୁଦ୍ଧରେ ପରାଜୟ ପରେ ଜାପାନର ଅର୍ଥନୀତି ଧ୍ୱସ୍ତବିଧ୍ୱସ୍ତ ହୋଇଯାଇଥିଲା। କିନ୍ତୁ ପରେ ଦ୍ରୁତଗତିରେ ବିକଶିତ ହୋଇଥିଲା। ମୁଖ୍ୟତଃ ଏହାର ଲାଭଜନକ ଉତ୍ପାଦନଭିତ୍ତିକ ରପ୍ତାନି ଶିଳ୍ପ ଦ୍ୱାରା ଏହା ଚାଳିତ ହୋଇଥିଲା। ଏହା ୧୯୬୮ରେ ବିଶ୍ୱର ଦ୍ୱିତୀୟ ସର୍ବବୃହତ୍ ଅର୍ଥନୀତି ହୋଇଗଲା ଏବଂ ୨୦୧୦ ପର୍ଯ୍ୟନ୍ତ ସେହିପରି ରହିଲା ଏବଂ ନାମାଙ୍କନ ମୁଣ୍ଡ ପିଛା ଜିଡିପି ଆଧାରରେ, ୧୯୮୦ ଏବଂ ୧୯୯୦ ଦଶକରେ ଜି-୭ ଦେଶଗୁଡ଼ିକ ମଧ୍ୟରେ ସର୍ବାଧିକ ଉଚ୍ଚ-ଆୟରାଷ୍ଟ୍ର ଭାବେ ଉଭା ହୋଇଥିଲା। ବିକଶିତ ଦେଶର ମାନ୍ୟତା ହାସଲ କରିବାରେ ଜାପାନ ଏସିଆର ପ୍ରଥମ ଦେଶ ଥିଲା। କିନ୍ତୁ ଭାରତ ୨୦୦୭ଠାରୁ ନିମ୍ନ ମଧ୍ୟମ ଆୟକାରୀ ରାଷ୍ଟ୍ର ଭାବେ ରହିଛି। ଆହୁରି ଉଚ୍ଚ ମଧ୍ୟମ ଆୟକାରୀ ଓ ଉଚ୍ଚ ଆୟକାରୀ ରାଷ୍ଟ୍ର ହେବାକୁ ବାକି ଅଛି। ଜାପାନ ଅର୍ଥନୀତି ଜନସଂଖ୍ୟା ହ୍ରାସ ବିଶେଷକରି କମ୍ ବୟସ୍କ ଜନସଂଖ୍ୟା ହ୍ରାସ ଯୋଗୁ ସମସ୍ୟାର ସମ୍ମୁଖୀନ ହେଉଛି। ଏଥିପାଇଁ ଜାପାନର ନାମାଙ୍କନ ଜିଡିପି ୧୯୯୫ ରୁ ୨୦୨୩ ମଧ୍ୟରେ ୫.୫ଟ୍ରିଲିୟନରୁ ୪.୨ଟ୍ରିଲିୟନ ଡଲାରକୁ ହ୍ରାସ ପାଇଛି। ଜାପାନର ଜନସଂଖ୍ୟା, ଯାହା ୨୦୧୦ରେ ୧୨.୮୫ କୋଟି ଥିଲା ତାହା ୨୦୨୪ରେ ଏହା ୧୨.୨୬ କୋଟିକୁ ହ୍ରାସ ପାଇଛି। ୨୦୨୨ରେ ଦେଶର କମ୍ ବୟସ୍କ ଜନସଂଖ୍ୟା ମୋଟ ଜନସଂଖ୍ୟାର ପ୍ରାୟ ୫୯.୪ % ଥିଲା, ଯାହା ସମସ୍ତ ଓଇସିଡି ଦେଶ ମଧ୍ୟରେ ସର୍ବନିମ୍ନ ହାର। ଜିଡିପି ଏକ ବର୍ଷର ଅର୍ଥନୈତିକ କାର୍ଯ୍ୟକଳାପର ପ୍ରତିଫଳନ। ଧନୀ ଅଧିକ ଧନୀ ହେଲେ ବା ବ୍ୟୟ କଲେ ଜିଡିପି ବୃଦ୍ଧି ପାଇବ। ସରକାର ଅଧିକ ଋଣକରି ବ୍ୟୟକଲେ ଜିଡିପି ବୃଦ୍ଧି ପାଇବ। ଯେତେବେଳେ ଭାରତ ପରି ଅର୍ଥବ୍ୟବସ୍ଥାରେ ୧୪୦ କୋଟି ଲୋକ ବ୍ୟୟ ବା ଉପଭୋଗ କରିବେ ତାହାର ଆକାର ଯେଉଁପରି ବୃଦ୍ଧି ପାଇବ ଜାପାନ ପରି ଅର୍ଥବ୍ୟବସ୍ଥାରେ ୧୨.୨୬ କୋଟି ଲୋକ ବ୍ୟୟ ବା ଉପଭୋଗ କଲେ ଏକ ଅର୍ଥବ୍ୟବସ୍ଥାର ଆକାର କ'ଣ ସେହି ଅନୁସାରେ ସବୁଦିନେ ବୃଦ୍ଧି ପାଇବ କି ?

ମୋ:୯୪୩୭୨୦୮୭୬୨

# ମହାପୁରୁଷଙ୍କ ଆଦର୍ଶ




ମୋହନ ଚରଣ ବିଷି

ବିଦ୍ୟାର୍ଥୀ ମହାପୁରୁଷଙ୍କୁ କାହିଁକି ପଢ଼ିବ? ମହାପୁରୁଷଙ୍କୁ କାହିଁକି ଅନୁକରଣ କରିବ? ଆମେ ପଢୁଥିବା ସମୟରେ ଷଷ୍ଠ ଓ ସପ୍ତମ ଶ୍ରେଣୀରେ ବଡ଼ ଲୋକଙ୍କ ଜୀବନୀ ବୋଲି ବହି ଥିଲା। ଏହି ବହିରେ ଓଡ଼ିଶା ଓ ଭାରତବର୍ଷର ବଡ଼ ଲୋକଙ୍କ ଜୀବନୀ ପଢ଼ିବାର ସୁଯୋଗ ବିଦ୍ୟାର୍ଥୀମାନେ ପାଉଥିଲେ। ସେମାନଙ୍କ ତ୍ୟାଗ, ଆଦର୍ଶ, ସଂଘର୍ଷ, ସଫଳତା କଥା ପଢ଼ି ପ୍ରେରିତ ହେଉଥିଲେ ବିଦ୍ୟାର୍ଥୀ। ଏବେ ମଧ୍ୟ ବିଭିନ୍ନ ବହିରେ, ଡିଜିଟାଲ ମାଧ୍ୟମରେ ମହାପୁରୁଷଙ୍କ ଜୀବନ ଚରିତ୍ରକୁ ପଢୁଛନ୍ତି, ଶୁଣୁଛନ୍ତି ଓ ଚଳମାନ ଚିତ୍ରରେ ଦେଖୁଛନ୍ତି। କିନ୍ତୁ ଏମାନଙ୍କ ସଂଖ୍ୟା ଅଳ୍ପ ସଂଖ୍ୟକ ହୋଇପାରେ। ପ୍ରତ୍ୟେକ ଶ୍ରେଣୀର ସିଲାବସ୍‌ରେ ମହାପୁରୁଷଙ୍କ ଜୀବନ ସମ୍ପର୍କରେ ପଢ଼ିବାର ସୁଯୋଗ ପାଇଲେ ବିଦ୍ୟାର୍ଥୀ ନିଜକୁ ଗଢି ତୋଳିବାକୁ ସହଜ ହେବ। ସେଥିପାଇଁ ସ୍ୱତନ୍ତ୍ର ଭାବରେ ମହାପୁରୁଷମାନଙ୍କର କଥା ଗାଥା ରହିବା ପ୍ରାସଙ୍ଗିକ ମନେହୁଏ। ପ୍ରତ୍ୟେକ ବିଦ୍ୟାର୍ଥୀ ସଫଳତା ପାଇବା ପାଇଁ ବଡ଼ ଲୋକଙ୍କୁ ପଢିବା ଦରକାର। ଯିଏ ଯେଉଁ କ୍ଷେତ୍ରରେ ଆଗକୁ ବଢିବାର ଅଛି ସେମାନେ ସେହି କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ରହିଥିବା ବ୍ୟକ୍ତିମାନଙ୍କୁ ପଢିବା ଉଚିତ।

ଜୀବନ ଚରିତ ଦୁଇ ପ୍ରକାରରେ ଲେଖାଯାଇଥାଏ। ନିଜ ଜୀବନ କାହାଣୀ ନିଜେ ଲେଖିଲେ ତାହା ହୁଏ ଆତ୍ମଜୀବନ ଚରିତ। କାହାର କାହାଣୀ ଅନ୍ୟ କେଉଁ ବ୍ୟକ୍ତିଦ୍ୱାରା ଲିଖିତ ହେଲେ, ତାହାକୁ କେବଳ 'ଜୀବନ ଚରିତ' ବୋଲି କୁହାଯାଇଥାଏ। ଗୋଟିଏ ଦୀପରୁ ଆଉ ଗୋଟିଏ ଦୀପ ପ୍ରଜ୍ଜ୍ୱଳିତ ହୋଇଉଠିଲା ପରି ଜଣେ ମହାପୁରୁଷଙ୍କର ଜୀବନୀ ଅନ୍ୟର ଜୀବନାୟନକୁ କରେ ପ୍ରଶସ୍ତ ଓ ଆଲୋକିତ। ଟଲଷ୍ଟୟଙ୍କ ଜୀବନ କାହାଣୀ ମହାତ୍ମା ଗାନ୍ଧୀଙ୍କୁ ବିଶେଷ ଭାବେ ପ୍ରଭାବିତ କରିଥିଲା ଏବଂ ଗାରିବାଲ୍ଡିଙ୍କ ତ୍ୟାଗ ଜବାହରଲାଲଙ୍କ ପ୍ରାଣରେ ସୃଷ୍ଟି କରିଥିଲା ଉଦ୍‌ବେଳନ। ହରିଶ୍ଚନ୍ଦ୍ର, ଦଧୀଚି ଆଦିଙ୍କ ତ୍ୟାଗ ଓ ତୀତୀକ୍ଷା, ସାଧନା ଓ ତପସ୍ୟା ଭାରତୀୟ ଜନଜୀବନକୁ କରିଥିଲା ସମୃଦ୍ଧ। ପ୍ରାଚୀନ ମହାତ୍ମାଗଣଙ୍କଠାରୁ ଆରମ୍ଭ କରି ଓ ଆଧୁନିକ ଯୁଗର ବହୁ ସ୍ୱାଧୀନତା ସଂଗ୍ରାମୀ ଓ ତ୍ୟାଗବୀରଙ୍କ ଜୀବନ କାହାଣୀରେ ଅନେକ ଶିଖିବାକୁ ମିଳିଛି।

ପ୍ରାଚୀନ ଋଷିମାନଙ୍କ ଜୀବନ ଚରିତ ସହିତ ଆଧୁନିକ ଯୁଗପୁରୁଷ ରାମକୃଷ୍ଣ ପରମହଂସ, ସ୍ୱାମୀ ବିବେକାନନ୍ଦ, ସ୍ୱାମୀ ଦୟାନନ୍ଦ ସରସ୍ୱତୀ, ଠାକୁର ନିଗମାନନ୍ଦ, ସ୍ୱାମୀ ସତ୍ୟାନନ୍ଦ ସରସ୍ୱତୀ, ଠାକୁର ଅନୁକୂଳ ଚନ୍ଦ୍ର, ଶ୍ରୀରାମ ଶର୍ମା, ସନ୍ଥ ଭୀମ ଭୋଇ ଆଦିଙ୍କ ଜୀବନ କାହାଣୀ ଆମକୁ ଧର୍ମଚେତନାରେ ଉଦ୍‌ବୁଦ୍ଧ କରେ। ଧର୍ମମାର୍ଗର ଅନୁବର୍ତ୍ତନ ଓ ଅନୁସରଣ କରିବା ପାଇଁ ଆମକୁ ଏହା ଦେଇଥାଏ ଅସୀମ ଇଚ୍ଛା ଓ ପ୍ରେରଣା। ଜାତୀୟ ବୀରମାନଙ୍କର ଜୀବନ ଚରିତ ଆମମାନଙ୍କ ଭିତରେ ସୃଷ୍ଟି କରିଥାଏ ଦେଶ ଓ ଜାତିପ୍ରେମ। ସେମାନଙ୍କର ଲେଖାବଳୀ ଆମକୁ ଜାତୀୟ ମନ୍ତ୍ରରେ ଅଭିମନ୍ତ୍ରିତ କରେ। ଉତ୍କଳମଣି ଗୋପବନ୍ଧୁଙ୍କର ଲେଖା 'ମିଶୁ ମୋର ଦେହ ଏ ଦେଶ ମାଟିରେ ଦେଶବାସୀ ଚାଲିଯାଆନ୍ତୁ ପିଠିରେ ସ୍ୱାଧୀନତା ପଥେ ଅଛି ଯେତେ ଗାତ୍ ପୂରୁ ପଡ଼ି ତହିଁ ମୋର ମାଂସହାଡ଼।' ଏପରି ଉକ୍ତି କାହାକୁ ବା ଜାତିପାଇଁ ପ୍ରାଣବଳି ଦେବାକୁ ଅନୁପ୍ରେରିତ ନ କରିବ ! ଏଭଳି ଲେଖା ସାଙ୍ଗକୁ ତାଙ୍କର ତ୍ୟାଗ ଓ ସଂଘର୍ଷପୂର୍ଣ୍ଣ ଜୀବନ ଚରିତ ପାଠକଙ୍କୁ ତାଙ୍କ ମହାନ୍ ବ୍ୟକ୍ତିତ୍ୱ ପାଖରେ ମଥା ନୁଆଇଁବାକୁ ବାଧ୍ୟକରେ। ଚରିତ୍ର ଗଠନ ପାଇଁ ବିଶେଷ ସହାୟକ ହୁଏ।

ସନ୍ଥକବି ଭୀମ ଭୋଇଙ୍କ ଉକ୍ତି- ପ୍ରାଣୀଙ୍କ ଆରତ ଦୁଃଖ ଅପ୍ରମିତ ଦେଖୁଦେଖୁ କେବା ସହୁ, ମୋ ଜୀବନ ପଛେ ନର୍କେ ପଡ଼ିଥାଉ ଜଗତ ଉଦ୍ଧାର ହେଉ। ମହାତ୍ମା ଗାନ୍ଧୀଙ୍କ ଅହିଂସା କିମ୍ବା ମଦର ଟେରେସାଙ୍କ ସେବା ଅନେକ ଜନ ଜୀବନକୁ ପ୍ରଭାବିତ କରିଛି । ଏପରି ଯେତେ ମହାପୁରୁଷଙ୍କ କାର୍ଯ୍ୟ ଓ କଥା ଅନେକଙ୍କୁ ପରିବର୍ତ୍ତନ କରିଥାଏ। ତାଙ୍କର ଜୀବନ ଚର୍ଯ୍ୟା, ବ୍ୟବହାର, କର୍ମ କୁଶଳତା, ଶିକ୍ଷାରେ ଅନୁପ୍ରାଣୀତ ହୋଇ ବିଦ୍ୟାର୍ଥୀମାନେ ସଫଳତା ପାଇଥାନ୍ତି। ପ୍ରତ୍ୟେକ ବିଦ୍ୟାର୍ଥୀ ମହାପୁରୁଷ ତଥା ନିଜ ମାତାପିତା, ଆତ୍ମୀୟ ସ୍ୱଜନ, ଶିକ୍ଷାଗୁରୁ, ସଦ୍‌ଗୁରୁଙ୍କୁ ଅନୁକରଣ କରିବା କଥା ଯେଉଁମାନଙ୍କର କାର୍ଯ୍ୟଧାର ସେମାନଙ୍କୁ ଭଲ ଲାଗିଥାଏ। ସେମାନେ ଯେତେବେଳେ ଭାବିବେ ଏହିମାନେ ହିଁ ଜୀବନରେ ସଫଳତା ପାଇଛନ୍ତି ସେତେବେଳେ ସେମାନଙ୍କୁ ହିଁ ଅନୁକରଣ, ଅବଲମ୍ବନ କରିବା ସହ ତାଙ୍କ ଆଦର୍ଶ, ବିଚାରଧାରା, କାର୍ଯ୍ୟଶୈଳୀରେ ପ୍ରଭାବିତ ହେବେ।



ଦୈନନ୍ଦିନ ଜୀବନରେ ଆମେ ବହୁ ସମସ୍ୟାରେ ଛନ୍ଦି ହୋଇପଡୁ ଏବଂ ସେଥିରୁ ମୁକୁଳିବା ପାଇଁ ଖୋଜିହେଉ ସମାଧାନର ପନ୍ଥା। ମହାପୁରୁଷଗଣ ସେହିସବୁ ସମସ୍ୟାର ସମାଧାନ କିପରି ଖୋଜି ପାଇଥିଲେ, ତାହା ସେମାନଙ୍କର ଜୀବନ ଚରିତ ପାଠକରି ଆମେ ଅବଗତ ହେଉ। ତେଣୁ ଆମକୁ ସମସ୍ୟା ସମାଧାନର ରାହା ମିଳିଯାଏ ଏବଂ ଆମେ ସମସ୍ୟାକୁ ଅତିକ୍ରମ କରି ପୁଣି ଜୀବନ ପଥରେ ଆଗେଇଚାଲୁ।

ଗଡ଼ରାମାଲ, କୋକସରା, କଳାହାଣ୍ଡି
ମୋ: ୯୭୭୭୪୬୮୮୪୧

## ଏଇ ଭାରତରେ

୪୦୦ଟି ଭାଷାରେ ପଢ଼ି ଓ ଲେଖି ପାରୁଛନ୍ତି ତାମିଲନାଡୁ ଚେନ୍ନାଇର ୧୯ ବର୍ଷୀୟ ମହମ୍ମଦ ଆକ୍ରାମ। ଏଭଳି ଦକ୍ଷତା ପାଇଁ ସେ ବିଶ୍ୱ ରେକର୍ଡର ଅଧିକାରୀ ହୋଇପାରିଛନ୍ତି। ଆକ୍ରାମ ୪୬ଟି ଭାଷା ଅତି ପ୍ରାଞ୍ଜଳ ଭାବେ କହିପାରୁଛନ୍ତି। ଆକ୍ରାମଙ୍କ ପିତା ଶିଲ୍‌ବି ମୋଝିପ୍ରିୟାନ୍ ମଧ୍ୟ ୧୬ଟି ଭାଷା କହିପାରନ୍ତି ଏବଂ କଗ୍ନିଟିଭ୍ ସାଇକୋଲୋଜିରେ ପିଏଚ୍‌ଡି କରିଛନ୍ତି। ତାଙ୍କ ତତ୍ତ୍ୱାବଧାନରେ ଆକ୍ରାମ ଏତେସବୁ ଭାଷ ଶିଖିପାରିଛନ୍ତି। ତାଙ୍କୁ ଯେତେବେଳେ ୪ ବର୍ଷ ହୋଇଥିଲା ସେତେବେଳେ ସେ ବିଭିନ୍ନ ଭାଷା ଶିଖିବା ଆରମ୍ଭ କରିଥିଲେ। ବୟସ ୬ରୁ ୮ ବର୍ଷ ମଧ୍ୟରେ ସେ ୫୦ଟି ଭାଷା ଜାଣିସାରିଥିଲେ। ଆକ୍ରାମ ୭୦ ଜଣ ଭାଷା ବିଶେଷଜ୍ଞଙ୍କ ସହ ପ୍ରତିଯୋଗିତା କରି ଜର୍ମାନୀ ୟଙ୍ଗ୍ ଟ୍ୟାଲେଣ୍ଟ ଆୱାର୍ଡ ହାସଲ କରିଛନ୍ତି। ସେ ଟ୍ୟାଲେଣ୍ଟ ଶୋ'ରେ ଭାଗନେବା ସହ ବିଭିନ୍ନ ଦେଶର ଏକାଧିକ ଡିଗ୍ରୀ କୋର୍ସ କରୁଛନ୍ତି। ତାଙ୍କ ପିତା ଚେନ୍ନାଇର ଶେନୟ ନଗରରେ 'ଆକ୍ରାମ ଗ୍ଲୋବାଲ ଲାଙ୍ଗୁଏଜ୍ ଇନ୍‌ଷ୍ଟିଚ୍ୟୁଟ୍' ପ୍ରତିଷ୍ଠା କରି ଉଭୟ ଅନ୍‌ଲାଇନ ଓ ଅଫ୍‌ଲାଇନ ଶିକ୍ଷା ଦେଉଛନ୍ତି । ଆକ୍ରାମ ସେଠାରେ ପିଲାମାନଙ୍କୁ ମଧ୍ୟ ପଢ଼ାଉଛନ୍ତି।

## ୫୦ ବର୍ଷ ତଳର ଧରିତ୍ରୀ

୨୮ ମେ ୧୯୭୬

- ରୟତ ସ୍ୱତ୍ୱ ଓ ସିଲିଂ ବ୍ୟବସ୍ଥା କାର୍ଯ୍ୟକାରୀ କରିବାକୁ ଓଡ଼ିଶା ଭୂସଂସ୍କାର ଆଇନକୁ ବଳବତ୍ତର କରାଯାଇଛି।
- ଦିଲ୍ଲୀ ପ୍ରଦେଶ କଂଗ୍ରେସ ସଭାପତି ଅମରନାଥ ଛାୱାଲାଙ୍କୁ କୌଣସି ନିର୍ବାଚନ ଲଢ଼ିବା ନିମନ୍ତେ ୬ ବର୍ଷ ପାଇଁ ଅଯୋଗ୍ୟ ବିବେଚିତ କରି ସୁପ୍ରିମ୍‌କୋର୍ଟ ଦେଇଥିବା ରାୟକୁ ରାଷ୍ଟ୍ରପତି ଫକରୁଦ୍ଦିନ ଅଲ୍ଲୀ ଅହମ୍ମଦ ଉଠାଇ ଦେଇଛନ୍ତି।
- ତୈଳ ଦର ବୃଦ୍ଧି ମତପାର୍ଥକ୍ୟ କାରଣରୁ ଇଣ୍ଡୋନେସିଆର ବାଲିଠାରେ ପେଟ୍ରୋଲ ରପ୍ତାନୀକାରୀ ରାଷ୍ଟ୍ରସଂଘ ବୈଠକ ବିଫଳ।

## su|do|ku ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | 8 | | | | | 5 | | 9 |
| | | | | | 1 | 2 | 7 | |
| | | | | | | | | |
| | | 3 | | 8 | | | | |
| 2 | | | 9 | | 5 | 6 | | |
| 4 | 1 | 6 | | | 2 | | | |
| | 6 | 9 | | | 8 | 4 | | 1 |
| | | | | | | | 6 | |
| | 2 | | 3 | | 9 | | | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 6 | 4 | 5 | 9 | 8 | 7 | 1 | 3 | 2 |
| 1 | 8 | 7 | 2 | 3 | 5 | 6 | 9 | 4 |
| 3 | 9 | 2 | 6 | 4 | 1 | 7 | 5 | 8 |
| 4 | 1 | 3 | 8 | 7 | 6 | 5 | 2 | 9 |
| 9 | 5 | 6 | 1 | 2 | 4 | 8 | 7 | 3 |
| 2 | 7 | 8 | 3 | 5 | 9 | 4 | 6 | 1 |
| 8 | 6 | 4 | 7 | 9 | 2 | 3 | 1 | 5 |
| 7 | 3 | 9 | 5 | 1 | 8 | 2 | 4 | 6 |
| 5 | 2 | 1 | 4 | 6 | 3 | 9 | 8 | 7 |

ଗତକାଲିର ଉତ୍ତର

## ପାଠକ ଶ୍ରେଷ୍ଠ ବିଚାରକ

### ନକ୍ସା ଅନୁଯାୟୀ ଜବରଦଖଲ ଉଚ୍ଛେଦ ହୋଇଛି କି

ମହାଶୟ,

ସମସ୍ତ ଉତ୍କଣ୍ଠାର ଅବସାନ ଘଟିଲା ଓ ୧୩ ମେ ୨୦୨୫ରେ ଚରମ୍ପା ଅଞ୍ଚଳ (ଜାତୀୟ ରାଜପଥ ୧୬ର ପୂର୍ବପାଖ)ରୁ ଜବରଦଖଲ ହଟାଗଲା। ବିଶେଷକରି ଚରମ୍ପା ସ୍କୁଲ ରୋଡ୍ ଓ କଣ୍ଟାପାଳ ଅଞ୍ଚଳରେ ଦୀର୍ଘ ୭୦/୮୦ ବର୍ଷ ଧରି ସରକାରୀ ଜାଗା ମାଡ଼ିବସି ଘରକରି ଭଡ଼ା ଦେଇ ଲକ୍ଷ ଲକ୍ଷ ଟଙ୍କା କମାଇଥିବା ଘର ମାଲିକମାନେ ଏବେ ହତାଶ। ସହରର ସୌନ୍ଦର୍ଯ୍ୟକରଣ ନିମନ୍ତେ ଗତ ଅଗଷ୍ଟ ୨୦୨୪ରୁ ଏହି ଉଚ୍ଛେଦ ପ୍ରକ୍ରିୟା ପ୍ରଥମେ ଆରମ୍ଭହୋଇ କଚେରି ବଜାର ଛକ ଧ୍ୱଂସସ୍ତୁପରେ ପରିଣତ ହୋଇଥିଲା। ଚରମ୍ପାରେ ଏହି ଉଚ୍ଛେଦ ପ୍ରକ୍ରିୟା କିନ୍ତୁ ପ୍ରକୃତ ନକ୍ସା ଓ ମାପ ଅନୁସାରେ ହୋଇ ନ ଥିବା କିଛି ଅବସରପ୍ରାପ୍ତ ରାଜସ୍ୱ କର୍ମଚାରୀଙ୍କଠାରୁ ଶୁଣିବାକୁ ମିଳୁଛି। ସେମାନଙ୍କ ମତରେ ଯଦି ପ୍ରକୃତ ନକ୍ସା ଓ ମାପ ଅନୁସାରେ ଏହା କରାଯାଏ ତେବେ ଆହୁରି ଅନେକେ ଉଚ୍ଛେଦ ହେବେ। ଏହି ଉଚ୍ଛେଦର ବହୁପୂର୍ବରୁ କୁଆଡ଼େ କିଛି ନ୍ୟସ୍ତସ୍ୱାର୍ଥ ଗୋଷ୍ଠୀ ସରକାରୀ କର୍ତ୍ତୃପକ୍ଷଙ୍କୁ ହାତକରି ନିଜ ନିଜ ଅଧିକୃତ ସରକାରୀ ଜମିକୁ ସୁରକ୍ଷିତ ରଖିଥିବା ଶୁଣାଯାଉଛି। ମାପ ହେଲେ ଏହି ଦୁଇ ଅଞ୍ଚଳରେ ଆହୁରି ଅଧିକ ସରକାରୀ ଜମି ବାହାରିବ। ଏପରିକି ଗୋଚର ଜମିରେ ଘର ମଧ୍ୟ ନିର୍ମାଣ କରାଯାଇଛି। ପ୍ରକୃତ ନକ୍ସା ଓ ମାପ ଅନୁସାରେ ଉଚ୍ଛେଦ ପାଇଁ ନିର୍ଦ୍ଦେଶ ଦିଆଯାଉ।

-ଗୌତମ ସେଠୀ, ସମାଜସେବୀ, ଚରମ୍ପା, ଭଦ୍ରକ


## ଚିରନ୍ତନୀ

ସକଳ ମମତା ତେଜି ନ
ଖୋଜଇଁ ମୁକତି ମାରଗ,
ହୁଅଇ ନାସ୍ତିକ ପଛେ,
ନ ଲୋଡ଼ଇ ଅପର ସ୍ୱରଗ।
-(ପୁରୀ-ମନ୍ଦିର)

-କାଳିନ୍ଦୀ ଚରଣ ପାଣିଗ୍ରାହୀ

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

ସେଲ୍ଫି କର୍ନର ଧରିତ୍ରୀ
ଆମକୁ ପଠାନ୍ତୁ ଆପଣଙ୍କ ସେଲ୍ଫି
metroselfie@gmail.com


@ ଖୁସି


@ ମନୋଜ


@ ମୃତ୍ୟୁଞ୍ଜୟ


@ ନିହାରିକା

ସେଲ୍ଫି ପଠାଇବା ସମୟରେ ନିଜର ନାମ ଏବଂ ମୋବାଇଲ ନମ୍ବର ଦେବାକୁ ଭୁଲନ୍ତୁ ନାହିଁ । ଯୋଗ୍ୟବିବେଚିତ ଫଟୋ ପ୍ରକାଶ ପାଇବ।

# ମେସ୍କୋ ଷ୍ଟିଲ୍‌ରେ ତାଲା ପଡ଼ିଲା

■ ପାଦ ଥାପୁଛି ନୂଆ ଶିଳ୍ପ, ବନ୍ଦ ହେଉଛି ପୁରୁଣା

■ ନିଯୁକ୍ତି ହରାଇ ଆର୍ଥିକ ଅନଟନରେ କର୍ମଚାରୀ, ଶ୍ରମିକ

**ଯାଜପୁର,୨୭।୫(ହର୍ଷବର୍ଦ୍ଧନ ବେହେରା):**

ଶିଳ୍ପୋନ୍ନତ ଯାଜପୁର ଜିଲାରେ ଗତ ୨୪ ତାରିଖରେ ୨୪ଟି ବୃହତ ଶିଳ୍ପ କାରଖାନାର ଶୁଭ ଉଦଘାଟନ ଓ ଶିଳାନ୍ୟାସ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦ୍ୱାରା ସମ୍ପନ୍ନ ହୋଇଛି। ଏହିକ୍ରମରେ ନୂତନ ଶିଳ୍ପ କାରଖାନାଗୁଡିକ କଳିଙ୍ଗନଗରରେ ପାଦ ଥାପୁଥିବାବେଳେ ପୁରୁଣା ବୃହତ ଶିଳ୍ପ କାରଖାନା ବନ୍ଦ ହେବାକୁ ବସିଛି । ମେସ୍କୋ ଷ୍ଟିଲକୁ ଏଠାରେ ଉଦାହରଣ ଭାବେ ନିଆଯାଇପାରେ। କଳିଙ୍ଗନଗର ଶିଳ୍ପାଞ୍ଚଳରେ ପ୍ରଥମେ ବାର୍ଷିକ ୦.୫ ମିଲିୟନ ଟନ କ୍ଷମତା ବିଶିଷ୍ଟ ମେସ୍କା ଷ୍ଟିଲ ଆରମ୍ଭ କରିଥିଲା। ଏଥିପାଇଁ ସରକାର ୫୩୦ ଏକର ଜମି ଯୋଗାଇ ଦେଇଥିଲେ। ଏପରିକି ଏହି କାରଖାନାକୁ ଆଧାର କରି ମେସ୍କୋ ଷ୍ଟିଲକୁ ଯୋଡା ଖଣି ମଣ୍ଡଳରେ ୨ଟି ଲୁହାପଥର ଖାଦାନ ଲିଜ୍ ଦିଆଯାଇଥିଲା। ତେବେ ଶାହା କମିଶନଙ୍କ ରିପୋର୍ଟ ଆଧାରରେ ଚୋରି ଧରା ପଡିବା ପରେ ମେସ୍କୋ ଷ୍ଟିଲ ଉପରେ ସୁଧ ସହ ପ୍ରାୟ ୭୦୦ କୋଟି ଟଙ୍କା ବାକିପଡିଛି। ଏହାପରେ ସରକାର ମେସ୍କୋ ଠାରୁ ଖଣି ଲିଜ୍ ବାତିଲ କରିଛନ୍ତି। ଇତିମଧ୍ୟରେ ଲୁହାପଥର ଉତ୍ତୋଳନ ଏବଂ ଚୋରି କରି ମେସ୍କୋ ଗ୍ରୁପ ମାଲାମାଲ ହୋଇଥିବାବେଳେ ୨୦୨୦ରୁ ବନ୍ଦ ପଡିଥିବାରୁ କଳିଙ୍ଗନଗର ମେସ୍କୋ ଷ୍ଟିଲ କାରଖାନାର ପ୍ରାୟ ୧୫୦୦ କର୍ମଚାରୀ ଓ ଶ୍ରମିକଙ୍କ ଜୀବିକା ଯାଇଛି। ଶ୍ରମିକ ଓ କର୍ମଚାରୀ ସଂଘ ପୁନଃ ଏହି କାରଖାନା ଚଳାଇବାକୁ ବିଭିନ୍ନ ଆନ୍ଦୋଳନ ମାଧ୍ୟମରେ ଦାବି କରି ଆସୁଥିଲେ ବି ସରକାର ଶୁଣିବାକୁ ଚାହୁଁ ନାହାନ୍ତି ବୋଲି ମତପ୍ରକାଶ ପାଇଛି। ଫଳରେ ମେସ୍କୋ ଷ୍ଟିଲ ପୁନଃ କାର୍ଯ୍ୟକ୍ଷମ ଦାବିରେ ୱାର୍କର୍ସ ୟୁନିୟନ ପକ୍ଷରୁ ମଙ୍ଗଳବାର କାରଖାନାର ଭିତର ପଟୁ ଗେଟରେ ଏବଂ ମେଟେରିଆଲ୍ ଗେଟରେ ତାଲା ପକାଇ ଦିଆଯାଇଛି।


କାରଖାନା ଫାଟକରେ ତାଲା ପକାଇ ଶ୍ରମିକମାନେ ବିକ୍ଷୋଭ ପ୍ରଦର୍ଶନ କରୁଛନ୍ତି ।

କଳିଙ୍ଗନଗର ଶିଳ୍ପ ସଂସ୍ଥାଗୁଡିକରେ ପ୍ରଭାବିତ ଅଞ୍ଚଳବାସୀ ତଥା କ୍ଷତିଗ୍ରସ୍ତ ପରିବାରଙ୍କ ସମସ୍ୟା ବଳି ପଡିଛି । ବିସ୍ଥାପନର ଦୁଃଖ ସାଙ୍ଗକୁ ନିୟୋଜିତ ଅଣଓଡିଆ ଠିକାସଂସ୍ଥାଗୁଡିକର ଶୋଷଣ ମନୋଭାବ ପ୍ରଭାବିତ ଲୋକଙ୍କୁ ଆନ୍ଦୋଳନମୁଖୀ ତଥା ବିଦ୍ରୋହୀ କରିଛି । ଏହିକ୍ରମରେ ନିଯୁକ୍ତି ହରାଇ ମେସ୍କୋ ଷ୍ଟିଲ କାରଖାନାର କର୍ମଚାରୀ ଓ ଶ୍ରମିକମାନେ ବିଭିନ୍ନ ସମୟରେ ଆନ୍ଦୋଳନ କରି ନୟାନ୍ତ ହୋଇ କିଛି ସୁଫଳ ମିଳୁ ନ ଥିବାରୁ ଏବେ ଶ୍ରମିକମାନେ ଦାଦନ ଖଟିଯିବାକୁ ବାଧ୍ୟ ହେଉଛନ୍ତି। ମେସ୍କୋ ଷ୍ଟିଲ ୱାର୍କର୍ସ ୟୁନିୟନ ପକ୍ଷରୁ ହୋଇଥିବା ଅଭିଯୋଗ ଅନୁସାରେ ୧୨।୨।୨୦୨୦ରୁ ଅଦ୍ୟାବଧି କାରଖାନା ବନ୍ଦ ରହିଛି। ଫଳରେ କର୍ମଚାରୀମାନେ ପୂର୍ଣ୍ଣମାତ୍ରାରେ ଦରମା ପାଇବାରୁ ବଞ୍ଚିତ ରହିଛନ୍ତି। କାରଖାନା ଚଳାଇବା ପାଇଁ କର୍ତ୍ତୃପକ୍ଷ ବାରମ୍ବାର ମିଥ୍ୟା ପ୍ରତିଶ୍ରୁତି ଦେଇ ଆସୁଛନ୍ତି। ୨୪।୫।୨୦୨୨ରେ କଳିଙ୍ଗନଗର ଅତିରିକ୍ତ ଜିଲାପାଳ କାର୍ଯ୍ୟାଳୟରେ ତ୍ରିପାକ୍ଷିକ ବୈଠକରେ କାରଖାନା କର୍ତ୍ତୃପକ୍ଷ ୪ ମାସ ମଧ୍ୟରେ କାରଖାନା ପୁନଃ କାର୍ଯ୍ୟକ୍ଷମ ହେବ ବୋଲି ପ୍ରତିଶ୍ରୁତି ଦେଇଥିଲେ। କିନ୍ତୁ ଅଦ୍ୟାବଧି ତାହା ପ୍ରତିଶ୍ରୁତିରେ ଅଟକିଛି। ଏହଦ୍ୱାରା ବାସଚ୍ୟୁତ ଜମିହରା କ୍ଷତିଗ୍ରସ୍ତ ପରିବାର ସହିତ ଅନ୍ୟ ସ୍ଥାୟୀ କର୍ମଚାରୀମାନେ ଅକଥନୀୟ ମାନସିକ ନିର୍ଯାତନା ଓ ଆର୍ଥିକ ଅନଟନର ଶିକାର ହେଉଛନ୍ତି। ନାମକୁ ମାତ୍ର କର୍ମଚାରୀମାନଙ୍କୁ କିଛି ଆର୍ଥିକ ସହଯୋଗ କରି ରେଲୱେ ସାଇଡିଂ ଭଡାରେ ଲଗାଇ କମ୍ପାନୀ ମାଲିକ ଅନେକ କୋଟି ଟଙ୍କାର ଲାଭ ଉଠାଉଛନ୍ତି। ଏହି କାରଖାନା ବନ୍ଦ ରହିବା ଭିତରେ କେତେକ କର୍ମଚାରୀଙ୍କ ମୃତ୍ୟୁ ଘଟିଛି । ଅନେକ କର୍ମଚାରୀ ବିଭିନ୍ନ ରୋଗରେ ଆକ୍ରାନ୍ତ ହୋଇ ମୃତ୍ୟୁ ସହିତ ସଂଗ୍ରାମ କରୁଛନ୍ତି। ଏପରିକି କେତେକ ବିସ୍ଥାପିତ କର୍ମଚାରୀ ସ୍ୱଳ୍ପ ସମୟ ଧରି ଚାକିରି କରି ଅବସର ନେଇଛନ୍ତି। ସେମାନେ ବାରମ୍ବାର ମୌଖିକ, ଲିଖିତ ଓ ମେଲ୍ ମାଧ୍ୟମରେ ଜଣାଇବା ସତ୍ତ୍ୱେ କାରଖାନା କର୍ତ୍ତୃପକ୍ଷ କାହାରି କଥା କର୍ଣ୍ଣପାତ କରୁନାହାନ୍ତି। ତେଣୁ କର୍ମଚାରୀମାନଙ୍କ ୨୫।୫।୨୦୨୨ରୁ ସମ୍ପୂର୍ଣ୍ଣ ମାସିକ ଦେୟ ପ୍ରଦାନ, ଲେବର କୋର୍ଟ ରାୟ ଅନୁଯାୟୀ ୧୨।୨।୨୦୨୦ ଠାରୁ ୨୫।୫।୨୦୨୨ ପର୍ଯ୍ୟନ୍ତ ଦରମାର ଶତକଡା ୫୦ ପ୍ରତିଶତ କର୍ମଚାରୀଙ୍କୁ ତୁରନ୍ତ ପୈଠ କରାଯାଉ, କର୍ମଚାରୀମାନଙ୍କ ଅବସର ପରେ ଅଧିକ ୨ ବର୍ଷ ଚାକିରି ବର୍ଦ୍ଧିତ କରାଯାଉ କିମ୍ବା ୨ ବର୍ଷର ଅଧିକ ଦରମା, ବାସଚ୍ୟୁତ ଜମିହରା କର୍ମଚାରୀ ଅବସର ପରେ ସେମାନଙ୍କ ଉତ୍ତରାଧିକାରୀଙ୍କୁ ସ୍ଥାୟୀ ନିଯୁକ୍ତି, ଅବସରପ୍ରାପ୍ତ, ସ୍ୱେଚ୍ଛାକୃତ ଅବସର ଏବଂ ଅବସର ସମୟ ଅତିକ୍ରାନ୍ତ ହୋଇଥିବା କର୍ମଚାରୀମାନଙ୍କ ଫୁଲ ଆଣ୍ଡ ଫାଇନାଲ ସେଟେଲମେଣ୍ଟ, ବକେୟା ପିଏଫ୍ ଓ ଦରମା ତୁରନ୍ତ ପଇଠ, କର୍ମଚାରୀ ସତ୍ୟଜିତ କାୟସ୍ଥଙ୍କ ଝିଅଙ୍କ ଚିକିତ୍ସା ପାଇଁ ଅଗ୍ରାଧିକାର ଭିତ୍ତିରେ ବକେୟା ଦରମା ପ୍ରଦାନ କରିବାକୁ ଦାବି କରିଛନ୍ତି। ଏହି ଦାବିଗୁଡିକର ସପ୍ତାହ ମଧ୍ୟରେ ସ୍ଥାୟୀ ସମାଧାନ କରା ନ ଗଲେ କାରଖାନା ଭିତରେ ଚାଲୁଥିବା ସମସ୍ତ କାର୍ଯ୍ୟକୁ ବନ୍ଦ କରାଯିବ ବୋଲି ୟୁନିୟନ ପକ୍ଷରୁ ଚେତାବନୀ ଦିଆଯାଇଛି। ଏହାସହ ନୂତନ କାରଖାନା ପ୍ରତିଷ୍ଠାକୁ ସ୍ୱାଗତ କରାଯାଉଥିବାବେଳେ ଶ୍ରମିକ ଓ କର୍ମଚାରୀଙ୍କ ସ୍ୱାର୍ଥକୁ ଆଖି ଆଗରେ ରଖି ବନ୍ଦ ଥିବା ପୁରୁଣା ବୃହତ ଶିଳ୍ପକୁ ପୁନଃ କାର୍ଯ୍ୟକ୍ଷମ କରିବାକୁ ଦାବି କରାଯାଇଛି।

CAREER APPOINTMENT
ON EVERY WEDNESDAY & SATURDAY
B/W : ₹. 350 per sq.cm
Colour : ₹. 400 per sq.cm
PAY FOR 1, GET 1 FREE
For Bookings
Call : 0674-2580385
Email : advt@dharitri.com

# ନାବାଳିକା ବଳାତ୍କାରୀଙ୍କୁ ୩୦ ବର୍ଷ କାରାଦଣ୍ଡ

**ଯାଜପୁରଟାଉନ,୨୭।୫ (ପ୍ରଯକ୍ତା ପ୍ରିୟଦର୍ଶିନୀ ମହାନ୍ତି):**

ଜଣେ ୯ ବର୍ଷୀୟା ନାବାଳିକାଙ୍କୁ ବଳାତ୍କାର ମାମଲାର ମଙ୍ଗଳବାର ରାୟ ପ୍ରକାଶ ପାଇଛି। ଯାଜପୁର ଅତିରିକ୍ତ ଜିଲା ଦୌରା ଜଜ୍ ତଥା ପୋକ୍‌ସୋ ଜଜ୍ ଅଭିଜିତ ପଲେଇ ମାମଲାର ବିଚାର କରି ଦୋଷୀଙ୍କୁ ୩୦ ବର୍ଷ କାରାଦଣ୍ଡରେ ଦଣ୍ଡିତ କରିବା ସହ ୫୦ ହଜାର ଟଙ୍କା ଜରିମାନା କରିଛନ୍ତି। ଜରିମାନା ଅନାଦାୟ ଅଧିକ ୬ମାସ କାରାଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ କରିଛନ୍ତି। ଏଥିସହିତ ପୀଡ଼ିତାଙ୍କୁ ୫ଲକ୍ଷ ଟଙ୍କା ସହାୟତା ରାଶି ପ୍ରଦାନ କରିବାକୁ ଆଇନ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି।

ମାମଲାର ବିବରଣୀ ଅନୁଯାୟୀ, ୨୦୨୨ ଜୁନ୍ ୨୦ରେ ଧର୍ମଶାଳା ଥାନା ଅଞ୍ଚଳର ସମ୍ପୃକ୍ତ ନାବାଳିକା ବିଦ୍ୟାଳୟରୁ ଘରକୁ ଫେରୁଥିଲେ। ଏହି ସମୟରେ ଉକ୍ତ ଥାନା ଅଧୀନ ଅଲାରପୁର ଗ୍ରାମର ବିପିନ ବିହାରୀ ଦାସ ନାବାଳିକାଙ୍କୁ ଅଟକାଇ ଜିନିଷ ଦେବା ଆଳରେ ନିଜ ଘରକୁ ଡାକି ନେଇ ବଳାତ୍କାର କରିଥିଲେ। ପରେ ଅଭିଯୁକ୍ତ ନାବାଳିକାଙ୍କୁ ଧମକ ଦେବା ସହ ଘଟଣା ସମ୍ପର୍କରେ ପରିପ୍ରକାଶ କଲେ ତାଙ୍କ ବାପାଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ନାବାଳିକା ଘରକୁ ଆସି ଘଟଣା ସମ୍ପର୍କରେ ପରିବାର ଲୋକଙ୍କୁ କହିଥିଲେ। ଏହାପରେ ତାଙ୍କ ପରିବାର ଲୋକେ ଅଭିଯୁକ୍ତଙ୍କ ଘରକୁ ଯାଇ ଘଟଣା ସମ୍ପର୍କରେ ପଚାରିବାରୁ ଅଭିଯୁକ୍ତଙ୍କ ପରିବାର ପୀଡ଼ିତାଙ୍କ ବାପାଙ୍କୁ ଗାଳିଗୁଲଜ କରିବା ସହ ମାରଧର କରିଥିଲେ। ଏନେଇ ପୀଡ଼ିତାଙ୍କ ବାପା ଗ୍ରାମର କେତେଜଣ ଭଦ୍ରଲୋକଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ଭଦ୍ର ଲୋକ ଆଇନର ଆଶ୍ରୟ ନେବାକୁ ପରାମର୍ଶ ଦେଇଥିଲେ। ଏହାପରେ ପୀଡ଼ିତାଙ୍କ ବାପା ଘଟଣା ସମ୍ପର୍କରେ ଧର୍ମଶାଳା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୋଲିସ ଅଭିଯୁକ୍ତ ବିପିନଙ୍କୁ ଗିରଫକରି କୋର୍ଟଚାଲାଣ କରିଥିଲା। ମାମଲାର ଚୂଡ଼ାନ୍ତ ଶୁଣାଣି କରି ୧୭ଜଣ ସାକ୍ଷ୍ୟଙ୍କ ବୟାନ ଓ ପୋଲିସର ଦସ୍ତାବିଜ୍‌କୁ ଆଧାର କରି ବିଚାରପତି ଉପରୋକ୍ତ ରାୟ ଶୁଣାଇଛନ୍ତି। ମାମଲାକୁ ସରକାରଙ୍କ ପକ୍ଷରୁ ସ୍ପେଶାଲ ପବ୍ଲିକ ପ୍ରସିକ୍ୟୁଟର ରାଜୀବ ମହାନ୍ତି ପରିଚାଳନା କରୁଥିଲେ।



ଦୋଷୀ ବିପିନ ବିହାରୀ ଦାସଙ୍କୁ ଜେଲ୍‌କୁ ନିଆଯାଉଛି ।

# ଗାଡ଼ି ଧକ୍କାରେ ବୃଦ୍ଧଙ୍କ ମୃତ୍ୟୁ

**ଯାଜପୁରଟାଉନ,୨୭।୫ (ପ୍ରଯକ୍ତା ପ୍ରିୟଦର୍ଶିନୀ ମହାନ୍ତି):**

ଅଜଣା ଗାଡ଼ି ଧକ୍କାରେ ମଙ୍ଗଳବାର ଜଣେ ବୃଦ୍ଧଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ମଙ୍ଗଳପୁର ଅଞ୍ଚଳର ଭୀମସେନ ମହାପାତ୍ର(୭୫)। ସେ ବନ୍ଧମୁଣ୍ଡା ସେତୁରେ ଯାଉଥିବାବେଳେ ଅଜଣା ଗାଡ଼ି ତାଙ୍କୁ ଧକ୍କା ଦେଇଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଥିଲା। ଖବର ପାଇ ଯାଜପୁର ଟାଉନ ପୋଲିସ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ପଠାଇଛି। ଏନେଇ ଯାଜପୁର ଟାଉନ ଥାନାରେ ଏକ ଦୁର୍ଘଟଣାଜନିତ ମାମଲା ରୁଜୁ ହୋଇଛି। ଏସ୍‌ଆଇ ମହେନ୍ଦ୍ର ସେଠୀ ଘଟଣାର ତଦନ୍ତ କରୁଛନ୍ତି।

# ଗୁଜରାଟରେ ବରୀ ଯୁବକଙ୍କ ମୃତ୍ୟୁ

**ବରୀ,୨୭।୫(ମହେନ୍ଦ୍ର ସ୍ୱାଇଁ):**



ବରୀ ବ୍ଲକ୍ ଅଧୀନ ବାଲିବିଲ ଗ୍ରାମର ଦଶରଥ ପଡ଼ିହାରୀ(୩୪)ଙ୍କ ସୋମବାର ଗୁଜରାଟରେ ଏକ ସଡ଼କ ଦୁର୍ଘଟଣାରେ ମୃତ୍ୟୁ ହୋଇଛି। ଦଶରଥ ପରିବାର ପ୍ରତିପୋଷଣ କରିବାକୁ ଗୁଜରାଟରେ ଏକ ଘରୋଇ କମ୍ପାନୀରେ କାର୍ଯ୍ୟ କରୁଥିଲେ। ସେଠାରେ ତାଙ୍କଠାରୁ ଅଳ୍ପ ଦୂରରେ ରହୁଥିବା ନିଜ ଭଉଣୀଙ୍କ ଘରକୁ ସାବିତ୍ରୀ ବ୍ରତ ପାଇଁ ଭାଇ ବାଇକ୍ ଯୋଗେ ଯାଉଥିବାବେଳେ ସଡ଼କ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ। ତାଙ୍କୁ ନିକଟ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମଙ୍ଗଳବାର ସକାଳେ ତାଙ୍କ ମରଶରୀର ଆସି ଜନ୍ମମାଟିରେ ପହଞ୍ଚିବା ପରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ପରେ ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ଶବଯାତ୍ରାରେ ସାମାଜିକ କର୍ମୀ ଶିଶିର ମଲିକ, ବାଲିବିଲ ସରପଞ୍ଚଙ୍କ ପ୍ରତିନିଧି ମାନଗୋବିନ୍ଦ ସାମଲ, ରବୀନ୍ଦ୍ର ସ୍ୱାଇଁ, ବିଷ୍ଣୁ ଚରଣ ସାମଲଙ୍କ ସମେତ ସ୍ଥାନୀୟ ଲୋକେ ସାମିଲ ହୋଇଥିଲେ। ଦଶରଥ ଘରର ଏକ ମାତ୍ର ରୋଜଗାରିଆ ଥିଲେ। ମୃତ୍ୟୁ ପରେ ତାଙ୍କ ସ୍ତ୍ରୀ, ମା' ଓ ଦୁଇ ବର୍ଷର କୁନି ଝିଅ ବେସାହାରା ହୋଇ ପଡ଼ିଛନ୍ତି।

# ୩ ଦଶନ୍ଧି ମଧ୍ୟରେ ହଜିବାକୁ ବସିଛି କାଠଡଙ୍ଗା କାରିଗରି

**କେନ୍ଦ୍ରାପଡ଼ା, ୨୭।୫ (ଜଗନ୍ନାଥ ଧଳ):**

ଜୀବନଧାରଣ ଓ ଆଞ୍ଚଳିକ ଉନ୍ନତିରେ ଗମନାଗମନ ଏକ ଆବଶ୍ୟକତା। ପଣ୍ୟ ପରିବହନଠାରୁ ଆରମ୍ଭକରି ଯାତାୟାତ ଦ୍ୱାରା ଏହା ସମ୍ଭବ ହୋଇଥାଏ। ୩ ଦଶନ୍ଧି ମଧ୍ୟରେ ଏହାର ଦ୍ରୁତ ଉନ୍ନତି ହୋଇଛି। ଅପରପକ୍ଷରେ ଏହାର ପ୍ରଭାବରେ କେନ୍ଦ୍ରାପଡ଼ା ଜିଲାରୁ କାଠଡଙ୍ଗା କାରିଗରି ହଜି ହଜି ଯାଇଛି। ପୂର୍ବରୁ ୨ ହଜାରରୁ ଊର୍ଦ୍ଧ୍ୱ ପରିବାର କାଠଡଙ୍ଗା ନିର୍ମାଣକରି ପରିବାର ପ୍ରତିପୋଷଣ କରୁଥିଲେ। ସମ୍ପ୍ରତି ଜିଲାରେ କାଁ ଭାଁ କାରିଗର ଡଙ୍ଗା ମରାମତିରେ ସୀମିତ ଅଛନ୍ତି।

ଏ ସମ୍ପର୍କରେ ସାମାଜିକ କର୍ମୀ ଶୁଭଙ୍କର ନାୟକ କହିଛନ୍ତି, ଜଳପଥ ଓ ନୌବାଣିଜ୍ୟ କେନ୍ଦ୍ରାପଡ଼ା ଜିଲାର ଐତିହ୍ୟ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଥିଲା। ଜିଲାରେ ବିଭିନ୍ନ ନଦୀ ମୁହାଣଠାରୁ ସମୁଦ୍ର ତଟ ଦେଇ ବାହାର ଦେଶ ସହ ବାଣିଜ୍ୟ ଚାଲିଥିଲା। ସେହିପରି ଜିଲାରେ ୨୬୬ କି.ମି.ର ନଦୀପଥ ଘାଟଗୁଡିକରେ ଯାତାୟାତ ପାଇଁ ଡଙ୍ଗାର ବ୍ୟବହାର ହେଉଥିଲା। ଏଥିସହ କେନ୍ଦ୍ରାପଡ଼ା କେନାଲ ରାଜ୍ୟର ପ୍ରଥମ କେନାଲ ୧୮୬୬- ୬୭ରେ ନିର୍ମାଣ ପରେ ପଣ୍ୟ, ଯାତ୍ରୀ ପରିବହନ ଛୋଟ ଓ ବଡ଼ ଡଙ୍ଗା ମାଧ୍ୟମରେ ହେଉଥିଲା। ଏଥିପାଇଁ ଡଙ୍ଗା କାରିଗର ପ୍ରତ୍ୟେକ ପଞ୍ଚାୟତରେ ଥିଲେ। ଏବେ ସଡ଼କ ଓ ସେତୁ ପାଇଁ ଡଙ୍ଗାର ବ୍ୟବହାର କମିଯାଇଛି। ସେଥିପାଇଁ ଏହି କାରିଗରିର ଆବଶ୍ୟତା ନ ଥିବା ସେ କହିଛନ୍ତି। ବୁଦ୍ଧିଜୀବୀ ଗଣେଶ ଚନ୍ଦ୍ର ସାମଲ କହିଛନ୍ତି, କାଠଡଙ୍ଗା ନିର୍ମାଣ ଓ ଏହାର ବ୍ୟବହାରରେ ଗ୍ରାମୀଣ ଅର୍ଥନୀତି ପୂର୍ବରୁ ବହୁମାତ୍ରାରେ ଉନ୍ନତି ହୋଇଥିଲା। ଜିଲାର ଏହି କାରିଗରି ବହୁ ପୁରୁଣା। ତେବେ ୩ ଦଶନ୍ଧି ମଧ୍ୟରେ ଏଥିରେ ପରିବର୍ତ୍ତନ ଆସିଛି। ପଣ୍ୟ ପରିବହନ ପାଇଁ ବୋଟ୍, ଫାଇବର ବୋଟ୍, ଟ୍ରଲର, ଭୁଟୁଭୁଟି ଆଦି ବ୍ୟବହାର ହେଉଛି। ସେହିପରି ୩ ଦଶନ୍ଧି ମଧ୍ୟରେ ସେତୁ ମାଧ୍ୟମରେ ସଡକ ଯୋଗାଯୋଗ ପଥକୁ ଉନ୍ମୁକ୍ତ କରାଯାଇଛି। ଏହାସତ୍ତ୍ୱେ ଜିଲାରେ ୬୩ ନଦୀଘାଟରେ ଅଦ୍ୟାବଧି ସେତୁ ହୋଇ ନ ଥିବାରୁ ଡଙ୍ଗା ହିଁ ଯାତାୟାତ ପଥ ପାଲଟିଛି। ଏହାସହ ଛୋଟ ମାଛଧରା ଡଙ୍ଗାକୁ ଛାଡ଼ିବା ପରେ ଡଙ୍ଗା ନିର୍ମାଣ ଏଠାରେ ଆବଶ୍ୟକତା ନାହିଁ। କାଠ କଟକଣା ଓ ସୁଲଭ ଉପଲବ୍ଧ ଡଙ୍ଗା କାରିଗରିର ଅନ୍ତ ଘଟାଇଛି। ଜିଲାରେ ନଦୀ ଓ ସମୁଦ୍ର ତଟାଞ୍ଚଳ ଅଛି। ତଟାଞ୍ଚଳ ମହାକାଳପଡ଼ା ଓ ରାଜନଗର ବ୍ଲକ୍ ଅଞ୍ଚଳରେ ଅତ୍ୟାଧୁନିକ ଡଙ୍ଗା ନିର୍ମାଣ ଓ ମରାମତି ପାଇଁ ଭିତ୍ତିଭୂମି ଅଛି। ଏହାକୁ ଉପଯୋଗ କଲେ ଜିଲା ଅର୍ଥନୀତିରେ ଉନ୍ନତି ଆସିବ। ରାମନଗର ଗ୍ରାମର ରଞ୍ଜନ ମହାରଣା କହିଛନ୍ତି, ୬୦ ବର୍ଷ ପୂର୍ବେ ଏହି ଅଞ୍ଚଳରେ ଅନ୍ୟୁନ ୩୦ ପରିବାର ଡଙ୍ଗା ନିର୍ମାଣ ଓ ମରାମତି କରୁଥିଲେ। ସମ୍ପ୍ରତି ୫ରୁ ୧୦ ଘର ସଦସ୍ୟ ଏଥିରେ ସାମୟିକ ଭାବେ କାର୍ଯ୍ୟ କରୁଛନ୍ତି। ବଡ ଓ ଛୋଟ ଡଙ୍ଗା ନିର୍ମାଣରେ ପୂର୍ବ ପରି କାରୁକାର୍ଯ୍ୟ ହେଉନାହିଁ। ଏବେ ବାହାର ଜିଲା ଓ ରାଜ୍ୟରୁ ଡଙ୍ଗା ଅଣା ଯାଉଥିବାବେଳେ ମରାମତି ମଧ୍ୟ ସେଠାରେ କରାଉଛନ୍ତି। ବଡିଘର ଗ୍ରାମର ଅଜିତ ମଣ୍ଡଳ କହିଛନ୍ତି, ଏହି ନିର୍ମାଣ କାରିଗରିକୁ ବିଭିନ୍ନ କାରଣରୁ ଯୁବବର୍ଗ ଆଗ୍ରହ ପ୍ରକାଶ କରୁନାହାନ୍ତି। ଅତ୍ୟଧିକ ପରିଶ୍ରମ ହେଉଥିଲେ ମଧ୍ୟ କମ୍ ମଜୁରି ମିଳୁଛି। ନଦୀ, ପୋଖରୀକୁ ଜୀବିକା ଭାବେ ଗ୍ରହଣ କରିଥିବା ପାରମ୍ପରିକ ମତ୍ସ୍ୟଜୀବୀଙ୍କ ବ୍ୟତୀତ ଛୋଟ ଡଙ୍ଗାର ଆବଶ୍ୟକତା ନାହିଁ। ଏହାବ୍ୟତୀତ ଅତ୍ୟାଧୁନିକ ଡଙ୍ଗାଗୁଡିକ ପ୍ରାୟ ୨୦ରୁ ୨୫ ବର୍ଷ କାର୍ଯ୍ୟକ୍ଷମ ହେଉଥିବାବେଳେ କାଠଡଙ୍ଗାକୁ ପ୍ରତିବର୍ଷ ମରାମତି ଆବଶ୍ୟକ ଅଛି। ଆଗକୁ ଏହି କାରିଗରି କେନ୍ଦ୍ରାପଡ଼ା ଜିଲାରୁ ସମ୍ପୂର୍ଣ୍ଣ ଲୋପ ପାଇଯିବ ବୋଲି ସେ ଆଶଙ୍କା ପ୍ରକାଶ କରିଛନ୍ତି।


ବଡିଘର ଗାଁରେ ଜଣେ କାରିଗର ଡଙ୍ଗା ତିଆରି କରୁଛନ୍ତି ।

WANTED
ACCOUNTANT & MARKETING EXECUTIVE for Furniture & Timber, Construction Organisation, Experience on above field preferable.
Salary starts now 10000/- to 15000/-.
Call: 7064170280, 9777251369

SKI Retail Capital Limited
A Leading distributor, Insurance & Financial Services
Require
DYNAMIC AREA MANAGER
for Motor Insurance in Rourkela, Sambalpur, Balasore, Cuttack, Angul.
Exp. in General Insurance Industry or Insurance broking 4-5 yrs experience.
CTC Rs. 6 to 7.2 lacs LPA
Mail CV: resume@skiretail.in
M: 9840335849

ଆବଶ୍ୟକ
ଡ୍ରାଇଭର ଓ ରୋଷେୟା ଆବଶ୍ୟକ।
ମଞ୍ଚେଶ୍ୱର, ଭୁବନେଶ୍ୱର
ଯୋଗାଯୋଗ
8249176583
9110572630

WANTED
Honest, Responsible Peon-cum-Caretaker for guest house, Salary as per experience, Free room, utilities. Must speak Hindi, English, Odia. Immediate joining in Bhubaneswar.
Send Biodata to 9438128790

ସହକାରୀ ଆବଶ୍ୟକ
ମହିଳା ବୟସ 35-50ବର୍ଷ, ଯୋଗ୍ୟତା-ଏକାଦଶ ବା +2, ପ୍ରଥମଶ୍ରେଣୀ ଓଡିଶା ଉତ୍ତମ ଦୃଷ୍ଟି ଶକ୍ତି ସମ୍ପର୍ଣ୍ଣ ସନ୍ତାନ ସନ୍ତତି 12 ବର୍ଷରୁ ଉର୍ଦ୍ଧ୍ୱ ସର୍ବାଧିକ ତିନି ଜାତି-ସାଧାରଣ ବର୍ଗ ସେବା କାମ୍ୟ ବ୍ୟକ୍ତି 89ବର୍ଷ ରହିବା ଘର ବ୍ୟବସ୍ଥା ଅଛି । ଆଧାର କାର୍ଡ, ସ୍ୱାସ୍ଥ୍ୟ ଓ ଜାତି ପରିଚୟ ପତ୍ର ଆବଶ୍ୟକ । ପାରିଶ୍ରମିକ ସାକ୍ଷାତରେ ଯାହା ନିଷ୍ପତି ହେବ । ପ୍ରତ୍ୟକ୍ଷରେ ଯୋଗାଯୋଗ କରନ୍ତୁ-9438572007, କର୍ତ୍ତା- ଲିଙ୍ଗରାଜ ପାଳ, (କଲୋନୀ), ଭଞ୍ଜନଗର

REQUIREMENT
Educated & Well behaved Candidate required for a Construction Site with good communication skill. Both Field & Office Work Bhubaneswar.
Mob. - 7381207777

ଅମ୍ବିକା ସର୍ଭିସେସ୍ (ଭୁଜ୍)
ଗୁଜରାଟ ବିପୁଳ ସଂଖ୍ୟକ ଅଣକୁଶଳୀ ଶ୍ରମିକଙ୍କୁ ନିଯୁକ୍ତି ଦେଉଛି। ଦରମା 24000+3200, ପିଏଫ୍ + ରହିବା ସୁବିଧା, 12 ଘଣ୍ଟା ଡ୍ୟୁଟି।
ଯୋଗାଯୋଗ : 9624019510, 9727054779, 7486050035, 9429927537, ନିଯୁକ୍ତି ମାଗଣା।

See Career Appointment on every Wednesday & Saturday

Display Line
WALK-IN INTERVIEW
A Bhubaneswar based leading Advertising Agency dealing in Print, Electronic & Outdoor Media requires
» Accounting Asst. (M/F) «
Qualification: Commerce Graduate with Knowledge in Tally.
Interested candidates may walk-in Interview at the following address with detail resumes & copies of testimonials on
29th & 31st May 2025 between 10.00 A.M. to 06.00 P.M.
Venue | Plot No.: A/173, Saheed Nagar, (Near Sparsh Hospital), Bhubaneswar-751007, Ph.: 0674-4041513

RECRUITMENT
ZENITH ENGINEERING & MANAGEMENT STUDIES
Approved by AICTE, New Delhi, Affiliated to BPUT, Odisha
1. Principal : (Ph.D with 5-10 Year's Experience)
2. Professor / Asso. Prof. / Asst. Prof : PhD / M.Tech in Civil, EE, Mech., CSE, Mining with (0-5 years experience)
3. Lab Assistant : Civil, EE, Mech, CSE, Mining (B.Tech with 0-3 years experience)
4. Administrative Officer : Graduate & above with 3 years minimum experience in Educational field.
5. Placement Officers / Librarian & Accountant : Minimum 0-3 years experience in respective field.
Eligible candidates are requested to send their updated resume through the E-mail ID : zemsbbsr@gmail.com within 7days from the date of publication of the advertisement. You can also send through whatsapp
NH-16, Pitapalli, Khordha, 752057
Contact / WhatsApp : 8908018083

# ଗାଁ ଲୋକେ ନିର୍ମାଣ କଲେ ରାସ୍ତା, ପୋଲ



ଡିପିସାହି ଗ୍ରାମବାସୀ ରାସ୍ତା ନିର୍ମାଣ କରୁଛନ୍ତି ।

ନୂଆଗାଁ,୨୭।୫(ଧନେଶ୍ୱର ସାହୁ):

ନୟାଗଡ଼ ଜିଲା ନୂଆଗାଁ ବ୍ଲକ ମାଇଛେଳି ପଞ୍ଚାୟତ ଆଦିବାସୀ ଗ୍ରାମ ଡିପିସାହିକୁ ରାସ୍ତା ନିର୍ମାଣ ପାଇଁ ଗ୍ରାମବାସୀ ସ୍ଥାନୀୟ ଜନପ୍ରତିନିଧି ଓ ପ୍ରଶାସନକୁ ବାରମ୍ବାର ଗୁହାରୀ କରିଥିଲେ । ହେଲେ କୌଣସି ସୁଫଳ ମିଳିଲା ନାହିଁ । ସବୁଠି ନିରାଶ ହେବା ପରେ ଆଦିବାସୀମାନେ ନିଜ ଭିତରେ ଚାନ୍ଦା ଆଦାୟ କରିବା ସହ ମିଳିମିଶି ନିଜ ହାତରେ ରାସ୍ତା ନିର୍ମାଣ ଆରମ୍ଭକ କରିଛନ୍ତି । ଏଥିପାଇଁ ସେହି ଗ୍ରାମବାସୀ ଅନ୍ୟ କାହା ଉପରେ ନିର୍ଭର କରିନାହାନ୍ତି।

ସ୍ୱାଧୀନତାର ୭୬ ବର୍ଷ ପରେ ବି ଉକ୍ତ ଗ୍ରାମକୁ ରାସ୍ତା ନାହିଁ । ତାହା ପୁଣି ନୟାଗଡ଼ ଜିଲା ମୁଖ୍ୟାଳୟଠାରୁ ମାତ୍ର ୨୧ କିମି ନୂଆଗାଁ ବ୍ଲକ କାର୍ଯ୍ୟାଳୟଠାରୁ ମାତ୍ର ୫ କିମି ଓ ମାଇଛେଳି ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟଠାରୁ ମାତ୍ର ୪ କିମି ଦୂରରେ ଥିବା ଆଦିବାସୀ ଗ୍ରାମ ଡିପିସାହି। ଆଦିବାସୀମାନଙ୍କୁ ନେଇ କେଉଁ ଆବାହାନ କାଳରୁ ଉକ୍ତ ଗ୍ରାମ ଗଢି ଉଠିଛି। ଗ୍ରାମରେ ବର୍ତ୍ତମାନ ୨୫ ପରିବାରର ପ୍ରାୟ ୧୦୦ ସଦସ୍ୟ ବସବାସ କରୁଛନ୍ତି। ଖୋର୍ଦ୍ଧା-ବଲାଙ୍ଗୀର ୫୭ନଂ. ଜାତୀୟ ରାଜପଥଠାରୁ ମାତ୍ର ୨ କିମି ଦୂରରେ ଅବସ୍ଥିତ ଡିପିସାହି ଗ୍ରାମକୁ ରାସ୍ତା ନାହିଁ। ଗାଁ ଭିତରେ ବ୍ଲକ ପ୍ରଶାସନ କଂକ୍ରିଟ ରାସ୍ତା ନିର୍ମାଣ କରିଥିଲେ ମଧ୍ୟ ଜାତୀୟ ରାଜପଥ ସହ ଗ୍ରାମକୁ ସଂଯୋଗ ହୋଇପାରିନାହିଁ । ଫଳରେ ବିଲ ହୁଡା ଦେଇ ଲୋକମାନେ ଯାତାୟତ କରନ୍ତି। ଖରାଦିନେ ବିଲ ଗହିର ଦେଇ ଜରୁରୀକାଳୀନ ଯାନବାହନ ଯାଉଥିବା ବେଳେ ବର୍ଷାଦିନେ ସେସବୁ ବନ୍ଦ ହୋଇଯାଏ । ଲୋକମାନଙ୍କୁ ଚାଲିକି ଯିବା ବି ଅସମ୍ଭବ ହୋଇ ପଡେ। ତେବେ ଗ୍ରାମବାସୀଙ୍କ ସୁବିଧା ନିମନ୍ତେ ରାସ୍ତା ନିର୍ମାଣ ପାଇଁ ନିଜେ ଜମି ଦେଇଥିଲେ ମଧ୍ୟ ପ୍ରଶାସନ ରାସ୍ତା ନିର୍ମାଣ କରି ନ ଥିଲା । ରାସ୍ତା ନିର୍ମାଣ ପାଇଁ ଗ୍ରାମବାସୀ ନେତା ଓ ବ୍ଲକ ପ୍ରଶାସନ ନିକଟରେ ବାରମ୍ବାର ଗୁହାରୀ କରିଥିଲେ ହେଲେ କେହି ଶୁଣି ନ ଥିଲେ । ଏପରିକି ରାସ୍ତା ନିର୍ମାଣକୁ ନେଇ ଜଣେ ଅସାଧୁ ବ୍ୟକ୍ତି ମଧ୍ୟ ବିରୋଧ କରିଥିଲେ । ଏହାକୁ ନେଇ ମାମଲା ଥାନାରେ ପହଞ୍ଚି ଥିଲା । ପୋଲିସ, ରାଜସ୍ୱ ବିଭାଗ ଅଧିକାରୀଙ୍କ ଉପସ୍ଥିତିରେ ଏହି ବିବାଦର ସମାଧାନ କରାଯାଇଥିଲା । ଏପରି ଅନେକ ବାଧା ବିଘ୍ନକୁ ଖାତିର ନ କରି ରାସ୍ତା ନିର୍ମାଣ କରିବା ଜିଦ୍‌ରେ ଗ୍ରାମବାସୀ ଅଟଳଥିଲେ । ଶେଷରେ ସେଥିରେ ସଫଳ ହୋଇ ପଡୋଶୀ ସମ୍ପଡା ଗ୍ରାମବାସୀ ଓ ଡିପିସାହିବାସୀଙ୍କ ମିଳିତ ସହଯୋଗରେ ରାସ୍ତା ପାଇଁ ନିଷ୍ପତ୍ତି ନିଆଯାଇଥିଲା । ସରକାରୀ ସହାୟତା ବିନା ଡିପିସାହିବାସୀ ନିଜେ ଜମି ଦେଇ, ନିଜେ ଟଙ୍କା ଅସୁଲ କରି ଗ୍ରାମର ମହିଳା ପୁରୁଷ ସମସ୍ତେ ମିଳିମିଶି ରାସ୍ତା ନିର୍ମାଣ କାର୍ଯ୍ୟ ଆରମ୍ଭ କରିଛନ୍ତି । ଏପରିକି ସମ୍ପଡା ଗ୍ରାମର ଯୁବକ ଦାଶରଥି ପ୍ରଧାନଙ୍କ ସହଯୋଗରେ ଉକ୍ତ ରାସ୍ତାରେ ଡିପିସାହିବାସୀ ପୋଲ ନିର୍ମାଣ କରିଥିବା ଦେଖିବାକୁ ମିଳିଛି ।

ସେଲ୍‌ଫି କର୍ଣ୍ଣର ଧରିତ୍ରୀ DHARITRI
ଆମକୁ ପଠାନ୍ତୁ ଆପଣଙ୍କ ସେଲ୍‌ଫି
metroselfie@gmail.com



@ ଖୁସି



@ ମନୋଜ

ସେଲ୍‌ଫି ପଠାଇବା ସମୟରେ ନିଜର ନାମ ଏବଂ ମୋବାଇଲ ନମ୍ବର ଦେବାକୁ ଭୁଲନ୍ତୁ ନାହିଁ । ଯୋଗ୍ୟବିବେଚିତ ଫଟୋ ପ୍ରକାଶ ପାଇବ।

# ବରିଷ୍ଠ ନାଗରିକ ମଞ୍ଚର ସାଧାରଣ ଅଧିବେଶନ

## ୬୦ଜଣ ନୂତନ ବରିଷ୍ଠ ନାଗରିକଙ୍କୁ ପରିଚୟ ପତ୍ର ପ୍ରଦାନ



ଜଣେ ବରିଷ୍ଠ ନାଗରିକଙ୍କୁ ସମ୍ବର୍ଦ୍ଧିତ କରାଯାଉଛି ।

ଗଣିଆ,୨୭।୫(ସନ୍ତୋଷ କୁମାର ପ୍ରଧାନ)

ଗଣିଆ ବ୍ଲକ ଡ. ଆରସି ସାମନ୍ତରାୟ ମହାବିଦ୍ୟାଳୟ ପରିସରରେ ମଙ୍ଗଳବାର ଗଣିଆ ମଣ୍ଡଳ ବରିଷ୍ଠ ନାଗରିକ ମଞ୍ଚର ସାଧାରଣ ଅଧିବେଶନ ଅନୁଷ୍ଠିତ ହୋଇଯାଇଛି । ବରିଷ୍ଠ ନାଗରିକ ମଞ୍ଚର ମଣ୍ଡଳ ସଭାପତି ଗିରିଶ ଚନ୍ଦ୍ର ମିଶ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ବୈଠକରେ ଗଣିଆ ଥାନା ଅଧିକାରୀ ଲକ୍ଷ୍ମଣ ଦଣ୍ଡସେନା, କିଶୋରପ୍ରସାଦ ପଞ୍ଚାୟତ ସରପଞ୍ଚ ଗୀତାରାଣି ବେହେରା ଓ କିଶୋରପ୍ରସାଦ ପଞ୍ଚାୟତ ବରିଷ୍ଠ ନାଗରିକ ମଞ୍ଚ ସଭାପତି ପଞ୍ଚାନନ ବେହେରା ପ୍ରମୁଖ ମଞ୍ଚାସୀନ ଥିଲେ । ବରିଷ୍ଠ ନାଗରିକମାନଙ୍କୁ ବ୍ଲକର ବିଭିନ୍ନ ସରକାରୀ କାର୍ଯ୍ୟାଳୟରେ ଅଣଦେଖା କରାଯାଉଥିବା ଆଲୋଚନାରେ ସ୍ଥାନ ପାଇଥିଲା । ତେବେ ବରିଷ୍ଠ ନାଗରିକମାନଙ୍କୁ ସରକାରୀ କାର୍ଯ୍ୟାଳୟଗୁଡିକରେ ପ୍ରାଧାନ୍ୟ ଦେଇ ସେମାନଙ୍କ କାର୍ଯ୍ୟକୁ ସମ୍ମାନର ସହ କରିବା ପାଇଁ ନାଗରିକ ମଞ୍ଚ ତରଫରୁ ବିଭିନ୍ନ ଅଧିକାରୀଙ୍କୁ ଅବଗତ କରାଇବା ପାଇଁ ନିଷ୍ପତ୍ତି ହୋଇଥିଲା । ସେହିପରି ଗଣିଆ ବଜାରର ବିଭିନ୍ନ ସ୍ଥାନରେ ଚୋରାରେ ବିକ୍ରି ହେଉଥିବା ମାଦକ ଦ୍ୟବ୍ର ବିକ୍ରୟ, ସାପ୍ତାହିକ ହାଟ ଦିନରେ ଟ୍ରାଫିକ ନିୟନ୍ତ୍ରଣ , ଆଇନ ଶୃଙ୍ଖଳା ସମ୍ପର୍କରେ ଥାନା ଅଧିକାରୀଙ୍କୁ ଆଲୋଚନା ମାଧ୍ୟମରେ ଅବଗତ କରାଇଥିଲେ । ନୂତନ ଭାବେ ୬୦ଜଣ ବରିଷ୍ଠ ନାଗରିକଙ୍କୁ ବରିଷ୍ଠ ନାଗରିକ ପରିଚୟ ପତ୍ର ପ୍ରଦାନ କରାଯାଇଥିଲା। ଆୟୋଜିତ ଏହି ବୈଠକରେ ୧ଶହରୁ ଊର୍ଦ୍ଧ୍ୱ ବରିଷ୍ଠ ନାଗରିକ ଯୋଗଦେଇଥିଲେ । ଆଗାମୀ ସାଧାରଣ ଅଧିବେଶନ ପର୍ଯ୍ୟାୟକ୍ରମେ ବିଭିନ୍ନ ପଞ୍ଚାୟତରେ ଅନୁଷ୍ଠିତ ହେବ ବୋଲି ମଞ୍ଚର ମଣ୍ଡଳ ସଭାପତି ଗିରିଶ ଚନ୍ଦ୍ର ମିଶ୍ର ସୂଚନା ଦେଇଥିଲେ ।

# ମା' ଦକ୍ଷିଣକାଳୀଙ୍କ ପୀଠର ବାର୍ଷିକ ଉତ୍ସବ



କଳସ ଶୋଭଯାତ୍ରାରେ ସାମିଲ ହୋଇଥିବା ଶ୍ରଦ୍ଧାଳୁ ।

ରଣପୁର:୨୭।୫(ସୁକାନ୍ତ କିଶୋର ଡାକୁଆ): ନୟାଗଡ଼ ଜିଲା ରଣପୁର ବ୍ଲକ ରାଜସୁନାଖଳା ଗ୍ରାମ ଗୋପୀନାଥପୁର ସାହିର ଅଧିଷ୍ଠାତ୍ରୀ ଦେବୀ ମା'ଦକ୍ଷିଣ କାଳୀପୀଠର ଦ୍ୱିତୀୟ ବାର୍ଷିକ ଉତ୍ସବ ମଙ୍ଗଳବାର ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ କଳସ ଯାତ୍ରାର ଆୟୋଜନ କରାଯାଇଥିଲା। ଗ୍ରାମର ଶ୍ରଦ୍ଧାଳୁମାନେ ନିକଟସ୍ଥ ଅମୃତେଶ୍ୱରଙ୍କ ପୋଖରୀରୁ ୧୦୮ କଳସର ଜଳ ଧରି ଏକ ଶୋଭାଯାତ୍ରାରେ ଗ୍ରାମ ପରିକ୍ରମା କରିଥିଲେ । ଏହି ଶୋଭାଯାତ୍ରା ଆଗରେ ସଂକୀର୍ତ୍ତନ ଦଳ ସହ ପଣ୍ଡିତମାନେ ବେଦ ପାଠ କରିଥିଲେ । ମହିଳାମାନଙ୍କ ହୁଳହୁଳି ପୁରୁଷମାନଙ୍କ ହରିବୋଲ ଧ୍ୱନୀରେ ଗ୍ରାମରେ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଥିଲା । ପୂର୍ଣ୍ଣ କଳସକୁ ଯଜ୍ଞମଣ୍ଡପରେ ସ୍ଥାପନ ପରେ ପୂଜାର୍ଚ୍ଚନା ଆରମ୍ଭ କରା ଯାଇଥିଲା। ଅଙ୍କୁରାରୋପଣ, ସୂର୍ଯ୍ୟପୂଜା,ସର୍ବଦେବାଦେବୀ ପୂଜା ଆଦି ଆରମ୍ଭ କରାଯାଇଥିଲା। ମା'ଦକ୍ଷିଣ କାଳୀ ଯୁବକ ସଂଘ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଗୋପୀନାଥପୁର ସାହି ବାସିନ୍ଦା ସହଯୋଗ କରିଥିଲେ । ପଣ୍ଡିତ ପଦ୍ମନାଭ ଦାଶଙ୍କ ନେତୃତ୍ୱରେ ଅନ୍ୟ ପଣ୍ଡିତମାନେ ଯଜ୍ଞକାର୍ଯ୍ୟ ପରିଚାଳନା କରିଥିଲେ ।

# କାର୍ଯ୍ୟକ୍ଷମ ହୋଇପାରୁନି ନୂଆ ବସ୍‌ଷ୍ଟାଣ୍ଡ

- ନୟାଗଡ଼ ସହରର ରାସ୍ତା ପାଲଟିଛି ବସ୍‌ଷ୍ଟପ୍
- ବସ୍‌ଷ୍ଟାଣ୍ଡ କାର୍ଯ୍ୟକ୍ଷମ ପାଇଁ ନିର୍ମାଣ ଚାଲିଛି ୨ ବସ୍‌ଷ୍ଟପ୍
- ଜିଲାପାଳ ଓ ବିଧାୟକଙ୍କ ନିଷ୍ପତ୍ତି କାର୍ଯ୍ୟକାରୀ ହେବାରେ ବିଳମ୍ବ
- ବସ୍‌ର ପରମିଟ ସମୟ ବଦଳାଇବା ପାଇଁ ହୋଇନି ଆବେଦନ




ରାସ୍ତା ଉପରେ ଠିଆ ହୋଇଥିବା ବସ୍ ।

ନୟାଗଡ଼,୨୭।୫(ଲୋକନାଥ ମିଶ୍ର):

ନୟାଗଡ଼ ଜିଲା ସଦର ମହକୁମାରେ ନୂଆ ବସ୍‌ଷ୍ଟାଣ୍ଡ ଆଜି ପର୍ଯ୍ୟନ୍ତ କାର୍ଯ୍ୟକ୍ଷମ ହୋଇପାରିନାହିଁ । ଇତିମଧ୍ୟରେ ୧୬ ମାସ ବିତିଛି । ଉକ୍ତ ବସଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରିବା ପାଇଁ ଜିଲା ପରିଷଦ ବୈଠକ, ବିଧାନସଭା ସମୀକ୍ଷା ବୈଠକ, ଜିଲାପାଳଙ୍କ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ଉଦ୍‌ବେଗ ଓ ଅସନ୍ତୋଷ ପ୍ରକାଶ ପାଇଛି । ହେଲେ ସେଥିରେ ସଫଳତା ମିଳୁ ନାହିଁ । ଏଣୁ ୫ କୋଟି ଟଙ୍କାରେ ନିର୍ମିତ ବସଷ୍ଟାଣ୍ଡ ଲୋକଙ୍କ କାମରେ ଲାଗି ପାରୁନି ।

ଜିଲାର ୫୭ନଂ. ରାଜ୍ୟ ରାଜପଥ ସମେତ ଜିଲା ସଦର ମହକୁମାର ରାସ୍ତା ଗୁଡିକ ବସ୍‌ଷ୍ଟପ୍ ପରି କାମ କରୁଛି । ଯିଏ ଯେତେବେଳେ ଯେଉଁଠି ଚାହିଁଲା ବସ ରାସ୍ତାରେ ରଖି ଟ୍ରାଫିକ ଜାମ କରିବାରେ ଲାଗିପଡିଛନ୍ତି । ଏଣୁ ବିଭିନ୍ନ ସମୟରେ ଦୁର୍ଘଟଣା ଘଟି ମୃତ୍ୟୁ ଓ ଆହତଙ୍କ ସଂଖ୍ୟା ବଢ଼ି ଚାଲିଛି । ସେପଟେ ନୂଆ ବସ୍‌ଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରିବାକୁ ନୟାଗଡ଼ ଜିଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ଓ ନୟାଗଡ ବିଧାୟକ ଅରୁଣ ସାହୁଙ୍କ ନିର୍ଦ୍ଦେଶ କାର୍ଯ୍ୟକାରୀ ନ ହୋଇ ଶୀତଳଭଣ୍ଡାରରେ ପଡି ରହିଛି । ବସ୍‌ଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରିବା ପାଇଁ କେବଳ ଦୁଇଟି ବସ୍‌ଷ୍ଟପ୍ କାର୍ଯ୍ୟ ମନ୍ଥର ଗତିରେ ଚାଲିଛି । ବ୍ରଜେନ୍ଦ୍ର ହାଇସ୍କୁଲ ସମ୍ମୁଖରେ ବସ୍‌ଷ୍ଟପଟି ନିର୍ମାଣ ପାଇଁ ନୟାଗଡ଼ ମ୍ୟୁନିସିପାଲିଟି ପକ୍ଷରୁ ରାଜପଥ ପାର୍ଶ୍ୱରେ କଂକ୍ରିଟ ପକାଇ ରାଜପଥକୁ ପ୍ରଶସ୍ତ କରାଯାଇଛି । ଅନ୍ୟପକ୍ଷେ ନାରାୟଣୀ ପାର୍କ ସମ୍ମୁଖରେ ବସ୍‌ଷ୍ଟପ କରିବାକୁ ଟେଣ୍ଡର ହୋଇଛି । କାମ ଆରମ୍ଭ ହୋଇ ଯାଇଛି ବୋଲି କୁହାଯାଉଛି। ଅନ୍ୟପକ୍ଷେ ପୁରୁଣା ବସଷ୍ଟାଣ୍ଡରୁ ନୂଆ ବସଷ୍ଟାଣ୍ଡକୁ ବସ୍‌ଗୁଡିକ ଯିବା ପାଇଁ ପରମିଟ୍ ସମୟ ବଢ଼ାଇବା ପାଇଁ ଆବେଦନ ହୋଇ ନ ଥିବା ଜଣାପଡିଛି, ଯାହାକି ବସ୍‌ଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରିବାରେ ବାଧକ ସାଜୁଛି ବୋଲି ଅଭିଯୋଗ ହୋଇଛି । ଅନ୍ୟପକ୍ଷେ ନୂଆ ବସଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରିବା ପାଇଁ ନୟାଗଡ଼ ବିଧାୟକ ଜିଲାପାଳଙ୍କୁ ପରାମର୍ଶ ଦେଇଥିେ। ବିଧାୟକଙ୍କ ପରାମର୍ଶ ଅନୁସାରେ ଜିଲାପାଳଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ଗତ ଏପ୍ରିଲରେ ହୋଇଥିଲା । ଏଥିରେ ନୟାଗଡ଼ ବିଧାୟକ ଯୋଗ ଦେବା ସହ ନୟାଗଡ଼ ଆରଟିଓ, ମ୍ୟୁନିସିପାଲିଟିର ନିର୍ବାହୀ ଅଧିକାରୀ ଓ ଚେୟାରମ୍ୟାନ, ଅତିରିକ୍ତ ଏସ୍‌ପି ପ୍ରମୁଖ ଉପସ୍ଥିତ ଥିଲେ । ପୁରୁଣା ବସ୍‌ଷ୍ଟାଣ୍ଡକୁ ବସର ପରମିଟ୍ ଥିବାବେଳେ ନୂଆ ବସଷ୍ଟାଣ୍ଡକୁ ପରମିଟ୍ ନ ଥିବାରୁ ବସ ଯିବାରେ ଅସୁବିଧା ହେଉଛି । ନୂଆ ବସଷ୍ଟାଣ୍ଡକୁ ବସ୍ ଯିବାକୁ ହେଲେ ପରମିଟ୍‌ର ସମୟରେ ପରିବର୍ତ୍ତନ ଜରୁରୀ ବୋଲି ବସ ଆସୋସିଏଶନ ପକ୍ଷରୁ କୁହାଯାଇଥିଲା । ଏଥିରେ ଜିଲାପାଳ ସହମତି ପ୍ରକାଶ କରି ପରମିଟ୍ ସମୟ ବଦଳାଇବା ପାଇଁ ଆବେଦନ କରିବାକୁ କହିଥିଲେ । ତେବେ ଏଯାବତ ଏନେଇ କୌଣସି ପଦକ୍ଷେପ ନିଆଯାଇ ନାହିଁ। ଅପରପକ୍ଷେ ସହରର ବିଭିନ୍ନ ସ୍ଥାନରେ ବସ୍‌ଷ୍ଟପ ନିର୍ମାଣ ପାଇଁ ପୁଣି ଅନୁରୂପ ଦାବି ହୋଇଥିଲା । ନୂଆ ବସଷ୍ଟାଣ୍ଡ ପୁରୁଣା ସହରଠାରୁ ଦୂରରେ ରହିଥିବାରୁ ଯାତ୍ରୀଙ୍କ ସୁବିଧା ପାଇଁ ବସଷ୍ଟପର ନିହାତି ଦରକାର ବୋଲି ଯୁକ୍ତି ଦର୍ଶାଯାଇଥିଲା । ତେବେ ବ୍ରଜେନ୍ଦ୍ର ହାଇସ୍କୁଲଠାରେ ଓ ନାରାୟଣୀ ପାର୍କଠାରେ କେବଳ ଦୁଇଟି ବସ୍‌ଷ୍ଟପ୍ କରିବାକୁ ଜିଲାପାଳ ସହମତି ପ୍ରକାଶ କରିଥିଲେ । ଭୁବନେଶ୍ୱର ଯାତ୍ରୀଙ୍କ ଯିବା ଆସିବାର ଅସୁବିଧା ଏଡାଇବା ପାଇଁ ୨ଟି ସ୍ଥାନରେ କେବଳ ବସ୍‌ଷ୍ଟପ୍ ନିର୍ମାଣ କରିବାକୁ କହିଥିଲେ । ତେବେ ପୂର୍ବରୁ ମ୍ୟୁନିସିପାଲିଟି ପକ୍ଷରୁ ବ୍ରଜେନ୍ଦ୍ର ହାଇସ୍କୁଲ ସମ୍ମୁଖ ବସ୍‌ଷ୍ଟପ୍ ନିର୍ମାଣ ହୋଇ ସାରିଥିଲା । ସେହିପରି ଦୋକାନଗୁଡିକ କାର୍ଯ୍ୟକ୍ଷମ କରାଗଲେ ବସ ନୂଆ ବସଷ୍ଟାଣ୍ଡକୁ ଯିବ ବୋଲି କୁହାଯାଇଥିଲା। ବସ୍ ନ ଯିବାରୁ ଦୋକାନ ଚାଲୁ ନ ଥିବାରୁ ବସ ଗଲା ପରେ ଏ ସମସ୍ୟା ସମାଧାନ କରାଯିବାକୁ ପ୍ରତିଶ୍ରୁତି ଦିଆଯାଇଥିଲା । ଏପ୍ରିଲ ମାସର ବୈଠକ ହେବାର ପ୍ରାୟ ଦେଢ଼ ମାସ ପରେ ବି ଜିଲାପାଳ ଓ ବିଧାୟକଙ୍କ ନିର୍ଦ୍ଦେଶ କାର୍ଯ୍ୟକାରୀ ହୋଇ ପାର ନ ଥିବା ଜଣାପଡିଛି। ଏବେ ବି ନୟାଗଡ଼ ସହରର ରାସ୍ତାରେ ବସଗୁଡ଼ିକ ଠିଆ ହୋଇ ଯାତ୍ରୀ ନେବା ଆଣିବା କରୁଛନ୍ତି । ଗୋଲେଇ ଛକ ନୂଆ ସହରରେ ଥିବା ପୁରୁଣା ବସ୍‌ଷ୍ଟାଣ୍ଡ ଏବେବି ବସଷ୍ଟାଣ୍ଡ ପରି କାମ କରୁଛି । ବ୍ରଜେନ୍ଦ୍ର ହାଇସ୍କୁଲଠାରେ ନୂଆ ବସ୍‌ଷ୍ଟପରେ ମଧ ବସ୍‌ଗୁଡିକ ମନଇଚ୍ଛା ରହୁଛନ୍ତି । ଅନେକ ବସ ରାସ୍ତା ଉପରେ ରହୁଛି । ବସ୍‌ଷ୍ଟପ୍‌ରେ କେବଳ ଚଳନ୍ତା ବସ ଗୁଡିକ ଯାତ୍ରୀଙ୍କ ଉଦ୍ଦେଶ୍ୟରେ ମାତ୍ର ୨ମିନିଟ୍ ପାଇଁ ଅଟକି ରହିଥିବାର କୁହାଯାଉଥିଲେ ହେଁ ୫ରୁ ୧୦ ମିନିଟ୍ ଧରି ରହୁଛନ୍ତି । ଏଣୁ ବ୍ରଜେନ୍ଦ୍ର ହାଇସ୍କୁଲ ଓ ଜିଲା ମୁଖ୍ୟ ଚିକିତ୍ସାଳୟ ସମ୍ମୁଖ ରାସ୍ତା ସବୁବେଳେ ଟ୍ରାଫିକ ସମସ୍ୟା ଦେଖା ଦେଇ ଜାମ୍ ରହୁଛି । ଜିଲା ମୁଖ୍ୟ ଚିକିତ୍ସାଳୟ ସମ୍ମୁଖରେ ଅଟୋ ଷ୍ଟାଣ୍ଡ ପୁଣି ଟ୍ରାଫିକ ସେବାକୁ ବିଗାଡୁଛି ବୋଲି ଅଭିଯୋଗ ହୋଇଛି । ନୂଆ ବସଷ୍ଟାଣ୍ଡକୁ କାର୍ଯ୍ୟକ୍ଷମ କରି ସହରରୁ ତୁରନ୍ତ ଟ୍ରଫିକ ସମସ୍ୟା ଏଡାଇବାକୁ ସାଧାରଣରେ ଦାବି ହେଉଛି ।

CAREER APPOINTMENT
ON EVERY WEDNESDAY & SATURDAY
B/W : ₹. 350 per sq.cm
Colour : ₹. 400 per sq.cm
PAY FOR 1, GET 1 FREE
For Bookings
Call : 0674-2580385
Email : advt@dharitri.com

WANTED
ACCOUNTANT & MARKETING EXECUTIVE for Furniture & Timber, Construction Organisation, Experience on above field preferable.
Salary starts now 10000/- to 15000/-.
Call: 7064170280, 9777251369

SKI Retail Capital Limited
A Leading distributor, Insurance & Financial Services
Require
DYNAMIC AREA MANAGER
for Motor Insurance in Rourkela, Sambalpur, Balasore, Cuttack, Angul.
Exp. in General Insurance Industry or Insurance broking 4-5 yrs experience.
CTC Rs. 6 to 7.2 lacs LPA
Mail CV: resume@skiretail.in
M: 9840335849

ଆବଶ୍ୟକ
ଡ୍ରାଇଭର ଓ ରୋଷେୟା ଆବଶ୍ୟକ।
ମଞ୍ଚେଶ୍ୱର, ଭୁବନେଶ୍ୱର
ଯୋଗାଯୋଗ
8249176583
9110572630

WANTED
Honest, Responsible Peon-cum-Caretaker for guest house, Salary as per experience, Free room, utilities. Must speak Hindi, English, Odia. Immediate joining in Bhubaneswar.
Send Biodata to 9438128790

ସହକାରୀ ଆବଶ୍ୟକ
ମହିଳା ବୟସ 35-50ବର୍ଷ, ଯୋଗ୍ୟତା-ଏକାଦଶ ବା +2, ପ୍ରଥମଶ୍ରେଣୀ ଓଡିଶା ଉତ୍ତମ ଦୃଷ୍ଟି ଶକ୍ତି ସମ୍ପର୍ଣ୍ଣ ସନ୍ତାନ ସନ୍ତତି 12 ବର୍ଷରୁ ଊର୍ଦ୍ଧ୍ୱ ସର୍ବାଧିକ ତିନି ଜାତି-ସାଧାରଣ ବର୍ଗ ସେବା କାମ୍ୟ ବ୍ୟକ୍ତି 89ବର୍ଷ ରହିବା ଘର ବ୍ୟବସ୍ଥା ଅଛି । ଆଧାର କାର୍ଡ, ସ୍ୱାସ୍ଥ୍ୟ ଓ ଜାତି ପରିଚୟ ପତ୍ର ଆବଶ୍ୟକ । ପାରିଶ୍ରମିକ ସାକ୍ଷାତରେ ଯାହା ନିଷ୍ପତି ହେବ । ପ୍ରତ୍ୟକ୍ଷରେ ଯୋଗାଯୋଗ କରନ୍ତୁ-9438572007, କର୍ତ୍ତା- ଲିଙ୍ଗରାଜ ପାଳ, (କଲୋନୀ), ଭଞ୍ଜନଗର

REQUIREMENT
Educated & Well behaved Candidate required for a Construction Site with good communication skill. Both Field & Office Work Bhubaneswar.
Mob. - 7381207777

ଅମ୍ବିକା ସର୍ଭିସେସ୍ (ଭୁଜ୍)
ଗୁଜରାଟ ବିପୁଳ ସଂଖ୍ୟକ ଅଣକୁଶଳୀ ଶ୍ରମିକଙ୍କୁ ନିଯୁକ୍ତି ଦେଉଛି। ଦରମା 24000+3200, ପିଏଫ୍ + ରହିବା ସୁବିଧା, 12 ଘଣ୍ଟା ଡ୍ୟୁଟି।
ଯୋଗାଯୋଗ : 9624019510, 9727054779, 7486050035, 9429927537, ନିଯୁକ୍ତି ମାଗଣା।

See Career Appointment on every Wednesday & Saturday

Display Line
WALK-IN INTERVIEW
A Bhubaneswar based leading Advertising Agency dealing in Print, Electronic & Outdoor Media requires
» Accounting Asst. (M/F) «
Qualification: Commerce Graduate with Knowledge in Tally.
Interested candidates may walk-in Interview at the following address with detail resumes & copies of testimonials on 29th & 31st May 2025 between 10.00 A.M. to 06.00 P.M.
Venue | Plot No.: A/173, Saheed Nagar, (Near Sparsh Hospital), Bhubaneswar-751007, Ph.: 0674-4041513

RECRUITMENT
ZENITH ENGINEERING & MANAGEMENT STUDIES
Approved by AICTE, New Delhi, Affiliated to BPUT, Odisha
1. Principal : (Ph.D with 5-10 Year's Experience)
2. Professor / Asso. Prof. / Asst. Prof : PhD / M.Tech in Civil, EE, Mech., CSE, Mining with (0-5 years experience)
3. Lab Assistant : Civil, EE, Mech, CSE, Mining (B.Tech with 0-3 years experience)
4. Administrative Officer : Graduate & above with 3 years minimum experience in Educational field.
5. Placement Officers / Librarian & Accountant : Minimum 0-3 years experience in respective field.
Eligible candidates are requested to send their updated resume through the E-mail ID : zemsbbsr@gmail.com within 7days from the date of publication of the advertisement. You can also send through whatsapp
NH-16, Pitapalli, Khordha, 752057
Contact / WhatsApp : 8908018083

## ସଂକ୍ଷେପରେ

### କନ୍‌ଷ୍ଟେବଲ୍‌ଙ୍କ ଅକାଳ ବିୟୋଗ

ବିଞ୍ଝାରପୁର,୨୭।୫(ରାମକୃଷ୍ଣ ଦାସ): ବିଞ୍ଝାରପୁର ବ୍ଲକ ଅଧୀନ ଅରେଇ ପଞ୍ଚାୟତର ପୋଲିସ କନ୍‌ଷ୍ଟେବଲ କାହ୍ନୁଚରଣ ମଲ୍ଲିକ(୩୭)ଙ୍କ ସୋମବାର ଅକାଳ ବିୟୋଗ ହୋଇଯାଇଛି। ସେ ଦଶରଥପୁର ଥାନାରେ କାର୍ଯ୍ୟରତ ଥିଲେ। ଅସୁସ୍ଥ ହେବାପରେ ପରିବାର ଲୋକେ ତାଙ୍କୁ କଟକ ବଡ଼ ମେଡିକାଲରେ ଭର୍ତ୍ତି କରିଥିଲେ। ସେଠାରେ ମୃତ୍ୟୁ ହେବାପରେ ମରଶରୀରକୁ ଅରେଇ ସ୍ଥିତ ବାସଭବନକୁ ଅଣାଯାଇଥିଲା। ଖବର ପାଇ ଦଶରଥପୁର ଥାନା, ବିଞ୍ଝାରପୁର ଥାନା ଏବଂ ଜରି ଫାଣ୍ଡିର କର୍ମଚାରୀମାନେ ପହଞ୍ଚି କାହ୍ନୁଚରଣଙ୍କ ଶେଷ ଦର୍ଶନ କରିଥିଲେ। ପରେ ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। କାହ୍ନୁଚରଣଙ୍କ ମୃତ୍ୟୁରେ ତାଙ୍କ ମା, ସ୍ତ୍ରୀ ଏବଂ ଷଷ୍ଠ ଶ୍ରେଣୀରେ ପାଠପଢୁଥିବା ଏକ ମାତ୍ରପୁତ୍ର ଭାଙ୍ଗି ପଡ଼ିଛନ୍ତି।

### କାଏମା ପାହାଡ଼ରେ ବିଶ୍ୱଶାନ୍ତି ମହାଯଜ୍ଞ ପାଇଁ ପ୍ରସ୍ତୁତି

କାଏମା,୨୭।୫(ଶିବପ୍ରସାଦ ମହାନ୍ତି): ଧର୍ମଶାଳା ବ୍ଲକ ଅଧୀନ ବଡ଼କାଏମା ପଞ୍ଚାୟତର ଐତିହାସିକ କାଏମା ପାହାଡ଼ ଉପରେ ରଜ ତିନିଦିନ ଧରି ହେବାକୁ ଥିବା ଶ୍ରୀହରି ଅବଧୂତ ବିଶ୍ୱଶାନ୍ତି ମହାଯଜ୍ଞ ପାଇଁ ପ୍ରଥମ ପ୍ରସ୍ତୁତି ବୈଠକ ସୋମବାର ରାତିରେ ଅନୁଷ୍ଠିତ ହୋଇଯାଇଛି। ମହାଯଜ୍ଞ କମିଟି ସଭାପତି ମନୋଜ ମହାରଣା ଓ ସମ୍ପାଦକ ଅରୁଣ ମହାରଣାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସମସ୍ତ ସଭ୍ୟ ଯୋଗ ଦେଇଥିଲେ। ଜୁନ୍ ୧୩ରେ ଅଙ୍କୁରାରୋପଣ ପରେ ୧୪ ତାରିଖରୁ ଯଜ୍ଞ ଆରମ୍ଭ ହୋଇ ୧୬ତାରିଖରେ ଶେଷ ହେବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି। ଏହି ମହାଯଜ୍ଞରେ ପଣ୍ଡିତ ଆଲୋକ ଚନ୍ଦ୍ର ପଣ୍ଡା ଓ ସହଯୋଗୀ ପଣ୍ଡିତଙ୍କ ଦ୍ୱାରା ପୂଜା କାର୍ଯ୍ୟ ସମ୍ପାଦନ କରାଯିବ ବୋଲି ସ୍ଥିର କରାଯାଇଛି। ବୈଠକରେ ସର୍ବଶ୍ରୀ ସୁକାନ୍ତ ପଣ୍ଡା, ସୁକାନ୍ତ ମହାରଣା, ଭରତ ସାହାଣୀ, ମାୟାଧର ସାମଲ, ମଠାଧୀଶ ଜ୍ଞାନେନ୍ଦ୍ରୀୟ ଦାସ, ଅନନ୍ତ ବିଶ୍ୱାଳ, ସୋଲେଖ ମହାନ୍ତି ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। କମିଟି ତରଫରୁ ସମସ୍ତ ଭକ୍ତଙ୍କୁ ବହୁ ସଂଖ୍ୟାରେ ଯୋଗଦାନ କରିବାକୁ ଅନୁରୋଧ କରାଯାଇଥିଲା।

# ବେଆଇନ ବାଲି, ମୋରମ ଖାଦାନରେ ଚଢ଼ାଉ

## ୩ ହାଇୱା, ଏକ୍ସାଭେଟର ଜବତ

ଯାଜପୁର,୨୭।୫(ହର୍ଷବର୍ଦ୍ଧନ ବେହେରା) : ଯାଜପୁର ଜିଲା ଲଘୁ ଖଣି ବିଭାଗ ଏବଂ ପୋଲିସ ପ୍ରଶାସନର ମିଳିତ ଚଢାଉରେ ରବିବାର ଏବଂ ମଙ୍ଗଳବାର ବେଆଇନ ବାଲି, ମୋରମ ଓ ମାଟି ପରିବହନ ସମୟରେ ୩ଟି ଗାଡି ଜବତ କରାଯାଇଛି। ରବିବାର ଜୁନିୟର ମାଇନିଂ ଅଫିସର ବିଶ୍ୱଜିତ ସ୍ୱାଇଁ କୋରେଇ ଥାନାର ଦୀପ୍ତ ସୁନ୍ଦର ସେଠୀ ପ୍ରମୁଖ ବୈତରଣୀ ନଦୀର ବ୍ୟାସନଗର ତହସିଲ ଅଧୀନ ମୁକୁନ୍ଦପୁର ଘାଟରେ ବେଆଇନ ବାଲି ଉତ୍ତୋଳନ ହେଉଥିବା ଖବର ପାଇ



ଜଖପୁର ଦାସମାନିଆ ନିକଟରୁ ମୋରମ ଲୁଟ୍ ହେଉଛି।

ଚଢାଉ କରିଥିଲେ। ଏଥିରେ ଗୋଟିଏ ଏକ୍ସଭେଟର ଗାଡି ଜବତ କରାଯାଇ ପାଣିକୋଇଲି ଥାନାରେ ଜିମା ଦିଆଯାଇଥିଲା। ସେହିପରି ରବିବାର ଜୁନିୟର ମାଇନିଂ ଅଫିସର ଛାୟାକାନ୍ତ ମହାନ୍ତ, ପୋଲିସ ଅଧିକାରୀ ସେଠୀ ପ୍ରମୁଖ ମିଳିତ ଭାବେ ଚଢାଉ କରାଯାଇ ଯଖପୁରା ନିକଟରୁ ମୋରମ ଓ ମାଟି ବେଆଇନ ଉତ୍ତୋଳନ ସମୟରେ ଗୋଟିଏ ହାଇୱା ଏବଂ ଗୋଟିଏ ଏକ୍ସଭେଟର ଜବତ କରାଯାଇଛି। ଆଗାମୀ ଦିନରେ ଯାଜପୁର ଜିଲାର ସମସ୍ତ ଲଘୁ ଖଣି ଖାଦାନରୁ ବେଆଇନ ଉତ୍ତୋଳନ ଉପରେ ଚଢାଉ କରାଯାଇ ଆଇନ ଅନୁସାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଲଘୁ ଖଣି ଉପନିର୍ଦ୍ଦେଶକ(ଡିଡିଏମ) ଜୟପ୍ରକାଶ ନାୟକ ସୂଚନା ଦେଇଛନ୍ତି।

# ୭ ବର୍ଷ ପୁଅକୁ ବିକ୍ରି ଅଭିଯୋଗରେ ମା' ଅଟକ

ଯାଜପୁରଟାଉନ,୨୭।୫ (ପ୍ରୟକ୍ତା ପ୍ରିୟଦର୍ଶନୀ ମହାନ୍ତି):

ନିଜ ୭ ବର୍ଷର ପୁଅକୁ ବିକ୍ରି କରିଥିବା ମା'ଙ୍କୁ ମଙ୍ଗଳବାର ଯାଜପୁର ସଦର ଥାନା ପୋଲିସ ଅଟକ ରଖି ତଦନ୍ତ ଚଳାଇଛି। ସେ ହେଲେ ପୂଜା ପରିଡ଼ା। ତାଙ୍କୁ ବିଞ୍ଝାରପୁର ଥାନା ଅରେଇ ଗାଁରୁ ପୋଲିସ ଉଠାଇ ଆଣି ଅଟକ ରଖି ପଚରାଉଚରା କରୁଛି। ୭ ବର୍ଷର ପୁଅ ବିକ୍ରି ନେଇ ଗଣମାଧମରେ ଖବର ପ୍ରକାଶ ପରେ ଯାଜପୁର ଜିଲା ଶିଶୁ ସୁରକ୍ଷା ୟୁନିଟ ଘଟଣାସ୍ଥଳ ପରିଦର୍ଶନ କିରିଥିଲା। ଏହାପରେ ନାବାଳକଙ୍କ ମା'ଙ୍କ ନାଁରେ ସଦର ଥାନାରେ ଲିଖିତ ଅଭିଯୋଗ କରିଥିଲା। ସେହିଦିନଠାରୁ ମହିଳା ଜଣକ ଫେରାର ହୋଇ ଯାଇଥିଲେ। ବିଶେଷ ସୂତ୍ରରୁ ଖବର ପାଇ ପୋଲିସ ଅରେଇ ଗାଁରେ ଚଢ଼ାଉ କରିଥିଲା। ଅନ୍ୟପକ୍ଷରେ ପୁଅ ବିକ୍ରି ଅଭିଯୋଗକୁ ମହିଳା ଖଣ୍ଡନ କରିଛନ୍ତି। ପଢ଼ାଇବା ପାଇଁ ସେ ପୁଅକୁ ଅନ୍ୟତ୍ର ପଠାଇଛନ୍ତି ବୋଲି ପୋଲିସ ଆଗରେ ବୟାନ ଦେଇଛନ୍ତି। ଏହି ଘଟଣାକୁ ସଦର ଥାନା ଅଧିକାରୀ ଦାୟିତ୍ୱରେ ଥିବା ଡିଏସ୍‌ପି ଶଙ୍କର୍ଷଣ ଦଳେଇ ପୁଙ୍ଖାନୁପୁଙ୍ଖ ତଦନ୍ତ କରୁଛନ୍ତି। ସୂଚନାଯୋଗ୍ୟ, ପୁଅକୁ ବିକ୍ରି କରାଯାଇଥିବା ନେଇ ଯାଜପୁର ବ୍ଲକ ବଡ଼ସୁଆର ପଞ୍ଚାୟତର ପ୍ରଶାନ୍ତ ପରିଡ଼ା ଗତ ୨୧ ତାରିଖରେ ଯାଜପୁର ଜିଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ। ନାବାଳକ ପୁଅକୁ ତାଙ୍କ ମା' ବିକ୍ରି କରି ଦେଇଥିବା ନେଇ ପ୍ରଶାନ୍ତ ଅଭିଯୋଗରେ ଦର୍ଶାଇଥିଲେ।

# ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର



ଖବରଦାତାଙ୍କୁ ଆକ୍ରମଣ କରିଥିବା ଅଭିଯୁକ୍ତଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦାବିପତ୍ର ଦିଆଯାଉଛି।

ଯାଜପୁରଟାଉନ,୨୭।୫ (ପ୍ରୟକ୍ତା ପ୍ରିୟଦର୍ଶନୀ ମହାନ୍ତି):

ବଲାଙ୍ଗୀରର ଖବରଦାତା ବିଜୟ ପ୍ରଧାନଙ୍କ ଉପରେ ହୋଇଥିବା ଆକ୍ରମଣ ପ୍ରତିବାଦରେ ଉତ୍କଳ ସାମ୍ବାଦିକ ସଂଘ ଯାଜପୁର ଜିଲା ଶାଖା ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଅତିରିକ୍ତ ଜିଲାପାଳ (ସାଧାରଣ) ଯୁଧିଷ୍ଠିର ନାୟକଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ତୁରନ୍ତ ମୁଖ୍ୟ ଅଭିଯୁକ୍ତଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ଖବରଦାତାଙ୍କ ସୁରକ୍ଷା ଆଇନ ପ୍ରଣୟନ କରିବାକୁ ଦାବିପତ୍ରରେ ଉଲ୍ଲେଖ କରାଯାଇଛି। ରାଜ୍ୟ ସଭାପତି ବିଭୂତି ଭୂଷଣ କରଙ୍କ ଆହ୍ୱାନକ୍ରମେ ରାଜ୍ୟ କାର୍ଯ୍ୟକାରୀ ସଭାପତି ହାରାଧନ ବାନାର୍ଜୀ, ଜିଲା ସଭାପତି ହରିହର ସ୍ୱାଇଁଙ୍କ ନେତୃତ୍ୱରେ ଜିଲା ଉପସଭାପତି ପବିତ୍ର ମହାନ୍ତି, ସମ୍ପାଦକ ସୁବାଶିଷ ରାଉତ, ଜାତୀୟ କାର୍ଯ୍ୟକାରୀ କମିଟି ସଭ୍ୟ ପ୍ରଦୀପ ଚାନ୍ଦ, ସଞ୍ଜୟ କର, ବିଦ୍ୟାଧର ସାହୁ, ଭରତ ନାୟକ, ବାଞ୍ଛାନିଧି ସାହୁ ପ୍ରମୁଖ ଅତିରିକ୍ତ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି।

# ରାସ୍ତା କାର୍ଯ୍ୟ ନିମ୍ନମାନର ଅଭିଯୋଗ



ସାରୁଆବିଲ ଛକଠାରୁ ଗୁରୁଜଙ୍ଗପାଳ ରାସ୍ତା।

କାଳିଆପାଣି,୨୭।୫(ଅସିତ ମହାନ୍ତ): ଯାଜପୁର ଗ୍ରାମ୍ୟ ଉନ୍ନୟନ ବିଭାଗର ଟମକା ସର୍କଲ ଅଧୀନରେ ସାରୁଆବିଲ ଛକଠାରୁ ଗୁରୁଜଙ୍ଗପାଳ ପର୍ଯ୍ୟନ୍ତ ରାସ୍ତା ଉନ୍ନତିକରଣ କାର୍ଯ୍ୟ ଚାଲିଛି। ମାତ୍ର ଏହି କାର୍ଯ୍ୟରେ ନିମ୍ନମାନର ହେଉଥିବା ସ୍ଥାନୀୟ ଜନସାଧାରଣ ଅଭିଯୋଗ କରିଛନ୍ତି। ବିଭାଗୀୟ ଅଧିକାରୀ କାର୍ଯ୍ୟସ୍ଥଳକୁ କେବେ କେମିତି ଆସୁଛନ୍ତି। ଫଳରେ ଠିକାଦାର ନିଜ ମର୍ଜିରେ କାମ ସାରି ବିଲଉଠାଇ ନେବାର ମସୁଧା ଚଳାଇଥିବା ଲୋକେ କହିଛନ୍ତି। ଆଦିବାସୀ ବହୁଳ ଗ୍ରାମାଞ୍ଚଳର ଏହି ରାସ୍ତା ଉନ୍ନତିକରଣ ନିମନ୍ତେ ପ୍ରାୟ ପାଞ୍ଚ କୋଟିରୁ ଉର୍ଦ୍ଧ୍ୱ ଟଙ୍କା ବ୍ୟୟବରାଦ କରାଯାଇଛି। ରାସ୍ତାରେ ବାହାରୁ ମାଟି ଆଣି ପକାଇବାର ନିୟମ ଥିବାବେଳେ ଠିକାଦାର ରାସ୍ତା କଡ଼ରୁ ମାଟି ଉଠାଇ ରାସ୍ତାର ଉଚ୍ଚତା ବୃଦ୍ଧି କରୁଥିବା ଦେଖିବାକୁ ମିଳିଛି। ଫଳରେ ରାସ୍ତାରୁ ମାଟି ଧସିବାର ସମ୍ଭାବନା ରହିଛି। ସେହିପରି ଚୁକ୍ତି ଅନୁସାରେ ଏଠାରେ କାମ ହେଉ ନ ଥିବା ଲୋକେ ଅଭିଯୋଗ କରିଛନ୍ତି। ଫଳରେ ରାସ୍ତାର ସ୍ଥାୟିତ୍ୱକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଠିକାଦାର ଓ ବିଭାଗୀୟ ଅଧିକାରୀଙ୍କ ସଲାସୁତରାରେ ଏଭଳି ନିମ୍ନମାନର କାମ ହେଉଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏନେଇ ଆଗାମୀ ଦିନରେ ଜିଲାପାଳଙ୍କ ନିକଟରେ ଅଭିଯୋଗ କରିବେ ବୋଲି ସରୁଆବିଲ ଗ୍ରାମର ବିଭୂତି ବରାଳ, ତିରିଂ ପୋଇ ଓ ନିଶାକର ମୁଣ୍ଡା ପ୍ରମୁଖ ପ୍ରକାଶ କରିଛନ୍ତି। ଏ ସମ୍ପର୍କରେ ବିଭାଗୀୟ କନିଷ୍ଠ ଯନ୍ତ୍ରୀ ଉତ୍ତମ ନାୟକଙ୍କୁ ପଚାରିବାରେ ସେ କହିଛନ୍ତି, କାମ ଠିକ୍‌ରେ ହେଉ ନ ଥିଲେ ପୁନର୍ବାର ଠିକାଦାର ସେହି କାମ କରିବେ।

### ଗୋକର୍ଣ୍ଣିକା ସାହିତ୍ୟ ସମାଜର କର୍ମକର୍ତ୍ତା ନିର୍ବାଚନ

ଧର୍ମଶାଳା,୨୭।୫(ବଟକୃଷ୍ଣ ପରିଡ଼ା): ଜାରକା ଗୋକର୍ଣ୍ଣିକା ସାହିତ୍ୟ ସମାଜର ନୂତନ କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଯାଇଛି। ଏଥିରେ ସଭାପତିଭାବେ ରମାକାନ୍ତ ଜେନା ନିର୍ବାଚିତ ହୋଇଥିବାବେଳେ କାର୍ଯ୍ୟକାରୀ ସଭାପତି ଭାବେ ରୁଦ୍ରନାରାୟଣ ପୃଷ୍ଟି, ଉପସଭାପତିଭାବେ ସଂଗ୍ରାମ ଜେନା, ହୃଷୀକେଶ ସାମଲ, ସାଧାରଣ ସମ୍ପାଦକ ଭାବେ ଇନ୍ଦୁପ୍ରଭା ସାମଲ, ସଂଗଠନ ସମ୍ପାଦକ ଭାବେ ପ୍ରତାପରୁଦ୍ର ପଣ୍ଡା, ସହସମ୍ପାଦକଭାବେ ଗଣେଶ୍ୱର ବେହେରା ଓ କୋଷାଧ୍ୟକ୍ଷ ଭାବେ ଦୀନବନ୍ଧୁ କର ନିର୍ବାଚିତ ହୋଇଛନ୍ତି। କାର୍ଯ୍ୟକାରୀ କମିଟିରେ ବଟକୃଷ୍ଣ ପରିଡ଼ା, ରବୀନ୍ଦ୍ର ବିହାରୀ, ସୁନାକର ସାହୁ, ବ୍ରଜକିଶୋର ଦାଶ, ବିବେକାନନ୍ଦ ରାୟ, ଦୟାନିଧି ନାୟକ, ଅଜୟ ବଳ, ରଂଜିତା ବାରିକ, ପ୍ରଦୀପ ସାମଲ, ପ୍ରହଲାଦ ପଣ୍ଡା, ସନ୍ତୋଷ ତରାଇ ଓ ଗାୟତ୍ରୀ ନାୟକ କହିଛନ୍ତି। ପୂର୍ବତନ ସମ୍ପାଦକ ମହେଶ୍ୱର ପାଢ଼ୀ, ପୂର୍ବତନ ଉପସଭାପତି ତୁହିନାଂଶୁ ରଥ ଓ ପଣ୍ଡିତ ବ୍ରଜକିଶୋର ଦାଶ ନୂତନ କର୍ମକର୍ତ୍ତାଙ୍କୁ ଶପଥପାଠ କରାଇଥିଲେ।

# ଖବରଦାତାଙ୍କୁ ଆକ୍ରମଣର ନିନ୍ଦା



ପ୍ରତିବାଦ ସଭାରେ ସାମିଲ ହୋଇଥିବା ଛତିଆ ପେସାଦାର ସାମ୍ବାଦିକ ସଂଘ କର୍ମକର୍ତ୍ତା।

ଛତିଆ,୨୭।୫(ସୌମ୍ୟ ରଞ୍ଜନ ସାହୁ): ବଲାଙ୍ଗୀର ଜିଲାରେ ଜଣେ ଖବରଦାତାଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାକୁ ଛତିଆ ପେସାଦାର ସାମ୍ବାଦିକ ସଂଘ ପକ୍ଷରୁ ନିନ୍ଦା କରାଯାଇଛି। ଏନେଇ ମଙ୍ଗଳବାର ଛତିଆ ଧର୍ମଶାଳାଠାରେ ଏକ ପ୍ରତିବାଦ ସଭା କରାଯାଇ ରାଜ୍ୟରେ ଖବରଦାତାଙ୍କ ସୁରକ୍ଷା ପାଇଁ ଖୁବ୍‌ଶୀଘ୍ର ସାମ୍ବାଦିକ ସୁରକ୍ଷା ଆଇନ ପ୍ରଣୟନ କରିବାକୁ ଦାବି କରାଯାଇଛି। ଏଥିସହିତ ଆକ୍ରମଣକାରୀ ଅଭିଯୁକ୍ତଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କଲେ ଆଗାମୀ ଦିନରେ ଖବରଦାତା ନିଜ ସୁରକ୍ଷା ପାଇଁ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରିବେ ବୋଲି ଚେତାବନୀ ଦିଆଯାଇଛି। ଏହି ପ୍ରତିବାଦସଭାରେ ଛତିଆ ପେସାଦାର ସାମ୍ବାଦିକ ସଂଘ ସଭାପତି କମଳାକାନ୍ତ ପାଲ, ବରିଷ୍ଠ ସାମ୍ବାଦିକ ଜୟକାନ୍ତ ରାଉତ, ହୃଷୀକେଶ ପୃଷ୍ଟି, ଭଜହରି ପୃଷ୍ଟି, ସୌମ୍ୟରଞ୍ଜନ ସାହୁ, ଚନ୍ଦ୍ରଶେଖର ପୃଷ୍ଟି, ଦିଲୀପ କୁମାର ବରାଳ, ଉମାକାନ୍ତ ବେହେରା, ପ୍ରଦ୍ୟୁମ୍ନ କୁମାର ଓଝା, ବିଭୁପ୍ରସାଦ ମହାରଣା, ବିଷ୍ଣୁ ଚରଣ ସାହୁ ଓ ଦୀପ୍ତିରଞ୍ଜନ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# ବାଇକ୍-ସ୍କୁଟି ମୁହାଁମୁହିଁ ଧକ୍କା: ସ୍କୁଟି ଚାଳକ ମୃତ

ଯାଜପୁରରୋଡ୍,୨୭।୫ (ପବିତ୍ର ରଞ୍ଜନ ମହାନ୍ତି): ବ୍ୟାସନଗର ସହରସ୍ଥିତ ଚାନ୍ଦମା ଛକ ନିକଟରେ ମଙ୍ଗଳବାର ଏକ ବାଇକ ସହ ସ୍କୁଟି ମୁହାଁମୁହିଁ ଧକ୍କା ହୋଇଛି। ଏଥିରେ ଘଟଣାସ୍ଥଳରେ ସ୍କୁଟି ଚାଳକଙ୍କ ମୃତ୍ୟୁ ହୋଇଛି। ମୃତ ସ୍କୁଟି ଚାଳକ କହ୍ନେଇପୁର ଅଞ୍ଚଳର ଅମୂଲ୍ୟ ପାଣି (୭୩) ବୋଲି ଜଣାପଡିଛି। ପୂର୍ବାହ୍ନ ୧୧ଟାରେ ଚାନ୍ଦମା ଛକ ନିକଟରେ ଏକ ବାଇକ୍ ନଂ.ଓଡି୧୧ଏଡି୭୯୩୭ ଏବଂ ସ୍କୁଟି ନଂ.ଓଡି୦୨ବିଭି୯୩୩୭ ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇଥିଲା। ଫଳରେ ସ୍କୁଟି ଭାଙ୍ଗି



ସ୍କୁଟି ଚାଳକ ଅମୂଲ୍ୟ ପାଣି।

ଚୁରମାର ହୋଇ ଯାଇଥିଲା। ସ୍କୁଟି ଚାଳକ ଅମୂଲ୍ୟ ଗୁରୁତର ହୋଇଥିଲେ। ବାଇକ୍ ଚାଳକ ସାମାନ୍ୟ ଆହତ ହୋଇଥିଲେ। ସ୍ଥାନୀୟ ଲୋକେ ସ୍କୁଟି ଚାଳକ ଅମୂଲ୍ୟଙ୍କୁ ଉଦ୍ଧାର କରି ଯାଜପୁରରୋଡ୍ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଯାଜପୁର ରୋଡ୍ ପୋଲିସ ପହଞ୍ଚି ବାଇକ ଓ ସ୍କୁଟିକୁ ଜବତ କରିବା ସହ ସମ୍ପୃକ୍ତ ବାଇକ ଚାଳକଙ୍କୁ କାବୁ କରିଛି। ଅନ୍ୟପକ୍ଷରେ ଦୁର୍ଘଟଣାସ୍ଥଳଟି କୋରେଇ ଥାନା ଅଧୀନ ହୋଇଥିବାରୁ କୋରେଇ ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ଦାନଗଦି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇ ତଦନ୍ତ ଜାରିରଖିଛି। ବାଇକ ଚାଳକ ଜଣକ ମୟୂରଭଞ୍ଜ ଜିଲା ସାତକୋଶିଆ ଅଞ୍ଚଳର ଗଣେଶ ନାୟକ ବୋଲି ଜଣାପଡିଛି।

### ସିଂହପୁର ବଜାରରୁ ବାରମ୍ବାର ଚୋରି

ସିଂହପୁର,୨୭।୫(ଅନଙ୍ଗ ଉଦୟ ବେଉରିଆ): ବିଞ୍ଝାରପୁର ଥାନା ଅନ୍ତର୍ଗତ ସିଂହପୁର ବଜାର ସମେତ ଆଖପାଖ ଅଞ୍ଚଳରେ ବାରମ୍ବାର ଚୋରି ହେଉଛି। ଫଳରେ ଏହାକୁ ନେଇ ବ୍ୟବସାୟୀ ଓ ସ୍ଥାନୀୟ ଲୋକେ ଭୟଭୀତ ହୋଇ ପଡ଼ିଛନ୍ତି। ସୋମବାର ରାତିରେ ସିଂହପୁର ଗ୍ରାମର ନିରଞ୍ଜନ ବେଉରିଆଙ୍କ ଘର ସମ୍ମୁଖରେ ଥିବା ତାଙ୍କର ଏକ ଡାଲା ଅଟୋ ଓ ଟ୍ରାକ୍ଟରରୁ ଦୁର୍ବୃତ୍ତ ବ୍ୟାଟେରି ଖୋଲି ନେଇଛନ୍ତି। ସେହିପରି ନିକଟରେ ଥିବା ତପନ ବେଉରିଆଙ୍କ ଏକ ଟ୍ରାକ୍ଟରରୁ ମଧ୍ୟ ଦୁର୍ବୃର୍ତ୍ତ ବ୍ୟାଟେରି ଲୁଟି ନେଇଛନ୍ତି। ଏ ସମ୍ପର୍କରେ ଥାନାରେ ଲିଖିତ ଅଭିଯୋଗ ହେବାପରେ ପୋଲିସ ଘଟଣାର ତଦନ୍ତ ଚଳାଇଛି। ସେହିପରି ଗତ ଏକ ମାସ ତଳେ ବଜାରର ପ୍ରିୟରଞ୍ଜନ ବେଉରିଆଙ୍କ ଗ୍ରସେରି ଦୋକାନରୁ ଚୋରି ହୋଇଥିଲା। ଗତ ୨୦ ଦିନ ହେଲା ବଜାରରେ ଅଧିଷ୍ଠିତ ବାବା ଚନ୍ଦନେଶ୍ୱର ଶିବ ମନ୍ଦିରରୁ ମାଇକ ମେସିନ ଚୋରି ହୋଇଥିଲା। ପୋଲିସ ନିଷ୍କ୍ରିୟତାରୁ ଚୋରି ବଢୁଥିବା ସାଧାରଣରେ ଅଭିଯୋଗ ହୋଇଛି। ଏ ଦିଗରେ ଜିଲା ଆରକ୍ଷୀ ଅଧୀକ୍ଷକ ଦୃଷ୍ଟି ଦେବାକୁ ବ୍ୟବସାୟୀମାନେ ଦାବି କରିଛନ୍ତି।

# ଅଗ୍ନି ବିପନ୍ନ ପରିବାରକୁ ସହାୟତା



ଧର୍ମଶାଳା କଂଗ୍ରେସ ନେତା ଅଗ୍ନି ବିପନ୍ନ ପରିବାରକୁ ଭେଟୁଛନ୍ତି।

ଧର୍ମଶାଳା,୨୭।୫(ବଟକୃଷ୍ଣ ପରିଡ଼ା): ଧର୍ମଶାଳା ତହସିଲ ଅଧିନ ବଳମୁଣ୍ଡୁଳୀ ଗ୍ରାମର ଅଗ୍ନି ବିପନ୍ନ ପରିବାରକୁ ତହସିଲ ଓ ଧର୍ମଶାଳା କଂଗ୍ରେସ ପକ୍ଷରୁ ମଙ୍ଗଳବାର ସହାୟତା ପ୍ରଦାନ କରାଯାଇଛି। ସୋମବାର ରାତିରେ ଗ୍ୟାସ୍ ସିଲିଣ୍ଡରରୁ ଗ୍ୟାସ୍ ଲିକ୍ ହେବାରୁ ଅଗ୍ନିକାଣ୍ଡ ଘଟି ସଞ୍ଜୟ ମଳିକ ଓ ରାଜୁ ମଳିକଙ୍କ ୩ବଖରା ଘର ପୋଡ଼ି ପାଉଁଶ ହୋଇଯାଇଥିଲା। ତହସିଲଦାର ସମୀର ରଞ୍ଜନ ଦାଶଙ୍କ ନିର୍ଦ୍ଦେଶକ୍ରମେ ଡଙ୍କାରୀ ଆର୍‌ଆଇ ଚନ୍ଦନ ସାହୁ ଅଗ୍ନିବିପନ୍ନ ପରିବାର ନିକଟରେ ପହଞ୍ଚି ଏକ ପାଲ ପ୍ରଦାନ କରିବା ସହିତ କ୍ଷୟକ୍ଷତି ଆକଳନ କରିଛନ୍ତି। ଏଥିସହିତ ବିପନ୍ନଙ୍କୁ ଆର୍ଥିକ ସହାୟତା ପ୍ରଦାନ ପାଇଁ ସେ ତହସିଲଦାରଙ୍କୁ ସୁପାରିସ କରିଛନ୍ତି। ଜିଲାପାଳଙ୍କ ଅନୁମୋଦନକ୍ରମେ ଆର୍ଥିକ ସହାୟତା ପ୍ରଦାନ କରାଯିବ ବୋଲି ତହସିଲଦାର ଦାଶ ସୂଚନା ଦେଇଛନ୍ତି। ସେହିପରି ଧର୍ମଶାଳା ବ୍ଲକର ପୂର୍ବତନ ଅଧ୍ୟକ୍ଷ ତଥା କଂଗ୍ରେସ୍ ନେତା କିଶାନ ପଣ୍ଡା ବିପନ୍ନ ପରିବାରକୁ ଭେଟି ସମବେଦନା ଜଣାଇବା ସହ ଆର୍ଥିକ ସହାୟତା ପ୍ରଦାନ କରିଛନ୍ତି। ଏହି ବିପନ୍ନ ପରିବାରକୁ ତୁରନ୍ତ ଆବାସ ଯୋଜନାରେ ଗୃହ ଯୋଗାଇଦେବାକୁ କଂଗ୍ରେସ ନେତା ବସନ୍ତ ପରିଡ଼ା, ପ୍ରଫୁଲ୍ଲ ରାୟ, ସତ୍ୟାନନ୍ଦ ମଳିକ, ମୁଣ୍ଡା ମଳିକ, ବାବୁ ପରିଡ଼ା ପ୍ରମୁଖ ଜିଲା ପ୍ରଶାସନ ନିକଟରେ ଅନୁରୋଧ କରିଛନ୍ତି।

# ସଙ୍ଗୀତ ନିର୍ଦ୍ଦେଶକ ଦିନେଶ ମଲ୍ଲିକଙ୍କୁ କଳାନିଧି ସମ୍ମାନ

ସିଂହପୁର,୨୭।୫ (ଅନଙ୍ଗ ଉଦୟ ବେଉରିଆ):

ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ବାଙ୍ଗରା ପଞ୍ଚାୟତ ଛନ୍ଦାମୁଣ୍ଡ ଗ୍ରାମର ସଙ୍ଗୀତ ନିର୍ଦ୍ଦେଶକ ଦିନେଶ ମଲ୍ଲିକଙ୍କୁ କଳାନିଧି ସମ୍ମାନ ପ୍ରଦାନ କରାଯାଇଛି। ଦୀର୍ଘ ଦିନ ଧରି ସଙ୍ଗୀତ କ୍ଷେତ୍ରରେ ଅବଦାନ ପାଇଁ ସମ୍ବାଦପତ୍ର ଦିନଚର୍ଯ୍ୟାର ୧୪ତମ ସ୍ୱନକ୍ଷତ୍ର ଦିବସରେ ତାଙ୍କୁ କଳାନିଧି ସମ୍ମାନରେ ମାନପତ୍ର, ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଛି। ଯାଜପୁର ଏମ୍‌ପି ରବୀନ୍ଦ୍ର ନାରାୟଣ ବେହେରା, ସମ୍ବାଦପତ୍ର ବିଶ୍ୱବାଣୀର ସମ୍ପାଦକ ଅର୍ଜୁନ ମୁଦୁଲି, ଏମବିସି ଟିଭି ସମ୍ପାଦକ ଅଶୋକ ପଣ୍ଡା, ଫୋକଶ ଟିଭି ସମ୍ପାଦକ ସୁଧାଂଶୁ ରାଉତ, ଦିନଚର୍ଯ୍ୟାର ସମ୍ପାଦକ ତପନ ମହାରଣ୍ୟ, ପୂର୍ବତନ ଏମ୍‌ପି ଅଞ୍ଚଳ ଦାସ ଉପସ୍ଥିତ ରହି ମଲ୍ଲିକଙ୍କୁ ସମ୍ବର୍ଦ୍ଧିତ କରିଥିଲେ।



ସଙ୍ଗୀତ ନିର୍ଦ୍ଦେଶକ ଦିନେଶ ମଲ୍ଲିକଙ୍କୁ କଳାନିଧି ସମ୍ମାନ ପ୍ରଦାନ କରାଯାଉଛି।

# ରାଜ୍ୟସ୍ତରୀୟ ସଙ୍ଗୀତ ପ୍ରତିଯୋଗିତା

ଯାଜପୁରଟାଉନ,୨୭।୫ (ପ୍ରୟକ୍ତା ପ୍ରିୟଦର୍ଶନୀ ମହାନ୍ତି):

ସଙ୍ଗୀତ ସାଧନାଶ୍ରମ ଆନୁକୂଲ୍ୟରେ ୩୬ତମ ରାଜ୍ୟସ୍ତରୀୟ ସଙ୍ଗୀତ ପ୍ରତିଯୋଗିତା ଦୁଇଦିନ ଧରି ଗୌତମ ବୁଦ୍ଧ ସଂସ୍କୃତି ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ନାଟ୍ୟକାର ତଥା ସଙ୍ଗୀତଜ୍ଞ ପ୍ରଫେସର ରାଧାରମଣ ଦାସ, ବକ୍ତାଭାବେ ରାମଚନ୍ଦ୍ର ଦାସ, ସମ୍ମାନିତ ଅତିଥିଭାବେ ଡା. ରାଜକିଶୋର ପଣ୍ଡା, ବିଜୟାନନ୍ଦ ନାୟକ ପ୍ରମୁଖ ଯୋଗଦେଇ ବୁଡ଼ିଯାଉଥିବା ଶାସ୍ତ୍ରୀୟ ସଙ୍ଗୀତ ତଥା ପାରମ୍ପରିକ ଓଡ଼ିଶୀ ସଙ୍ଗୀତକୁ କିପରି ସୁରକ୍ଷିତ ରଖାଯାଇପାରିବ ସେ ବିଷୟରେ ଆଲୋଚନା କରିଥିଲେ। ସାଧାରଣ ସମ୍ପାଦକ ତଥା ସଙ୍ଗୀତ ନିର୍ଦ୍ଦେଶକ ପୃଥ୍ୱୀରାଜ ପଣ୍ଡା ସାଧନାଶ୍ରମର ଉଦ୍ଦେଶ୍ୟ ଓ କାର୍ଯ୍ୟପନ୍ଥା ସମ୍ପର୍କରେ ଆଲୋକପାତ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ ବର୍ଷୀୟାନ ତବଲା ବାଦକ ଚିନ୍ତାମଣି ମିଶ୍ର, ବେହେଲା ବାଦକ ରାମଚନ୍ଦ୍ର ଦାସ, ଓଡ଼ିଶୀ କଣ୍ଠଶିଳ୍ପୀ ପ୍ରଶାନ୍ତ ସାମଲ, ବିଜୟାନନ୍ଦ ନାୟକ, ନାଟ୍ୟ ନିର୍ଦ୍ଦେଶକ ଶତ୍ରୁଘ୍ନ ସାମଲ ପ୍ରମୁଖଙ୍କୁ ଅନୁଷ୍ଠାନ ପକ୍ଷରୁ ରମାନାଥ କାନୁନଗୋ ଓ ଯୋଗେନ୍ଦ୍ର ନାଥପତି ସ୍ମୃତି ସମ୍ମାନରେ ସମ୍ମାନିତ କରାଯାଇଥିଲା। ପଣ୍ଡିତ ଗଙ୍ଗାଧର ପଣ୍ଡା ଓ ସାମାଜିକ କର୍ମୀ ତରୁଣ କୁମାର ନନ୍ଦଙ୍କ ଉପସ୍ଥିତିରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଚଳିତବର୍ଷ ଗୁଣ୍ଡିଚା ରାମଗୋସେଇ ସମ୍ମାନ ସ୍ୱତନ୍ତ୍ର ଚାମ୍ପିୟନ ଟ୍ରଫି କରଞ୍ଜିଆ ନୃତ୍ୟଶ୍ରୀ ଅନୁଷ୍ଠାନକୁ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମକୁ ସୁଶ୍ରୀ ଆଲୋକିକା ପଣ୍ଡା, ଐଶ୍ୱର୍ଯ୍ୟା ପଣ୍ଡା, ଭାସ୍କର ପତି ଓ ଗୌରାଙ୍ଗ ପାଣିଗ୍ରାହୀ ପ୍ରମୁଖ ପରିଚାଳନା କରିଥିଲେ। ସହସମ୍ପାଦକ ଦାମୋଦର ନନ୍ଦ ଧନ୍ୟବାଦ ଦେଇଥିଲେ।



ରାଜ୍ୟସ୍ତରୀୟ ସଙ୍ଗୀତ ପ୍ରତିଯୋଗିତାରେ ଯୋଗଦେଇଥିବା ଅତିଥି ଓ ସମ୍ବର୍ଦ୍ଧିତ ପ୍ରତିଭା।

# ନୟନଯୋରୀ ଜବରଦଖଲ: ଗାଁ ମଝିରେ ଆଣ୍ଠୁଏ ପାଣି

## ଜଳବନ୍ଦୀ ପରିସ୍ଥିତିରେ ଗ୍ରାମବାସୀ


ଖଡ଼ିଅଣ୍ଟା ଗାଁ ରାସ୍ତାରେ ପାଣି ଜମି ରହିଛି।

ପଟ୍ଟାମୁଣ୍ଡାଇ, ୨୭।୫(କଳ୍ପତରୁ ନାୟକ)

କେନ୍ଦ୍ରାପଡ଼ା ଜିଲା ପଟ୍ଟାମୁଣ୍ଡାଇ ବ୍ଲକ୍ ଖଡ଼ିଅଣ୍ଟା ଗ୍ରାମରେ କେତେଜଣ ମୁଷ୍ଟିମେୟ ଲୋକ ସରକାରୀ ଜମିରେ ଥିବା ଜଳ ନିଷ୍କାସନ ପଥ ନୟନଯୋରୀଗୁଡ଼ିକୁ ଜବରଦଖଲ କରିନେଇଛନ୍ତି। ଫଳରେ ଗ୍ରାମର ଉଦ୍‌ବୃତ୍ତ ବର୍ଷାଜଳ ନିଷ୍କାସନରେ ସମସ୍ୟା ଲାଗି ରହିଛି। ଜଳ ନିଷ୍କାସନ ସମସ୍ୟା ଯୋଗୁ ଚାଷଜମି ଲଗାଣ ବର୍ଷାରେ ବୁଡି ରହୁଛି। ଗାଁର ଶେଷ ମୁଣ୍ଡ ରାସ୍ତା ପାର୍ଶ୍ୱ ଜଳସେଚନ ବିଭାଗ ନୟନଯୋରୀକୁ ସେହି ଗ୍ରାମର କେତେଜଣ ବ୍ୟକ୍ତି ପୋତି ତାହା ଉପରେ ରାସ୍ତା କରିଥିବାରୁ ଜଳ ନିଷ୍କାସନ ହୋଇ ପାରୁ ନ ଥିବା ଅଭିଯୋଗ ହୋଇଛି। ଏ ନେଇ ଜିଲା ପ୍ରଶାସନ, ତହସିଲଦାର ଏବଂ ଜଳସେଚନ ବିଭାଗକୁ ପୂର୍ବରୁ ଅବଗତ କରାଯାଇଥିଲା। ଡ୍ରେନେଜ କଟ୍ ବିଭାଗ ୨୦୨୩ରେ ଖୋଦେଇ ଆରମ୍ଭ କରିଥିଲା। ହେଲେ କେତେଜଣ କୁଜି ରାଜନେତାଙ୍କ ଚାପରେ ଚୋପା ପଡ଼ିଯାଇ କାମ ଅଧାରୁ ବନ୍ଦକରି ରାଜନଗର ଠିକାଦାର ବିଲ୍ ଉଠାଇ ନେଇଥିଲେ। ଏବେ ମଧ୍ୟ ଅନେକ ଚାଷଜମିରେ ପାଣି ଜମି ଧାନ ପଚି ଯାଉଥିବାରୁ ଲୋକେ ଆଉ ଚାଷ କରିପାରୁ ନାହାନ୍ତି। ସ୍ଥାନୀୟ ପ୍ରଶାସନ କୌଣସି ପଦକ୍ଷେପ ନେଉନାହାନ୍ତି। ଏହି ସମସ୍ୟା ନେଇ ଗ୍ରାମରେ ତୀବ୍ର ଉତ୍ତେଜନା ମଧ୍ୟ ଲାଗି ରହିଛି। ଅବରୋଧକାରୀଙ୍କୁ ତୁରନ୍ତ ଉଚ୍ଛେଦ କରାଯିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏ ନେଇ ଡ୍ରେନେଜ କଟ୍ ବିଭାଗ ସହକାରୀ ଯନ୍ତ୍ରୀ ଧୀରେନ୍ଦ୍ର ଜେଠିଙ୍କୁ ପଚାରିବାରେ ତହସିଲ କର୍ତ୍ତୃପକ୍ଷ ଚିହ୍ନଟକରି ଜବରଦଖଲ ଉଚ୍ଛେଦ କଲେ ନାଳୀ କାମ କରାଯିବ। ଅନ୍ୟପକ୍ଷରେ ଗାଁ ରାସ୍ତାରେ ଆଣ୍ଠୁଏ ପାଣି ଜମି ରହିଛି। ପଟ୍ଟାମୁଣ୍ଡାଇ ପଞ୍ଚାୟତିରାଜ ବିଭାଗ ଯନ୍ତ୍ରୀଙ୍କ ମନମାନି ଯୋଗୁ ସ୍ୱଳ୍ପ ବର୍ଷାରେ ଗ୍ରାମ ୨ ଭାଗ ହୋଇଯାଉଛି। ଗ୍ରାମ ଭିତରକୁ ଲୋକେ ଯାଆସ କରି ପାରୁ ନ ଥିବାବେଳେ ଛାତ୍ରୀଛାତ୍ର ମଧ୍ୟ ସ୍କୁଲ ଯାଇ ପାରୁନାହାନ୍ତି। ଗତବର୍ଷ ଏହି ରାସ୍ତାକାମ ହୋଇଥିଲା। ବ୍ଲକ୍ ଜେଇଙ୍କ ନାମରେ ୱାର୍କ ଅର୍ଡର ଥିବାବେଳେ ଉଭୟପକ୍ଷ ଉଚ୍ଚା ରହିଥିବାବେଳେ ରାଜୁ ପଲେଇ ଘର ଆଗ ଖାଲୁଆ ରଖି ଯନ୍ତ୍ରୀ କାମ ବନ୍ଦ କରିଥିଲେ। ଫଳରେ ମଝି ରାସ୍ତାରେ ଆଣ୍ଠୁଏ ପାଣି ରହୁଛି। ଏ ନେଇ ବାରମ୍ବାର ବ୍ଲକ୍‌ରେ ଅଭିଯୋଗ କଲେ ମଧ୍ୟ କେହି କର୍ଣ୍ଣପାତ କରୁନାହାନ୍ତି। ଏ ନେଇ ଲୋକେ ପଟ୍ଟାମୁଣ୍ଡାଇ ବ୍ଲକ୍ ଅଧ୍ୟକ୍ଷ ପ୍ରଦ୍ୟୁମ୍ନ ସାମନ୍ତରାୟ ଭେଟିବାରୁ ସେ ଉକ୍ତ ସ୍ଥାନ ପରିଦର୍ଶନକରି ତ୍ୱରିତ ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଛନ୍ତି।

# ଅହଲ୍ୟାବାଈ ହୋଲ୍‌କରଙ୍କ ଜୟନ୍ତୀ ଅବସରରେ ସ୍ୱଚ୍ଛତା ଅଭିଯାନ


ସ୍ୱଚ୍ଛତା କାର୍ଯ୍ୟକ୍ରମରେ ସାମିଲ ପୌର ଅଧିକାରୀ, ସଫେଇ କର୍ମଚାରୀ ଓ ଅନ୍ୟମାନେ।

ପଟ୍ଟାମୁଣ୍ଡାଇ, ୨୭।୫ (କଳ୍ପତରୁ ନାୟକ)

ରାଣୀ ଅହଲ୍ୟାବାଇ ହୋଲ୍‌କରଙ୍କ ଜୟନ୍ତୀ ଅବସରରେ ପଟ୍ଟାମୁଣ୍ଡାଇ ନଗର ଭାଜପା ପକ୍ଷରୁ ମଙ୍ଗଳବାର ସ୍ୱତନ୍ତ୍ର ସ୍ୱଚ୍ଛତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ନଗର ଭାଜପାର କର୍ମକର୍ତ୍ତାମାନେ ସ୍ୱଚ୍ଛତା ଅଭିଯାନରେ ସାମିଲ ହୋଇ ଶ୍ରୀରାମ ମନ୍ଦିର ପରିସରରେ ଶ୍ରମଦାନ କରିଥିଲେ। ଏହି ଅବସରରେ ସେ ସମସ୍ତ ଜନସାଧାରଣଙ୍କୁ ଅନୁରୋଧକରି ନିଜେ ସ୍ୱଚ୍ଛ ରହିବା ସହ ନିଜ ପରିବେଶକୁ ସ୍ୱଚ୍ଛ ରଖିବାକୁ ଅନୁରୋଧ କରିଥିଲେ। ପୌର ନିର୍ବାହୀ ଅଧିକାରୀ ପ୍ରଫୁଲ୍ଲ ବିଶ୍ୱାଳ, ପୌରାଞ୍ଚଳ ସ୍ୱଚ୍ଛତା ଦାୟିତ୍ୱ ତୁଲାଉଥିବା ପ୍ରଫୁଲ୍ଲ ଦାଶ ଯୋଗଦେଇ ଏହି ଅଭିଯାନକୁ ସଫଳ କରିଥିଲେ। କାର୍ଯ୍ୟକ୍ରମରେ ପ୍ରଧାନମନ୍ତ୍ରୀଙ୍କ ମନ କୀ ବାତ୍ କାର୍ଯ୍ୟକ୍ରମର ସଂଯୋଜକ ରବୀନ୍ଦ୍ର ବିଶ୍ୱାଳ, ଜିଲା ଭାଜପା ସମ୍ପାଦକ ଚନ୍ଦନ ପାତ୍ର, ରାଜ୍ୟ ଭାଜପା ଯୁବମୋର୍ଚ୍ଚା ସହସଂଯୋଜକ ଅଭିଷେକ ଦାସ, ପୂର୍ବତନ ନଗର ସଭାପତି ପଦ୍ମନାଭ ପଣ୍ଡା, ଉପେନ୍ଦ୍ର ନାୟକ, ଆଇନଜୀବୀ ପ୍ରମୋଦ ସାହୁ, କାଉନସିଲର ବିଦ୍ୟାଧର ସେଠୀ, ଯୁବମୋର୍ଚ୍ଚା ସଭାପତି ଅଶୋକ ସେଠୀ, ପୀତାମ୍ବର କର, ସମୀର ପାତ୍ର, ସୁଧାଂଶୁ ଜେନା, ପାରେଶ୍ୱର ପାତ୍ର, ଶତ୍ରୁଘ୍ନ ପାତ୍ର, ବିଘ୍ନେଶ୍ୱର ମଲିକ, ଅଶୋକ ବେହେରା, ମହିଳା ମୋର୍ଚ୍ଚା ସଭାପତି ରଶ୍ମିତା ସାହୁଙ୍କ ସମେତ ବହୁ କର୍ମକର୍ତ୍ତା କାର୍ଯ୍ୟକ୍ରମରେ ଯୋଗଦେଇଥିଲେ।

# ନୂତନ ବିଇଓଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା


ନୂତନ ବିଇଓ ଅଜିତ ବାରିକଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଉଛି।

ପଟ୍ଟାମୁଣ୍ଡାଇ, ୨୭।୫ (କଳ୍ପତରୁ ନାୟକ)

ପଟ୍ଟାମୁଣ୍ଡାଇ ବ୍ଲକ୍‌ର ନୂତନ ବିଇଓ ଭାବେ ଅଜିତ ବାରିକ କାର୍ଯ୍ୟଭାର ଗ୍ରହଣ କରିଛନ୍ତି। ପଟ୍ଟାମୁଣ୍ଡାଇ ବ୍ଲକ ଓଡ଼ିଶା ପ୍ରାଥମିକ ଶିକ୍ଷକ ସଂଘ ଓ ଟିଜିଟି ସଂଘ ପକ୍ଷରୁ ବିଇଓଙ୍କ କାର୍ଯ୍ୟାଳୟ ପରିସରରେ ଫୁଲତୋଡ଼ା ଦେଇ ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା କରାଯାଇଛି।

ପଟ୍ଟାମୁଣ୍ଡାଇର ବିଦାୟୀ ବ୍ଲକ୍ ଶିକ୍ଷାଧିକାରୀ ହରିହର ଦଳାଇଙ୍କ କେନ୍ଦୁଝର ଜିଲା ଆନନ୍ଦପୁର ବିଇଓ ଭାବେ ବଦଳି ହେବା ପରେ ତାଙ୍କ ସ୍ଥାନରେ ଆନନ୍ଦପୁର ବିଇଓ ବାରିକ ଦାୟିତ୍ୱ ଗ୍ରହଣ କରିଛନ୍ତି। ଏହି ଉପଲକ୍ଷେ ମଙ୍ଗଳବାର ପଟ୍ଟାମୁଣ୍ଡାଇ ବ୍ଲକ୍ ଶିକ୍ଷାଧିକାରୀ କାର୍ଯ୍ୟାଳୟଠାରେ ଓଡ଼ିଶା ପ୍ରାଥମିକ ଶିକ୍ଷକ ସଂଘ ସଭାପତି ବିଶ୍ୱରଞ୍ଜନ ଦାଶଙ୍କ ନେତୃତ୍ୱରେ ନୂତନ ବିଇଓଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରିବାକୁ ଏକ ଉତ୍ସବ ଆୟୋଜନ କରାଯାଇଥିଲା। ଏହି ଉତ୍ସବରେ ରାଜ୍ୟ ଶିକ୍ଷକ ସଂଘ ନେତା ସିଆର୍‌ସିସି ମଳୟ ଜେନା, ଓଡ଼ିଶା ପ୍ରାଥମିକ ଶିକ୍ଷକ ସଂଘ ସମ୍ପାଦକ ପ୍ରେମାନନ୍ଦ ଜୀବନଦାଶ, କୋଷାଧ୍ୟକ୍ଷ ଉମାକାନ୍ତ ବେହେରା, ବି.ଏଡ୍.ସଂଘ ସଭାପତି ଦିବାକର ଦାଶ, ସମ୍ପାଦକ ଗୋଦାବରୀଶ ମିଶ୍ର, ଶିକ୍ଷକ ପ୍ରଦୀପ ତରାଇ, ରଞ୍ଜନ ସାହୁ, ଅରବିନ୍ଦ ବଳ, ସଞ୍ଜୟ ସାହୁ, ବିଭୁରଞ୍ଜନ ସାହୁ , ଆଶିଷ ମହାପାତ୍ର ଓ ସତ୍ୟବ୍ରତ ସାମନ୍ତରାୟ ପ୍ରମୁଖ ଉପସ୍ଥିତ ରହି ନୂତନ ବିଇଓ ବାରିକଙ୍କୁ ସ୍ୱାଗତ ଜଣାଇଥିଲେ।

# କଳା, ସାହିତ୍ୟ, ସଂସ୍କୃତି ବିଭାଗର ଅଣଦେଖା

କେନ୍ଦ୍ରାପଡ଼ା, ୨୭।୫
(ଜଗନ୍ନାଥ ଧଳ)

କଳା, ସାହିତ୍ୟ ଓ ସଂସ୍କୃତି କ୍ଷେତ୍ରରେ କେନ୍ଦ୍ରାପଡ଼ା ଜିଲା ରାଜ୍ୟର ଏକ ଅଗ୍ରଣୀ ଜିଲା। ଏହି ଜିଲାରେ ପ୍ରାୟ ୬୨ ପ୍ରକାର ଲୋକକଳା ଅଛି। ଏଥିସହ ସାହିତ୍ୟ ଓ ସଂସ୍କୃତିକୁ ଋଦ୍ଧିମନ୍ତ କରିଥିବା ବହୁ ବ୍ୟକ୍ତିତ୍ୱ ରାଜ୍ୟ ଏବଂ ବାହାର ରାଜ୍ୟରେ ବେଶ୍ ପରିଚିତ। ଏହାସତ୍ତ୍ୱେ ଜିଲାର କଳା, ସାହିତ୍ୟ ଓ ସଂସ୍କୃତିକୁ ପ୍ରୋତ୍ସାହନ ମିଳୁନାହିଁ। ଏହି ଅଣଦେଖା ପ୍ରତିବାଦରେ କେନ୍ଦ୍ରାପଡ଼ାର ଜିଲା କଳା, ସାହିତ୍ୟ ଓ ସଂସ୍କୃତି ପରିଷଦ ପକ୍ଷରୁ ଜିଲାପାଳଙ୍କ ଉଦ୍ଦେଶ୍ୟରେ ଲିଖିତ ଏକ ଅଭିଯୋଗ ପତ୍ର ଭାରପ୍ରାପ୍ତ ଜିଲା ସଂସ୍କୃତି ଅଧିକାରୀ ତ୍ରିଭୁବନ ଜୟସିଂହଙ୍କୁ ମଙ୍ଗଳବାର ପ୍ରଦାନ କରାଯାଇଛି। ଏ ସମ୍ପର୍କରେ ପରିଷଦର ସଭାପତି ସୁବ୍ରତ କୁମାର ରାଉତ ଓ ସମ୍ପାଦକ ନିରାକାର ମହାରଣା କହିଛନ୍ତି, ଗ୍ରାମାଞ୍ଚଳ ସଂସ୍କୃତିକୁ ଭାଗବତ ଟୁଙ୍ଗି ପରିଚୟ ପ୍ରଦାନ କରୁଛି। ରାଜ୍ୟ ସରକାର ଏହାର ଉନ୍ନତୀକରଣ ପାଇଁ ଜିଲାର ୪୩୮ଟି ଭାଗବତ ଟୁଙ୍ଗିକୁ ପାଇଁ ୨ କୋଟି ୧୬ ଲକ୍ଷ ଟଙ୍କା ଅର୍ଥ ମଞ୍ଜୁରୀ ଦେଇଛନ୍ତି। ତେବେ କୌଣସି ଗୋଟିଏ ଟୁଙ୍ଗି ଏହି ଅର୍ଥ ପାଇନାହାନ୍ତି। ସେହିପରି କଳାକାରଙ୍କୁ ଭତ୍ତା ପ୍ରଦାନ ଓ ପ୍ରୋତ୍ସାହନ ନାହିଁ। କଳା ଓ କଳାକାରଙ୍କ ପାଇଁ ଗଠନ ହୋଇଥିବା ବିକେଏସ୍‌ଏସ୍ ଓ ଜେଡାକଏସ୍‌ଏସ୍ କାର୍ଯ୍ୟକାରୀ ହେଉନାହିଁ। ସରକାରୀ ସ୍ତରରେ ବିଭିନ୍ନ ଯୋଜନାର ସଚେତନତା କାର୍ଯ୍ୟକ୍ରମ କରାଯାଉଛି। ମାତ୍ର ନିର୍ଦ୍ଦିଷ୍ଟ କେତେଜଣ ବ୍ୟକ୍ତି ଓ ଅନୁଷ୍ଠାନ ଏହାର ସିଂହଭାଗ ପାଉଛନ୍ତି। ଜିଲା ସଂସ୍କୃତି ବିଭାଗ ପକ୍ଷରୁ ଜିଲା ମହୋତ୍ସବ ଆୟୋଜିତ ହୋଇଥାଏ। ତେବେ ଏହି ଜିଲାରେ ଅଦ୍ୟାବଧି ଜିଲା ମହୋତ୍ସବ ହୋଇପାରୁନାହିଁ। ଫଳରେ ଜିଲାର କଳା, ସାହିତ୍ୟ ଓ ସଂସ୍କୃତି ଅବହେଳା ହେଉଛି। ଏପରି ବିଭିନ୍ନ ସମସ୍ୟା ରହିଥିବା ସେମାନେ ପ୍ରକାଶ କରିଛନ୍ତି। ଅଭିଯୋଗ ପତ୍ର ପ୍ରଦାନ ସମୟରେ ପରିଷଦର କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।


ଜିଲା କଳା, ସାହିତ୍ୟ ଓ ସଂସ୍କୃତି ପରିଷଦ ପକ୍ଷରୁ ଜିଲା ସାଂସ୍କୃତି ଅଧିକାରୀଙ୍କୁ ଦାବିପତ୍ର ପ୍ରଦାନ କରାଯାଉଛି।

# ଆଦିବାସୀ ମହିଳାଙ୍କୁ ବିହାରୀ ଯୁବକଙ୍କ ଅସଦାଚରଣ ଉଦ୍ୟମ

■ଜମ୍ବୁ ସାମୁଦ୍ରିକ ଥାନାରେ ଲିଖିତ ଅଭିଯୋଗ
■ବିହାରୀ ଯୁବକ ଥାନାରେ ଅଟକ

ମହାକାଳପଡ଼ା, ୨୭।୫(ପ୍ରତାପ ଚନ୍ଦ୍ର ସ୍ୱାଇଁ)

କେନ୍ଦ୍ରାପଡ଼ା ଜିଲା ମହାକାଳପଡ଼ା ବ୍ଲକ୍ ଜମ୍ବୁ ସାମୁଦ୍ରିକ ଥାନା ଅଞ୍ଚଳର ଜଣେ ମହିଳାଙ୍କୁ ସୋମବାର ବିଳମ୍ବିତ ରାତିରେ ଜଣେ ବିହାରୀ ଯୁବକ ଅସଦାଚରଣ କରିବାକୁ ଉଦ୍ୟମ କରିଥିଲେ। ମହିଳାଙ୍କ ପାଟି ଶୁଣି ପାଖ ଲୋକମାନେ ପହଞ୍ଚି ଉଦ୍ଧାର କରିଥିଲେ।

ପୋଲିସ ସୂଚନା ଅନୁସାରେ, ଏହି ଗ୍ରାମ ସଂଲଗ୍ନ ଗଳିଆ ନଦୀରେ ଏକ ବିଜୁ ସେତୁ ନିର୍ମାଣ କାମ ଆରମ୍ଭ ହୋଇଛି। ଏହି ସେତୁ ନିର୍ମାଣ କାମରେ ବିହାରୀ ଯୁବକ ରଣଜିତ କୁମାର ମେଶିନ ଅପରେଟର ଭାବେ କାର୍ଯ୍ୟ କରନ୍ତି। ତେବେ ସୋମବାର ବିଳମ୍ବିତ ରାତିରେ ଜଣେ ମହିଳାଙ୍କ ଘରେ ପଶି ଟଣାଓଟରା କରିବା ସହ ପିନ୍ଧା ଲୁଗା ଚିରି ଦେଇଥିଲେ। ଏହି ସମୟରେ ନିଜ ଜୀବନ ରକ୍ଷା କରିବାକୁ ମହିଳା ଜଣକ ପାଟି କରିବାରୁ ପାଟି ଶୁଣି ପଡ଼ୋଶୀ ଲୋକମାନେ ପହଞ୍ଚିଲା ପରେ ବିହାରୀ ଯୁବକ ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। ଜମ୍ବୁ ସାମୁଦ୍ରିକ ଥାନା ଅଧିକାରୀ ସୌମ୍ୟରଞ୍ଜନ ବିଶ୍ୱାଳ ଘଟଣାସ୍ଥଳରେ ପହଞ୍ଚି ପଚରାଉଚୁରା କରିଥିଲେ। ଏହି ଅଭାବନୀୟ ଘଟଣାକୁ ନେଇ ପୀଡ଼ିତାଙ୍କ ସ୍ୱାମୀ ଥାନାରେ ମଙ୍ଗଳବାର ଅପରାହ୍ନରେ ଲିଖିତ ଅଭିଯୋଗ କରିଛନ୍ତି। ଲିଖିତ ଅଭିଯୋଗକୁ ଭିତ୍ତିକରି ପୋଲିସ ଘଟଣାସ୍ଥଳରୁ ବିହାରୀ ଯୁବକଙ୍କ ଧରି ଥାନାରେ ଅଟକ ରଖିଛି। ତେବେ ମହିଳାଙ୍କ ସ୍ୱାମୀ ସେତୁ ନିର୍ମାଣ କାର୍ଯ୍ୟରେ ରାତି ଜଗୁଆଳି ଭାବେ କାର୍ଯ୍ୟ କରନ୍ତି ବୋଲି କହିଛନ୍ତି। ରିପୋର୍ଟ ଲେଖାହେବା ବେଳକୁ କେସ୍ ପଞ୍ଜୀକୃତ ହୋଇନାହିଁ। ଏ ସଂକ୍ରାନ୍ତରେ ଆଇଆଇସି ବିଶ୍ୱାଳଙ୍କୁ ପଚାରିବାରେ ରାତିରେ ୧୧୨ କଲ୍ ସେଣ୍ଟରରୁ ଖବର ମିଳିବା ପରେ ଘଟଣାସ୍ଥଳରେ ପହଞ୍ଚିଥିଲୁ। ଉକ୍ତ ଥାନା ଅଞ୍ଚଳ ବଡିଘର ପଞ୍ଚାୟତକୁ ଏକ କେସ୍ ତଦନ୍ତରେ ଅଛନ୍ତି। ଥାନାରେ ପହଞ୍ଚିବା ପରେ ଅଭିଯୋଗକୁ ଭିତ୍ତିକରି ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।

# ସଙ୍ଗୀତ ନିର୍ଦ୍ଦେଶକ ଦିନେଶ ମଲ୍ଲିକଙ୍କୁ କଳାନିଧି ସମ୍ମାନ

ସିଂହପୁର, ୨୭।୫
(ଅନଙ୍ଗ ଉଦୟ ବେଉରିଆ)

ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ବାଙ୍ଗରା ପଞ୍ଚାୟତ ଛନ୍ଦାମୁଣ୍ଡ ଗ୍ରାମର ସଙ୍ଗୀତ ନିର୍ଦ୍ଦେଶକ ଦିନେଶ ମଲ୍ଲିକଙ୍କୁ କଳାନିଧି ସମ୍ମାନ ପ୍ରଦାନ କରାଯାଇଛି। ଦୀର୍ଘ ଦିନ ଧରି ସଙ୍ଗୀତ କ୍ଷେତ୍ରରେ ଅବଦାନ ପାଇଁ ସମ୍ବାଦପତ୍ର ଦିନଚର୍ଯ୍ୟାର ୧୪ତମ ସ୍ୱନକ୍ଷତ୍ର ଦିବସରେ ତାଙ୍କୁ କଳାନିଧି ସମ୍ମାନରେ ମାନପତ୍ର, ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରାଯାଇଛି। ଯାଜପୁର ଏମ୍‌ପି ରବୀନ୍ଦ୍ର ନାରାୟଣ ବେହେରା, ସମ୍ବାଦପତ୍ର ବିଶ୍ୱବାଣୀର ସମ୍ପାଦକ ଅର୍ଜୁନ ମୁଦୁଲି, ଏମବିସି ଟିଭି ସମ୍ପାଦକ ଅଶୋକ ପଣ୍ଡା, ଫୋକଶ ଟିଭି ସମ୍ପାଦକ ସୁଧାଂଶୁ ରାଉତ, ଦିନଚର୍ଯ୍ୟାର ସମ୍ପାଦକ ତପନ ମହାରଣ୍ୟ, ପୂର୍ବତନ ଏମ୍‌ପି ଅଞ୍ଚଳ ଦାସ ଉପସ୍ଥିତ ରହି ମଲ୍ଲିକଙ୍କୁ ସମ୍ବର୍ଦ୍ଧିତ କରିଥିଲେ।

# ଅସରାଏ ବର୍ଷାରେ ୧୧ନଂ. ୱାର୍ଡ ଉବୁଟୁବୁ

ପଟ୍ଟାମୁଣ୍ଡାଇ, ୨୭।୫ (କଳ୍ପତରୁ ନାୟକ)

## ପଟ୍ଟାମୁଣ୍ଡାଇ ପୌର ପରିଷଦ

ଘରେ ଆଣ୍ଠୁଏ ଲେଖାଏଁ ପାଣି ଜମିଛି
ଭୋକ ଉପବାସରେ ଲୋକେ

ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁ ମଙ୍ଗଳବାର ପଟ୍ଟାମୁଣ୍ଡାଇ ପୌର ପରିଷଦ ଅନ୍ତର୍ଗତ ୧୧ ନଂ. ୱାର୍ଡ ଉବୁଟୁବୁ ହେବା ସହ କୃତ୍ରିମ ବନ୍ୟା ପରିସ୍ଥିତି ଦେଖାଦେଇଛି। ଉପଯୁକ୍ତ ଜଳ ନିଷ୍କାସନ ବ୍ୟବସ୍ଥା ନ ଥିବାରୁ ଅସରାଏ ବର୍ଷାରେ ମୁସଲମାନ ବସ୍ତିରେ ଥିବା ଲୋକମାନଙ୍କ ଘରେ ବର୍ଷା ପାଣି ଲହଡି ଭାଙ୍ଗୁଛି। କେତେଜଣଙ୍କ ଘରେ ଆଣ୍ଠୁଏରୁ ଜଙ୍ଘେ ଯାଏ ପାଣିରେ ଜମି ରହିଛି। ଏଥିସହ ଚୁଲିରେ ପାଣି ପଶିବା ସହିତ ଥାଳି କଂସାବାସନ ଭାସୁଛି। ମୁସଲମାନ ବସ୍ତିରେ ଥିବା ଗରିବ ଖଟିଖିଆମାନେ ଏଭଳି ସ୍ଥିତିରେ ଖଟ ଉପରେ ଉପାସ ଭୋକେ ପିଲାଛୁଆ ଧରି ବସିଛନ୍ତି। ଅସରାଏ ବର୍ଷା ହେଲେ ମୁସଲମାନବସ୍ତି ଉବୁଟୁବୁ ହେବା ସହିତ ବାସିନ୍ଦାଙ୍କ ସମସ୍ୟା ବଢ଼ି ବଢ଼ି ଚାଲିଛି। ସ୍ଥାନୀୟ ଅଧିବାସୀ ଜଳ ନିଷ୍କାସନ ସମସ୍ୟାର ସ୍ଥାୟୀ ସମାଧାନ ପାଇଁ ପଟ୍ଟାମୁଣ୍ଡାଇ ପୌର ନିର୍ବାହୀ ଅଧିକାରୀଙ୍କୁ ଭେଟି ଦାବି କରିଛନ୍ତି। ଉପଯୁକ୍ତ ଡ୍ରେନେଜ ବ୍ୟବସ୍ଥା ନ ଥିବାରୁ ଜଳ ନିଷ୍କାସନ ହୋଇପାରୁନି ବୋଲି ସ୍ଥାନୀୟ ଅଧିବାସୀ ଅଭିଯୋଗ କରିଛନ୍ତି। ଆଗକୁ ଆହୁରି ୩ ଦିନ ବର୍ଷା ଲାଗି ରହିବାର ସମ୍ଭାବନା ଥିବାରୁ ସମସ୍ୟା ଆହୁରି ଜଟିଳ ହେବାର ଆଶଙ୍କା କରାଯାଉଛି। ପୌର ନିର୍ବାହୀ ଅଧିକାରୀ ପ୍ରଫୁଲ୍ଲ ବିଶ୍ୱାଳ ବସ୍ତି ବାସିନ୍ଦାଙ୍କ ନିକଟରେ ପହଞ୍ଚି ଜଳବନ୍ଦୀସ୍ଥିତି ଅନୁଧ୍ୟାନ କରିବା ସହ ତୁରନ୍ତ ସମସ୍ୟାର ସ୍ଥାୟୀ ସମାଧାନ କରାଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ମୁସଲମାନବସ୍ତିରୁ ଜଳ ନିଷ୍କାସନ ପାଇଁ ପୌର ପ୍ରଶାସନ ପକ୍ଷରୁ ଅଗ୍ନିଶମ ବାହିନୀର ସହାୟତା ନିଆଯାଇଛି। ସରକାରୀ ଜମି ଜବରଦଖଲ କରାଯାଇ ବାସଗୃହ ନିର୍ମାଣ କରିବା, ପାଣି ନିଷ୍କାସନ ବାଟ ବନ୍ଦ କରାଯାଇଥିବାରୁ ଏଭଳି ସମସ୍ୟା ସୃଷ୍ଟି ହୋଇଛି। ଖୁବ୍‌ଶୀଘ୍ର ସରକାରୀ ଜମିରୁ ଜବରଦଖଲକୁ ଉଚ୍ଛେଦ କରାଯିବ ବୋଲି ପୌର ନିର୍ବାହୀ ଅଧିକାରୀ ବିଶ୍ୱାଳ ପ୍ରକାଶ କରିଛନ୍ତି।


ପୌର ପରିଷଦ ଅନ୍ତର୍ଗତ ୧୧ ନମ୍ବର ୱାର୍ଡରେ ଲୋକଙ୍କ ଘରେ ବର୍ଷା ପାଣି ଜମି ରହିଛି।

# ରାଶନ କାର୍ଡ, ପ୍ରଧାନମନ୍ତ୍ରୀ ଆବାସକୁ ନେଇ ଅଧିକ ଅଭିଯୋଗ

■ରାଜକନିକାରେ ମିଳିତ ଜନଶୁଣାଣି ଶିବିର
■୬୯ ଅଭିଯୋଗ ପଞ୍ଜୀକୃତ: ସାମୂହିକ ୬, ଅନ୍ୟାନ୍ୟ ୬୩

ରାଜକନିକା, ୨୭।୫ (ସଞ୍ଜୟ କୁମାର ଦାଶ)


ଶିବରରେ ଉପସ୍ଥିତ ପ୍ରଶାସନିକ ଅଧିକାରୀ ଲୋକଙ୍କ ଅଭିଯୋଗ ଶୁଣୁଛନ୍ତି।

କେନ୍ଦ୍ରାପଡ଼ା ଜିଲା ରାଜକନିକା ବ୍ଲକ୍ ପରିସରରେ ପଞ୍ଚାୟତ ସମିତି ସଭାଗୃହରେ ମଙ୍ଗଳବାର କେନ୍ଦ୍ରାପଡ଼ା ଜିଲାପାଳ ଓ ଏସ୍‌ପି ମିଳିତ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ସିଡିଓ ଅଜାମ୍ବର ମହାନ୍ତି, ଏଡିଏମ୍ ରବୀନ୍ଦ୍ର କୁମାର ମଲ୍ଲିକ, ସବ୍ କଲେକ୍ଟର ଅରୁଣ କୁମାର ନାୟକ, ବିଡିଓ କୈଳାସ ଚନ୍ଦ୍ର ମହାଲିକ, କନିକା ଅତିରିକ୍ତ ତହସିଲଦାର ଦେବବଲ୍ଲଭ ସେଠୀ, ପଟ୍ଟାମୁଣ୍ଡାଇ ଏସ୍‌ଡିପିଓ କ୍ଷମାସାଗର ପଣ୍ଡା, ରାଜକନିକା ଥାନା ଅଧିକାରୀ ସଞ୍ଜୟ କୁମାର ମଲ୍ଲିକଙ୍କ ସମେତ ଜିଲାସ୍ତରୀୟ ଓ ବ୍ଲକ୍‌ସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ରହି ୬୯ଟି ଅଭିଯୋଗର ଶୁଣାଣି କରିଥିଲେ। ୬୩ଟି ଅଭିଯୋଗ ବ୍ୟକ୍ତିଗତ ହୋଇଥିବା ବେଳେ ୬ଟି ସାମୂହିକ ଅଭିଯୋଗ ଥିଲା। ଶିବିରରେ ମୁଖ୍ୟତଃ ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ରାସ୍ତା ନିର୍ମାଣ, ପାନୀୟ ଜଳ ସମସ୍ୟା, ରାଶନ କାର୍ଡ ରହିଥିଲା। ଅଚଳ ଷ୍ଟ୍ରିଟ୍ ଲାଇଟ୍ ସଚଳ କରିବା ଓ ରାସ୍ତା ନିର୍ମାଣ ପାଇଁ ସାମୂହିକ ଅଭିଯୋଗ ହୋଇଥିଲା। ଶିବିରରେ ବ୍ଲକ୍‌ସ୍ତରୀୟ ଅଧିକାରୀ ସ୍ୱାସ୍ଥ୍ୟ ବିଭାଗ, ଜଳ ସମ୍ପଦ ବିଭାଗ, କୃଷି ବିଭାଗ, ଉଦ୍ୟାନ କୃଷି ବିଭାଗ, ଆର୍‌ଡବ୍ଲ୍ୟୁଏସ୍‌ଏସ୍ ବିଭାଗ, ମିଶନ ଶକ୍ତି ବିଭାଗ ଓ ଶିକ୍ଷା ବିଭାଗର ଅଧିକାରୀ ଉପସ୍ଥିତ ଥିଲେ। ଶିବିରରେ କଣ୍ଟପଡ଼ା ବଜାରରେ ଦୀର୍ଘଦିନ ହେବ ଅଚଳ ହୋଇପଡିଥିବା ଷ୍ଟ୍ରିଟ୍ ଲାଇଟକୁ ସଚଳ କରିବା ପାଇଁ ସତ୍ୟନାରାୟଣ ବଣିକ ସଂଘ ପକ୍ଷରୁ ସଭାପତି ଅଜୟ ଦାଶ, ସମ୍ପାଦକ ଜ୍ଞାନରଞ୍ଜନ ସାହୁ, ନିରୋଦ ଜେନା, ସୁଶାନ୍ତ ପରିଡାଙ୍କ ସମେତ କର୍ମକର୍ତ୍ତା ଅଭିଯୋଗ କରିଥିଲେ। ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଡିଓଙ୍କୁ ଏସ୍‌ଡିଓ ନିର୍ଦ୍ଦେଶ ଦେଇ ଖୁବ୍‌ଶୀଘ୍ର ସଚଳ କରାଯିବା ନେଇ ପ୍ରତିଶ୍ରୁତି ଦେଇଥିଲେ। ସେହିପରି ଆଖୁଳିପଡା ପଞ୍ଚାୟତରେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟରେ ବ୍ୟାପକ ଦୁର୍ନୀତି ସହ ଏହି ପଞ୍ଚାୟତର ମଲ୍ଲିସାହାଡ଼ା ଗାଁର ପ୍ରାଇମେରି ସ୍କୁଲର ନୂତନ ଗୃହ ନିର୍ମାଣ ପାଇଁ ଆସିଥିବା ଅନୁଦାନକୁ ହଡ଼ପ କରାଯିବା ଓ ପର ମୁହୂର୍ତ୍ତରେ ଅଭିଯୋଗ ହେବାପରେ ବେଆଇନ ଭାବେ ପୁରୁଣା ଭଙ୍ଗା ଶ୍ରେଣୀଗୃହ ଉପରେ ନିର୍ମାଣ କରିବା, ନହୁଣୀ, ଜୟନଗର ଓ ଆଖୁଳିପଡା ପଞ୍ଚାୟତରେ ଫେସିଲେଟେଡ୍ ସେଣ୍ଟର ପାଇଁ ୧୦ ହଜାର ବ୍ୟୟ ବରାଦ ଥିବାବେଳେ ତାହା ନାମକୁ ମାତ୍ର କରାଯାଇଛି। ନବୀନ ଓଡ଼ିଶା ଆମ ଓଡ଼ିଶା ଯୋଜନାରେ ପ୍ରତି ପଞ୍ଚାୟତକୁ କ୍ରୀଡ଼ା ସାମଗ୍ରୀ ପାଇଁ ୨.୫ଲକ୍ଷ ଅନୁଦାନ ଆସିଥିଲେ ମଧ୍ୟ କାଁ ଭାଁ ପଞ୍ଚାୟତକୁ ଛାଡ଼ି ଦେଲେ ଅନ୍ୟ ପଞ୍ଚାୟତରେ ସାମଗ୍ରୀ କିଣାଯାଇ ନ ଥିବା ନେଇ ସିପିଆଇଏମ୍‌ଏଲ୍ ଜିଲା ସମ୍ପାଦକ ବିଧାନ ଦାସ ତଦନ୍ତ ପୂର୍ବକ ଅଭିଯୋଗ କରିଥିଲେ। ଏଡିଏମ୍ ୧୫ ଦିନ ମଧ୍ୟରେ ତଦନ୍ତ କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଶିବିରରେ ସ୍ୱାସ୍ଥ୍ୟ ବିଭାଗ ଜିଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ ଡା. ପ୍ରମୋଦ କୁମାର ପ୍ରହରାଜ, ରାଜକନିକା ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡା. ବାଦଲ କୁମାର ମହାନ୍ତି, ଜଳ ସମ୍ପଦ ବିଭାଗର ସହକାରୀ ଯନ୍ତ୍ରୀ ଧୀରେନ କୁମାର ଜେନା, ଜିଲା କୃଷି ଅଧିକାରୀ ପଟ୍ଟାମୁଣ୍ଡାଇ ଦ୍ୱିଜବର ସେଠୀ, ରାଜକନିକା ବ୍ଲକ କୃଷି ଅଧିକାରୀ ଜ୍ୟୋତିର୍ମୟୀ ବେହେରା, ସହକାରୀ ବ୍ଲକ କୃଷି ଅଧିକାରୀ ସୁବାଶିଷ ଭଞ୍ଜରାୟ, ଉଦ୍ୟାନ କୃଷି ବିଭାଗ ମୋନାଲିସା ମନ୍ତ୍ରୀ, ବିଭିନ୍ନ ବିଭାଗର ଯନ୍ତ୍ରୀ ସାମିଲ ହୋଇଥିଲେ। ମିଶନ ଶକ୍ତି ବିଭାଗର ବ୍ଲକ୍ ସଂଯୋଜିକା ମୋନାଲିସା ନାୟକ ଓ ଶିକ୍ଷା ବିଭାଗର ବ୍ଲକ୍ ଶିକ୍ଷା ଅଧିକାରୀ ନଳିନୀ ରଞ୍ଜନ ରାଉତରାୟ ପ୍ରମୁଖ ଉପସ୍ଥିତ ଥିଲେ।

**ସଂକ୍ଷେପରେ**

## ଗଜପତିରୁ ପୋଷ୍ୟ ସନ୍ତାନ ଗ୍ରହଣ କଲେ ମହାରାଷ୍ଟ୍ର ଦମ୍ପତି

ପାରଳାଖେମୁଣ୍ଡି,୨୭।୫
(ଗିରିଧାରୀ ପରିଚ୍ଛା)

ଗଜପତି ଜିଲ୍ଲାରୁ ମହାରାଷ୍ଟ୍ରର ଏକ ଦମ୍ପତି ପୋଷ୍ୟ ସନ୍ତାନ ଗ୍ରହଣ କରିଛନ୍ତି। ଜିଲାର ୭୦ତମ ଏହି ଶିଶୁକୁ ଜିଲ୍ଲାପାଳ ବିଜୟ କୁମାର ଦାଶ ପୋଷ୍ୟ ସନ୍ତାନ ଭାବେ ସମ୍ପୃକ୍ତ ଦମ୍ପତିଙ୍କୁ ହସ୍ତାନ୍ତର କରିଛନ୍ତି। ଖବରରୁ ଜଣାପଡିଛି, ପ୍ରାୟ ୩ମାସ ତଳେ ପାରଳାଖେମୁଣ୍ଡି ରେଳ ଷ୍ଟେଶନରୁ ପରିତ୍ୟକ୍ତ ଅବସ୍ଥାରେ ଉଦ୍ଧାର ହୋଇଥିବା ଏହି ଶିଶୁଟିକୁ ଶିଶୁ ମଙ୍ଗଳ ସମିତି ନିର୍ଦ୍ଦେଶରେ ଯତ୍ନ ଓ ସୁରକ୍ଷା ନିମନ୍ତେ ରାଣୀପେଣ୍ଠସ୍ଥିତ ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ର ନିଶାନ ଶାଲୋମ ଅନୁଷ୍ଠାନରେ ରଖି ଲାଳନପାଳନ କରାଯାଉଥିଲା। ପରବର୍ତ୍ତୀ ସମୟରେ ଶିଶୁ ମଙ୍ଗଳ ସମିତି ଶିଶୁଟିକୁ ଆଇନତଃ ମୁକ୍ତ ଘୋଷଣା କରିବା ସହ ଶିଶୁଟିର ସମସ୍ତ ତଥ୍ୟ କେନ୍ଦ୍ରୀୟ ପୋଷ୍ୟ ସନ୍ତାନ ଗ୍ରହଣ ପୋର୍ଟାଲରେ ଅପ୍‌ଲୋଡ଼ କରିଥିଲେ। ପୋଷ୍ୟ ସନ୍ତାନ ଗ୍ରହଣ ନିମନ୍ତେ ପ୍ରାୟ ୩ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ଅନ୍‌ଲାଇନ ମାଧ୍ୟମରେ ଆବେଦନ କରି ଅପେକ୍ଷା କରି ରହିଥିବା ସମ୍ପୃକ୍ତ ଦମ୍ପତିଙ୍କୁ କେନ୍ଦ୍ରୀୟ ପୋଷ୍ୟ ସନ୍ତାନ ସମ୍ବଳ କେନ୍ଦ୍ର ଅନୁମୋଦନ କରିଥିଲେ। ଦମ୍ପତି ଏହି ଶିଶୁଟିକୁ ପସନ୍ଦ କରି ପୋଷ୍ୟସନ୍ତାନ ରୂପେ ଗ୍ରହଣ କରିବାକୁ ଆଗ୍ରହ ପ୍ରକାଶ କରିଥିଲେ। ସମସ୍ତ ଦସ୍ତାବିଜକୁ ଜିଲାପାଳ ଯାଞ୍ଚ କରିବା ପରେ ମଙ୍ଗଳବାର ଶିଶୁଟିକୁ ସମ୍ପୃକ୍ତ ଦମ୍ପତିଙ୍କୁ ହସ୍ତାନ୍ତର କରିଥିଲେ। ୩ ମାସର ଏହି ଶିଶୁଟି ଏକ ଶିଶୁକନ୍ୟା। ଏହାକୁ ପାଇ ମରାରାଷ୍ଟ୍ରର ଏହି ଦମ୍ପତି ଖୁସି ପ୍ରକାଶ କରିଛନ୍ତି।

## ଡ୍ରେନ ଉପରେ ସ୍ଲାବ୍ ନାହିଁ

ଖଣ୍ଡପଡ଼ା,୨୭।୫
(ଅଜୟ କୁମାର ମହାରଣା)

ଖଣ୍ଡପଡ଼ା ସହର ୧ନଂ. ୱାର୍ଡ ଅଧିନ ମଠସାହି ମଧ୍ୟସ୍ଥ ସିମେଣ୍ଟ କଂକ୍ରିଟ ରାସ୍ତା ପାର୍ଶ୍ୱ ଡ୍ରେନ ଉପରେ ସ୍ଲାବ ପଡି ନ ଥିବାରୁ ଉକ୍ତ ସାହିର ବାସିନ୍ଦା ଯାତାୟତ କରିବାରେ ଅସୁବିଧାର ସମ୍ମୁଖିନ ହେଉଛନ୍ତି । ଅଣଓସାରିଆ ରାସ୍ତାର ଗୋଟିଏ ପାର୍ଶ୍ୱରେ ଡ୍ରେନ ନିର୍ମାଣ କରାଯାଇଥିବାରୁ ଉକ୍ତ ସାହି ମଧ୍ୟକୁ ସମୟ ଅସମୟରେ ଯାନବାହନ ଯାତାୟତ ପାଇଁ ଗାଡ଼ି ଚାଳକମାନେ ହଇରାଣ ହେଉଛନ୍ତି । ଏଥିପ୍ରତି ଖଣ୍ଡପଡା ଏନଏସି କର୍ତ୍ତୃପକ୍ଷ ଦୃଷ୍ଟି ଦେଇ ଡ୍ରେନ ଉପରେ ସ୍ଲାବ ପକାଇବାକୁ ମଠସାହି ବାସିନ୍ଦା ଦାବି କରିଛନ୍ତି ।

## ପୂର୍ବତନ ପ୍ରଧାନମନ୍ତ୍ରୀଙ୍କ ଶ୍ରାଦ୍ଧ ଦିବସ

ବାଲିଗୁଡା,୨୭।୫(ସଞ୍ଜୟ ପାଣିଗ୍ରାହି)

ପୂର୍ବତନ ପ୍ରଧାନମନ୍ତ୍ରୀ ସ୍ୱର୍ଗତ ପଣ୍ଡିତ ଜବାହାରଲାଲ ନେହେରୁଙ୍କ ମଙ୍ଗଳବାର ଶ୍ରାଦ୍ଧ ଦିବସ ବାଲିଗୁଡା କଂଗ୍ରେସ ତରଫରୁ ସ୍ଥାନୀୟ କଂଗ୍ରେସ ଭବନ ଠାରେ ପାଳିତ ହୋଇଯାଇଛି । ଏହି ଅବସରରେ ଜବାହରଲାଲଙ୍କ ସ୍ମୃତି ଚାରଣ କରାଯାଇଥିଲା । କାର୍ଯ୍ୟକ୍ରମରେ ଡା ବିଚିତ୍ରା ନନ୍ଦ ଆଚାର୍ଯ୍ୟ, ମନୋଜ କୁମାର ଆଚାର୍ଯ୍ୟ, ପୂର୍ବତନ ବ୍ଲକ ଅଧ୍ୟକ୍ଷ କେ. ବଳରାମ ଦୋରା, ସପ୍ନେଶ୍ୱର ସାହୁ, ଶୁକଦେବ ନାୟକ, ଅମର, ଗୌରି ଶଙ୍କର ଆଚାରୀ, କାଉନସିଲର ଅଜୁ ଦିଗାଳଙ୍କ ସମେତ ବହୁ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ ।

# ୫ ସ୍ଥାନରୁ ପାଣି ନମୁନା ସଂଗ୍ରହ

## ଡେଙ୍ଗୁ ମୃତ୍ୟୁ ପରେ ଆର୍ଯ୍ୟପଲ୍ଲୀରେ ସ୍ୱାସ୍ଥ୍ୟ ଟିମ୍

ଛତ୍ରପୁର,୨୭।୫
(ସନ୍ତୋଷ ପାଢ଼ୀ/ଦିଲୀପ ସାମଲ)

ଛତ୍ରପୁର ବ୍ଲକ ଅନ୍ତର୍ଗତ ବଡ଼ ଆର୍ଯ୍ୟପଲ୍ଲୀ ଗ୍ରାମରେ ଡେଙ୍ଗୁ ଜ୍ୱର ବ୍ୟାପିବାରେ ଲାଗିଛି । ଡେଙ୍ଗୁରେ ଜଣେ ନାବାଳକଙ୍କ ମୃତ୍ୟୁ ହୋଇଥିବା ବେଳେ ଏବେ ବି ୫ ଜଣ ଆକ୍ରାନ୍ତ ବିଭିନ୍ନ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସିତ ହେଉଛନ୍ତି। ମଙ୍ଗଳବାର ଗାଁରେ ସ୍ୱାସ୍ଥ୍ୟ ବିଭାଗର ଏକ ଟିମ ପହଞ୍ଚିଛନ୍ତି। ସେମାନେ ବିଭିନ୍ନ ସାହି ବୁଲି ଲୋକଙ୍କୁ ସଚେତନ କରିବା ପରେ ଗାଁର ୫ଟି ସ୍ଥାନରୁ ପାଣିର ନମୁନା ସଂଗ୍ରହ କରିଛନ୍ତି। ଏହି ନମୁନା ଲ୍ୟାବକୁ ପଠାଯିବ ବୋଲି ମୁନିସିପେଣ୍ଠ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡା. ସ୍ୱାଧୀନ କୁମାର ରଥ ସୂଚନା ଦେଇଛନ୍ତି। ପରେ ପଂଚାୟତ କାର୍ଯ୍ୟାଳୟ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଡେଙ୍ଗୁ ଜ୍ୱର ନେଇ ସଚେତନତା କାର୍ଯ୍ୟକ୍ରମ ହୋଇଥିଲା। ଗତବର୍ଷ ମଧ୍ୟ ଆର୍ଯ୍ୟପଲ୍ଲୀରେ ପ୍ରାୟ ୪୦ ଜଣ ଡେଙ୍ଗୁରେ ଆକ୍ରାନ୍ତ ହୋଇଥିଲେ। ଚଳିତବର୍ଷ ପୁଣି ଗାଁରେ ଡେଙ୍ଗୁ ରୋଗ ବ୍ୟାପିଛି। ଗାଁ ସାରା ଅଳିଆ ଆବର୍ଜନାରେ ଭର୍ତ୍ତି ହୋଇ ରହିଥିବା ବେଳେ ନାଳନର୍ଦ୍ଦମା ଗୁଡ଼ିକୁ ମଧ୍ୟ ନିୟମିତ ସଫା କରାଯାଉନାହିଁ । ଯାହାଫଳରେ ଲୋକେ ଡେଙ୍ଗୁ ଆକ୍ରାନ୍ତ ହେଉଛନ୍ତି। ଡେଙ୍ଗୁ କିଭଳି ଗାଁରୁ ମୂଳୋତ୍ପାଟନ ହେବ ସେ ନେଇ ଜିଲା ପ୍ରଶାସନ ପଦକ୍ଷେପ ନେବାକୁ ଦାବି କରିଛନ୍ତି ଗ୍ରାମବାସୀ । ଆର୍ଯ୍ୟପଲ୍ଲୀ ସରପଞ୍ଚ ତ୍ରିଲୋଚନ ବେହେରାଙ୍କ ଅଧ୍ୟକ୍ଷତାରେ ସଚେତନତା ସଭା ହୋଇଥିଲା। ସଭାରେ ଉପସ୍ଥିତ ପୂର୍ବତନ ସରପଞ୍ଚ ଏମ. ଗୁମାଲି, ଅଗସ୍ତି ନୂଆଗାଁ ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ଦେବେନ୍ଦ୍ର ମିଶ୍ର, ସମ ହସ୍ପିଟାଲର ଡାକ୍ତର ଦେବ ପ୍ରସାଦ ଦାଶ, ଲ୍ୟାବ ଟେକ୍ନିସିଆନ ଡ଼ଃ ନିତିନ ମୋହନ, ମୁନିସିପେଣ୍ଠ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଜନ ସ୍ୱାସ୍ଥ୍ୟ ସଂପ୍ରସାରଣ ଅଧିକାରୀ ବରୁଣ କୁମାର ପାଣିଗ୍ରାହୀ, ଆଶା କର୍ମୀ ମାନେ ରୋଗ ଯେପରି ଅଧିକ ନ ବ୍ୟାପିବ ସେନେଇ ଲୋକଙ୍କୁ ସଚେତନ କରିବା ସହିତ ପରିବେଶ ସଫା ରଖିବାକୁ କହିଥିଲେ। କାହାରି ଠାରେ ଡେଙ୍ଗୁର କିଛି ଲକ୍ଷଣ ଦେଖାଗଲେ ସରକାରୀ ଚିକିତ୍ସାଳୟରେ ଚିକିତ୍ସା ହେବା ପାଇଁ ଲୋକଙ୍କୁ ସଚେତନ କରାଇଥିଲେ ।



ପାଣିର ନମୁନା ସଂଗ୍ରହ କରାଯାଉଛି।

### ଘରୋଇ ହସ୍ପିଟାଲ ରିପୋର୍ଟକୁ ନେଇ ସନ୍ଦେହ

ଛତ୍ରପୁର,୨୭।୫(ସନ୍ତୋଷ ପାଢ଼ୀ)

ଡେଙ୍ଗୁରେ ଜଣେ ନାବାଳକଙ୍କ ମୃତ୍ୟୁ ସମ୍ପର୍କରେ ମୁନିସିପେଣ୍ଠ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଡା. ସ୍ୱାଧୀନ କୁମାର ରଥ ସୋମବାର ସୂଚନା ଦେଇଥିଲେ। ସଚେତନତା ବୈଠକ ଓ ସର୍ଭେ ହେବ ବୋଲି ନିର୍ଦ୍ଦେଶନାମା ଜାରି ସହ ଗଣମାଧ୍ୟମ ପ୍ରତିନିଧିଙ୍କୁ ନେଇ ଗଠିତ ସିଏଚସି ମୁନିସିପେଣ୍ଠ ହ୍ୱାଟ୍ସଆପ୍ ଗ୍ରୁପରେ ସୁପରିଣ୍ଟେଣ୍ଡେଣ୍ଟ ପୋଷ୍ଟ କରିଥିଲେ। ତେବେ ଡେଙ୍ଗୁରେ ନୁହେଁ ଅନ୍ୟ କାରଣରୁ ଘରୋଇ ହସ୍ପିଟାଲର ଆଇସିୟୁରେ ନାବାଳକଙ୍କ ମୃତ୍ୟୁ ହୋଇଥିବା ମଙ୍ଗଳବାର ସେ ଗଣମାଧ୍ୟମକୁ କହିଛନ୍ତି। ସେ କହିଛନ୍ତି ଯେ, ଘରୋଇ ହସ୍ପିଟାଲ ଡେଙ୍ଗୁ ନେଗେଟିଭ ରିପୋର୍ଟ ଦେଇଛି। ଅପରପକ୍ଷେ କୌଣସି ଘରୋଇ ହସ୍ପିଟାଲରେ ଡେଙ୍ଗୁ ସମ୍ବନ୍ଧୀୟ ରକ୍ତ ପରୀକ୍ଷା କରିବା ନେଇ ସ୍ୱାସ୍ଥ୍ୟ ବିଭାଗର କଟକଣା ଥିବା ସୁପରିଣ୍ଟେଣ୍ଡେଣ୍ଟ ସୂଚନା ଦେଇଛନ୍ତି। ତେବେ କିଭଳି ଉକ୍ତ ଘରୋଇ ହସ୍ପିଟାଲ ନାବାଳକଙ୍କ ରକ୍ତ ପରୀକ୍ଷା କଲା ଏବଂ ଡେଙ୍ଗୁ ନେଗେଟିଭ ରିପୋର୍ଟ ଦେଲା ତାହା ସନ୍ଦେହ ସୃଷ୍ଟି କରିଛି।

## ଖଣ୍ଡପଡ଼ା ବ୍ଲକରେ କାର୍ଯ୍ୟକାରୀ ହେଉନି ଶିକ୍ଷକଙ୍କ ବଦଳି ନୀତି

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)

ଖଣ୍ଡପଡ଼ା ବ୍ଲକ ଅଞ୍ଚଳରେ ଶିକ୍ଷୟିତ୍ରୀ ଓ ଶିକ୍ଷକମାନଙ୍କ କ୍ଷେତ୍ରରେ ବଦଳୀ ନୀତି କାର୍ଯ୍ୟକାରୀ ହେଉ ନ ଥିବାରୁ ସାଧାରଣରେ ତୀବ୍ର ପ୍ରତିକ୍ରୀୟା ପ୍ରକାଶ ପାଇଛି। ଖଣ୍ଡପଡ଼ା ବ୍ଲକ୍ ଅଞ୍ଚଳର ବିଭିନ୍ନ ବିଦ୍ୟାଳୟରେ ଏକାଧିକ ଶିକ୍ଷୟିତ୍ରୀ, ଶିକ୍ଷକ ଗୋଟିଏ ବିଦ୍ୟାଳୟରେ ୧୦ରୁ ୧୫ ବର୍ଷ ଧରି ଶିକ୍ଷାଦାନ କରି ଆସୁଥିଲେ ହେଁ ସେମାନଙ୍କ କ୍ଷେତ୍ରରେ ବଦଳି ନୀତି କାର୍ଯ୍ୟକାରୀ ହେଉ ନାହିଁ। ଖଣ୍ଡପଡା ବ୍ଲକ ଅଧୀନରେ ଏବେ ୨୮ ଉଚ୍ଚ ବିଦ୍ୟାଳୟ, ୩ ଆଶ୍ରମ ବିଦ୍ୟାଳୟ, ୧୦୨ ପ୍ରାଥମିକ, ଉଚ୍ଚ ପ୍ରାଥମିକ ମ.ଇ ବିଦ୍ୟାଳୟ ଓ ଖଣ୍ଡପଡ଼ାଠାରେ ଆଦର୍ଶ ବିଦ୍ୟାଳୟ ରହିଛି । କେତେକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ପଦବୀ ଖାଲି ପଡିଥିବ ବେଳେ ଗୋଟିଏ ଗୋଟିଏ ବିଦ୍ୟାଳୟରେ ଏକାଧିକ ବରିଷ୍ଠ ଶିକ୍ଷୟିତ୍ରୀ, ଶିକ୍ଷକ ବହୁ ବର୍ଷ ଧରି ଗାଦି ମାଡି ବସିଛନ୍ତି । ବରିଷ୍ଠତା ଭିତ୍ତିରେ ଶିକ୍ଷୟିତ୍ରୀ,ଶିକ୍ଷକମାନଙ୍କୁ ପ୍ରଧାନ ଶିକ୍ଷୟିତ୍ରୀ ଓ ଶିକ୍ଷକ ଭାବେ ଅନ୍ୟତ୍ର ବିଦ୍ୟାଳୟକୁ ବଦଳି କରିବା ନିମନ୍ତେ ଜିଲା ଶିକ୍ଷାଧିକାରୀ ଦୃଷ୍ଟି ଦେବାକୁ ଦାବି ହେଉଛି । ସେହିପରି ଗୋଟିଏ ବିଦ୍ୟାଳୟରେ ଦୀର୍ଘବର୍ଷ ଧରି ଶିକ୍ଷାଦାନ କରି ଆସୁଥିବା ଶିକ୍ଷୟିତ୍ରୀ, ଶିକ୍ଷକମାନଙ୍କୁ ଅନ୍ୟତ୍ର ବଦଳି ନିମନ୍ତେ ଖଣ୍ଡପଡା ବ୍ଲକ ଶିକ୍ଷାଧିକାରୀ, ଜିଲା ଶିକ୍ଷାଧିକାରୀ, ନୟାଗଡ଼ ଜିଲାପାଳ ଓ ଶିକ୍ଷା ବିଭାଗ ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ଦାବି ହେଉଛି । ଖଣ୍ଡପଡ଼ାର କେତେକ ବିଦ୍ୟାଳୟରେ ଆବଶ୍ୟକତାଠାରୁ ଅଧିକ ଶିକ୍ଷୟିତ୍ରୀ, ଶିକ୍ଷକ ରହିଛନ୍ତି । ଏଦିଗରେ ଶିକ୍ଷା ବିଭାଗ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ବୁଦ୍ଧିଜୀବୀ ମହଲରୁ ଦାବି ହେଉଛି ।

## ଲୁଟେରାଙ୍କ ଟେର ପାଉନି ପୋଲିସ

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)

ଖଣ୍ଡପଡ଼ା-ନୟାଗଡ଼ ରାସ୍ତାର ଝିଲିପଡ଼ା ଗ୍ରାମ ନିକଟରେ ରବିବାର ସନ୍ଧ୍ୟାରେ ୨ଜଣ ଲୁଟେରା ନଟବରପୁର ଶାସନ ଗ୍ରାମର ନିରଞ୍ଜନ ମିଶ୍ରଙ୍କ ସ୍ତ୍ରୀ ପ୍ରଭାତୀଙ୍କ ହାତରୁ ଏକ ଭ୍ୟାନିଟ ବ୍ୟାଗ ଛଡାଇ ନେଇ ଫେରାର ହୋଇ ଯାଇଥିଲେ । ଏ ସମ୍ପର୍କରେ ପ୍ରଭାତୀ ଖଣ୍ଡପଡା ଥାନାରେ ଅଭିଯୋଗ କରିଥିଲେ । ପୋଲିସ ଏକ ମାମଲା ରୁଜୁ କରି ଘଟଣାର ଅନୁସନ୍ଧାନ ଜାରି ରଖିଥିଲେ ହେଁ ଲୁଟେରାଙ୍କ ସମ୍ପର୍କରେ କୌଣସି ସୂଚନା ପାଇନାହିଁ । ପୋଲିସ ରାସ୍ତାପାର୍ଶ୍ୱରେ ଲାଗିଥିବା ସିସିଟିଭି ଫୁଟେଜକୁ ଯାଞ୍ଚ କରିଛି । ଅଭିଯୁକ୍ତମାନଙ୍କୁ ଗିରଫ ପାଇଁ ଉଦ୍ୟମ ଜାରି ରହିଛି ବୋଲି ଖଣ୍ଡପଡ଼ା ପୋଲିସ କହିଛି ।

## ରାସ୍ତାକଡକୁ ଓଲଟିଲା ବାଲି ବୋଝେଇ ହାଇୱା

ନୂଆଗାଁ,୨୭।୫(ଧନେଶ୍ୱର ସାହୁ):

ନୟାଗଡ଼ ଜିଲା ମହିପୁର-ବାହାଡ଼ାଖୋଲା ରାସ୍ତା ବନ୍ତଲାଠାରେ ସୋମବାର ରାତିରେ ଏକ ବାଲି ବୋଝେଇ ହାଇୱା ଓଲଟି ପଡିଛି । ଖୋର୍ଦ୍ଧା-ବଲାଙ୍ଗୀର ୫୭ନଂ. ଜାତୀୟ ରାଜପଥ ମହିପୁରଠାରୁ ବାହାଡାଖୋଲା ଯିବା ରାସ୍ତାର ବନ୍ତଲାଠାରେ ଉକ୍ତ ବାଲି ବୋଝେଇ ହାଇୱା( ନଂ.ଓଡି୦୧ ଜେଡ୍ ୧୮୫୫) ଭାରସାମ୍ୟ ହରାଇ ରାସ୍ତା କଡକୁ ଓଲଟି ପଡିଥିଲା। ହେଲେ ଏଥିରେ କେହି ମୃତାହତ ହୋଇ ନ ଥିବା ସୂଚନା ମିଳିଛି।

## ଆଜି ଭଉଣୀମାନଙ୍କୁ ନିଜସାହି ଭ୍ରମଣ କରାଇବେ ମା’

### ମା’ ପାଟଖଣ୍ଡା ଠାକୁରାଣୀ ଯାତ୍ରା

ବାଲିଗୁଡା,୨୭।୫
(ସଞ୍ଜୟ କୁମାର ପାଣିଗ୍ରାହୀ)

କନ୍ଧମାଳ ଜିଲା ବାଲିଗୁଡା ଅଞ୍ଚଳର ଅଧିଷ୍ଠାତ୍ରୀ ଦେବୀ ମା’ ପାଟଖଣ୍ଡା ଠାକୁରାଣୀଙ୍କ ଦ୍ୱିବାର୍ଷିକ ଯାତ୍ରା ମଙ୍ଗଳବାର ୨୨ ଦିନରେ ଏବଂ ନଗର ପରିଭ୍ରମଣ ୧୬ ଦିନରେ ପହଞ୍ଚିଛି। ଏଥିପାଇଁ ଗାନ୍ଧୀ ଛକସ୍ଥିତ ମା’ ବରାଳ ଦେବୀ ମନ୍ଦିର ଅସ୍ଥାୟୀ ମଣ୍ଡପ ଯାତ୍ରା ଆରମ୍ଭରୁ ଶ୍ରଦ୍ଧାଳୁଙ୍କ ସମାଗମରେ ଚଳଚଞ୍ଚଳ ରହିଛି। ବୁଧବାର ମା’ପାଟଖଣ୍ଡାଙ୍କ ନିଜସ୍ୱ ସାହି ପାଟଖଣ୍ଡା ସାହିକୁ ନିଜ ଭଉଣୀମାନଙ୍କୁ ନେଇ ପରିଭ୍ରମଣ କରାଇବେ। ଅସ୍ଥାୟୀ ପୀଠରେ ମା’ ପାଟଖଣ୍ଡାଙ୍କ ସମେତ ମା’ କନକ ଦୁର୍ଗା, ମା’ ଡେଙ୍ଗସିଲ, ମା’ ବରାଳଦେବୀ, ମା’ ମହାମାୟୀ ଓ ମା’ ଦକ୍ଷିଣକାଳୀ ବିଜେ କରିଛନ୍ତି। ମଙ୍ଗଳବାର ୨୨ ଦିନରେ ନୂଆସାହି ପୂଜା କମିଟି ଅଞ୍ଚଳକୁ ଠାକୁରାଣୀମାନେ ପରିଭ୍ରମଣ କରିଥିଲେ। ଏହି ଅବସରରେ ସନ୍ଧ୍ୟା ଆଳତୀ ପରେ ପରେ ଏକ ପଟୁଆରରେ ଆଦିବାସୀ ନୃତ୍ୟ ଓ ଗୀତ ବାଜାବାଜଣାରେ ମା’ ଅସ୍ଥାୟୀ ପୀଠରୁ ବାହାରି ଗାନ୍ଧୀ ଛକ, ପୂର୍ତ୍ତ ବିଭାଗ କାର୍ଯ୍ୟାଳୟ, ରେଭିନ୍ୟୁ ବଙ୍ଗଳା, ଜଗନ୍ନାଥ ମନ୍ଦିର, ତ୍ରିବେଦୀ ପାର୍କ ଛକ, ବଜାର ଛକ, ପାଟଖଣ୍ଡା ମନ୍ଦିର, ମାର୍କେଟ, ହାଟପଦା ମାର୍କେଟ, ପାଟଖଣ୍ଡା ସାହି ଛକ, ବୁଢ଼ାଗୁଡା ରାସ୍ତା ଛକ, କଳ୍ପନା ଛକ ଦେଇ ନୂଆସାହିରେ ପରିଭ୍ରମଣ କରିବା ପରେ ଶ୍ରଦ୍ଧାଳୁମାନେ ଅସ୍ଥାୟୀ ପୂଜା ମଣ୍ଡପକୁ ମା’ ମାନଙ୍କୁ ପାଛୋଟି ନେଇଥିଲେ। ଏହି ସମୟରେ ବକାସୁର ବଦ୍ଧ ଦେଖିବାକୁ ପ୍ରବଳ ଜନ ସମାଗମ ହୋଇଥିଲା। ବୁଧବାର ମା’ଙ୍କ ନିଜସ୍ୱ ସାହି ପରିଭ୍ରମଣ କାର୍ଯ୍ୟକ୍ରମ ଥିବା ବେଳେ ଗୁରୁବାର ମା’ ଙ୍କ ବିଶ୍ରାମ ଦିବସ ରହିଛି।

## ରକ୍ତହୀନତା କାରଣ, ପ୍ରତିକାର ଉପରେ ଆଲୋଚନାଚକ୍ର

ଫୁଲବାଣୀ,୨୭।୫(ରାକେଶ କୁମାର ରାଉତ)

ଟିକାବଲିସ୍ଥିତ ମା’ ଗୃହ ପ୍ରତିଷ୍ଠା ଦିବସ ପାଳନ ଅବସରରେ ରକ୍ତହୀନତାର କାରଣ ଓ ତାର ପ୍ରତିକାର ଉପରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଛି। ବ୍ଲକ୍ ଅଧ୍ୟକ୍ଷ ଦିଲୀପ କହଁର ମୁଖ୍ୟ ଅତିଥି ଭାବେ ଯୋଗଦେଇ ଜିଲାରେ ସ୍ୱାତୀ ଅନୁଷ୍ଠାନ ଜାରି ରଖିଥିବା କାର୍ଯ୍ୟଧାରାକୁ ପ୍ରଶଂସା କରିଥିଲେ। ଅତିଥି ଭାବେ ଜିଲା ସମାଜ ମଙ୍ଗଳ ବିଭାଗର ପ୍ରୋଗ୍ରାମ ଅଫିସର୍ ସରୋଜଲତା ଦେଈ, ଜିଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ ଯୋଗଦେଇ ନବଜାତ ଶିଶୁର ମାନସିକ, ଶାରୀରିକ ଓ ବୌଦ୍ଧିକ ବିକାଶ ଲାଗି ଗର୍ଭବସ୍ଥା ସମୟରେ ବିଭିନ୍ନ କ୍ଷେତ୍ରରେ ଯତ୍ନ ନିଆଯିବା ଆବଶ୍ୟକ ବୋଲି କହିଥିଲେ। ଗର୍ଭାବସ୍ଥାରେ ଯଦି ରକ୍ତହୀନତା ଦେଖାଦିଏ ଉଭୟ ମା’ ଓ ଛୁଆକୁ ପ୍ରଭାବିତ କରିଥାଏ । ଯାହା ପରେ ବିକଳାଙ୍ଗ କିମ୍ବା କମ୍ ଓଜନର ଶିଶୁ ଜନ୍ମ ହୋଇଥାଏ ବୋଲି ସୂଚନା ଦେଇଥିଲେ। ରକ୍ତହୀନତାରୁ ମୁକୁଳିବା ପାଇଁ ସରକାରଙ୍କ ମୋ ଉପକାରୀ ବଗିଚା କାର୍ଯ୍ୟକ୍ରମରେ ସାମିଲ ହେବାକୁ ସେ ଆହ୍ୱାନ ଦେଇଥିଲେ। ଟିକାବାଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ବିପିଏମ୍ ରଶ୍ମିରଞ୍ଜନ ତ୍ରିପାଠୀ, ଆସିକ୍ ସାହୁ ରକ୍ତହୀନତାର କାରଣ ଓ ତାର ନିରାକରଣ ଉପରେ ଆଲୋକପାତ କରିଥିଲେ। ସ୍ୱାତୀ ସଂଯୋଜକ ବିଶ୍ୱରଂଜନ କର ମା’ ଗୃହର କାର୍ଯ୍ୟକ୍ରମ ଉପରେ କହିଥିଲେ । କାର୍ଯ୍ୟକ୍ରମରେ ୪୦ ରୁ ଊର୍ଦ୍ଧ୍ୱ ଗର୍ଭବତୀ, ସ୍ଥାନୀୟ ଏ.ଏନ୍.ମ୍, ଆଶା ଓ ଅଙ୍ଗନୱାଡି କର୍ମୀ ଯୋଗ ଦେଇଥିଲେ ।

## ହର୍ଷବର୍ଦ୍ଧନଙ୍କୁ ସମ୍ବର୍ଦ୍ଧିତ କଲେ ଜିଲାପାଳ

ଛତ୍ରପୁର,୨୭।୫(ଦିଲ୍ଲୀପ ସାମଲ)

ବ୍ରହ୍ମପୁର ସହରର ହରିଡାଖଣ୍ଡିସ୍ଥିତ ଶାନ୍ତିନଗରର ହର୍ଷବର୍ଦ୍ଧନ ସାହୁ ଗଞ୍ଜାମ ଜିଲାର ଗୌରବ ପାଲଟିଛନ୍ତି। ସେ ଜାତୀୟସ୍ତରରେ ଭାରୋତ୍ତୋଳନରେ ରେକର୍ଡ ସୃଷ୍ଟି କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ରବିବାର ମନ କୀ ବାତ କାର୍ଯ୍ୟକ୍ରମରେ ତାଙ୍କୁ ପ୍ରଶଂସା କରିଛନ୍ତି। ହର୍ଷବର୍ଦ୍ଧନ ମଙ୍ଗଳବାର ଗଞ୍ଜାମ ଫେରିବା ପରେ ଜିଲାପାଳ ଦିବ୍ୟଜ୍ୟୋତି ପରିଡା ତାଙ୍କୁ ପୁଷ୍ପଗୁଚ୍ଛ ପ୍ରଦାନ କରିବା ସହ ସମ୍ବର୍ଦ୍ଧିତ କରିଥିଲେ। ଖେଳ ପାଇଁ ଆଗାମୀ ଦିନରେ ଜିଲା ପ୍ରଶାସନ ପକ୍ଷରୁ ସମସ୍ତ ସହଯୋଗ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଅନ୍ୟପକ୍ଷରେ ହର୍ଷବର୍ଦ୍ଧନ ନିଜ ସଫଳତାରେ ଖୁସି ଥିବା ପ୍ରଧାନମନ୍ତ୍ରୀ ତାଙ୍କ ନାଁ କହିଥିବାରୁ ଗର୍ବ ଅନୁଭବ କରୁଛି ବୋଲି କହିଛନ୍ତି। ଆଗାମି ଦିନରେ ସେ ଅଲମ୍ପିକ ଖେଳିବା ପାଇଁ ଲକ୍ଷ୍ୟ ରଖିଥିବା କହିଛନ୍ତି। ସୂଚନାଯୋଗ୍ୟ, ସାଉଥ ଆମେରିକା ଲିମାରେ ଅନୁଷ୍ଠିତ ଆଇଡବ୍ଲୁଏଲଏଫ ବୋରଲଦ ୱାର୍ଲଡ ୟୁଥ ଭାରୋତ୍ତୋଳନ ଚମ୍ପିଅନଶିପରେ ୪୯ କିଲୋଗ୍ରାମ ଯୁବ ବର୍ଗରେ ୨୦୩ କିଲୋଗ୍ରାମ ଭାର ଉଠାଇ ହର୍ଷବର୍ଦ୍ଧନ ସ୍ୱର୍ଣ୍ଣ ପଦକ ଜିତିଥିଲେ । ଏଥିସହ ବିହାରରେ ଅନୁଷ୍ଠିତ ଖେଲୋ ଇଣ୍ଡିଆ ୟୁଥ ଗେମ୍ସରେ ମଧ୍ୟ ପଦକ ହାସଲ କରିଥିଲେ ।



ଭାରୋତ୍ତୋଳନରେ ରେକର୍ଡ କରିଥିବା ହର୍ଷବର୍ଦ୍ଧନଙ୍କୁ ଜିଲାପାଳ ସମ୍ବର୍ଦ୍ଧିତ କରୁଛନ୍ତି।

## ନୂତନ ହିତାଧିକାରୀଙ୍କୁ ରାଶନ କାର୍ଡ ବାଣ୍ଟିଲେ ମନ୍ତ୍ରୀ

ଖଲ୍ଲିକୋଟ,୨୭।୫
(ପ୍ରଶାନ୍ତ କୁମାର ମିଶ୍ର)

ରାଜ୍ୟ ଖାଦ୍ୟ ଓ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଖଲ୍ଲିକୋଟ ବ୍ଲକ ଗସ୍ତ କରି ବ୍ଲକ କାର୍ଯ୍ୟାଳୟ ପରିସରରେ ମଙ୍ଗଳବାରେ ନୂତନ ହିତାଧିକାରୀଙ୍କୁ ରାଶନ କାର୍ଡ ବାଣ୍ଟିଛନ୍ତି। ଦୀର୍ଘ ବର୍ଷ ହେଲା ଆବେଦନ କରି ଅପେକ୍ଷା କରି ରହିଥିବା ହିତାଧିକାରୀ ମଙ୍ଗଳବାର ମନ୍ତ୍ରୀଙ୍କ ହାତରୁ ରାଶନ କାର୍ଡ ପାଇ ଖୁସି ବ୍ୟକ୍ତ କରିଥିଲେ। ଖଲ୍ଲିକୋଟ ବ୍ଲକର ୨୫୦୦ ନୂତନ ହିତାଧିକାରୀଙ୍କୁ ରାଶନ କାର୍ଡ ବଣ୍ଟନ କରାଯାଇଥିବା ବେଳେ ଗଞ୍ଜାମ ବ୍ଲକ, ରମ୍ଭା ବିଜ୍ଞାପିତ ଅଞ୍ଚଳ ପରିଷଦ ଓ ବେଗୁନିଆପଡା ବ୍ଲକର ବହୁ ନୂତନ ହିତାଧିକାରୀଙ୍କୁ ରାଶନ କାର୍ଡ ବଣ୍ଟନ କରାଯାଇଛି। ଏହି ଅବସରରେ ମନ୍ତ୍ରୀ ପାତ୍ର କହିଲେ, ଯେଉଁ ଗରିବ ହିତାଧିକାରୀମାନେ ଏଯାଏ କାର୍ଡ ପାଇନାହାନ୍ତି ସେମାନେ ପୋର୍ଟାଲରେ ଆବେଦନ କରନ୍ତୁ ସର୍ଭେ କରାଯାଇ ସେମାନଙ୍କୁ ରାଶନ କାର୍ଡ ପ୍ରଦାନ କରାଯିବ। ଏହି କାର୍ଯ୍ୟକ୍ରମରେ ଖଲ୍ଲିକୋଟ ବିଧାୟକ ପୂର୍ଣ୍ଣଚନ୍ଦ୍ର ସେଠୀ, ବିଡ଼ିଓ ଦେବାଶିଷ ସାମଲ ଓ ଅନ୍ୟ ଅଧିକାରୀମାନେ ଉପସ୍ଥିତ ଥିଲେ।



ନୂତନ ହିତାଧିକାରୀଙ୍କୁ ରାଶନ କାର୍ଡ ବଣ୍ଟନ କରୁଛନ୍ତି ମନ୍ତ୍ରୀ।

## ଜିଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି



ପାରଳାଖେମୁଣ୍ଡି, ୨୭।୫
(ଗିରିଧାରୀ ପରିଚ୍ଛା):

ରାୟଗଡ଼ ବ୍ଲକ କଇଁପୁର ପଞ୍ଚାୟତ ସମ୍ମିଳନୀ କକ୍ଷଠାରେ ସୋମବାର ଗ୍ରାମ୍ୟମୁଖୀ ପ୍ରଶାସନ ସହ ସଂଯୁକ୍ତ ଜନ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲାପାଳ ବିଜୟ କୁମାର ଦାଶ, ଆରକ୍ଷୀ ଅଧୀକ୍ଷକ ଯତୀନ୍ଦ୍ର କୁମାର ପଣ୍ଡା, ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଶଙ୍କର କେରକେଟା ଓ ଉପଜିଲାପାଳ ଅନୁପ ପଣ୍ଡା ପ୍ରମୁଖ ଯୋଗଦେଇ କଇଁପୁର ପଞ୍ଚାୟତ ସମେତ ଲକ୍ଷ୍ମୀପୁର, ଜିରାଙ୍ଗ ଓ ଏସ.କରଡ଼ାସିଂ ପଞ୍ଚାୟତରୁ ଆସିଥିବା ମୋଟ ୫୨ଟି ଅଭିଯୋଗ ପତ୍ର ଗ୍ରହଣ କରିଥିଲେ । ସେଥିମଧ୍ୟରୁ ୩୬ଟି ବ୍ୟକ୍ତିଗତ ଓ ୧୬ଟି ଗ୍ରାମ ଭିତ୍ତିକ ସମସ୍ୟା ଅଭିଯୋଗ ଆସିଥିଲା। ସମସ୍ତ ଅଭିଯୋଗକୁ ତୁରନ୍ତ ସମାଧାନ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ଜିଲାପାଳ ନିର୍ଦ୍ଦେଶ ଦେଇଥିଲେ। ଅଭିଯୋଗ ଶୁଣାଣି ସମୟରେ ଅନ୍ୟମାନଙ୍କ ମଧ୍ୟରେ ରାୟଗଡ ପଞ୍ଚାୟତ ସମିତି ଅଧ୍ୟକ୍ଷା ପୂର୍ଣ୍ଣବାସୀ ନାୟକ, ଉପ ଅଧ୍ୟକ୍ଷ ଜ୍ୟୋତି ପ୍ରସାଦ ପାଣି, ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁକାନ୍ତ ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ମହମ୍ମଦ ମୁବାରଖ ଅଲ୍ଲୀ, ଜିଲ୍ଲା ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ଅଧିକାରୀ ସନ୍ତୋଷ କୁମାର ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

## ବୃଡ଼ିଗୁଡା-ରାଇଗୁଡ଼ା ରାସ୍ତା ମରାମତି ଦାବି

ଫୁଲବାଣୀ,୨୭।୫
(ରାକେଶ କୁମାର ରାଉତ)

ଫିରିଙ୍ଗିଆ ବ୍ଲକ ଲୁଇସିଂ ପଞ୍ଚାୟତ ବୃଡ଼ିଗୁଡାଠାରୁ ବାଘପଦର ଦେଇ ରାଇଗୁଡ଼ାକୁ ସଂଯୋଗ କରୁଥିବା ପ୍ରଧାନମନ୍ତ୍ରୀ ଗ୍ରାମ ସଡ଼କ ରାସ୍ତା ଏବେ ବିପର୍ଯ୍ୟସ୍ତ ହୋଇପଡିଛି । ରାସ୍ତା ଉପରୁ ପିଚୁ ଉଠି ଖାଲଖମାରେ ଭର୍ତ୍ତି ହୋଇଛି। ଅଧିକାଂଶ ସ୍ଥାନରେ ଗୋଡି ବାହାରି ପଡ଼ିଥିବାରୁ ପଥଚାରୀ ଓ ବାଇକ ଚାଳକ ଯିବା ଆସିବା ପାଇଁ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ରାସ୍ତାରେ ପ୍ରତିଦିନ ଛାତ୍ର ଛାତ୍ରୀ ମାନେ ସ୍କୁଲ, କଲେଜ ଯାଉଛନ୍ତି। ଶତାଧିକ ଜନସାଧାରଣ ଦୈନିକ ଯିବା ଆସିବା କରୁଛନ୍ତି। ଏହାକୁ ଦୃଷ୍ଟିରେ ରଖି ତୁରନ୍ତ ପ୍ରଶାସନ ରାସ୍ତା ମରାମତି କରିବାକୁ ବହୁ ଗ୍ରାମବାସୀ ଦାବି କରିଛନ୍ତି ।

## ବଡ ମେଡିକାଲରେ ମିଳୁନି ମହାପ୍ରୟାଣ ଗାଡ଼ି

### ଅଚଳ ହୋଇ ପଡିଥିବା ୨ ଗାଡି ସଜାଡିବାକୁ ନାଁ ଧରୁନାହାନ୍ତି କର୍ତ୍ତୃପକ୍ଷ

ବେଲଗୁଣ୍ଠା,୨୭।୫
(କୃଷ୍ଣ ଚନ୍ଦ୍ର ପଟ୍ଟନାୟକ)

ରୋଗୀଙ୍କ ପାଇଁ ଉପଲବ୍ଧ ଥିବା ମହାପ୍ରୟାଣ ଗାଡି ସେମାନଙ୍କ କାମରେ ଆସୁନି। ସେମାନେ ଏହାର ସୁବିଧା ନ ପାଇ ଖର୍ଚ୍ଚାନ୍ତ ହୋଇ ବାହାର ଗାଡିରେ ରୋଗୀ ଅବା ମୃତଦେହ ଗ୍ରାମକୁ ନେଇ ଖର୍ଚ୍ଚାନ୍ତ ହେଉଛନ୍ତି। ଆର୍ଥିକ ସମସ୍ୟାରେ ଥିବା ରୋଗୀଙ୍କ ପରିବାର ଲୋକେ ଏଥିପାଇଁ ନାହିଁ ନ ଥିବା ଅବସ୍ଥା ଭୋଗୁଛନ୍ତି। ଖୋଦ ବ୍ରହ୍ମପୁର ବଡ ମେଡିକାଲରେ ଏପରି ଦୃଶ୍ୟ ଦେଖିବାକୁ ମିଳିଛି। ମେଡିକାଲ କର୍ତ୍ତୃପକ୍ଷ ମହାପ୍ରୟାଣ ଗାଡି ଉପଲବ୍ଧ ଥିବା ସାଇନବୋର୍ଡ ମାରି ଚୁପ୍ ହୋଇ ବସିଛନ୍ତି। ମାତ୍ର ରୋଗୀସେବା ପାଇଁ ରହିଥିବା ୨ଟି ଯାକ ମହାପ୍ରୟାଣ ଗାଡି ଅଚଳ ହୋଇପଡିଛି। ଏହାକୁ ସଜାଡିବାକୁ କିମ୍ବା ନୂଆ ଗାଡି ମଗାଇବାକୁ ନାଁ ଧରୁନାହାନ୍ତି। ଏହାର ସୁଯୋଗ ଘରୋଇ ଗାଡିମାଲିକମାନେ ନେଉଛନ୍ତି।

ଖବରରୁ ଜଣାପଡିଛି, ବେଲଗୁଣ୍ଠା ବ୍ଲକ ଅନ୍ତର୍ଗତ ଗୋବରା ଗ୍ରାମର ପଙ୍କଜ ମହାନ୍ତି କିଛିଦିନ ତଳେ ଜରୁରିକାଳୀନ ଚିକିତ୍ସା ପାଇଁ ବ୍ରହ୍ମପୁର ବଡ଼ ମେଡିକାଲରେ ଭର୍ତ୍ତି ହୋଇଥିଲେ। ଚିକିତ୍ସାଧୀନ ଅବସ୍ଥାରେ ମଙ୍ଗଳବାର ସକାଳେ ତାଙ୍କର ମୃତ୍ୟୁ ଘଟିଥିଲା। ପରିବାର ଲୋକେ ମୃତଦେହ ଗ୍ରାମକୁ ଆଣିବାକୁ ଉପଲବ୍ଧ ଥିବା ମହାପ୍ରୟାଣ ସେବା ପାଇବାକୁ ସେଠାରେ ମରାଯାଇଥିବା ଏକ ସାଇନବୋର୍ଡରେ ଉଲ୍ଲେଖ ଥିବା ଫୋନ ନମ୍ବରରେ ଫୋନ କରି ନିରାଶ ହୋଇଥିଲେ। ପରେ ଏହି ମହାପ୍ରୟାଣ ଗାଡି ଉପଲବ୍ଧ ହେଉଥିବା କାର୍ଯ୍ୟାଳୟରେ ମୃତକଙ୍କ ପୁଅ ପ୍ରଭାକର ଓ ସାମାଜିକ କର୍ମୀ ସ୍ୱସ୍ତି ସୁନ୍ଦର ସିଅ ପହଞ୍ଚି ସେଠାରେ ଉପସ୍ଥିତ ଥିବା କର୍ମଚାରୀଙ୍କୁ ମହାପ୍ରୟାଣ ଗାଡି ଦେବାକୁ ଅନୁରୋଧ କରିଥିଲେ। ମାତ୍ର ଗାଡି ନ ଥିବା କର୍ମଚାରୀ ଜଣକ କହିଥିଲେ। ଏହାର କାରଣ ପଚାରିବାରୁ ଉକ୍ତ କେନ୍ଦ୍ରରେ ଥିବା ବ୍ୟକ୍ତି ଜଣକ କହିଥିଲେ, ମହାପ୍ରୟାଣ ପାଇଁ ବ୍ୟବହୃତ ଦୁଇଟିଯାକ ଗାଡି ଅଚଳ ହୋଇପଡିଛି। ଉଚ୍ଚପଦସ୍ଥ ଅଧିକାରୀଙ୍କୁ ଏ ସମ୍ପର୍କରେ ବାରମ୍ବାର ଜଣାଇଥିଲେ ସୁଦ୍ଧା ଏପର୍ଯ୍ୟନ୍ତ ସଜଡାଯାଇ ପାରୁନାହିଁ। ତେଣୁ ଆମେ ନିରୁପାୟ ବୋଲି ସେ କହିଥିଲେ। ପରେ ମୃତକଙ୍କ ପରିବାର ଲୋକେ ଏକ ଘରୋଇ ଗାଡି ଉଚ୍ଚା ଭଡା କରି ମୃତଦେହ ଘରକୁ ଆଣିବାକୁ ବାଧ୍ୟ ହୋଇଥିଲେ। ଦକ୍ଷିଣ ଓଡ଼ିଶାର ପ୍ରାଣକେନ୍ଦ୍ର ବ୍ରହ୍ମପୁରଠାରେ ଅବସ୍ଥାପିତ ମହାରାଜା କୃଷ୍ଣ ଚନ୍ଦ୍ର ଗଜପତି ଭେଷଜ ମହାବିଦ୍ୟାଳୟରେ ରୋଗୀ ସୁବିଧା ପାଇବାରେ ଏପରି ଅବ୍ୟବସ୍ଥା ଅସନ୍ତୋଷ ସୃଷ୍ଟି କରୁଛି। ଏଥିପ୍ରତି ଗଞ୍ଜାମ ଜିଲାପାଳ ଓ ସଡ଼କ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ଦାବି ହେଉଛି।




ମହାପ୍ରୟାଣ ଗାଡି ସମ୍ପର୍କରେ ଥିବା ସୂଚନା ଫଳକ।

# ଭୁଲ୍ ଅଲ୍ଟ୍ରାସାଉଣ୍ଡ ରିପୋର୍ଟ ଯୋଗୁ ଶିଶୁ ମୃତ୍ୟୁ

## ଉତ୍ତ୍ୟକ୍ତ ଲୋକଙ୍କ ରାସ୍ତାରୋକୋ

ଭଦ୍ରକ,୨୭।୫(ସନାତନ ରାଉତ/ରବିନାରାୟଣ ଖିଲାର)

ଭୁଲ ଅଲଟ୍ରାସାଉଣ୍ଡ ରିପୋର୍ଟ ଯୋଗୁ ଶିଶୁ ମୃତ ଓ ମା' ଗୁରୁତର ଘଟଣାକୁ ନେଇ ମଙ୍ଗଳବାର ଭଦ୍ରକରେ ଉତ୍ତେଜନା ଦେଖାଦେଇଛି। ଉତ୍ତ୍ୟକ୍ତ ଲୋକେ ସକାଳ ୭ଟା ୩୦ରୁ ଭଦ୍ରକ ସହରର ବାଇପାସ୍ଠାରେ ରାସ୍ତାରୋକୋ କରିଥିଲେ। ଉତ୍ତେଜନାକୁ ଦେଖି ଟାଉନ ଥାନାଧିକାରୀ ପ୍ରଶାନ୍ତ ମିଶ୍ରଙ୍କ ନେତୃତ୍ୱରେ ପୋଲିସ ମୁତୟନ ରହିଥିଲେ। ଅପରପକ୍ଷେ ଅଲଟ୍ରାସାଉଣ୍ଡ ସେଣ୍ଟରରେ ତାଲା ପଡ଼ିଥିବାବେଳେ କର୍ତ୍ତୃପକ୍ଷଙ୍କ ଦେଖା ମିଳି ନ ଥିଲା।

ପ୍ରସୂତିଙ୍କ ସ୍ୱାମୀ ତିହିଡ଼ି ଥାନା ଅଧୀନ ଦୋଳସାହି, ରାଢ଼ଙ୍ଗ ଅଞ୍ଚଳର ପ୍ରଫୁଲ୍ଲ ଗିରିଙ୍କ କହିବା ଅନୁଯାୟୀ, ୨ ଦିନ ତଳେ ତାଙ୍କ ସ୍ତ୍ରୀ ବାସନ୍ତୀ ରାଉତଙ୍କ ଭଦ୍ରକ ଟାଉନ ଥାନା ଅଧୀନ ବାଇପାସ୍ସ୍ଥିତ ଏକ ଘରୋଇ ଅଲଟ୍ରାସାଉଣ୍ଡ କ୍ଲିନିକ୍ରେ ଅଲଟ୍ରାସାଉଣ୍ଡ କରାଯାଇଥିଲା। ରିପୋର୍ଟ ଭଲ ଥିବା କୁହାଯାଇ ରିପୋର୍ଟ ଦିଆଯାଇଥିଲା। ସୋମବାର ପେଟରେ ଯନ୍ତ୍ରଣା ହେବାରୁ ବାସନ୍ତୀଙ୍କୁ ଭଦ୍ରକ ଶିଶୁ ଓ ମାତୃ ବିଭାଗ ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସେଠାରେ ସନ୍ଧ୍ୟାରେ ଅପରେଶନ ପରେ ମୃତ ଶିଶୁପୁତ୍ର ଜନ୍ମ ହୋଇଥିଲା। ପ୍ରାୟ ୨/୩ ଦିନ ତଳେ ପିଲାଟିର ପେଟରେ ମୃତ୍ୟୁ ହୋଇଥିବା ଡାକ୍ତର କହିଥିଲେ। ଅପରପକ୍ଷେ ମା' ଅବସ୍ଥା ଗୁରୁତର ଥିବାରୁ ସେ ଚିକିତ୍ସାଧୀନ ଅଛନ୍ତି। ଶିଶୁର ମୃତଦେହକୁ ଧରି ପ୍ରଫୁଲ୍ଲ ଓ ତାଙ୍କ ପରିବାର ଲୋକେ ରାତି ପ୍ରାୟ ୯ଟା ବେଳେ ଉକ୍ତ ଅଲଟ୍ରାସାଉଣ୍ଡ ସେଣ୍ଟର ସମ୍ମୁଖରେ ଧାରଣାରେ ବସିଥିଲେ। ବିଳମ୍ବିତ ରାତି ପର୍ଯ୍ୟନ୍ତ ଧାରଣାରେ ବସିଥିଲେ ମଧ ଅଲଟ୍ରାସାଉଣ୍ଡ ସେଣ୍ଟର କର୍ତ୍ତୃପକ୍ଷ କିଛି ବୁଝି ନ ଥିଲେ। ଏଥିରେ ଅସନ୍ତୋଷ ପ୍ରକାଶ କରି ପରିବାର ସମେତ ତାଙ୍କ ସମର୍ଥକମାନେ ମଙ୍ଗଳବାର ସକାଳୁ ଭଦ୍ରକ-ଚାନ୍ଦବାଲି ରାଜ୍ୟ ରାଜପଥର ବାଇପାସ୍ଠାରେ ଟାୟାର ଜାଳି ରାସ୍ତା ଅବରୋଧ କରିଥିଲେ। ଫଳରେ ଦୀର୍ଘ ସମୟ ଧରି ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହୋଇଥିଲା। ଅତିରିକ୍ତ ଏସ୍ପି ସମ୍ବିତ ମାଝୀ, ଜିଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଧାଂଶୁ ଶେଖର ବଳ ଓ ଡେପୁଟି କଲେକ୍ଟର କାର୍ତ୍ତିକ ନାଥ ମଣ୍ଡଳ ଘଟଣାସ୍ଥଳରେ ପହଞ୍ଚ ସେମାନଙ୍କ ସହ ଆଲୋଚନା କରିଥିଲେ। ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ପ୍ରତିଶ୍ରୁତି ଦେବା ପରେ ସେମାନେ ଧାରଣାରୁ ଉଠିଥିଲେ। ବିଶେଷକରି ଭଦ୍ରକ ସହରରେ ବେଆଇନ ଭାବେ ଗଢ଼ି ଉଠୁଥିବା ନର୍ସିଂହୋମ ଓ ଅଲଟ୍ରାସାଉଣ୍ଡ ଉପରେ ଟିମ୍ ଗଠନ କରାଯାଇ ପଦକ୍ଷେପ ନିଆଯିବ ବୋଲି ଅତିରିକ୍ତ ଏସ୍ପି କହିଛନ୍ତି।



ଭଦ୍ରକ ବାଇପାସ୍ଠାରେ ଟାୟାର ଜାଳି ରାସ୍ତାରୋକୋ କରାଯାଇଛି।

# ସଡ଼ୁଙ୍କ ଶୁଦ୍ଧିକ୍ରିୟାକୁ ଆସିଥିବା ଯୁବକଙ୍କୁ ତୀରମାଡ଼

ରାଉରକେଲା,୨୭।୫(ସଙ୍ଗୀତା ଜେନା)

ରାଉରକେଲା ବ୍ରାହ୍ମଣୀତରଙ୍ଗ ଥାନା ଅନ୍ତର୍ଗତ ବିରକେରା ଗ୍ରାମକୁ ନିଜ ସଡ଼ୁଙ୍କ ଶୁଦ୍ଧିକ୍ରିୟାରେ ଯୋଗଦେବାକୁ ଆସିଥିବା ଜଣେ ଯୁବକଙ୍କୁ ମଙ୍ଗଳବାର ତୀରମାଡ଼ ହୋଇଛି। ତୀରମାଡ଼ର ଶିକାର ହୋଇଥିବା ଯୁବକ ହେଲେ ସମ୍ବଲପୁରସ୍ଥିତ ବଡସିହାର ଗ୍ରାମର ନିତ୍ୟାନନ୍ଦ ରଣବିରା(୨୫)। ଗୁରୁତର ଅବସ୍ଥାରେ ତାଙ୍କୁ ପ୍ରଥମେ ଆଇଜିଏଚ୍ ଏବଂ ପରେ ବୁର୍ଲା ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଛି। ଖବର ପାଇ ବ୍ରାହ୍ମଣୀତରଙ୍ଗ ଥାନା ପୋଲିସ ଘଟଣାସ୍ଥଳରେ ପହଞ୍ଚ ତଦନ୍ତ କରିଛି। ଏ ନେଇ ବ୍ରାହ୍ମଣୀତରଙ୍ଗ ଥାନାଧିକାରୀ ଜି. ବି. ନାୟକଙ୍କୁ ପଚାରିବାରୁ ସେ କହିଥିଲେ, ତୀରମାଡ଼ ହୋଇଥିବା ଯୁବକଙ୍କ ପରିବାର ଲୋକଙ୍କ ପକ୍ଷରୁ ବର୍ତ୍ତମାନ ସୁଦ୍ଧା କୌଣସି ଲିଖିତ ଅଭିଯୋଗ ହୋଇନାହିଁ। ଅଭିଯୋଗ ହେଲେ ଆମେ ତଦନ୍ତ କରିବୁ ବୋଲି ସେ କହିଥିଲେ। ତେବେ ରିପୋର୍ଟ ଲେଖାଯିବା ସୁଦ୍ଧା (ସନ୍ଧ୍ୟା ସାଢେ ୭ଟା) ଏହି ଘଟଣାରେ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିବାବେଳେ ଅଭିଯୁକ୍ତ ଫେରାର ଅଛନ୍ତି। ସୂଚନା ଅନୁଯାୟୀ, ସମ୍ବଲପୁରର ନିତ୍ୟାନନ୍ଦ ସମ୍ପର୍କରେ ତାଙ୍କ ସଡ଼ୁ ଦୁର୍ଯ୍ୟୋଧନ ଲାକ୍ରାଙ୍କ ଶୁଦ୍ଧିକ୍ରିୟାରେ ଯୋଗଦେବାକୁ ଗତ ୨୫ ତାରିଖରେ ବ୍ରାହ୍ମଣୀତରଙ୍ଗ ଥାନା ଅନ୍ତର୍ଗତ ବିରକେରା ଗ୍ରାମକୁ ଆସିଥିଲେ। ସଡ଼ୁଙ୍କ ମୃତ୍ୟୁ ପରେ ତାଙ୍କ ଦେଢ଼ଶାଶୁଙ୍କୁ ସେହି ଗ୍ରାମର କେହି ଜଣେ ବ୍ୟକ୍ତି ସ୍ତ୍ରୀ ଭାବେ ଗ୍ରହଣ କରିବାକୁ ପ୍ରସ୍ତାବ ଦେବାରୁ ଏହାକୁ ନିତ୍ୟାନନ୍ଦ ବିରୋଧ କରିଥିଲେ। ବର୍ତ୍ତମାନ ଦୁର୍ଯ୍ୟୋଧନଙ୍କ ମୃତ୍ୟୁ ହୋଇଥିବାବେଳେ ଏହି ପ୍ରସ୍ତାବ ଆଦୌ ଠିକ୍ ନୁହେଁ ବୋଲି ନିତ୍ୟାନନ୍ଦ କହିଥିଲେ। ଏହାକୁ ସେହି ବ୍ୟକ୍ତି ଜଣଙ୍କ ବିରୋଧ କରିଥିଲେ। ତେବେ ମଙ୍ଗଳବାର ନିତ୍ୟାନନ୍ଦ ନିଜ ଘରକୁ ଫେରୁଥିବା ବେଳେ ପୂର୍ବରୁ ଛକି ରହିଥିବା ଉକ୍ତ ବ୍ୟକ୍ତି ଏବଂ ତାଙ୍କ ୨ ସହଯୋଗୀ ଅତର୍କିତ ତୀରମାଡ଼ କରିଥିଲେ। ଫଳରେ ନିତ୍ୟାନନ୍ଦଙ୍କ ଡାହାଣ ପାର୍ଶ୍ୱ ପେଟରେ ତୀର ପଶିଯାଇଥିଲା।



ଆଇଜିଏଚ୍ରେ ଚିକିତ୍ସାଧୀନ ତୀରମାଡ଼ର ଶିକାର ଯୁବକ।

# ଘରୁ ଡାକିନେଇ ଯୁବକଙ୍କୁ ହତ୍ୟା ଅଭିଯୋଗ

ଆନନ୍ଦପୁର,୨୭।୫
(ସୁଶାନ୍ତ କୁମାର ସାହୁ)

କେନ୍ଦୁଝର ଜିଲା ଘସିପୁରା ବ୍ଲକ୍ ତାଳଗାଁର ଜଣେ ଯୁବକଙ୍କୁ ଘରୁ ଡାକିନେଇ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ମୃତକ ହେଲେ ଉକ୍ତ ଗାଁର ସୁରେନ୍ଦ୍ର ମହାକୁଡଙ୍କ ପୁଅ ବିପିନ (୨୫)। ପରିବାର ଲୋକଙ୍କ ଅଭିଯୋଗ ଆଧାରରେ ହରିଚନ୍ଦନପୁର ପୋଲିସ ଏକ ମାମଲା ରୁଜୁକରି ତଦନ୍ତ ଚଳାଇଛି।

ଅଭିଯୋଗ ମୁତାବକ, ବିପିନଙ୍କୁ ତାଙ୍କର ୨ ସାଙ୍ଗ ରବିବାର ସନ୍ଧ୍ୟାରେ ଡାକି ନେଇଥିଲେ। ହରିଚନ୍ଦନପୁର ହାଟକୁ ଯାଇଥିବା ବେଳେ ବିପିନ ରାତିରେ ଘରକୁ ଫେରି ନ ଥିଲେ। ସୋମବାର ସକାଳେ ହରିଚନ୍ଦନପୁର ହାଟତୋଟା ନିକଟରେ ଥିବା ଟୁକ ବ୍ରହ୍ମଙ୍କ ସାଇକେଲ ଦୋକାନ ବାରଣ୍ଡାରେ ମୃତଦେହ ପଡ଼ିଥିଲା। ବ୍ୟବସାୟୀ ବ୍ରହ୍ମ ଦୋକାନ ଖୋଲିବାକୁ ଯାଇଥିବାବେଳେ ବାରଣ୍ଡାରେ ବିପିନଙ୍କ ମୃତଦେହ ଏବଂ ପାଖରେ ପ୍ଲାଷ୍ଟିକ ବ୍ୟାଗ, ଚଷମା, ଚପଲ ଅଲଗା ସ୍ଥାନରେ ପଡ଼ିଥିବା ଦେଖିଥିଲେ। ଏ ସମ୍ପର୍କରେ ସେ ହରିଚନ୍ଦନପୁର ଥାନାକୁ ଜଣାଇଥିଲେ। ପୋଲିସ ପହଞ୍ଚି ମୃତଦେହ ଜବତ କରି ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ପରିବାର ଲୋକେ ଘସିପୁରା ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି। ଘସିପୁରା ଥାନା ଅଧିକାରୀ ମାନସ କୁମାର ବାରିକ କହିଛନ୍ତି, ସୋମବାର ସକାଳେ ହରିଚନ୍ଦନପୁର ପୋଲିସ ମୃତଦେହ ଜବତ କରିଛି। ଏ ନେଇ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ପରିବାର ଲୋକେ ଘସିପୁରା ଥାନାକୁ ଅଭିଯୋଗ କରିବାକୁ ଆସିଥିବା ବେଳେ ତାଙ୍କୁ ହରିଚନ୍ଦନପୁର ପଠାଯାଇଛି। ହରିଚନ୍ଦନପୁର ଏସ୍ଆଇ କଳ୍ପତରୁ ନାୟକ କହିଛନ୍ତି, ଘଟଣାରେ ଏକ ମାମଲା(ନଂ. ୧୮।୨୫) ରୁଜୁ ହୋଇଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ।

# ଅପରାଧ ଉଦ୍ୟମ ପଣ୍ଡ: ୫ ବନ୍ଧୁକ ଜବତ, ୯ ଗିରଫ



ଖବରଦାତା ସମ୍ମିଳନୀରେ ଏଏସପି ସୂଚନା ଦେଉଛନ୍ତି।

ଭଞ୍ଜନଗର,୨୭।୫
(ବାବୁଲା ପ୍ରଧାନ)

ଗଞ୍ଜାମ ଜିଲା ଭଞ୍ଜନଗର ପୋଲିସ କୌଣସି ଅପରାଧ ପାଇଁ ଏକାଠି ହୋଇଥିବା ଗୋଷ୍ଠୀକୁ ସୋମବାର କାବୁ କରିଛି। ସେମାନଙ୍କଠାରୁ ୫ଟି ବନ୍ଧୁକ, ୨ଟି ଖେଳଣା ବନ୍ଧୁକ, ଗୋଟିଏ ଖଣ୍ଡା, ୧୫ ରାଉଣ୍ଡ ଗୁଳି ଜବତ କରିଛି। ଉକ୍ତ ଗୋଷ୍ଠୀର ୯ ଜଣଙ୍କୁ ଗିରଫ କରାଯାଇଛି । ସେମାନେ ହେଲେ ଅନିଲ ବେହେରା, ଟୁକୁନା ପାତ୍ର, ବାଦଲ ସାହୁ, ସରୋଜ ଦାସ, ସୁନୀଲ କୁମାର ସାବତ, ସଂଗ୍ରାମ ଭୂୟାଁ, ସନାତନ ପ୍ରଧାନ, ବ୍ରଜ ମୋହନ ସାହୁ ଓ ଦିବ୍ୟ ଆରୁଖ । ସନାତନ, ବ୍ରଜ ଓ ଦିବ୍ୟଙ୍କ ବ୍ୟତୀତ ଅନ୍ୟ ଅଭିଯୁକ୍ତମାନଙ୍କ ନାମରେ ପୂର୍ବରୁ ବିଭିନ୍ନ ଥାନାରେ ଏକାଧିକ ମାମଲା ରହିଛି। ଭଞ୍ଜନଗର ଏଏସ୍ପି ରଞ୍ଜନ କୁମାର ଦେ ମଙ୍ଗଳବାର ଭଞ୍ଜନଗର ଥାନାରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଏହା ପ୍ରକାଶ କରିଛନ୍ତି। ଅନ୍ୟ ଯେଉଁମାନେ ଚୋରା ବନ୍ଧୁକ ରଖିଛନ୍ତି ସେମାନଙ୍କୁ ଖୋଜି ଗିରଫ କରାଯିବ। ବନ୍ଧୁକ କେଉଁଠାରୁ ଆସୁଥିଲା ତାହାର ସୁରାକ ମିଳିଛି। ଆଗାମୀ ଦିନରେ ପଦକ୍ଷେପ ନିଆଯିବ। ଗଞ୍ଜାମ ଏସ୍ପିଙ୍କ ନିର୍ଦ୍ଦେଶକ୍ରମେ ସମଗ୍ର ପୋଲିସ ଜିଲାରେ ଚଢ଼ାଉ ଚାଲିଛି। ଗଞ୍ଜାମ ଜିଲା ସମେତ ଭଞ୍ଜନଗର ଅଞ୍ଚଳକୁ ଅପରାଧ ମୁକ୍ତ କରିବା ପାଇଁ ପୋଲିସ ପକ୍ଷରୁ ସମସ୍ତ ପଦକ୍ଷେପ ନିଆଯାଇଛି ବୋଲି ଏଏସ୍ପି ଦେ କହିଛନ୍ତି।

ସୋମବାର ୪ ଜଣ ଅଭିଯୁକ୍ତ ମଲାସପଦର ରାସ୍ତାରେ ଥିବା ଏକ ମନ୍ଦିରରେ ବସି କିଛି ଅପରାଧ ଘଟାଇବା ପାଇଁ ଯୋଜନା ଚଳାଇଥିଲେ। ରାତ୍ରି ପାଟ୍ରୋଲିଂ କରୁଥିବା ଏସ୍ଆଇ ସମୀର କୁମାର ସେଠୀ ଏହା ଜାଣିବା ପରେ ସେଠାରେ ଚଢ଼ାଉ କରି ୪ ଜଣଙ୍କୁ କାବୁ କରିଥିଲେ। ପରେ ଅନ୍ୟ ୫ ଜଣଙ୍କୁ ଗିରଫ କରାଯାଇଥିଲା। ଖବରଦାତା ସମ୍ମିଳନୀରେ ଭଞ୍ଜନଗର ଏସଡିପିଓ ସୁଜିତ୍ କୁମାର ନାୟକ, ଥାନା ଅଧିକାରୀ ଜୀବନାନନ୍ଦ ଜେନାଙ୍କ ସମେତ ଏସଆଇ ଲକ୍ଷ୍ମୀଧର ମହାନ୍ତି, ଲିପିନା ବିଶ୍ୱାଳ, ଏଏସଆଇ ସତ୍ୟ ନାରାୟଣ ମଳିକ, ସୁଶାନ୍ତ କୁମାର ପଟ୍ଟନାୟକ, ହାବିଲଦାର ଦିଲୀପ ରାଉତ, କନଷ୍ଟେବଲ ସନ୍ତୋଷ ନାୟକ, କେ. ପି ରେଡ୍ଡୀ, ବିକ୍ରମ ମହାରଣା, ଅମିତ୍ ବିଶ୍ୱାଳ, ଜି. ସାଗର ପ୍ରଧାନ, ଗୃହରକ୍ଷୀ ଗଜେନ୍ଦ୍ର ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ।

# ନକଲି ଡାକ୍ତର ଗିରଫ

**ଛତ୍ରପୁର,୨୭।୫(ସନ୍ତୋଷ ପାଢ଼ୀ):** ଗଞ୍ଜାମ ଜିଲ୍ଲା ଛତ୍ରପୁର ବ୍ଲକ ଆର୍ଯ୍ୟପଲ୍ଲୀ ପଞ୍ଚାୟତ ବଡ଼ ଆର୍ଯ୍ୟପଲ୍ଲୀ ଗାଁରୁ ଜଣେ ନକଲି ଡାକ୍ତର (କ୍ୱାକ୍) ଗିରଫ ହୋଇଛନ୍ତି। ସେ ହେଲେ ପଶ୍ଚିମବଙ୍ଗର ପ୍ରସନ୍ନଜିତ ସରକାର। ତାଙ୍କୁ ଆର୍ଯ୍ୟପଲ୍ଲୀ ସାମୁଦ୍ରିକ ଥାନା ପୋଲିସ ଗିରଫ କରିବା ସହ ତାଙ୍କ କ୍ଲିନିକରୁ ବିଭିନ୍ନ ଔଷଧପତ୍ର ଜବତ କରିଛି। ନକଲି ଡାକ୍ତରଙ୍କୁ ମଙ୍ଗଳବାର କୋର୍ଟ ଚାଲାଣ କରାଯାଇଛି । ପ୍ରାୟ ଦେଢ ବର୍ଷ ହେଲା ସେ ବିନା ଲାଇସେନ୍ସରେ କ୍ଲିନିକ କରି ଲୋକଙ୍କୁ ଠକି ଚାଲିଥିଲେ ବୋଲି ପୋଲିସ କହିଛି।

# ବଗିଚାରେ ଗୋରୁ ପଶିଯିବାରୁ ସହାୟକଙ୍କୁ ହତ୍ୟା

## ମାଲିକ ଥାନାରେ ଅଟକ

ପାଟଣା/ଢେଙ୍କିକୋଟ୍,୨୭।୫ (ବୀର କିଶୋର ଦାଶ/ନୀଳମଣି ମଣ୍ଡଳ)

କେନ୍ଦୁଝର ଜିଲା ପାଟଣା ବ୍ଲକ୍ ଚିନାମାଳିପୋଷି ଗ୍ରାମରେ ବାଇଗଣ ବାଡ଼ିରେ ଗୋରୁ ପଶିଯିବାରୁ ଜଣେ ଘର ସହାୟକଙ୍କୁ ମଙ୍ଗଳବାର ସକାଳ ୯ଟାରେ ଘର ମାଲିକ ହତ୍ୟା କରିଛନ୍ତି। ମୃତକ ହେଲେ ଚିନାମାଳିପୋଷି ମୁଣ୍ଡାସାହିର ଭସଲ ମୁଣ୍ଡାଙ୍କ ପୁଅ ଟୁନା(୫୦)। ଟୁନାଙ୍କ ପୁତୁରା ଶମ୍ଭୁନାଥ ମୁଣ୍ଡାଙ୍କ ଅଭିଯୋଗ ଆଧାରରେ ଘଟଗାଁ ପୋଲିସ ଅଭିଯୁକ୍ତ ଚିନାମାଳିପୋଷି ଗ୍ରାମର ଚତୁରା ମହାନ୍ତଙ୍କ ପୁଅ ସଞ୍ଜୟ କୁମାର ମହାନ୍ତ(୩୯)ଙ୍କୁ ଅଟକ ରଖି ତଦନ୍ତ କରୁଛି।

ସୂଚନା ଅନୁଯାୟୀ, ଟୁନା ଜନ୍ମରୁ ଦିବ୍ୟାଙ୍ଗ ହୋଇଥିବା ବେଳେ ସେ ପଡ଼ୋଶୀ ଚତୁରାଙ୍କ ଘରେ ସହାୟକ ଭାବେ କାର୍ଯ୍ୟ କରି ଆସୁଥିଲେ। ମଙ୍ଗଳବାର ସକାଳେ ବାଇଗଣ ବଗିଚାରେ ଗୋରୁ ପଶିଯିବାରୁ ସଞ୍ଜୟ ରାଗିଯାଇ ଟୁନାଙ୍କୁ ଗାଳିଗୁଲଜ କରିଥିଲେ। ଫଳରେ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ସଞ୍ଜୟ ଉତ୍କ୍ଷିପ୍ତ ହୋଇ ଟୁନାଙ୍କ ବେକରେ ପଡ଼ିଥିବା ଗାମୁଛାକୁ ଧରି ଚିପିଦେବା ସହ ଠେଲି ଦେଇଥିଲେ। ଟୁନା ତଳେ କଂକ୍ରିଟ୍ ରାସ୍ତା ଉପରେ ପଡ଼ିଯାଇଥିଲେ। ତାଙ୍କ ମୁଣ୍ଡର ପଛପାର୍ଶ୍ୱ କଂକ୍ରିଟ୍ରେ ମାଡ଼ ହୋଇ ଘଟଣାସ୍ଥଳରେ ମୃତ୍ୟୁ ଘଟିଥିଲା। ପୋଲିସ ମୃତଦେହ ଜବତ କରି ପାଟଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି। ଏ ନେଇ ଘଟଗାଁ ଥାନାରେ ଏକ ମାମଲା(ନଂ. ୨୨୦/୨୫) ରୁଜୁ ହୋଇଛି। ଭାରତୀୟ ନ୍ୟାୟ ସଂହିତା ୧୦୩(୧) ଧାରାରେ ସଞ୍ଜୟଙ୍କୁ ପୋଲିସ ଅଟକ ରଖି ତଦନ୍ତ କରୁଥିବା ଘଟଗାଁ ଥାନା ଅଧିକାରୀ ପ୍ରଶାନ୍ତ ସାମଲ କହିଛନ୍ତି।


**ଦ.ପୂ. ରେଳପଥ – ଟେଣ୍ଡର**

ଟେଣ୍ଡର ବିଜ୍ଞପ୍ତି ନଂ. ଏମ୍ଇସିଏଚ୍ସିକେପି-୨୫-୨୬-୦୮ । ଭାରତର ରାଷ୍ଟ୍ରପତିଙ୍କ ପାଇଁ ଏବଂ ତରଫରୁ, ମଣ୍ଡଳ ରେଳ ପ୍ରବନ୍ଧକ (ମେକାନିକାଲ), ଚକ୍ରଧରପୁର, ଦ.ପୂ. ରେଳପଥ ନିମ୍ନଲିଖିତ କାର୍ଯ୍ୟ ପାଇଁ ଇ-ଟେଣ୍ଡର ଆହ୍ୱାନ କରୁଛନ୍ତି । ଏହି ଟେଣ୍ଡର ପାଇଁ ମାନୁଆଲ ଅଫର ଅନୁମତିଯୋଗ୍ୟ ନୁହେଁ ଏବଂ ପ୍ରାପ୍ତ ହୋଇଥିବା ଏପରି କୌଣସି ମାନୁଆଲ ଅଫରକୁ ଅଣଦେଖା କରିଦିଆଯିବ । **କାର୍ଯ୍ୟର ନାମ:** ଝାରସୁଗୁଡ଼ାର ଷ୍ଟେଶନ ୟାର୍ଡଠାରେ ଦ୍ରୁତ ୱାଟରିଂ ବ୍ୟବସ୍ଥା ଯୋଗାଇବା । **ଟେଣ୍ଡର ମୂଲ୍ୟ:** ₹୪,୯୧,୧୮,୮୯୦.୧୪ । **ବିଡ୍ ଅମାନତ:** ₹୩,୯୫,୬୦୦ । **ଟେଣ୍ଡର ଫର୍ମ ମୂଲ୍ୟ:** ₹ ଶୂନ । **ଟେଣ୍ଡର ଖୋଲାଯିବାର ସ୍ଥାନ:** ବରିଷ୍ଠ ଡିଏମ୍ଇ/ଚକ୍ରଧରପୁର, ଦ.ପୂ. ରେଳପଥଙ୍କ କାର୍ଯ୍ୟାଳୟ । **ଟେଣ୍ଡର ବନ୍ଦ ହେବାର ତାରିଖ ଓ ସମୟ:** ତା୧୬।୦୬।୨୦୨୫ରିଖ ୧୫.୦୦ ଘଟିକା । ଟେଣ୍ଡର ୱେବ୍ସାଇଟ୍ **http://www.ireps.gov.in** ରେ ଦେଖାଯାଇପାରିବ। ଟେଣ୍ଡରଦାତା/ବିଡରଙ୍କ ନିକଟରେ କ୍ଲାସ୍-III ଡିଜିଟାଲ ସିଗ୍ନେଚର ସାର୍ଟିଫିକେଟ୍ ରହିଥିବା ଓ ସେ ଆଇଆର୍ଇପିଏସ୍ ପୋର୍ଟାଲ ଅଧୀନରେ ପଞ୍ଜୀକୃତ ହୋଇଥିବା ଜରୁରୀ । କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡର ଇ-ଟେଣ୍ଡରିଂରେ ଅଂଶଗ୍ରହଣ କରିପାରିବେ । ଇ-ଟେଣ୍ଡରିଂରେ ଅଂଶଗ୍ରହଣ କରିବା ସମୟରେ ସମସ୍ତ ସମ୍ବନ୍ଧିତ କାଗଜପତ୍ର ଅପ୍ଲୋଡ୍ କରାଯିବା ଜରୁରୀ । (PR-207)

**OFFICE OF THE PRINCIPAL I/C**
**RUSHIMAL DEGREE MAHAVIDYALAYA, BAMUNIGAM (KANDHAMAL), ODISHA**

Tender Notice No: 16039301 / RM / 2025 / 001 Dated 27.05.2025

**TENDER CALL NOTICE**

Sealed quotations are invited from eligible firms/ suppliers for procurement of i3 and above Desktop, Multi-Functional Printers, UPS, LED TV and Wireless Mic & Camera for Virtual meeting along with the requisite documents. The quotation should reach the undersigned on or before 13.06.2025 by 05.00 P.M. through Registered post or Speed post. The interested firms may download the tender documents from the college website: **http://www.rmdmahavidyalaya.in**.

Sd./- Principal I/C-cum-Secretary

**कार्यालय, कार्यपालन अभियंता**
**जल संसाधन संभाग, कवर्धा, जिला: कबीरधाम (छ.ग.)**
**निविदा निरस्तीकरण सूचना**

आदेश क्रमांक 2329/वलेस/2024 कवर्धा, दिनांक 23.05.2024

इस कार्यालय द्वारा आमंत्रित निविदा सिस्टम क्रमांक - 165295 प्रथम निविदा सूचना क्रमांक 26/वलेस/2024-25/कवर्धा, दिनांक 05.03.2025 कबीरधाम जिले के विकासखंण्ड पंडरिया की ग्राम-मथानीखुर्द में हाफ नदी पर रिटर्निंगवाल का निर्माण कार्य हेतु प्रथम आमंत्रित निविदा में प्रतिभागी निविदाकार की संख्या एकल एवं प्रतिस्पर्धा का अभाव परिलक्षित होने के कारण निविदा निरस्त किया जाता है।

स्वा:/- कार्यपालन अभियंता
जल संसाधन संभाग, कवर्धा,
जिला - कबीरधाम (छ.ग.)

जी.नं.-242505794/3
G-252601135/3

**JHARKHAND BIJLI VITRAN NIGAM LIMITED**
CIN No. U40108JH2013SGC001702
Regd. Office:- Engineering Building, HEC, Dhurwa, Ranchi–834004.
fax # 0651-2400483 e-mail : cesp.jseb@rediffmail.com/ gmsp.jbvnl@rediffmail.com

**E-Auction Notice**

E-Auction No.-01 MSTC/RNC/Jharkhand Bijli Vitran Nigam Limited/1/HEC Dhurwa/25-26/9666 [506793]

Jharkhand Bijli Vitran Nigam Ltd. Invites all the interested bidder to participate in online e-auction being conducted for sale of scrap material (Scrap DPC Al winding wire & strips) which lying at different Central Stores & TRW, JBVNL.

**IMPORTANT SCHEDULE OF DATES**

| | | |
|---|---|---|
| 1. | Bid opening date and time | 11.06.2025 12:00 PM |
| 2. | Bid closing date and time | 11.06.2025 04:00 PM |
| 3. | Inspection date and time | From 22.05.2025 to 10.06.2025 |

Interested bidder may register their firm/ company online and refer the e-auction catalogue concealing terms & conditions, materials list, inspection date etc. available on website: www.mstcecommerce.com/ www.mstcindia.co.in

**Note :-** For any queries, please contact at MSTC Ltd. (A Govt. of India Enterprises) 4th Floor, Exploration Building, C.M.P.D.I Campus, Gondwana Place, Kanke Road, Ranchi-834008 Ph. 0651-2231333/ 9903248755 email:- rncopn1@mstcindia.in, mstcrnc@gmail.com & interested parties should also regularly visit above website to keep updated for corrigendum/ time extension/ amendments, if any.

स्वहित एवं राष्ट्रहित में ऊर्जा बचावें। कृपया अपनी शिकयतों को 18003456570(कॉल सेन्टर) पर दर्ज करायें।

Sd/-
General Manager (S&P)
JBVNL

PR 353618 Jharkhand Bijlee Vitran Nigam Ltd(25-26).D

**କର୍ମଚାରୀ ଭବିଷ୍ୟନିଧି ସଂଗଠନ**
(ଶ୍ରମ ଏବଂ ରୋଜଗାର ମନ୍ତ୍ରାଳୟ, ଭାରତ ସରକାର )
କ୍ଷେତ୍ରୀୟ କାର୍ଯ୍ୟାଳୟ, ଭବିଷ୍ୟନିଧି ଭବନ, ପାନପୋଷ ରୋଡ଼, ରାଉରକେଲା- ୭୬୯୦୧୨, ଜିଲ୍ଲା - ସୁନ୍ଦରଗଡ଼

**ପ୍ରେସ୍ ବିଜ୍ଞପ୍ତି**

ଆଞ୍ଚଳିକ ଇ.ପି.ଏଫ୍. କାର୍ଯ୍ୟାଳୟ ପକ୍ଷରୁ ଆସନ୍ତା ଜୁନ ମାସ ପାଇଁ "ନିଧି ଆପ୍କେ ନିକଟ" ଏବଂ "ପେନ୍ସନ୍ ଅଦାଲତ" ତା.୧୦.୦୬.୨୦୨୫ରିଖ (ମଙ୍ଗଳବାର) ଦିନ ଆୟୋଜିତ ହେବାକୁ ଯାଉଛି । ଏହି ଅବସରରେ ପି.ଏଫ ଏବଂ ପେନ୍ସନ୍ ସଂପର୍କିତ ସମସ୍ୟାଗୁଡ଼ିକର ଶୁଣାଣି ଏବଂ ସମାଧାନ କରାଯିବ । ପୂର୍ବାହ୍ନ ୧୧ଟାରେ ହେବାକୁ ଥିବା ଏହି କାର୍ଯ୍ୟକ୍ରମରେ ଭାଗନେବାପାଇଁ, ଆପତ୍ତି ଅଭିଯୋଗଥିବା ସମସ୍ତ ପେନସନଧାରୀ ତଥା ଇ.ପି.ଏଫ୍. ଅଂଶୀଦାରମାନେ ସେମାନଙ୍କ ସମସ୍ୟାର ପଞ୍ଜିକରଣ ନିଜର ଠିକଣା ଏବଂ ଫୋନ୍ ନମ୍ବର ସହ ଲିଖିତ ଭାବେ ପୋଷ୍ଟ ମାଧ୍ୟମରେ କିମ୍ବା ଅଫିସ୍‌ରେ ଥିବା ଡ୍ରପ୍ ବକ୍ସରେ ଦାଖଲ କରିବାକୁ ନିବେଦନ କରାଯାଇଛି । ଏଥିସହିତ ପ୍ରୋଭିଡେଣ୍ଟ ଫଣ୍ଡ ଆକାଉଣ୍ଟର ସବିଶେଷ ବିବରଣୀ କିମ୍ବା ପି.ପି.ଓ ନମ୍ବର ଇତ୍ୟାଦି ଆସନ୍ତା ୦୫.୦୬.୨୦୨୫ ତାରିଖ ପୂର୍ବରୁ ଦାଖଲ କରିବାକୁ ହେବ ବୋଲି ଆଞ୍ଚଳିକ ପି.ଏଫ୍. କମିଶନର୍ ଏକ ପ୍ରେସ୍ ବିବୃତ୍ତିରେ ଜଣାଇଛନ୍ତି ।

କ୍ଷେତ୍ରୀୟ ଭବିଷ୍ୟନିଧି ଆୟୁକ୍ତ
ଆଞ୍ଚଳିକ ଭବିଷ୍ୟନିଧି କାର୍ଯ୍ୟାଳୟ, ରାଉରକେଲା

SAI/RKL/0081/25

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. ETCECONIIIBBS 2025021, ତା.21.05.2025ରିଖ

**କାର୍ଯ୍ୟର ନାମ :** ନୟାଗଡ଼ ଓ ଦୁବୁନା ମଧ୍ୟରେ ନୂଆ ଲାଇନ୍ : ସମ୍ପୃକ୍ତ ବିଭାଗ / ମନ୍ତ୍ରଣାଳୟର ପ୍ରଚଳିତ ଅଧିନିୟମ / ନିୟମାବଳୀ ଅନୁଯାୟୀ ବେସରକାରୀ / ସରକାରୀ / ଜଙ୍ଗଲ ଜମିର ଅଧିଗ୍ରହଣ / ହସ୍ତାନ୍ତରଣ / ପରିବର୍ତ୍ତନ ନିମନ୍ତେ ଜମି ଅଧିଗ୍ରହଣ ପ୍ରସ୍ତାବର ପ୍ରସ୍ତୁତି ଓ ଦାଖଲ, ଯେଉଁଥିରେ ଅବ୍ୟବହାର୍ଯ୍ୟ PSC ସ୍ଲିପର ଦ୍ୱାରା ଜମି ବାଉଣ୍ଡରୀ ପୋଷ୍ଟ ପ୍ରଦାନ କରିବା ଏବଂ ଅନ୍ୟ ଆନୁଷଙ୍ଗିକ କାର୍ଯ୍ୟ ଅନ୍ତର୍ଭୁକ୍ତ ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 36.82 ଲକ୍ଷ, EMD : ₹ 73,600/-, କାର୍ଯ୍ୟ ଶେଷ ହେବା ଅବଧି : 12 (ବାର) ମାସ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.12.06.2025.ରିଖ 1200 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।
ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବ୍ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି । ଟେଣ୍ଡରଦାତା/ ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ । କେବଳ ପଞ୍ଜୀକୃତ ଟେଣ୍ଡରଦାତା/ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR- 35/CI/25-26

**TPCODL**
TP CENTRAL ODISHA DISTRIBUTION LIMITED
(A Joint Venture of Tata Power and Government of Odisha)

**TP CENTRAL ODISHA DISTRIBUTION LIMITED**
A Joint Venture of Tata Power and Govt. of Odisha,
1st Floor, Anuj Building, Plot No.29, Satya Nagar,
Bhubaneswar, Odisha - 751007

**NOTICE INVITING TENDER: NIT No: TPCODL/2025-26/NIT/02**

Bids are invited from eligible bidders for the following tenders:

| Sl. No. | Tender Enquiry No. | Tender Description |
|---|---|---|
| 1 | TPCODL/CCG/2025-26/1000003054 | Rate Contract for Supply of 33 & 11 kV RMUs for TP Odisha DISCOMs for One Year. |
| 2 | TPCODL/P&S/2025-26/1000002910 | Rate contract for supply of IPC, Multiport connector for One Year |
| 3 | TPCODL/P&S/2025-26/1000002960 | Hiring of agency for providing Disconnection services for TPCODL. |
| 4 | TPCODL/P&S/2025-26/1000002871 | Supply of Testing Instruments for TPCODL. |
| 5 | TPCODL/CCG/2025-26/1000003088 | WIFI access points under TPCODL |
| 6 | TPCODL/CCG/2025-26/1000003089 | Rate Contract for Supply of KIT KAT Fuses of various ratings for TP Odisha DISCOMs. |
| 7 | TPCODL/CCG/2025-26/1000003090 | Rate Contract for Supply of MCCB of various ratings for TP Odisha DISCOMs. |
| 8 | TPCODL/P&S/2025-26/1000003056 | Rate Contract for Video Conferencing System with 5 Years Warranty at TPCODL |
| 9 | TPCODL/CCG/2025-26/1000003100 | Rate Contract for 11 kV & LT Network Maintenance & Allied Work, 33 KV Network Maintenance and Operational Assistance of 33/11 kV Sub-Stations for TP Odisha DISCOMs for 3 years |

For more details like bid due date, EMD, tender fee, bid opening date etc. of the Tenders, please visit "Tender" section at TPCODL website **https://www.tpcentralodisha.com**. All tenders will be available on TPCODL website w.e.f. from **Dtd. 30.05.2025**. Future communication / corrigendum to tender documents, if any, shall be available on TPCODL website.

GOVERNMENT OF ODISHA No. A-214
**DEPARTMENT OF WATER RESOURCES**
**OFFICE OF THE ADDITIONAL CHIEF ENGINEER**
**SUBARNAREKHA IRRIGATION CIRCLE, LAXMIPOSI**
At/P.O.: Laxmiposi, Dist.: Mayurbhanj, PIN - 757107
Mail id: acesic24@gmail.com

**Government of Odisha "e" PROCUREMENT NOTICE**
Bid Identification No. 02/2025-26 of Additional Chief Engineer, SIC, Laxmiposi

| | | |
|---|---|---|
| 1 | Name of Work | Construction of Retaining Wall at RD 360 M to RD 1020 M (LHS) of Palasbadha Minor Off-taking at RD 59894 M of Jambhira Left Main Canal |
| 2 | Estimated Cost | Rs.161.09 Lakh |
| 3 | Bid Security/E.M.D. | Rs.1,61,100/- |
| 4 | Period of Completion | 09 (Nine) Calendar Months |
| 5 | Class of Contractor | 'A' & 'B' Class |
| 6 | Date & Time of availability of bid document in the portal | 30.05.2025 at 10.00 A.M. |
| 7 | Last date/time for receipt of bid in the portal | 16.06.2025 upto 5.00 P.M. |
| 8 | Date of opening of bid | 17.06.2025 at 11.00 A.M. |
| 9 | Name & address of the O.I.T. | Additional Chief Engineer, Subarnarekha Irrigation Circle, Laxmiposi |

Further details can be seen from the e-Procurement Portal "**https://tendersodisha.gov.in**".

Sd./- Additional Chief Engineer
S.I.C., Laxmiposi

OIPR-32120/11/0006/2526

# ୨୫ ବର୍ଷ ପରେ ବି ମାର୍କେଟ ବିଲ୍ଡିଂ ରକ୍ଷଣାବେକ୍ଷଣ ରାଶି ମିଳୁନି

**ଜଗତ୍‌ସିଂହପୁର ପୌର ପରିଷଦ**

- ୪୦ ବ୍ୟବସାୟୀ ୭୦-୧୧୦ ଟଙ୍କା ବି ଦେଉନାହାନ୍ତି
- ୭୫ ଘରୁ ମିଳୁଛି ମାତ୍ର ୨୬ ହଜାର
- ୨ ବର୍ଷ ହେଲା ତଦନ୍ତ ଚାଲିଛି

**ଜଗତ୍‌ସିଂହପୁର, ୨୭।୫ (ପ୍ରମୋଦ କୁମାର ନାୟକ)**



ଜଗତ୍‌ସିଂହପୁର ପୌର ପରିଷଦର ମାର୍କେଟ ବିଲ୍ଡିଂ।

ଜଗତ୍‌ସିଂହପୁର ପୌର ପରିଷଦ ପକ୍ଷରୁ ଆଦାୟ ହେଉଥିବା ରାଜସ୍ୱ ମଧ୍ୟରୁ ବ୍ୟବସାୟୀ ଓ ଅନୁଷ୍ଠାନମାନଙ୍କଠାରୁ ଘରଭଡ଼ା ଓ ମାର୍କେଟ ବିଲ୍ଡିଂ ରକ୍ଷଣାବେକ୍ଷଣ ରାଶି ଆଦାୟ ଅନ୍ୟତମ। କିନ୍ତୁ ଅଧିକାଂଶ ବ୍ୟବସାୟୀ ଓ ଅନୁଷ୍ଠାନ ଏହି ରାଶି ଦେଉନାହାନ୍ତି, ଯେଉଁଥିପାଇଁ ପରିଷଦ ରାଜସ୍ୱ ହରାଉଛି। କେଉଁ ମହତ୍ ଲକ୍ଷ୍ୟ ରଖି ପରିଷଦ ରାଜସ୍ୱ ଆଦାୟରେ କୋହଳ ମନୋଭାବ ପୋଷଣ କରୁଛି ସେନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ପୌରାଞ୍ଚଳର ବିଭିନ୍ନ ସ୍ଥାନରେ ୭୫ଟି ଘର ଭଡ଼ାରେ ଲାଗିଛି। ଏସବୁ ଘରୁ ମାସିକ ପାଖାପାଖି ୨୬ ହଜାର ଟଙ୍କା ଭଡ଼ା ଓ ରକ୍ଷଣାବେକ୍ଷଣ ରାଶି ଆଦାୟ ଲାଗି ସ୍ଥିର କରାଯାଇଛି। ବଡ଼କଥା ହେଲା, ୪୨ଟି ଘରୁ ମାସିକ ଘର ପିଛା ୫୦ରୁ ୧୧୦ ଟଙ୍କା ଲେଖାଏ ଭଡ଼ା ଓ ରକ୍ଷଣାବେକ୍ଷଣ ଆଦାୟ ନିଷ୍ପତ୍ତି ସାଧାରଣରେ ବିସ୍ମୟ ସୃଷ୍ଟି କରିଛି। ଦୀର୍ଘ ୧୫ରୁ ୨୫ ବର୍ଷ ଭିତରେ ଅଧିକାଂଶ ଘରର ଭଡ଼ା ବୃଦ୍ଧି କରାଯାଇନାହିଁ। ୪୦ ଘର ରକ୍ଷଣାବେକ୍ଷଣ ବାବଦରେ ସ୍ଥିରୀକୃତ ରାଶି ମଧ୍ୟ ଆଦାୟ କରାଯାଉନାହିଁ। କେତେଜଣଙ୍କ ଉପରେ ଭଡ଼ା ବାକି ଅଛି ତାହା ପରିଷଦ ପକ୍ଷରୁ ସ୍ପଷ୍ଟ କରାଯାଇନାହିଁ। ଏନେଇ ଜଗତ୍‌ସିଂହପୁର ପୌରାଧ୍ୟକ୍ଷା ଅର୍ଚ୍ଚନା ସିଂ ଅସନ୍ତୋଷ ବ୍ୟକ୍ତ କରିବା ସହ କହିଛନ୍ତି, ଯେଉଁମାନଙ୍କୁ ଦୀର୍ଘବର୍ଷ ଧରି ଘର ଭଡା ଓ ରାଜିନାମା ସର୍ତ୍ତରେ ଜୀବିକା ନିର୍ବାହ ପାଇଁ ଦିଆଯାଇଛି ସେମାନଙ୍କ ମଧ୍ୟରୁ ଅନେକେ ଭଡ଼ା ଓ ରକ୍ଷଣାବେକ୍ଷଣ ରାଶି ଦେଉନାହାନ୍ତି। ଅଥଚ ଭଡ଼ା ଦେଇ ଅନେକ ରୋଜଗାର କରୁଥିବା ଅଭିଯୋଗ ହେଉଛି। ଏ ସମ୍ପର୍କରେ ପରିଷଦ ବୈଠକରେ ଆଲୋଚନା କରାଯାଇ ତଦନ୍ତ ପାଇଁ ଟାସ୍କ କଲେକ୍ଟରମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ତଦନ୍ତ ରିପୋର୍ଟ ଆସିଲା ପରେ ପରବର୍ତ୍ତୀ ପଦକ୍ଷେପ ନିଆଯିବ। କିନ୍ତୁ ଏଥିମଧ୍ୟରେ ୨ ବର୍ଷ ଅତିକ୍ରାନ୍ତ ହୋଇଥିଲେ ସୁଦ୍ଧା ତଦନ୍ତ ଆଗେଇପାରୁନଥିବା ଆଲୋଚନା ହେଉଛି।

ଜଗତ୍‌ସିଂହପୁର ପୌର ପରିଷଦରୁ ମିଳିଥିବା ସୂଚନା ଅନୁଯାୟୀ, ଟାଉନ ହଲ୍ ବିଲ୍ଡିଂର ଆଗ ଓ ଉପର ମହଲାରେ ୫ ଘର ଭଡ଼ାରେ ଲାଗିଛି। ସେଥିରୁ ଗୋଟିଏ ବିବାଦ ଯୋଗୁ ନ୍ୟାୟାଳୟରେ ବିଚାରାଧୀନ ରହିଛି। ଜିଲା ଅଡିଟ୍ ଅଫିସ ସର୍ବାଧିକ ୭,୨୭୬ ଟଙ୍କା ଭଡ଼ା ଦେଉଛି। ଅବଶିଷ୍ଟ ୩ଟିରେ ମାସିକ ୫୦୦ ଟଙ୍କା ଲେଖାଏ ଭଡ଼ା ସ୍ଥିର ହୋଇଛି। ସେହିପରି ବଙ୍ଗଳା ଛକ ପାର୍ଶ୍ୱରେ ମୋଚିମାନଙ୍କୁ ୧୦ଟି ଘର ଭଡ଼ାରେ ଲାଗିଛି। ସେଥିରୁ ଗୋଟିଏ ୩୦୦ ଓ ୯ଟି ଘରର ୨୦୦ ଟଙ୍କା ଲେଖାଏ ଭଡ଼ା ଦେବାକୁ ସ୍ଥିର ହୋଇଛି। ଆଦିକବି ସାରଳା ଦାସ ସଂସ୍କୃତି ଭବନ ପାର୍ଶ୍ୱ ଅଳକା ଷ୍ଟୋରରୁ ମାସିକ ୨,୭୯୬ ଟଙ୍କା ଆଦାୟ ନିଷ୍ପତ୍ତି ହୋଇଛି। ମାସିକ ବେସରକାରୀ ବସ୍ ମାଲିକ ସଂଘ ୧୦୦୦ ଏବଂ ଓମ୍‌ଫେଡ୍ ଷ୍ଟଲ୍‌ଟି ୬୦୦ ଟଙ୍କା ଦେବା ପାଇଁ ସ୍ଥିର ହୋଇଛି। କଲେଜ ଛକରେ ମଧ୍ୟ ୮ଟି ଘର ଭଡ଼ାରେ ଲାଗିଛି। ସେଗୁଡ଼ିକ ମଧ୍ୟରୁ ମାସିକ ୬୦୦ ଟଙ୍କା ହିସାବରେ ୨ଟି, ୫୦୦ ଟଙ୍କାରେ ୩ ଓ ୫୦ ଟଙ୍କା ହିସାବରେ ୨ଟି ଘର ଭଡ଼ା ଲାଗିଛି। ଯୋଗଧାରୀସ୍ଥିତ ନୂଆ ବସ୍‌ଷ୍ଟାଣ୍ଡ ନିକଟରେ ୬ଟି ଘର ଭଡ଼ାରେ ଦିଆଯାଇଥିବାବେଳେ ପ୍ରତ୍ୟେକରୁ ମାସିକ ୩୦୦ ଟଙ୍କା ଲେଖାଏ ଭଡ଼ା ଆଦାୟ ନିଷ୍ପତ୍ତି ହୋଇଥିଲା। କିନ୍ତୁ ମଡେଲ ବସ୍‌ଷ୍ଟାଣ୍ଡ ନିର୍ମାଣ ହେବାରୁ ଏହାକୁ ଭାଙ୍ଗି ଦିଆଯାଇଛି। ସହରର ପ୍ରମୁଖ ସ୍ଥାନ କୁହାଯାଉଥିବା ଜିଲାପାଳଙ୍କ କାର୍ଯ୍ୟାଳୟ ଓ ଷ୍ଟେଟ୍ ବ୍ୟାଙ୍କ ସମ୍ମୁଖ ମାର୍କେଟ୍ ବିଲ୍ଡିଂର ସର୍ବାଧିକ ୪୦ଟି ଘର ୩୦ ବର୍ଷିଆ ଲିଜ୍ ଦିଆଯାଇଥିଲା। ୧୯୯୭ରେ ବର୍ଗଫୁଟ ୬୦୧ ଟଙ୍କା ହିସାବରେ ଘରପିଛା ଦେୟ ଲିଜ୍‌ଧାରୀମାନେ ଜମା କରିଥିଲେ। ସେତେବେଳେ ବିଭିନ୍ନ ରକ୍ଷଣାବେକ୍ଷଣ ପାଇଁ ଲିଜ୍‌ଧାରୀମାନଙ୍କୁ ପୃଥକ୍ ରାଶି ଦେବାକୁ ନିର୍ଦ୍ଦେଶ ହୋଇଥିଲା। ସେଗୁଡ଼ିକ ମଧ୍ୟରୁ ୧୨ଟିରୁ ମାସିକ ୭୦ ଟଙ୍କା(ଘରପିଛା) ହିସାବରେ ଆଦାୟ ବ୍ୟବସ୍ଥା ହୋଇଥିଲା। କେବଳ ଏତିକି ନୁହେଁ, ଘରପିଛା ୮୦ ଟଙ୍କା ହିସାବରେ ୧୬ଟି, ୯୦ ଟଙ୍କା ହିସାବରେ ୪ଟି, ୧୦୦ ଟଙ୍କା ହିସାବରେ ୨ଟି ଓ ୧୧୦ ଟଙ୍କା ହିସାବରେ ୪ଟି ଘର ରକ୍ଷଣାବେକ୍ଷଣ ରାଶି ଦେବାକୁ ଲିଜ୍‌ଧାରୀଙ୍କୁ ନିର୍ଦ୍ଦେଶ ହୋଇଥିଲା। କିନ୍ତୁ ଏହି ରକ୍ଷଣାବେକ୍ଷଣ ରାଶି ମଧ୍ୟ ଲିଜ୍‌ଧାରୀମାନେ ଦେଉନାହାନ୍ତି। ଏ ସମ୍ପର୍କରେ ସ୍ଥାନୀୟ କେତେଜଣଙ୍କ କହିବା କଥା ହେଲା, ଯେଉଁମାନଙ୍କୁ ଘର ଦିଆଯାଇଛି ସେମାନେ ବ୍ୟବସାୟ କରୁନାହାନ୍ତି ବରଂ ଘରଗୁଡିକୁ ମାସିକ ୧୦୦୦ରୁ ୨୦୦୦ ଟଙ୍କାରେ ଭଡ଼ା ଲଗାଇ ବେଶ୍ ଦିପଇସା ରୋଜଗାର କରୁଛନ୍ତି, ଯାହା ଦୁର୍ଭାଗ୍ୟଜନକ। ତେଣୁ ଏହା ଉପରେ ଅନୁଧ୍ୟାନ କରାଯାଇ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯିବା ଉଚିତ। ଯେଉଁମାନେ ବ୍ୟବସାୟ କରୁଛନ୍ତି ସେମାନେ ଭଡ଼ା ଦେବା ଆବଶ୍ୟକ ବୋଲି ପ୍ରତିକ୍ରିୟା ପ୍ରକାଶ ପାଇଛି।

# ବଦଳିବ ବିଜୁ ମେମୋରିଆଲ ହସ୍ପିଟାଲ ରଙ୍ଗ



ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ପ୍ରଶାସନିକ ଅଧିକାରୀ ଓ ଲୋକ ପ୍ରତିନିଧିଙ୍କ ସହ ଆଲୋଚନା କରୁଛନ୍ତି।

**ପାରାଦୀପ, ୨୭।୫ (ଶରତ ରାଉତ)**

**ରୋଗୀ କଲ୍ୟାଣ ସମିତି ସମୀକ୍ଷା ବୈଠକ**

ପାରାଦୀପର ଏକମାତ୍ର ସରକାରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ବିଜୁ ମେମୋରିଆଲ ହସ୍ପିଟାଲର ରଙ୍ଗ ବଦଳାଯିବ। ଏ ନେଇ ମଙ୍ଗଳବାର ରୋଗୀ କଲ୍ୟାଣ ସମିତି ବୈଠକରେ ଆଲୋଚନା ହୋଇଛି। ଏହି ଅବସରରେ ଆୟୋଜିତ ବୈଠକରେ ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ବିଧାୟକ ତଥା ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ଅଧ୍ୟକ୍ଷତା କରିଥିଲେ। ଏଥିରେ ପ୍ରାୟ ୧୦ଟି ପ୍ରସଙ୍ଗ ଉପରେ ଆଲୋଚନା ହୋଇଥିଲା। ଯଥା ଖାଲିପଡ଼ିଥିବା ଡାକ୍ତର ଓ ଷ୍ଟାଫ୍ ନର୍ସ ପଦବୀ ପୂରଣ, ହସ୍ପିଟାଲ ବିଲ୍ଡିଂ ମରାମତି ଓ ରଙ୍ଗ ବଦଳାଯିବା, ଆମ୍ବୁଲାନ୍ସ ସୁବିଧା, ରୋଗୀଙ୍କ ପାଇଁ ଅପେକ୍ଷା ଗୃହ, ଆନୁଷଙ୍ଗିକ ଡାକ୍ତରୀ ଉପକରଣ ଯୋଗାଇଦେବା, ହସ୍ପିଟାଲ ରାସ୍ତାରେ ଥିବା ମଦ ଦୋକାନ ସ୍ଥାନାନ୍ତର ଆଦି ଉପରେ ଆଲୋଚନା ହୋଇଥିଲା। ବୈଠକ ଶେଷରେ ମନ୍ତ୍ରୀ ସ୍ୱାଇଁ କହିଥିଲେ, ଅନେକ ପ୍ରସଙ୍ଗରେ ଆଲୋଚନା ହୋଇଛି। ସେଗୁଡ଼ିକ ଆବଶ୍ୟକତା ଅନୁସାରେ ଯୋଗାଇବା ପାଇଁ ସରକାରୀସ୍ତରରେ ବ୍ୟବସ୍ଥା କରାଯିବ। ଉକ୍ତ ନବୀକରଣ କାମ ନିର୍ମାଣ ଓ କୋଠାବାଡ଼ି(ଆର ଆଣ୍ଡ ବି) ବିଭାଗ ଓ ପାରାଦୀପ ପୌରପରିଷଦ କରିବ। ବୈଠକରେ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳ, କାଉନ୍‌ସିଲର ସୁବ୍ରତ ପ୍ରଧାନ, ସିଏମ୍‌ଓ ଡା. ବସନ୍ତ ରାଉତ, ଏମ୍‌ପି ପ୍ରତିନିଧି ମନୋଜ କୁମାର ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ପରେ ମନ୍ତ୍ରୀ ଓ ତାଙ୍କ ସମର୍ଥକମାନେ ହସ୍ପିଟାଲ ପାଖ ଆହାର କେନ୍ଦ୍ରରେ ଖାଦ୍ୟ ଖାଇଥିଲେ। ସନ୍ଧ୍ୟାରେ ସର୍କିଟ ହାଉସ୍‌ଠାରେ ନିର୍ବାଚନମଣ୍ଡଳୀସ୍ତରୀୟ ଉନ୍ନୟନମୂଳକ ସମୀକ୍ଷା ବୈଠକ କରାଯାଇଥିଲା।

# ଲଗାଣ ବର୍ଷାରେ ତଳିଆ ବସ୍ତି ଜଳାର୍ଣ୍ଣବ

**ଡ୍ରେନ୍ ନିର୍ମାଣ ହେଉ ନ ଥିବା ଅଭିଯୋଗ**

**ପାରାଦୀପ, ୨୭।୫ (ଶରତ ରାଉତ)**



ଡି ଲାଇନ୍ ବସ୍ତିରେ ପାଣି ଜମିଛି । ଲୋକେ ପାଣିରେ ପଶି ଯାତାୟାତ କରୁଛନ୍ତି।

ପାରାଦୀପ ପୌରାଞ୍ଚଳ ୧୬ନଂ. ୱାର୍ଡ ଅନ୍ତର୍ଗତ ହନୁମାନ ମନ୍ଦିର ପାଖ 'ଡି ଲାଇନ୍' ବସ୍ତି ମଙ୍ଗଳବାର ଜଳାର୍ଣ୍ଣବ ହୋଇଯାଇଛି। ଲଗାଣ ବର୍ଷା ଯୋଗୁ ବସ୍ତିରେ ଥିବା ଘରଗୁଡ଼ିକରେ ପାଣି ଲହଡ଼ି ମାରୁଛି। ଏନେଇ ସ୍ଥାନୀୟ ଅଞ୍ଚଳର ୩୦ରୁ ଅଧିକ ବାସିନ୍ଦା ଓ କାଉନ୍‌ସିଲର ମନୋଜ କୁମାର ନାୟକ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ସେଠାରେ ଡ୍ରେନ୍ କରାଯାଉ ନ ଥିବାରୁ ଏପରି ହୋଇଛି ବୋଲି ବାସିନ୍ଦା ପ୍ରକାଶ କୁମାର ମଲ୍ଲିକ କୁହନ୍ତି। ପାରାଦୀପର ପୁରୁଣା ବସ୍ତିଭାବେ ଜଣାଶୁଣା ଉକ୍ତ ଅଞ୍ଚଳ ଏବେ ଖାଲୁଆ ହୋଇଗଲାଣି। ବର୍ଦ୍ଧିତ ସହରାଞ୍ଚଳ ଯୋଗୁ ସେଠାରେ ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ବିକାଶ କରାଯାଉଛି। ଏପରିକି ସେଠାରେ ଥିବା ପୁରୁଣା ଯୁଗୋସ୍ଲୋଭିଆ କଲୋନୀ ଉଚ୍ଛେଦ ହୋଇସାରିଛି। କିନ୍ତୁ ବସ୍ତି ରହିଛି। ସେଠାରେ ପୌର ପରିଷଦ ପକ୍ଷରୁ ମୌଳିକ ସୁବିଧା ଯୋଗାଇ ଦିଆଯାଉଛି। କିନ୍ତୁ ଡ୍ରେନ୍ ନିର୍ମାଣ ହୋଇନାହିଁ ବୋଲି ବାସିନ୍ଦା ନରେନ୍ଦ୍ର ସାହୁ, ଗଗନ ମହାନ୍ତି, ସୁଶାନ୍ତ ମଲ୍ଲିକ ପ୍ରମୁଖ କୁହନ୍ତି। ଖରାଦିନିଆ କାଳବୈଶାଖୀ ବର୍ଷାରେ ଏବେଠାରୁ ହୀନସ୍ତା ହେଉଥିବାବେଳେ ଆଗକୁ ବର୍ଷାଦିନେ ଘରୁ ବାହାରିବା କଷ୍ଟକର ହୋଇପଡ଼ିବ ବୋଲି ସେମାନେ ଆଶଙ୍କାବ୍ୟକ୍ତ କରିଛନ୍ତି। ଏ ସମ୍ପର୍କରେ କାଉନ୍‌ସିଲର ନାୟକ କୁହନ୍ତି, ସେଠାରେ ଡ୍ରେନ୍ ନିର୍ମାଣ ପାଇଁ ସେ ଏକାଧିକବାର ପ୍ରସ୍ତାବ ଦେଲେଣି। କିନ୍ତୁ ତାହା କାର୍ଯ୍ୟକାରୀ ହେଉନାହିଁ। ଘଟଣା ସମ୍ପର୍କରେ ପୌର ନିର୍ବାହୀ ଅଧିକାରୀ ଅଭିଷେକ ପଣ୍ଡାଙ୍କୁ ପଚାରିଲେ କୁହନ୍ତି, ତାହା ତଳିଆ ଅଞ୍ଚଳ ହୋଇଥିବା ଯୋଗୁ ବର୍ଷା ପାଣି ଜମିରହୁଛି। ଖବର ପାଇବା ପରେ କର୍ମଚାରୀମାନେ ଯାଇ ପାଣି ନିଷ୍କାସନ ବ୍ୟବସ୍ଥା କରିଛନ୍ତି। ଆଗକୁ ଏହାର ସମାଧାନ ବାଟ ବାହାରିବ ବୋଲି ସେ କହିଛନ୍ତି। ସୂଚନାଯୋଗ୍ୟ, ସୋମବାରଠାରୁ ମଙ୍ଗଳବାର ମଧ୍ୟାହ୍ନ ପର୍ଯ୍ୟନ୍ତ ପାରାଦୀପରେ ଲଗାଣ ବର୍ଷା ହୋଇଥିଲା। ଏଥିଯୋଗୁ ଅନେକ ଖାଲୁଆ ଅଞ୍ଚଳରେ ପାଣି ଜମି ରହିଛି।

# ଶ୍ରମିକ ନେତା ଗୋଲେଖ ଚନ୍ଦ୍ର ନାୟକଙ୍କ ପିତୃ ବିୟୋଗ

**କୁଜଙ୍ଗ, ୨୭।୫ (ମନୋଜ ପ୍ରଧାନ)**

ପାରାଦୀପର ବିଶିଷ୍ଟ ଶ୍ରମିକ ନେତା ତଥା ପୂର୍ବ ଓଡ଼ିଶା ଶିଳ୍ପାଞ୍ଚଳ ବିକାଶ ପରିଷଦ ସଭାପତି ଗୋଲେଖ ଚନ୍ଦ୍ର ନାୟକଙ୍କ ବାପା ତଥା କୁଜଙ୍ଗ ବ୍ଲକ ପାରାଦୀପଗଡ଼ ପଞ୍ଚାୟତ ନିମିଡ଼ି ଗ୍ରାମ ମୁରବି ସାରଙ୍ଗଧର ନାୟକ(୮୬)ଙ୍କ ମଙ୍ଗଳବାର ପରଲୋକ ଘଟିଛି। ପୂର୍ବାହ୍ନରେ ତାଙ୍କ ଛାତିରେ ଯନ୍ତ୍ରଣା ଅନୁଭୂତ ହୋଇଥିଲା। ତୁରନ୍ତ ତାଙ୍କୁ ଅଠରବାଙ୍କୀସ୍ଥିତ ବିଜୁ ମେମୋରିଆଲ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ସାରଙ୍ଗଧରଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ଖବରପାଇ ତାଙ୍କ ନିମିଡ଼ିସ୍ଥିତ ବାସଭବନରେ ପାରାଦୀପ ବିଧାୟକ ତଥା ରାଜ୍ୟ ଶିଳ୍ପ, ଦକ୍ଷତା ବିକାଶ, ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ପହଞ୍ଚି ଶେଷଦର୍ଶନ କରିଛନ୍ତି। ଆଇନଜୀବୀ ସଞ୍ଜୟ ବେହେରା, ପୂର୍ବତନ ସରପଞ୍ଚ ମିହିର ରଞ୍ଜନ ସାହୁ, ପରୀ ସେନାପତି, ଚରଣ ପୃଷ୍ଟି, ବାଳକୃଷ୍ଣ ଜେନା, ଶିଳ୍ପୋଦ୍ୟୋଗୀ ପ୍ରହ୍ଲାଦ ବେହେରା, ପୀତାମ୍ବର ସାହୁ, ପ୍ରକାଶ ସ୍ୱାଇଁ, ହାଡ଼ିବନ୍ଧୁ ନାୟକ ପ୍ରମୁଖ ଶେଷଦର୍ଶନ କରିଥିଲେ। ପାରାଦୀପର ଶ୍ରମିକ ନେତା ଅରିନ୍ଦମ ସର୍ଖେଲ ଫୋନ ଯୋଗେ ଶୋକବ୍ୟକ୍ତ କରିଥିଲେ। ଗ୍ରାମ ଶ୍ମଶାନରେ ସାରଙ୍ଗଧରଙ୍କ ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ପୁତ୍ର ଗୋଲେଖ ମୁଖାଗ୍ନି ଦେଇଥିଲେ।



ପାରାଦୀପ ଚଣ୍ଡିଖୋଲ ୫୩ ନଂ. ଜାତୀୟ ରାଜପଥ ଉଦୟବିହାର ପାଖରେ ମଙ୍ଗଳବାର ବର୍ଷା ସମୟରେ ଏକ କାର୍ ଦୁର୍ଘଟଣାଗ୍ରସ୍ତ ହୋଇ ତାଳଦଣ୍ଡା କେନାଲରେ ଖସି ପଡିଛି। ଏଥିରେ କେହି ମୃତାହତ ହୋଇ ନ ଥିବା ଜଣାପଡିଛି।

# ଯୁଗ୍ମ ଜନଶୁଣାଣି ଶିବିରରେ ୩୨ ଅଭିଯୋଗ

**ବାଲିକୁଦା, ୨୭।୫ (ତାପସ ସ୍ୱାଇଁ)**

ଜଗତ୍‌ସିଂହପୁର ଜିଲା ପ୍ରଶାସନ ପକ୍ଷରୁ ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଶିବିର ବାଲିକୁଦା ବ୍ଲକ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ମୋଟ୍ ୩୨ ଅଭିଯୋଗ ପଞ୍ଜୀକୃତ ହୋଇଥିଲା। ସେଥିରୁ ବ୍ୟକ୍ତିଗତ ୨୪ ଓ ଗୋଷ୍ଠିଗତ ସମସ୍ୟା ସମ୍ପର୍କିତ ୮ ଅଭିଯୋଗ ହୋଇଥିଲା। ବ୍ୟକ୍ତିଗତ ଅଭିଯୋଗ ମଧ୍ୟରୁ ରାଶନ କାର୍ଡ ସମ୍ବନ୍ଧୀୟ ୩, ଆବାସ ସମ୍ପର୍କିତ ୨, ଜମିଜମା ସମସ୍ୟା ୮, ପେନ୍‌ସନ ପାଇଁ ୧ ଏବଂ ଅନ୍ୟାନ୍ୟ ୧୦ ଅଭିଯୋଗର ଶୁଣାଣି ହୋଇଥିଲା। ଏହି ମିଳିତ ଜନ ଅଭିଯୋଗ ଶୁଣାଣି ଶିବିରରେ ଏସ୍‌ପି ଭବାନୀ ଶଙ୍କର ଉଦ୍‌ଗାତା, ଅତିରିକ୍ତ ଜିଲାପାଳ ଜ୍ୟୋତିଶଙ୍କର ରାୟ, ଜିଲା ପରିଷଦର ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ ରବିନାରାୟଣ ଜେଠୀ, ଉପଜିଲାପାଳ ପ୍ରଶାନ୍ତ କୁମାର ତରାଇ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ବିକାଶ କୁମାର ମହାନ୍ତି, ତହସିଲଦାର ବିକାଶ ରଞ୍ଜନଙ୍କ ସମେତ ଜିଲାସ୍ତରୀୟ ଅଧିକାରୀ, କ୍ଷେତ୍ରୀୟ ଅଧିକାରୀମାନେ ଉପସ୍ଥିତ ରହି ଜନସାଧାରଣଙ୍କ ଆପତ୍ତି ଅଭିଯୋଗର ଶୁଣାଣି କରିଥିଲେ।

# ସ୍ମୃତିରଞ୍ଜନ ବେହେରା ହେଲେ ଏମ୍‌ପିଙ୍କ କୁଜଙ୍ଗ ବ୍ଲକ ପ୍ରତିନିଧି

**କୁଜଙ୍ଗ, ୨୭।୫ (ମନୋଜ ପ୍ରଧାନ)**



କୁଜଙ୍ଗ ପଞ୍ଚାୟତ ସମିତିର ପୂର୍ବତନ ଅଧ୍ୟକ୍ଷ ସ୍ମୃତିରଞ୍ଜନ ବେହେରାଙ୍କୁ ଜଗତ୍‌ସିଂହପୁର ଏମ୍‌ପି ଡ. ବିଭୁ ପ୍ରସାଦ ତରାଇ କୁଜଙ୍ଗ ବ୍ଲକ ପ୍ରତିନିଧିଭାବେ ନିଯୁକ୍ତି ଦେଇଛନ୍ତି। ଏନେଇ ଏମ୍‌ପି ତରାଇ ଜଗତ୍‌ସିଂହପୁର ଜିଲାପାଳ ଜେ.ସୋନାଲଙ୍କୁ ପତ୍ର ମାଧ୍ୟମରେ ଜଣାଇଛନ୍ତି। ସ୍ମୃତି ରଞ୍ଜନ ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ଡା. ଦାମୋଦର ରାଉତଙ୍କ ଏକାନ୍ତ ଅନୁଗତ ଥିଲେ। ସେ ବିଜେଡି ଓ ଦାମବାବୁଙ୍କ ଆଶ୍ରୀର୍ବାଦରେ ୨୦୧୭ରୁ ୨୨ ପର୍ଯ୍ୟନ୍ତ କୁଜଙ୍ଗ ପଞ୍ଚାୟତରୁ ସମିତି ସଭ୍ୟ ଭାବେ ନିର୍ବାଚିତ ହୋଇ ପଞ୍ଚାୟତ ସମିତି ଅଧ୍ୟକ୍ଷ ହୋଇଥିଲେ। ୨୦୨୪ ସାଧାରଣ ନିର୍ବାଚନ ଅବ୍ୟବହିତ ପୂର୍ବରୁ ବିଜେଡି ଛାଡ଼ି ଭାଜପାରେ ସାମିଲ ହୋଇଥିଲେ।



ପାରାଦୀପ ଉପକୂଳ ଭିତରଗଡାରେ ଏକ କମ୍ପାନୀ ସମ୍ପ୍ରସାରଣ ପାଇଁ ବଟ ନଦୀରେ ବାଲି ପକେଇ ପୋତାଯାଉଛି। (ଫଟୋ-ଶରତ ରାଉତ)

# କୁଜଙ୍ଗ ବଜାରର ଆବର୍ଜନା କୁଣ୍ଡ ପାଲଟିଛି ତାଳଦଣ୍ଡା କେନାଲ

**କୁଜଙ୍ଗ, ୨୭।୫ (ମନୋଜ ପ୍ରଧାନ)**

- କେନାଲ ଶଯ୍ୟା ପୋତିହୋଇ ଚାଲିଛି
- ସେତୁକୁ ସଂଯୋଗ କରୁଥିବା ରାସ୍ତାରେ ଆବର୍ଜନା, ଯାତାୟାତ ଠପ



ଆବର୍ଜନା ପରିପୂର୍ଣ୍ଣ ହୋଇଥିବା ତାଳଦଣ୍ଡା କେନାଲ ସେତୁ ରାସ୍ତା।

କୁଜଙ୍ଗଠାରେ ତାଳଦଣ୍ଡା କେନାଲ ପାଲଟିଛି ବ୍ୟବସାୟୀଙ୍କ ଆବର୍ଜନା କୁଣ୍ଡ। ବଜାରର ସମସ୍ତ ଆବର୍ଜନାକୁ ବ୍ୟବସାୟୀମାନେ ଏଠାରେ ପକାଇ କେନାଲଶଯ୍ୟା ପୋତି ଚାଲିଥିବାବେଳେ ଜଳସମ୍ପଦ ବିଭାଗ ଦେଖି ନ ଦେଖିଲା ଭଳି ରହୁଛି। ପ୍ରତିବର୍ଷ ବର୍ଷା ଆସିଲେ ବିଭାଗ ପକ୍ଷରୁ ଲକ୍ଷାଧିକ ଟଙ୍କା ବ୍ୟୟରେ ନାମକୁମାତ୍ର ସଫେଇ ହେଉଛି। ହେଲେ ପୋତିହୋଇ ଚାଲିଥିବା ସ୍ଥାନ ପ୍ରତି ଦୃଷ୍ଟିପଡୁନାହିଁ। ଏନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି।

୧୯୮୭ରେ କୁଜଙ୍ଗଠାରେ ତାଳଦଣ୍ଡା କେନାଲ ଉପରେ ଏକ ସେତୁ ନିର୍ମାଣ କରାଯାଇଥିଲା। ଉକ୍ତ ସେତୁ ପ୍ରତିଷ୍ଠା ପରେ କେନାଲର ଉତ୍ତର ପାର୍ଶ୍ୱରେ ଥିବା କୁଜଙ୍ଗ ପଞ୍ଚାୟତର ଭଣ୍ଡୁଆ ଗ୍ରାମ ସିଧାସଳଖ ସ୍ଥାନୀୟ ବଜାର ସହ ଯୋଡ଼ି ହୋଇଯାଇଛି। ଅନ୍ୟପଟେ ଧୋୟା ଅଞ୍ଚଳ ରୂପେ ପରିଚିତ ଜିଲାନାସୀ ପଞ୍ଚାୟତର ଅଧିବାସୀଙ୍କୁ କେବଳ ମହାନଦୀ ପାର ହେବାକୁ ପଡୁଛି। ଜିଲାନାସୀ ଏକ ପରିବା ଚାଷ ଅଞ୍ଚଳ ଭାବେ ଜଣାଶୁଣା। ଏହି ପଞ୍ଚାୟତର ଚାଷୀମାନେ ନଦୀ ପାର ହୋଇ ସୁରୁଖୁରୁରେ ସେମାନଙ୍କ ପରିବା ଓ ଅନ୍ୟାନ୍ୟ କୃଷିଜାତ ସାମଗ୍ରୀ ବଜାରକୁ ଆଣିବା ଲାଗି ଲକ୍ଷାଧିକ ଟଙ୍କା ବ୍ୟୟରେ ପୋଲ ନିର୍ମାଣ କରାଯାଇଥିଲା। ଆହୁରି ମଧ୍ୟ ବଜାରର କ୍ରମବର୍ଦ୍ଧିଷ୍ଣୁକୁ ଆଖିଆଗରେ ରଖି କେନାଲର ଉତ୍ତର ପାର୍ଶ୍ୱ ବନ୍ଧକୁ ଲାଗି ବଜାର ସୃଷ୍ଟି ପାଇଁ ଲକ୍ଷ୍ୟ ରଖାଯାଇଥିଲା। ବର୍ତ୍ତମାନ ସେଠାରେ କୃଷକ ବଜାର ନିମନ୍ତେ ମାର୍କେଟ କମ୍ପ୍ଲେକ୍ସ ଥିବାବେଳେ ମାଛ, ମାଂସର ବଜାର ଚାଲିଛି। ଅପରପକ୍ଷେ ଭାରିଯାନ ଯାତାୟାତ ଉପଯୋଗୀ ପୋଲ ଏବେ ଯାତାୟାତ ଅନୁପଯୋଗୀ ହୋଇପଡ଼ିଛି। ପୋଲର ସଂଯୋଗସ୍ଥଳରୁ ପଥର ଖସିଯାଇଥିବାବେଳେ ସଂଯୋଗ ରାସ୍ତା ନଷ୍ଟହେବା ସାଙ୍ଗକୁ ଆବର୍ଜନାରେ ଭର୍ତ୍ତି ହୋଇଯାଇଛି। ପୋଲଠାରୁ ପୂର୍ବକୁ କେନାଲ ଶଯ୍ୟା ଦୀର୍ଘ ୫୦ ମିଟରରୁ ଊର୍ଦ୍ଧ୍ୱ ଆବର୍ଜନାରେ ପୋତିହୋଇଯାଇଛି। ଫଳରେ ଉକ୍ତ ରାସ୍ତାରେ ଯାତାୟାତ ଏକପ୍ରକାର ଠପ୍ ହୋଇଯାଇଛି। ପୋଲକୁ ସଂଯୋଗ କରୁଥିବା ରାସ୍ତାର ଆରମ୍ଭରେ ଜେଏସ୍‌ଡବ୍ଲ୍ୟୁ ପକ୍ଷରୁ ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରାଯାଇ ଏକ ସ୍ମାର୍ଟଷ୍ଟପ୍ କେନ୍ଦ୍ର ନିର୍ମାଣ କରାଯାଇଛି। ଏଠାରେ ପଥଚାରୀମାନଙ୍କ ପାଇଁ ଆଧୁନିକ ଶୌଚାଳୟ ବ୍ୟବସ୍ଥା ଥିବାବେଳେ ବିଶ୍ରାମ କକ୍ଷ ଓ ସ୍ନାକ୍‌ସ ବାର୍ ରହିଛି। ହେଲେ ଆବର୍ଜନା ଯୋଗୁ ପୂତି ଗନ୍ଧମୟ ପରିବେଶ ସୃଷ୍ଟି ହୋଇଛି। ଯେଉଁ ପଥଚାରୀ ଗାଡ଼ି ଅଟକାଇ ସ୍ମାର୍ଟ ଷ୍ଟପ୍‌କେନ୍ଦ୍ରକୁ ଯାଉଛନ୍ତି ଭିତରକୁ ନ ଯାଇ ନାକରେ ରୁମାଲ ଦେଇ ଫେରୁଛନ୍ତି। କିନ୍ତୁ ଜଳସମ୍ପଦ ବିଭାଗ ଏଥିପ୍ରତି ଦୃଷ୍ଟି ନ ଦେଇ ନାମକୁ ମାତ୍ର ସଫେଇ କରୁଛି।

ଏ ସମ୍ପର୍କରେ କୁଜଙ୍ଗ ଜଳସମ୍ପଦ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀ ଦାୟିତ୍ୱରେ ଥିବା ସହକାରୀ ଯନ୍ତ୍ରୀ ଦେବାଶିଷ ମହାନ୍ତିଙ୍କ ଦୃଷ୍ଟି ଆକର୍ଷଣ କରିବାରେ ସେ କହିଥିଲେ, ସଫେଇ ପାଇଁ ଟେଣ୍ଡର ହୋଇଛି, ଖୁବ୍‌ଶୀଘ୍ର ସଫାହେବ। ଅନ୍ୟପଟେ ପୋଲ ମରାମତି ସହ ସେତୁକୁ ସଂଯୋଗ କରୁଥିବା ରାସ୍ତାଠାରୁ ଶନି ମନ୍ଦିର ପର୍ଯ୍ୟନ୍ତ କେନାଲ ବନ୍ଧ ରାସ୍ତା ପିଚୁ କରାଯିବ। ଏହାଛଡ଼ା କୁଜଙ୍ଗ ବଜାର ଅଞ୍ଚଳ କେନାଲ ଉପରେ ଛାତ ପକାଯାଇ ବ୍ୟବହାର କରିବା ପାଇଁ ବିଭାଗର ଯୋଜନା ରହିଛି। ସେଥିପାଇଁ ସରକାର ଅର୍ଥ ମଞ୍ଜୁର କଲେ ନିର୍ମାଣ ହେବ ବୋଲି ମହାନ୍ତି କହିଥିଲେ। ଆବର୍ଜନା ପଡ଼ି କେନାଲ ଶଯ୍ୟା ପୋତିହେବା ସାଙ୍ଗକୁ ବହୁଳମାତ୍ରାରେ ଜଳ ଓ ପରିବେଶ ପ୍ରଦୂଷଣ ହେବା ସମ୍ପର୍କରେ ସହକାରୀ ଯନ୍ତ୍ରୀ ଏହା ରୋକିବା ଦାୟିତ୍ୱ ପ୍ରଶାସନର କହି ନିଜ ମୁଣ୍ଡରୁ ଦୋଷ ଖସାଇ ଦେଇଥିଲେ। ଏଭଳି ସ୍ଥିତିରେ ଆଗକୁ କେନାଲ ପ୍ରକୃତରେ ସଫେଇ କରାଯାଉଛି କି ନାହିଁ ତାହା ଦେଖିବାକୁ ବାକି ରହିଲା।

# ପୂଜକ ଓ ସୁଆର ସେବକଙ୍କ ଦୈନିକ ପ୍ରାପ୍ୟ ୫ଶହ ଟଙ୍କା ବୃଦ୍ଧି

ଓଡ଼ଗାଁ,୨୭।୫(ଆଦର୍ଶ କୁମାର ପଟ୍ଟନାୟକ )

ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଅଧ୍ୟକ୍ଷଙ୍କ କାର୍ଯ୍ୟାଳୟରେ ଯୁଗ୍ମ ଅଭିଯୋଗ ଶୁଣାଣି ଉପାରନ୍ତେ ଓଡ଼ଗାଁରେ ବିଜେ ଶ୍ରୀରଘୁନାଥ ଜିଉଙ୍କ ମନ୍ଦିର ପରିଚାଳନା ସମ୍ପର୍କିତ ସମସ୍ୟାକୁ ନେଇ ଏକ ମିଳିତ ବୈଠକ ମଙ୍ଗଳବାର ଅନୁଷ୍ଠିତ ହୋଇଥିଲା ।ଅଧ୍ୟକ୍ଷ ଲୋକନାଥ ସାହୁଙ୍କ ଉପସ୍ଥିତିରେ ପୂଜକ ଓ ସୁଆର ସେବକ ପରିଷଦର କାର୍ଯ୍ୟକର୍ତା ଏବଂ ଦେବୋତ୍ତର ବିଭାଗ ଅଧିକାରୀମାନଙ୍କୁ ନେଇ ବୈଠକ ଅନୁଷ୍ଠିତ ହୋଇଥିବା ବେଳେ ଏଥିରେ ନୟାଗଡ଼ ଜିଲ୍ଲା ପରିଷଦ ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ଲଗ୍ନଜିତ୍ ରାଉତ, ଜିଲ୍ଲା ଦେବୋତ୍ତର କାର୍ଯ୍ୟ ନିର୍ବାହୀ ଅଧିକାରୀ ତଥା ଉପଜିଲାପାଳ କର୍ଣ୍ଣଦେବ ସମାଦ୍ଦାର, ଓଡ଼ଗାଁ ତହସିଲଦାର ଡ. ମାନସ ରଞ୍ଜନ ଭୋଇ, ବିଡିଓ ଜିତେନ୍ଦ୍ର କୁମାର ନାୟକ,ଜିଲ୍ଲା ଦେବୋତ୍ତର ମ୍ୟାନେଜର ତାପସ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ପୂଜକ ଓ ସୁଆର ସେବକଙ୍କ ତରଫରୁ ଦିଆଯାଇଥିବା ପ୍ରସ୍ତାବ ଉପରେ ଆଲୋଚନା କରିଥିଲେ। ନିଷ୍ପତ୍ତି ଅନୁସାରେ ପୂଜକ ଓ ସୁଆର ସେବକଙ୍କ ଦୈନିକ ପ୍ରାପ୍ୟ ୧୪୦ ଟଙ୍କାରୁ ୫ଶହ ଟଙ୍କାକୁ ବୃଦ୍ଧି କରିବା ନେଇ ସହମତି ପ୍ରକାଶ ପାଇଥିଲା । ରତ୍ନ ସିଂହାସନ ରୁପା ଛାଉଣୀ ପାଇଁ ବ୍ୟୟ ଅଟକଳ କରିବା ଏବଂ ଦର୍ଶନୀ ଗମ୍ଭିରାରେ ଶୀତତାପ ନିୟନ୍ତ୍ରିତ ଯନ୍ତ୍ରପାତି ଲାଗିବା ନିମନ୍ତେ ସ୍ଥିର ହେଲା। ଦୀର୍ଘଦିନ ହେଲା ମନ୍ଦିର ପରିସରରେ ଅସ୍ଥାୟୀ ଦୋକାନ କରିଥିବା ଦୋକାନୀଙ୍କୁ ସପ୍ତାହ ମଧ୍ୟରେ ସ୍ଥାୟୀ ଦୋକାନ କମ୍ପ୍ଲେକ୍ସକୁ ସ୍ଥାନାନ୍ତର କରିବା ସହିତ ୨୦୧୨ଠାରୁ ହୁଣ୍ଡି ହିସାବ କରିବା, ଖଜା ଦୋକାନୀଙ୍କଠାରୁ ବାକିଆ ଘରଭଡ଼ା ଅସୁଲ ପାଇଁ ମନ୍ଦିର ପ୍ରଶାସନକୁ ନିର୍ଦ୍ଦେଶ ଦିଆଯାଇଥିଲା। ପ୍ରତି ୨ମାସରେ ଥରେ ତହସିଲଦାରଙ୍କ ଅଧ୍ୟକ୍ଷତାରେ ବୈଠକ ବସି ମନ୍ଦିର ସମସ୍ୟାର ସମାଧାନ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା। ଏବଂ ସେବାୟତମାନଙ୍କୁ ବଣ୍ଟନ କରାଯାଇଥିବା ପ୍ଲଟକୁ ଯିବା ନିମନ୍ତେ ରାସ୍ତା ନିର୍ମାଣ ପାଇଁ ଏନଏସି ଅଧିକାରୀ ସମ୍ମତି ପ୍ରକାଶ କରିଥିଲେ। ଏସବୁ ସତ୍ତ୍ୱେ ରୋଷ ଘର ମରାମତ କିମ୍ବା ନିର୍ମାଣ ନ ହେଲେ ବର୍ଷା ଋତୁରେ ପ୍ରସାଦ ପ୍ରସ୍ତୁତିର ସମସ୍ୟା ଉପୁଜିବ ।ଏଥିପ୍ରତି ଧ୍ୟାନ ଦେବାକୁ ସୁଆର ସେବକ ସମସ୍ତଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ।


ଆୟୋଜିତ ବେଠକରେ ପ୍ରଶାସନିକ ଅଧିକାରୀ ଓ ମନ୍ଦିର ପରିଚାଳନା କମିଟି କର୍ମକର୍ତ୍ତା ।

- ସିଂହାସନ ରୁପା ଛାଉଣୀ ପାଇଁ ବ୍ୟୟ ଅଟକଳ
- ୭ଦିନ ମଧ୍ୟରେ ଉଠା ଦୋକାନୀ ସ୍ଥାୟୀ ଗୃହକୁ ଯାଆନ୍ତୁ

# ଜମିବାଡି ବିବାଦକୁ ନେଇ ଦୁର୍ଦ୍ଧୁରାରେ ହତ୍ୟାକାଣ୍ଡ

## ଜଣେ ମୃତ, ୬ ଆହତ

ନୟାଗଡ଼,୨୭।୫(ଲୋକନାଥ ମିଶ୍ର):

ନୟାଗଡ଼ ସଦର ଥାନା ଦୁର୍ଦ୍ଧୁରା ଗାଁରେ ଜମି ବାଡି ବିବାଦକୁ ନେଇ ମଙ୍ଗଳବାର ଅପରାହ୍ନରେ ହତ୍ୟାକାଣ୍ଡ ଘଟିଛି। ଦୁଇ ପରିବାର ମଧ୍ୟରେ ଡେଙ୍ଗା ଓ ମାରଣାସ୍ତ୍ରରେ ଆକ୍ରମଣ ଯୋଗୁ ଅନ୍ତରା ବାଡତିଆ(୪୨) ଓରଫ ବାବୁଙ୍କ ମୃତ୍ୟୁ ହୋଇଛି । ଅନ୍ୟପକ୍ଷେ ଉଭୟ ପକ୍ଷର ୬ଜଣ ଆହତ ହୋଇଥିଲେହେଁ ଭ୍ରମର ବାଡତିଆ(୬୦) ଓ ଅମର ବାଡତିଆ (୩୦)ଙ୍କ ଅବସ୍ଥା ଗୁରୁତର ରହିଛି। ଉଭୟଙ୍କୁ ନୟାଗଡ଼ ଜିଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ଅବସ୍ଥାରେ ଉନ୍ନତି ନ ଆସିବାରୁ ସେମାନଙ୍କୁ ଭୁବନେଶ୍ୱର ସ୍ଥାନାନ୍ତର କରାଯାଇଛି ।

ସୂଚନା ଅନୁଯାୟୀ, ଦଦା ଓ ବଡବାପା ପୁଅ ଭାଇଙ୍କ ମଧ୍ୟରେ ଜମିବାଡି ବିବାଦ କିଛି ଦିନ ହେଲା ଲାଗି ରହିଥିଲା । ମଙ୍ଗଳବାର ଅପରାହ୍ନ ପ୍ରାୟ ୪ଟାରେ ଦୁଇ ଭାଇ ଅନ୍ତରା ବାଡତିଆ ଓ ଅମର ବାଡତିଆ (୩୦) ଏବଂ ଭ୍ରମର ବାଡତିଆ ଓ ଦୁଃଖୀ ବାଡତିଆଙ୍କ ପରିବାର ମଧ୍ୟରେ ବିବାଦ ଉଗ୍ରରୂପ ନେଇଥିଲା । ଗାଁଲୋକଙ୍କ ହସ୍ତକ୍ଷେପ ପରେ ବିବାଦ ଥମିଥିଲା । ତେବେ ଭ୍ରମର ଓ ଦୁଃଖୀଙ୍କ ପୁଅମାନେ ଆସିବା ପରେ ପୁଣି ଅଧ ଘଣ୍ଟାଏ ପରେ ବିବାଦ ବଢ଼ିଥିଲା । ଦୁଇ ପରିବାର ମଧ୍ୟରେ ଲାଗି ରହିଥିବା ବିବାଦ ଉଗ୍ରରୂପ ନେଇଥିଲା । ଏଥିରେ ଅନ୍ତରାଙ୍କ ମୃତ୍ୟୁ ହୋଇଥିବାବେଳେ ଦୁଃଖୀ ଓ ଅମରଙ୍କ ଅବସ୍ଥା ଗୁରୁତର ରହିଛି । ଅଭିଯୋଗ ପରେ ନୟାଗଡ଼ ସଦର ଥାନା ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ଜିଲା ମୁଖ୍ୟ ଚିକିତ୍ସାଳୟରେ ରଖିଛି। ବୁଧବାର ମୃତଦେହ ବ୍ୟବଚ୍ଛେଦ କରାଯିବ । ଏ ନେଇ ପୋଲିସ ଏକ ମାମଲା(ନଂ.୧୪୯/୨୫) ରୁଜୁ କରିଛି। ନୟାଗଡ଼ ସଦର ଥାନା ଆଇଆଇସି ଶରତ ଚନ୍ଦ୍ର ସେଠୀ ଓ ନୟାଗଡ଼ ଏସ୍‌ଡିପିଓ ଜ୍ୟୋତି ରଞ୍ଜନ ସାମନ୍ତରାୟ ଘଟଣାର ତଦନ୍ତ ଆରମ୍ଭ କରିଛନ୍ତି ।

# କପିଳେଶ୍ୱର ମହାଦେବଙ୍କ ବାର୍ଷିକ ଉତ୍ସବ


କଳସ ଶୋଭାଯାତ୍ରାରେ ସାମିଲ ହୋଇଥିବା ଜନପ୍ରତିନିଧି ଓ ଅନ୍ୟମାନେ ।

ଦଶପଲ୍ଲା,୨୭।୫( ପ୍ରକାଶ କୁମାର ପାଣି) ମଙ୍ଗଳବାର ଦଶପଲ୍ଲା ବ୍ଲକ ଶିମିଳିସାହି ପଞ୍ଚାୟତ ଦେଢ଼ଶରଠାରେ ବାବା କପିଳେଶର ମହାଦେବଙ୍କ ୩ୟ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥି ନିମନ୍ତେ ଦଶପଲ୍ଲାର ଆରାଧ୍ୟଦେବୀ ମା ଶୁଲୁକୁଟୀଙ୍କ ପୀଠ ନିକଟ କୁଆଁରିଆ ନଦୀରୁ କଳସରେ ଜଳଧରି ଭକ୍ତମାନେ କଳସ ଶୋଭାଯାତ୍ରାରେ ବାହାରି ନଗର ପରିକ୍ରମା କରି ବାବା କପିଳେଶର ଶୈବପୀଠରେ ପହଞ୍ଚିଥିଲେ। ଏହି ଶୋଭାଯାତ୍ରାରେ ୧୦୦୦ ରୁ ଊର୍ଦ୍ଧ୍ୱ ମହିଳା ଏବଂ ପୁରୁଷ ଭକ୍ତ ଯୋଗ ଦେଇଥିଲେ। ଏହି ଉତ୍ସବରେ ଦଶପଲା ବିଧାୟକ ରମେଶ ଚନ୍ଦ୍ର ବେହେରା, ନୟାଗଡ଼ ଜିଲା ପରିଷଦ ଅଧ୍ୟକ୍ଷ ଇଂ. ଦେବାଶିଷ ପଟ୍ଟନାୟକ, ଦଶପଲା ବ୍ଲକ ଅଧ୍ୟକ୍ଷା ସୁନନ୍ଦା ସାହୁ, ଏନଏସି ଅଧ୍ୟକ୍ଷା ଇଂ. ପୁନମ ପ୍ରିୟଦର୍ଶିନୀ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଉପେନ୍ଦ୍ର କୁମାର ସାହୁ, ୧୧ ନଂ. ଜୋନର ଜିଲା ପରିଷଦ ବସନ୍ତ ପ୍ରଧାନଙ୍କ ସମେତ ସମସ୍ତ ସରପଞ୍ଚ, ସମିତି ସଭ୍ୟ, କାଉନସିଲର, ବିଜେଡିର ସକ୍ରିୟ କର୍ମୀ ଓ ସମସ୍ତ ଜନ ପ୍ରିତିନିଧି ଯୋଗ ଦେଇଥିଲେ।

# ପରିତ୍ୟକ୍ତ ସରନାଳକୁ ନେଇ ଚିନ୍ତା

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)

ଦୀର୍ଘ ବର୍ଷରୁ ଅକୁରାବନ୍ଧ ଗାଁ ମୁଣ୍ଡରେ ଥିବା ସର ନାଳଟି ରକ୍ଷଣାବେକ୍ଷଣ ଅଭାବରୁ ପରିତ୍ୟକ୍ତ ଅବସ୍ଥାରେ ପଡି ରହିଛି । ପାଣି ଉପରେ ଦଳ, ଘାସ ଓ ମେଘ ଡ଼ମ୍ବରୁ ଗଛର ଏକ ଆସନ୍ତରଣ ଜମି ଏହା ଏକ ଖେଳ ପଡିଆର ଭ୍ରମ ସୃଷ୍ଟି କରୁଛି । ଏହି ସରନାଳ ଉପରେ ଅକୁରାବନ୍ଧ, ବଳରାମପ୍ରସାଦ, ଘୋଡାମାରିଦ୍ୱାର ଓ ସିଧାମୂଳାବାସୀ ସ୍ନାନ ଶୌଚାଦି ପାଇଁ ନିର୍ଭର କରୁଥିବା ବେଳେ ଏହି ନାଳ ଏବେ ମଶା ଡ଼ାଉଁଶଙ୍କ ଏନ୍ତୁଡ଼ିଶାଳ ପାଲଟିଛି। ଫଳରେ ଏହି ପରିତ୍ୟକ୍ତ ସରନାଳଟି ଅଞ୍ଚଳବାସୀଙ୍କ ଚିନ୍ତା ବଢାଇଛି ।

ପ୍ରକାଶ ଯେ, ସିଧାମୂଳା ପଞ୍ଚାୟତ ଅଧୀନ ବଳରାମପ୍ରସାଦ ଗ୍ରାମର୧୪୧୪ ପ୍ଲଟରେ ୧୭.୬୩ ଏକର, ୬୨୯ ଖାତା ୬୯୫ ନଂ.ପ୍ଲଟରେ ଥିବା ୧୧.୫୬ ଏକର ପରିମିତରେ ଅକୁରାବନ୍ଧ ସରନାଳଟି ଅବସ୍ଥିତ । ସିଧାମୂଳା ପଞ୍ଚାୟତ ସରହଦରେ ଥିବା ଏହି ବୃହତ୍ ଜଳାଶୟରେ ଗ୍ରାମରେ କୌଣସି ବନ୍ଧ କିମ୍ବା ପୋଖରୀ ନ ଥିବାରୁ ସିଧାମୂଳା, ଘୋଡାମାରୀଦ୍ୱାର ଓ ବଳରାମ ପ୍ରସାଦ ଗ୍ରାମର ୩ ହଜାରରୁ ଊର୍ଦ୍ଧ୍ୱ ଜନସାଧାରଣ ସ୍ନାନ,ଶୌଚାଦି କାର୍ଯ୍ୟ ପାଇଁ ଏହି ନାଳ ଉପରେ ନିର୍ଭର କରିଥାଆନ୍ତି । ଏହାଛଡା ସଂପୃକ୍ତ ଅଞ୍ଚଳର ଗାଈ, ଗୋରୁ, ମେଣ୍ଢା, ମଇଁଷି ଆଦି ଗୃହ ପାଳିତ ପଶୁ ମଧ୍ୟ ପାଣି ପିଇବା ଓ ଗାଧୋଇବା ଆଦି କାର୍ଯ୍ୟ ପାଇଁ ଏହା ଉପରେ ନିର୍ଭର କରୁଥିଲେ । ଚାଷୀମାନେ ଜମି ବାଡ଼ିରେ କାମ ସାରି ଏହି ସରରେ ଗାଧୋଉ ଥିଲେ । ମାତ୍ର ସରନାଳଟି କ୍ରମଶଃ ମେଘ ଡ଼ମ୍ବରୁ ଦଳ ଓ ବିଭିନ୍ନ ଅନାବନା ଗଛରେ ଭରପୁର ହୋଇଯିବାରୁ ଏହା ଭିତରକୁ ପଶିବା ଅସମ୍ଭବ ହୋଇ ପଡୁଛି । ଏହି ଦଳପୂର୍ଣ୍ଣ ସରନାଳରେ ଏବେ ସ୍ନାନ ଶୌଚାଦି ସମ୍ପନ୍ନ କରିବା ବିପଦପୂର୍ଣ୍ଣ ହୋଇଛି । ଏଠି ସନ୍ଧ୍ୟା ହେଲେ ସ୍ଥାନୀୟ ଲୋକେ ଅଧିକ ଭୟ କରୁଛନ୍ତି । ଏହି ସରରେ ବହୁ ସଂଖ୍ୟାରେ ସରୀସୃପ ରହିଛନ୍ତି ବୋଲି ଗ୍ରାମର ବିଜୟ କୁମାର ସାହୁ, ଜୟକୃଷ୍ଣ ସ୍ୱାଇଁ, ଗୋଲଖ ଲେଙ୍କା, ନାରାୟଣ ରାଉତ, ସନାତନ ଲେଙ୍କା, ଘନଶ୍ୟାମ ମିଶ୍ର, ସିଧାମୂଳା ଗ୍ରାମର ଅବସରପ୍ରାପ୍ତ ଶିକ୍ଷକ ଗଙ୍ଗାଧର ଷଡଙ୍ଗୀ, ମହେଶ୍ୱର ରଣା, ସୁଦର୍ଶନ ମନ୍ତ୍ରୀ ପ୍ରମୁଖ କହିଛନ୍ତି। ଫଳରେ ଜଳାଶୟ ମଧ୍ୟକୁ ସାଧାରଣ ମଣିଷ କ'ଣ ଗୋରୁ ଗାଈ ମଧ୍ୟ ପଶିବାକୁ ଭୟ କରୁଛନ୍ତି । ଉକ୍ତ ଜଳାଶୟର ପୁନରୁଦ୍ଧାରର ଆବଶ୍ୟକତା ରହିଛି । ଏହି ସରନାଳର ପୁନରୁଦ୍ଧାର ନିମନ୍ତେ ଖଣ୍ଡପଡା ବିଧାୟକ ଦୁଷ୍ମନ୍ତ କୁମାର ସ୍ୱାଇଁ ଦେଇଥିବା ପ୍ରତିଶ୍ରୁତିକୁ ସ୍ଥାନୀୟ ଅଞ୍ଚଳବାସୀ ଅପେକ୍ଷା କରିଛନ୍ତି।


ଦଳ ଓ ବିଭିନ୍ନ ଗଛରେ ଭର୍ତ୍ତି ସରନାଳ ।

# ମାଛ ଧରିବା ପାଇଁ ବନ୍ଧରୁ ପାଣି ନିଷ୍କାସନ

ନୟାଗଡ଼,୨୭।୫(ଲୋକନାଥ ମିଶ୍ର):

ଗ୍ରୀଷ୍ମ ଋତୁରେ ମାଛ ଧରିବା ପାଇଁ ନୟାଗଡ ବ୍ଲକ ଘଡୁଆଳ ପଞ୍ଚାୟତର ଆଡକଟା ବନ୍ଧରୁ ସଟର ଯୋଗେ ପାଣି ନିଷ୍କାସନ କରିବା ଘଟଣା ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି । ବନ୍ଧରୁ ପାଣି ନିଷ୍କାସନ ପରେ ବନ୍ଧରେ ପାଣି ସଙ୍କଟ ଦେଖା ଦେବାରୁ ସ୍ଥାନୀୟ ନୂଆ ଘଡୁଆଳ ଲୋକ ସ୍ନାନ କରିବାରେ ହଇରାଣ ହେଉଛନ୍ତି । ପୁଣି ବନ୍ଧରେ ପାଣି ନ ଥିବାରୁ ଫସଲ ପାଇଁ ଜଳସେଚନ ବ୍ୟବସ୍ଥା କରିବା ସମ୍ଭବ ହେଉ ନାହିଁ। ଜଳସେଚନ ଓ ଲୋକଙ୍କ ସୁବିଧା ପାଇଁ କରାଯାଇଥିବା ବନ୍ଧ ମାଛ ଚାଷ ପାଇଁ ବ୍ୟହାର କରାଯାଇ ପ୍ରତ୍ୟେକ ଗ୍ରୀଷ୍ମ ଋତୁରେ ପାଣି ବାହାର କରିବା ଘଟଣାକୁ ନେଇ ଉଦ୍‌ବେଗ ଓ ଅସନ୍ତୋଷ ପ୍ରକାଶ ପାଇଛି ।

# ଖଣ୍ଡପଡ଼ା ଏନ୍‌ଏସି ଦାୟିତ୍ୱରେ ରହିଲେ ବିଡିଓ

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)–ଖଣ୍ଡପଡ଼ା ଏନଏସି କାର୍ଯ୍ୟ ନିର୍ବାହୀ ଅଧିକାରୀ ନିରଞ୍ଜନ କୁମାର ଧଳ ଜଣେ ଠିକାଦାରଙ୍କଠାରୁ ୨୦ ହଜାର ଟଙ୍କା ଲାଞ୍ଚ ନେବା ବେଳେ ଗତ ୧୬ ତାରିଖ ସନ୍ଧ୍ୟାରେ ଭୁବନେଶ୍ୱର ଭିଜିଲାନ୍ସ ଟିମ ହାତରେ ଧରାପଡି ଜେଲ ଯାଇଛନ୍ତି । ଫଳରେ ଏନଏସି କାର୍ଯ୍ୟ ନିର୍ବାହୀ ଅଧିକାରୀ ପଦ ଖାଲି ପଡିଥିଲା । ଖଣ୍ଡପଡ଼ା ଏନଏସି କାର୍ଯ୍ୟାଳୟ ସୁପରିଚାଳନା ନିମନ୍ତେ ଜିଲା ପ୍ରଶାସନର ନିର୍ଦ୍ଦେଶକ୍ରମେ ଖଣ୍ଡପଡ଼ା ବିଡିଓ ଅଙ୍କୁର ଅଭିଳାଷଙ୍କୁ ଏବେ କାର୍ଯ୍ୟ ନିର୍ବାହୀ ଅଧିକାରୀ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଥିବା ପ୍ରଶାସନ ସୁତ୍ରରୁ ଘୋଷଣା କରାଯାଇଛି ।

# ୧ମାସ ପରେ ବି ପୋଲିସକୁ ମିଳୁନି ଟେର

## ବସରୁ ନିଖୋଜ ହୋଇଗଲେ ଶ୍ରମିକ

ନୟାଗଡ଼,୨୭।୫(ଲୋକନାଥ ମିଶ୍ର):ନୟାଗଡ଼ ଜିଲା ଓଡ଼ଗାଁ ବ୍ଲକ୍ କୁରୁମବାଙ୍କତରା ଗାଁର ୪୫ ବର୍ଷିୟ ରମେଶ ବରାଡ ନାମକ ଜଣେ ଶ୍ରମିକ ବସ୍‌ରେ ଘରକୁ ଫେରୁଥିଲେ । ହେଲେ ବାଟରେ ନିଖୋଜ ହୋଇ ଯାଇଥିଲେ। ଇତିମଧ୍ୟରେ ମାସେ ବିତିଲାଣି । ହେଲେ ତାଙ୍କ ପତ୍ତା ମିଳୁନି । ପୋଲିସ ତନାଘନା ଚଳାଇଛି । ହେଲେ କୌଣସି ସଫଳତା ମିଳିନାହିଁ ବୋଲି ଅଭିଯୋଗ ହୋଇଛି ।

ନିଖୋଜ ଖବର ପରେ ତାଙ୍କ ପରିବାରରେ ଚୁଲି ଜଳୁନି । ପରିବାର ଲୋକେ ୧ମାସ ହେଲା ଖୋଜାଖୋଜି ଜାରି ରଖିଛନ୍ତି । ଓଡଗାଁ ଥାନା କୁରୁମବାଙ୍କତରା ଗାଁରେ କୃଷ୍ଣଚନ୍ଦ୍ର ବରାଡଙ୍କ ଅଭିଯୋଗ ଅନୁଯାୟୀ ସେ ରାୟଗଡା ଜିଲା ଆମ୍ବଦଲା ଥାନା ଲାକଡାଖୋଲା ଗାଁରେ ରହି ଆସୁଛନ୍ତି। ଲାକଡାଖୋଲା ଗାଁରେ ସରକାରଙ୍କ ଏକ ମେଗା ପାନୀୟ ଜଳ ପ୍ରକଳ୍ପ କାମ ଚାଲୁ ଅଛି । ସେହି ପ୍ରକଳ୍ପରେ ସେ ମିସ୍ତ୍ରୀ ଭାବେ କାମ କରୁଥିବାବେଳେ ବଡ଼ବାପା ପୁଅ ଭାଇ ରମେଶ ବରାଡ ଶ୍ରମିକ ଭାବେ କାମ କରୁଥିଲେ । ଗତ ଏପ୍ରିଲ ୨୮ ତାରିଖରେ ଅମ୍ବାଦୋଳାଠାରୁ ବସ ଯୋଗେ ରମେଶ ଘରକୁ ଯାଉଥିଲେ । ମୁନିଗୁଡା ଦେଇ ବସ ଆସୁଥିଲା । ହେଲେ ବସରୁ ରମେଶ କେଉଁଆଡେ ଗଲେ ସନ୍ଧାନ ମିଳୁନି । ତାଙ୍କୁ କିଏ ଅପହରଣ କରିଛନ୍ତି ନାଁ ଆଉ କିଛି ଘଟଣା ଘଟିଛି ତାହା ରହସ୍ୟାବୃତ୍ତ ହୋଇ ରହିଛି । ଏନେଇ ଆମ୍ବଦଲା ଥାନାରେ ଅଭିଯୋଗ ହୋଇଛି । ସେପଟେ ରମେଶଙ୍କ ସ୍ତ୍ରୀ ଓଡ଼ଗାଁ ଥାନାରେ ଅଭିଯୋଗ କରିଛନ୍ତି ।

# ବରିଷ୍ଠ ଖବରଦାତାଙ୍କୁ ଆକ୍ରମଣ ଘଟଣା, ଖଣ୍ଡପଡ଼ା ସଂଘର ନିନ୍ଦା

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)

ବଲାଙ୍ଗୀର ଅଞ୍ଚଳରେ କାର୍ଯ୍ୟରତ ବରିଷ୍ଠ ଖବରଦାତା ବିଜୟ ପ୍ରଧାନଙ୍କୁ ମରଣାନ୍ତକ ଆକ୍ରମଣ ଘଟଣାକୁ ନେଇ ଉଦ୍‌ବେଗ ପ୍ରକାଶ କରିଛନ୍ତି ଖଣ୍ଡପଡା ଅଞ୍ଚଳରେ କାର୍ଯ୍ୟରତ ଗଣମାଧ୍ୟମ ପ୍ରତିନିଧି ମାନେ । ଏଭଳି ଘଟଣା ଅତ୍ୟନ୍ତ ନିନ୍ଦନୀୟ ବୋଲି ବରିଷ୍ଠ ଖବରଦାତାମାନେ ମତ ଦେବା ସହ ଗଣମାଧ୍ୟମର କଣ୍ଠରୋଧ ପାଇଁ ଅସାମାଜିକ ଯୁବକମାନେ ଏଭଳି କାଣ୍ଡ ଘଟାଇଛନ୍ତି । ସେମାନଙ୍କ ବିରୋଧରେ ଆଇନ ଅନୁଯାୟୀ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବରିଷ୍ଠ ଖବରଦାତା ଭବାନୀ ଶଙ୍କର ସିଂହ ସାମନ୍ତ, ରବିନ୍ଦ୍ର ଚନ୍ଦ୍ର ବେହେରା, ସରୋଜ କୁମାର ଚୌଧୁରୀ, ସତ୍ୟ ନାରାୟଣ ସୁରଜଗଦେବ, ମନୋରଞ୍ଜନ ରଥ, ମାନସ ସେଠୀ, ସଂଗ୍ରାମକେଶରୀ ଦେଓ, ଶିବ ନାରାୟଣ ଦାସ, ବାଳକୃଷ୍ଣ ରାଉତ, ସରୋଜ କୁମାର ମିଶ୍ର, ଶୁଭ୍ରାଂଶୁ ମହାରଣା, ସମ୍ବିତ ଭୂଷଣ ସେନାପତି, ଜିତେନ୍ଦ୍ର କୁମାର ସାହୁଙ୍କ ସମେତ ଅନ୍ୟ ଖବରଦାତାମାନେ ଦାବି କରିଛନ୍ତି । ଏଥିପ୍ରତି ରାଜ୍ୟ ପୋଲିସ ମହାନିର୍ଦ୍ଦେଶକ ଦୃଷ୍ଟି ଦେବାକୁ ଦାବି ହୋଇଛି । ଏହି ଘଟଣାରେ ସଂପୃକ୍ତ ଠିକାଦାରଙ୍କ ସମେତ ସମସ୍ତ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରିବାକୁ ଗଣମାଧ୍ୟମ ପ୍ରତିନିଧିମାନେ ଦାବି କରିଛନ୍ତି। ମୁଖ୍ୟମନ୍ତ୍ରୀ ଉକ୍ତ ଘଟଣାରେ ହସ୍ତକ୍ଷେପ କରିବାକୁ ସାମ୍ବାଦିକ ସଂଘର ସଦସ୍ୟମାନେ ନିବେଦନ କରିଛନ୍ତି।

# ଜିଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର

ଓଡ଼ଗାଁ,୨୭।୫(ଆଦର୍ଶ କୁମାର ପଟ୍ଟନାୟକ):

ନୟାଗଡ଼ ଜିଲା ଓଡ଼ଗାଁ ପଞ୍ଚାୟତ ସମିତି ପରିସରରେ ମଙ୍ଗଳବାର ବ୍ଲକସ୍ତରୀୟ ଯୁଗ୍ମ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲାପାଳଙ୍କ ଅନୁପସ୍ଥିତିରେ ମୁଖ୍ୟ ଉନ୍ନୟନ ଅଧିକାରୀ ଏବଂ ନିର୍ବାହୀ ଅଧିକାରୀ ଜିଲା ପରିଷଦ ନୟାଗଡ଼ ଲଗ୍ନଜିତ ରାଉତ,ଆରକ୍ଷୀ ଅଧୀକ୍ଷକ (ଏସପି) ଏସ ସୁଶ୍ରୀ, ଉପଜିଲାପାଳ କର୍ଣ୍ଣଦେବ ସମାଦ୍ଦାର, ଏବଂ ସମସ୍ତ ବିଭାଗୀୟ ଜିଲା ଅଧିକାରୀ ଯୋଗଦେଇଥିଲେ । ୭୧ ପଞ୍ଜିକୃତ ଅଭିଯୋଗ ମଧ୍ୟରୁ ୫୯ ବ୍ୟକ୍ତିଗତ ଅଭିଯୋଗ ରହିଥିବାବେଳେ ୧୦ ଗୋଟି ଗ୍ରାମ ସମୂହ ସମସ୍ୟା ଓ ୨ ଗୋଟି ମୁଖ୍ୟମନ୍ତ୍ରୀ ରିଲିଫ ଫଣ୍ଡ ସମ୍ପର୍କିତ ସମସ୍ୟା ରହିଥିଲା । ରେଡ଼କ୍ରସ ସମ୍ବନ୍ଧୀୟ ସମସ୍ୟା ଶୂନ ରହିଥିଲା। ଶିବିରରେ ୭ ସମସ୍ୟାର ତତ୍କାଳ ସମାଧାନ ହୋଇଥିଲା। ଅବଶିଷ୍ଟ ମାମଲାଗୁଡିକ ସମାଧାନ ନିମନ୍ତେ ସମ୍ପୃକ୍ତ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଥିଲା। ବିଶେଷ କରି ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ଭତ୍ତା, ରାଶନ କାର୍ଡ, ଉଠା ଜଳସେଚନ ଯୋଜନା ମାଧ୍ୟମରେ କୁରାଳ ପଞ୍ଚାୟତରେ ୭ବର୍ଷ ପୂର୍ବରୁ ୪ ଜଣିଆ କ୍ଲଷ୍ଟର ଗଠନ କରାଯାଇ ଜଳସେଚନ ନିମନ୍ତେ ଗଭୀର ନଳକୂପ ଖୋଳାଯାଇଛି। ହେଲେ ବିଦ୍ୟୁତ୍ ଯୋଗାଣ ହେଉ ନ ଥିବାରୁ ବର୍ତ୍ତମାନ ସୁଦ୍ଧା ଅକାମୀ ହୋଇ ପଡ଼ି ରହିଛି। ଏହାକୁ ଚାଲୁ କରିବା ପାଇଁ,କୁରାଳ ଡାକ୍ତରଖାନାରୁ ଦୀର୍ଘ ଦିନ ଡେପୁଟେଶନରେ ଯାଇଥିବା ଡ଼ାକ୍ତରଙ୍କୁ ଫେରାଇ ଆଣିବା ପାଇଁ ଏବଂ କୁରାଳ ଅଞ୍ଚଳରେ ମାଦକ ଦ୍ରବ୍ୟ କାରବାର ରୋକିବା ପାଇଁ ସରପଞ୍ଚ ବିଜନ ପାଇକରାୟଙ୍କ ଅଞ୍ଚଳବାସୀ ଅଭିଯୋଗ ମାଧ୍ୟମରେ ବିଭାଗୀୟ ଜିଲ୍ଲା ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଓଡ଼ଗାଁ ତହସିଲଦାର ଡ.ମାନସ ରଞ୍ଜନ ଭୋଇ,ବିଡିଓ ଜିତେନ୍ଦ୍ର କୁମାର ନାୟକ,ଅତିରିକ୍ତ ତହସିଲଦାର ଜି ଶ୍ରୀନୁ,ଜିଲା ଶିକ୍ଷାଧିକାରୀ, କ୍ଷୁଦ୍ର ଜଳସେଚନ ବିଭାଗ ସହକାରୀ ଯନ୍ତ୍ରୀ ମନୋଜ କୁମାର ରାଉତ,ପାନୀୟ ଜଳ ଯୋଗାଣ ସହକାରୀ ଯନ୍ତ୍ରୀ ସୁବାସ ଚନ୍ଦ୍ର ସ୍ୱାଇଁ, ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ରାଜସ୍ୱିନୀ ପ୍ରଧାନ, ବ୍ଲକ ଗ୍ରାମପଞ୍ଚାୟତ ଅଧିକାରୀ ବିଶ୍ୱଜିତ ଜେନାଙ୍କ ସହିତ ଜିଲ୍ଲାର ବିଭାଗୀୟ ପଦସ୍ଥ ଅଧିକାରୀ ମାନେ ଯୋଗ ଦେଇ ଅଭିଯୋଗ ଶୁଣିଥିଲେ।


ଅଭିଯୋଗ ଶୁଣାଣି ଶିବିରରେ ପ୍ରଶାସନିକ ଅଧିକାରୀ ଓ ଅନ୍ୟମାନେ ।

## ୭୧ ଅଭିଯୋଗ ପଞ୍ଜିକୃତ, ୭ ତତ୍କାଳ ସମାଧାନ

# ଶୀତଳ ଷଷ୍ଠୀ ପାଇଁ ପ୍ରସ୍ତୁତି

ଖଣ୍ଡପଡ଼ା,୨୭।୫(ଅଜୟ କୁମାର ମହାରଣା)

ଖଣ୍ଡପଡ଼ା ବ୍ଲକ ଅଧୀନ କଣ୍ଟିଲୋ ପଞ୍ଚାୟତସ୍ଥିତ ପାଣ୍ଡୁସାହୁ ପାଟଣା ଗ୍ରାମରେ ପ୍ରତିବର୍ଷ ପରି ଆସନ୍ତା ୩୦ ଓ ୩୧ ୨ଦିନ ଶୀତଳଷଷ୍ଠୀ ଯାତ୍ରା ପାଳନ ନିମନ୍ତେ ପ୍ରସ୍ତୁତି ପର୍ବ ଶେଷ ପର୍ଯ୍ୟାୟରେ ପହଞ୍ଚିଛି । ଏ ନେଇ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠାନର ସଭାପତି ଧନେଶ୍ୱର ରାଉତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ପାରମ୍ପରିକ ଯାତ୍ରାକୁ କିପରି ସରସସୁନ୍ଦର କରାଯାଇପାରିବ ସେ ସମ୍ପର୍କରେ ବିସ୍ତୃତ ଭାବେ ଆଲୋଚନା କରାଯାଇଥିଲା । ତେବେ ପୂର୍ବ ବର୍ଷ ପରି ଅନୁଷ୍ଠିତ ହେଉଥିବା ଶୀତଳ ଷଷ୍ଠୀ ଯାତ୍ରାକୁ ଚଳିତ ବର୍ଷ ଏକ ଭିନ୍ନ ଢଙ୍ଗରେ ପାଳନ କରାଯିବା ପାଇଁ ବୈଠକରେ ନିଷ୍ପତ୍ତି ନିଆଯାଇଛି । ଆସନ୍ତା ୩୦ ତାରିଖରେ ମଙ୍ଗନ ଓ ୩୧ ତାରିଖରେ ଦେବ ଦମ୍ପତିଙ୍କ ବିବାହ ଅନୁଷ୍ଠିତ ହେବ । ପାଟଣା ଛଅ ମୌଜା ଦଣ୍ଡ ଅନୁଷ୍ଠାନ ପକ୍ଷରୁ କାର୍ଯ୍ୟକ୍ରମ ପରିଚାଳନା ହେବା ସହ ପୂର୍ବ ବର୍ଷ ପରି ଏହି ଯାତ୍ରାକୁ ମନ୍ଦିର ପରିସରରେ କରା ନ ଯାଇ ଏହାକୁ ପାଟଣା ବସ୍‌ଷ୍ଟାଣ୍ଡ ଦୁର୍ଗାପୂଜା ମଣ୍ଡପ ନିକଟରେ ବିଧି ବ୍ୟବସ୍ଥା ମଧ୍ୟରେ ପାଳନ କରାଯିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଛି । ଆସନ୍ତା ୩୦ ତାରିଖରେ ମାତା ପାର୍ବତୀ ଓ ପ୍ରଭୁ ଶ୍ରୀ ଚନ୍ଦ୍ରଶେଖର ଦେବ ସ୍ଥାନୀୟ ମଝିସାହି ପାଟଣା ଅଜୟ କୁମାର ସାହୁଙ୍କ ବାସଭବନରେ ବିଜେ କରିବା ପରେ ଦେବ ଦମ୍ପତିଙ୍କ ମଙ୍ଗନ କାର୍ଯ୍ୟ ଅନୁଷ୍ଠିତ ହେବ । ପରଦିନ ଅର୍ଥାତ୍ ୩୧ ତାରିଖରେ ମାତା ପାର୍ବତୀ ଓ ପ୍ରଭୁ ଶ୍ରୀ ଚନ୍ଦ୍ର ଶେଖର ଦେବ ସେଠାରୁ ବାହାରି ବିବାହ ମଣ୍ଡପରେ ପହଞ୍ଚିବା ପରେ ଦେବ ଦମ୍ପତିଙ୍କ ବିବାହ କାର୍ଯ୍ୟ ସମ୍ପନ୍ନ ହେବ। ପରେ ସାତଦଣ୍ଡ କୋଠୀ ସୁଆଙ୍ଗ ପ୍ରତି ଯୋଗିତା ଅନୁଷ୍ଠିତ ହେବ । ଏହି ପ୍ରତିଯୋଗୀତାର କୃତୀ ପ୍ରତିଯୋଗିଙ୍କୁ ପୁରସ୍କାର ପ୍ରଦାନ କରାଯିବ ବୋଲି ପ୍ରସ୍ତାବ ଗ୍ରହଣ କରାଯାଇଛି । ଏହି ପ୍ରସ୍ତୁତି ବୈଠକରେ ବରିଷ୍ଠ ସଦସ୍ୟ ଅଜୟ କୁମାର ସାହୁ, ସୁଦର୍ଶନ ବାରିକ, ସରୋଜ କୁମାର ବାରିକ, ପ୍ରଫୁଲ୍ଲ ସାହୁ, ମନୋଜ ରାଉତ ପ୍ରମୁଖ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ।



# ତଳି ପଟାଳିରେ ସାର ପ୍ରୟୋଗ

ପନିପରିବା ତଳି ପଟାଳିରେ ସାର ପ୍ରୟୋଗ ପୂର୍ବରୁ ତଳିପଟିକୁ ସ୍ୱଚ୍ଛ ଜରି ଢାଙ୍କି ଚତୁଃପାର୍ଶ୍ୱ ନିବୁଜ କରି ଦୁଇ ଦିନ ଛାଡ଼ିଦେଲେ ସୂର୍ଯ୍ୟାଲୋକ ଦ୍ୱାରା ଏହା ବିଶୋଧିତ ହୋଇଯାଏ। ତଳି ପଟାଳିକୁ କାର୍ବେଣ୍ଡାଜିମ୍ ୨ଗ୍ରାମ୍‌କୁ ୧ ଲିଟର ଦ୍ରବଣରେ ବିଶୋଧନ କରିଦେବା ଭଲ କିମ୍ବା ୩-୫ ପ୍ରତିଶତ ଫର୍ମାଲିନ୍ ଦ୍ରବଣ ସିଞ୍ଚନ କରି ସ୍ୱଚ୍ଛ ଜରିରେ ଘୋଡ଼େଇବାର ୪-୫ ଦିନ ପରେ ବିହନ ବୁଣନ୍ତୁ । ଏହା ପରିବର୍ତ୍ତେ ତଳି ପଟାଳି ଉପରେ ଶୁଖିଲା ଘାସ ରଖି ପୋଡ଼ିଦେଲେ ମଧ୍ୟ ମାଟି ବିଶୋଧନ ହୋଇଥାଏ । ତଳିଘରାରୁ ପାଣି ନିଗିଡ଼ି ଯିବା ପାଇଁ ପଟାଳି ମଝିରେ ନାଳିର ବ୍ୟବସ୍ଥା କରନ୍ତୁ । ତଳିଘରା ପ୍ରସ୍ତୁତ ହୋଇଗଲା ପରେ ମାଟିରେ ୨ ଇଞ୍ଚ ବ୍ୟବଧାନରେ ଗାର ଟାଣି ମଞ୍ଜିକୁ ଗୋଟି ଗୋଟି କରି ଧାଡ଼ିରେ ବୁଣନ୍ତୁ । ତା' ଉପରେ ଶୁଖିଲା ଗୁଣ୍ଡମାଟି ଘୋଡ଼ାଇ ଦିଅନ୍ତୁ ଓ ନଡ଼ା କିମ୍ବା ଶୁଖିଲା ପାଳ ଘୋଡ଼ାଇ ଦେଲେ ଚଞ୍ଚଳ ଗଜା ହୋଇଥାଏ । ମଞ୍ଜି ଗୁଡ଼ିକ ଲଗାଇବା ପୂର୍ବରୁ କିଲୋପ୍ରତି ୨ ଗ୍ରାମ୍ ବାଭିଷ୍ଟିନ୍ ବା ୩ ଗ୍ରାମ୍ ଥିରାମ୍ ମିଶାଇ ବିଶୋଧନ କରି ଲଗାନ୍ତୁ । ଝରାରେ ପାଣି ଦିଅନ୍ତୁ । ଟାଣଖରା ଓ ବର୍ଷାଦାଉରୁ ଛୋଟ ଚାରାକୁ ରକ୍ଷା କରିବା ପାଇଁ ପଟାଳିକୁ ଜରି ଘର ମଧ୍ୟରେ କରନ୍ତୁ। ବାଇଗଣ, ବିଲାତି ବାଇଗଣ, ଲଙ୍କା ଇତ୍ୟାଦି ଫସଲର ଚାରା ଉତାରି ଲଗାଯାଉଥିବା ବେଳେ କଖାରୁ ଜାତୀୟ ଫସଲଗୁଡ଼ିକ ସିଧାସଳଖ ମୂଳ ଜମିରେ ଲଗାଯାଇଥାଏ। ପନିପରିବା ଚାଷ ସମୟରେ ତଳିଘରା ପ୍ରସ୍ତୁତ କରିବା ପାଇଁ ପ୍ରଥମେ ମାଟିକୁ ଗୁଣ୍ଡ ଚାଷ କରି ସେଥିରୁ ଘାସ ଲଟା ଆଦି ବାଛି ୧ ମି. ଓସାର, ୩ ମି. ଲମ୍ବ ଓ ୧୨-୧୫ ସେ.ମି. ଉଚ୍ଚତା ବିଶିଷ୍ଟ ତଳିଘରା ପ୍ରସ୍ତୁତ କରନ୍ତୁ । ପ୍ରତି ତଳିଘରାରେ ୫ ଝୁଡ଼ି ଶଢ଼ା ଗୋବର ଖତ ବା କମ୍ପୋଷ୍ଟକୁ ଗୁଣ୍ଡ କରି ମିଶାଇ ଦିଅନ୍ତୁ । ଏଥିସହିତ ୧୫୦ ଗ୍ରାମ୍ ସୁପର୍ ଫସ୍‌ଫେଟ୍ ମଧ୍ୟ ପ୍ରୟୋଗ କରନ୍ତୁ ।

# ମାଛ ଚାଷରେ ଖତ ସାର ପ୍ରୟୋଗ

"ଯାଆଁଳ ଛାଡ଼ିବାର ଏକଦିନ ପୂର୍ବରୁ କୀଟପତଙ୍ଗ ନିୟନ୍ତ୍ରଣ କରାଯାଇଥାଏ। ଏହି କାର୍ଯ୍ୟ ପାଇଁ ଏକର ପିଛା ୬ କିଗ୍ରା ସାବୁନ୍‌କୁ ୨୨ ଲିଟର ସୋରିଷ ତେଲ ସହିତ ଫେଣ୍ଟି ପୋଖରୀରେ ସ୍ପ୍ରେ କରାଯାଏ। ଏହା ବଦଳରେ ଏକର ପିଛା ୨୦ ଲିଟର କିରୋସିନ୍ ତେଲ ସ୍ପ୍ରେ କରାଯାଏ କିମ୍ବା ଏକର ପିଛା ୩୦ ଲିଟର ଡିଜେଲକୁ ୬୦୦ ମିଲି ତରଳ ସାବୁନ୍ ବା ତିନି କିଗ୍ରା ଡିଟରଜେଣ୍ଟ ପାଉଡର ସହିତ ମିଶାଇ ସ୍ପ୍ରେ କରାଯାଏ। କୀଟପତଙ୍ଗ ନିୟନ୍ତ୍ରକ ପ୍ରୟୋଗ କରାଯିବା ପରେ ପୋଖରୀକୁ ପରିଷ୍କାର କରିବା ପାଇଁ ଦୁଇ ଥର ଜାଲ ପକାଇ ମୃତ କୀଟପତଙ୍ଗଗୁଡ଼ିକୁ ବାହାର କରିଦିଆଯାଏ।"



ମାଛ ଚାଷ କରୁଥିବା ପୋଖରୀରେ ଚୂନ ପ୍ରୟୋଗ କରାଯିବାର ୫-୭ ଦିନ ପରେ ସାଧାରଣତଃ ଖତ ପ୍ରୟୋଗ କରାଯାଏ। ଖତ ପ୍ରୟୋଗ କରିବାର ପ୍ରକାରକୁ ନେଇ ତିନି ପ୍ରକାର ପଦ୍ଧତି ଲାଭଜନକ ସାବ୍ୟସ୍ତ ହୋଇଥାଏ। ତେବେ ଗଚ୍ଛିତ ରଖିଥିବା ଘନତ୍ୱ ଏବଂ ଯାଆଁଳ ଅମଳର ପରିମାଣ ଓ ଆୟ ଅଲଗା ଅଲଗା ହୋଇଥାଏ। ତେବେ ସେହି ତିନି ପ୍ରକାର ପଦ୍ଧତିଗୁଡ଼ିକ ହେଲା-
(୧) ପାରମ୍ପରିକ ପଦ୍ଧତି
(୨) ପର୍ଯ୍ୟାୟଭିତ୍ତିକ ଖତସାର ପ୍ରୟୋଗ ପଦ୍ଧତି
(୩) ତୁରନ୍ତ/ତତ୍କାଳ ଖତସାର ପ୍ରୟୋଗ ପଦ୍ଧତି।

**ପାରମ୍ପରିକ ପଦ୍ଧତି**

ଯାଆଁଳ ଛାଡ଼ିବାର ୧୫ଦିନ ପୂର୍ବରୁ ପ୍ରତି ଏକର ଜଳରାଶି ଏବଂ ଏକ ମିଟର ଗଭୀରତା ବିଶିଷ୍ଟ ପୋଖରୀ ପାଇଁ ୪ ଟନ୍ କଞ୍ଚା ଗୋବର ଏବଂ ଯାଆଁଳ ଛାଡ଼ାଯିବାର ୭ ଦିନ ପରେ ସ୍ଥାୟୀ ପ୍ଲାଙ୍କଟନ୍ ଉତ୍ପାଦନ ପାଇଁ ଏକର ପିଛା ୨ ଟନ୍ ହିସାବରେ ପ୍ରୟୋଗ କରାଯାଏ। ମହୁଲ ପିଡିଆ ପ୍ରୟୋଗ କରାଯାଇଥିବା ପୋଖରୀ କ୍ଷେତ୍ରରେ ପ୍ରାରମ୍ଭିକ ପରିମାଣ ଏକର ପିଛା ୨ ଟନ୍‌କୁ କମାଇ ଦିଆଯାଏ। କଞ୍ଚା ଗୋବର ପରିବର୍ତ୍ତେ ଯଦି କୁକୁଡ଼ା ଖତ ପ୍ରୟୋଗ କରାଯିବ, ତେବେ ପରିମାଣକୁ କଞ୍ଚା ଗୋବରର ଅଧାକୁ କମାଇ ଦିଆଯାଏ।

**କୀଟପତଙ୍ଗ ନିୟନ୍ତ୍ରଣ**

ଯାଆଁଳ ଛାଡ଼ିବାର ଏକ ଦିନ ପୂର୍ବରୁ କୀଟପତଙ୍ଗ ନିୟନ୍ତ୍ରଣ କରାଯାଇଥାଏ। ଏହି କାର୍ଯ୍ୟ ପାଇଁ ଏକର ପିଛା ୬ କିଗ୍ରା ସାବୁନ୍‌କୁ ୨୨ ଲିଟର ସୋରିଷ ତେଲ ସହିତ ଫେଣ୍ଟି ପୋଖରୀରେ ସ୍ପ୍ରେ କରାଯାଏ। ଏହା ବଦଳରେ ଏକର ପିଛା ୨୦ ଲିଟର କିରୋସିନ୍ ତେଲ ସ୍ପ୍ରେ କରାଯାଏ କିମ୍ବା ଏକର ପିଛା ୩୦ ଲିଟର ଡିଜେଲକୁ ୬୦୦ ମିଲି ତରଳ ସାବୁନ୍ ବା ତିନି କିଗ୍ରା ଡିଟରଜେଣ୍ଟ ପାଉଡର ସହିତ ମିଶାଇ ସ୍ପ୍ରେ କରାଯାଏ। କୀଟପତଙ୍ଗ ନିୟନ୍ତ୍ରକ ପ୍ରୟୋଗ କରାଯିବା ପରେ ପୋଖରୀକୁ ପରିଷ୍କାର କରିବା ପାଇଁ ଦୁଇ ଥର ଜାଲ ପକାଇ ମୃତ କୀଟପତଙ୍ଗଗୁଡ଼ିକୁ ବାହାର କରିଦିଆଯାଏ।

**ଯାଆଁଳ ଛାଡ଼ିବା କାର୍ଯ୍ୟ**

ପୋଖରୀରେ ତାପମାତ୍ରା କମ୍ ଥିବା ସମୟରେ ଯାଆଁଳ ଛାଡ଼ାଯିବା ଦରକାର। ବିଶେଷକରି ସକାଳ ବେଳା ଥଣ୍ଡା ପାଗରେ ଏହା କଲେ ଭଲ। ଏକର ପିଛା ୨୦-୩୦ ଲକ୍ଷ ପର୍ଯ୍ୟନ୍ତ ଯାଆଁଳ ଛଡ଼ାଯାଇଥାଏ। ବିକ୍ରୟ କରିବା ଦୃଷ୍ଟିରୁ ଗୋଟିଏ ପୋଖରୀରେ ବହୁବିଧ ପ୍ରଜାତିର ଯାଆଁଳ ଛାଡ଼ିବା ଅପେକ୍ଷା ଗୋଟିଏ ପ୍ରଜାତିର ଚାଷ ଅତ୍ୟନ୍ତ ଭଲ।

**ଖାଦ୍ୟ**

ଯାଆଁଳମାନଙ୍କ ପାଇଁ ୧:୧ ଅନୁପାତରେ ଗୁଣ୍ଡ ବାଦାମ ପିଡ଼ିଆ ଏବଂ କାଣ୍ଡିଆକୁଣ୍ଡା କିମ୍ବା ଧାନଗୁଣ୍ଡ ପ୍ରୟୋଗ କରାଯିବା ଆବଶ୍ୟକ।

**ପରିମାଣ**

ଯାଆଁଳଙ୍କ ପାଇଁ ଖାଦ୍ୟ ପକାଉଥିଲେ ପ୍ରଥମ ପାଞ୍ଚ ଦିନ ଶରୀର ଓଜନ ଅନୁଯାୟୀ ୪ ଗୁଣ ବା ୬୦୦ ଗ୍ରାମ/ଏକ ଲକ୍ଷ/ପ୍ରତିଦିନ (ଯାଆଁଳ ଓଜନ ୧.୪-୧.୬ ଏମ୍‌ଜି ହୋଇଥିଲେ) ଏବଂ ପରବର୍ତ୍ତୀ ୧୦ ଦିନ ପର୍ଯ୍ୟନ୍ତ ପ୍ରାରମ୍ଭିକ ଓଜନର ଆଠ ଗୁଣ ଅର୍ଥାତ୍ ୧୨୦୦ ଗ୍ରାମ/ଏକଲକ୍ଷ/ପ୍ରତିଦିନ ଭାବରେ ଦିଆଯିବା ଉଚିତ।

**ଯାଆଁଳଙ୍କୁ ଖାଦ୍ୟ ଦେବା ସମୟ**

ସାଧାରଣତଃ ଯାଆଁଳମାନଙ୍କୁ ସକାଳେ ଏବଂ ସନ୍ଧ୍ୟାରେ ଖାଦ୍ୟ ଦିଆଯାଇଥାଏ। ପୋଖରୀରେ ଶିଉଳି ଦେଖାଦେଲେ ଖାଦ୍ୟ ଖାଇବାକୁ ଦିଆଯିବ ନାହିଁ।

**ଅମଳ**

ଯାଆଁଳ ଛାଡ଼ିବାର ୧୫ ଦିନ ପରେ ସେଗୁଡ଼ିକ ପ୍ରାୟ ୨୦-୩୦ ମିଲିମିଟର ଆକାରର ହୋଇଯାଆନ୍ତି। ସେହି ସମୟରେ ସେମାନଙ୍କର ଓଜନ ୦.୧୫ଗ୍ରାମରୁ ୦.୨୦ ଗ୍ରାମ ହୋଇଥାଏ। ସେମାନଙ୍କୁ ୧/୮ ଇଞ୍ଚ ଫାଳବିଶିଷ୍ଟ ଯାଆଁଳ ଧରା ଭିଡ଼ା ଜାଲ ସାହାଯ୍ୟରେ ପ୍ରତିପାଳନ (ନର୍ସରୀ ପୋଖରୀ) ପୋଖରୀରେ ପାଳନ ପାଇଁ ରଖାଯାଏ। ସ୍ୱନ୍‌ରୁ ଯାଆଁଳ ବଞ୍ଚିବାର ହାର ୨୫ ପ୍ରତିଶତରୁ ୩୦ ପ୍ରତିଶତ ପର୍ଯ୍ୟନ୍ତ ହୋଇଥାଏ। ତେଣୁ ୨୦-୩୦ ଲକ୍ଷ ଯାଆଁଳ ଗଚ୍ଛିତ ରଖାଗଲେ ୧୫ ଦିନ ପରେ ୬-୯ ଲକ୍ଷ ପର୍ଯ୍ୟନ୍ତ ଯାଆଁଳ ଅମଳ କରାଯାଇପାରିବ।

**ପର୍ଯ୍ୟାୟଭିତ୍ତିକ ଖତସାର ପ୍ରୟୋଗ ପଦ୍ଧତି**

ପାରମ୍ପରିକ ପଦ୍ଧତିରେ ଠିକ୍ ସମୟରେ ମାଛ ବିହନ (ସ୍ୱନ୍) ମିଳିବା ଏକ ପ୍ରମୁଖ ସମସ୍ୟା ରୂପେ ଦେଖାଦେଇଥାଏ। ଏପରି ଅସୁବିଧାକୁ ଏଡାଇବା ପାଇଁ ଓ ଭଲ ଅମଳ ପାଇବା ନିମନ୍ତେ ନିମ୍ନଲିଖିତ ପଦ୍ଧତି ଅନୁସରଣ କରାଯାଇପାରେ। (କ୍ରମଶଃ...)

-ଡା. ମାନସ ରଞ୍ଜନ ପଟ୍ଟନାୟକ, ଅଧ୍ୟକ୍ଷ, ଓୟୁଏଟି, ରଙ୍ଗେଇଲୁଣ୍ଡା, ବ୍ରହ୍ମପୁର
-ଦିଲୀପ କୁମାର ସାହୁ, ଅଧ୍ୟାପକ, ବହୁବୃତ୍ତି କୃଷି ବୈଷୟିକ କେନ୍ଦ୍ର (ମତ୍ସ୍ୟବିଜ୍ଞାନ), ଓୟୁଏଟି, ରଙ୍ଗେଇଲୁଣ୍ଡା, ବ୍ରହ୍ମପୁର



# ସମନ୍ୱିତ ପୋକ ପରିଚାଳନା

ବାଇଗଣରେ ଫଳ ଓ କାଣ୍ଡବିନ୍ଧା ପୋକର ଦମନ ଲାଗି ସମନ୍ୱିତ ପୋକ ପରିଚାଳନା ପଦ୍ଧତି ଅନୁସାରେ ଏକର ପ୍ରତି ୨୦,୦୦୦ଟ୍ରାଇକୋଗ୍ରାମା ପରାଶ୍ରୟୀ କୀଟ ଛାଡ଼ନ୍ତୁ କିମ୍ବା ୩୦୦ପିପିଏମ୍ ନିମ୍ବଜାତ କୀଟନାଶକକୁ ଏକର ପ୍ରତି ୧ ଲିଟର ହିସାବରେ ପ୍ରୟୋଗ କରନ୍ତୁ ଅଥବା ପ୍ରତି ଲିଟର ପାଣିରେ ୫ ଗ୍ରାମ୍ କାର୍ବାରିଲ ମିଶାଇ ସିଞ୍ଚନ କରନ୍ତୁ। କଖାରୁ ଜାତୀୟ ଫସଲରେ ଲାଲ ଓ କଳା କଖାରୁ ଭୃଙ୍ଗ ଦମନ ପାଇଁ ଏକର ପ୍ରତି ୮୦୦ଗ୍ରାମ୍ ହିସାବରେ କାର୍ବାରିଲ ପ୍ରୟୋଗ କରନ୍ତୁ। ଲଙ୍କାମରିଚ ଫସଲରେ ପତ୍ରମୋଡା ଦେଖାଗଲେ ଏହାର ଦମନ ସକାଶେ ପ୍ରତି ଲିଟର ପାଣିରେ ୨ ମିଲି ଆବାମେକ୍ଟିନ୍(୧.୯%) କିମ୍ବା ୧.୫ରୁ ୨ ମିଲି ଇଥିଅନ୍ ମିଶାଇ ପତ୍ର ସିଞ୍ଚନ କରନ୍ତୁ। ଝୁଡଙ୍ଗ ଫସଲରେ ଜଉପୋକର ଆକ୍ରମଣ ଦେଖାଗଲେ ଏକର ପ୍ରତି ୫୦ମିଲି ଇମିଡାକ୍ଲୋପ୍ରିଡ୍ ୨୦୦ଲିଟର ପାଣିରେ ମିଶାଇ ପତ୍ର ସିଞ୍ଚନ କରନ୍ତୁ ଏବଂ ଏହାର ୭ଦିନ ପରେ ଫସଲ ଅମଳ କରନ୍ତୁ।

# ଅଧିକ ଅମଳକ୍ଷମ ଚିନାବାଦାମ ପାଇଁ...

ଚିନାବାଦାମ ଜମିରୁ ପାଣି କାଟି ଦିଅନ୍ତୁ । କାରଣ ଏହି ଜମିରେ ପାଣି ଜମି ରହିଲେ ଚେର ଯବକ୍ଷାରଜାନ ପାଏ ନାହିଁ । ଚେରର ଭାତୁଡ଼ିଗୁଡ଼ିକ ନଷ୍ଟ ହୋଇଯାଏ। ଭଲ ବାଦାମ ଧରେ ନାହିଁ। ତେଣୁ ଜମିରୁ ଜଳ ନିଷ୍କାସନ ନିହାତି କରିବା ଦରକାର। ଟିକାରୋଗ ପାଇଁ ମାଙ୍କୋଜେବ୍ (୩ ଗ୍ରାମ୍ ପ୍ରତି ୧ ଲିଟର ପାଣିରେ ମିଶାଇ) କିମ୍ବା କ୍ଲୋରୋଥାଲୋନିଲ୍ (୨ ଗ୍ରାମ୍ ପ୍ରତି ୧ ଲିଟର ପାଣିରେ) ସିଞ୍ଚନ କରନ୍ତୁ। ମୂଳଶଢ଼ା ରୋଗ ଲାଗିଲେ ମେଟାଲାକ୍‌ସିଲ୍ ସହ ମାଙ୍କୋଜେବ୍‌କୁ ୨ ଗ୍ରାମ୍ ପ୍ରତି ୧ ଲିଟର ପାଣିରେ ମିଶାଇ ଚିନାବାଦାମ ଫସଲରେ ସିଞ୍ଚନ କରନ୍ତୁ । ବର୍ଷା କମ୍ ଥିବା ଅଞ୍ଚଳରେ ଉଇ ଲାଗିଥିଲେ ଏହାର ଦମନ ପାଇଁ ପ୍ରତି ଲିଟର ପାଣିରେ ୫ ମି.ଲି. ହିସାବରେ କ୍ଲୋରୋପାଇରିଫସ୍ ୨୦ ଇ.ସି. ମିଶାଇ ଗଛ ମୂଳରେ ସିଞ୍ଚନ କରନ୍ତୁ, ଯେପରି କି ମାଟି ଭଲ ଭାବରେ ଭିଜିପାରିବ।




# ମୁଗ ଫସଲରେ ପତ୍ରକଟା ପୋକ ଲାଗିଥିଲେ...



ମୁଗ, ବିରି, ହରଡ଼ ଆଦି ଫସଲରେ ପତ୍ରକଟା ପୋକ ଦମନ ପାଇଁ ହେକ୍ଟର ପ୍ରତି ୨୫ରୁ ୩୦ କି.ଗ୍ରା. କ୍ଲୋରୋପାଇରିଫସ୍ ୧.୫% ଗୁଣ୍ଡ ପ୍ରୟୋଗ କରନ୍ତୁ କିମ୍ବା ୧ ଲିଟର ପ୍ରୋଫେନୋଫସ୍ କିମ୍ବା ୧ ଲିଟର କ୍ୱିନାଲଫସ୍ ବା ୫୦୦ ମି.ଲି. ଇଣ୍ଡାକ୍ସାକାର୍ବ ହେକ୍ଟର ପ୍ରତି ୫୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। ସଅଳ ବୁଣାଯାଇଥିବା ମୁଗ, ବିରି ଫସଲରେ ଛୁଇଁ ପାକଳ ହେବା ମାତ୍ରେ ତୋଳି ଦିଅନ୍ତୁ । ଧାନ ବିଲ ହିଡ଼ମାନଙ୍କରେ ବିରି ଓ ହରଡ଼ ଆଦି ଧାଡ଼ିରେ ବୁଣନ୍ତୁ। ମୁଗ, ବିରି, ହରଡ଼ ବୁଣା ହେବାର ୩ ସପ୍ତାହ ବେଳକୁ କୋଡ଼ାଖୁସା କରି ଘାସ ବାଛି ଦିଅନ୍ତୁ କିମ୍ବା କୁଇଜାଲୋଫପ୍ ଇଥାଇଲ୍ (ହେକ୍ଟର ପ୍ରତି ୧୦୦୦ ମିଲି ଟାର୍ଗାସୁପର ୫% ତରଳ) ୫୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରି ଘାସ ଦମନ କରନ୍ତୁ। ଜମିକୁ ନିଗିଡ଼ା ରଖନ୍ତୁ । ପତ୍ରଦାଗ ଓ ପତ୍ରପୋଡ଼ା ରୋଗ ପାଇଁ ମାଙ୍କୋଜେବ୍ x କାର୍ବେଣ୍ଡାଜିମ୍ (୧.୫ ଗ୍ରାମ୍ ୧ ଲିଟର ପାଣିରେ ମିଶାଇ) ସିଞ୍ଚନ କରନ୍ତୁ । ଜଉପୋକ ଓ ସାହେବି ରୋଗ ପାଇଁ ହେକ୍ଟର ପ୍ରତି ୧ ଲିଟର ରୋଗର କିମ୍ବା ୧୨୫ ମି.ଲି. ଇମିଡାକ୍ଲୋପ୍ରିଡ୍ ୫୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।

# ଜାଣି ରଖନ୍ତୁ



- ଗୁହାଳ ତଳ ଓଦା ରଖନ୍ତୁ ନାହିଁ । ଓଦା ରହିଲେ ବିଭିନ୍ନ ରୋଗର ଆଶଙ୍କା ଥାଏ । ଗୁହାଳ ତଳକୁ ଶୁଖିଲା ରଖିବା ପାଇଁ ପାଉଁଶ ବା ବାଲି ବିଛାନ୍ତୁ । ଗୋ-ମହିଷି ଓ ବାଛୁରିଙ୍କୁ ସାହାଣ ଓ ବଜବଜିଆ ରୋଗ ହେବାର ଆଶଙ୍କା ଥାଏ । ଏହି ସଂକ୍ରାମକ ରୋଗ ନ ହେବା ପାଇଁ ପୂର୍ବରୁ ପ୍ରତିଷେଧକ ଟିକା ଦିଅନ୍ତୁ । ରୋଗ ଦେଖାଗଲେ ତୁରନ୍ତ ପ୍ରାଣୀ ଚିକିତ୍ସକଙ୍କ ପରାମର୍ଶ ନିଅନ୍ତୁ।
- ଗୋ-ମହିଷିଙ୍କୁ ଅଢ଼େଇ ଦିନିଆ ଜ୍ୱର ହେଲେ ସେମାନଙ୍କ ଦେହରେ ଅଧିକ ତାତି ରହେ ଓ ଆକ୍ରାନ୍ତ ପ୍ରାଣୀ ଗୋଟିଏ ଗୋଡ଼ ଟେକି ରଖେ । ଏହି ଜ୍ୱରର ଉପଶମ ପାଇଁ ଡାକ୍ତରଙ୍କ ପରାମର୍ଶରେ ଔଷଧ ଖୁଆନ୍ତୁ ।
- ଗୁହାଳସବୁବେଳେପରିଷ୍କାରଓଶୁଖିଲାରଖନ୍ତୁ।ଏହାରଚାରିପାଖ ଉଚ୍ଚା ଓ ନିଗିଡ଼ା କରନ୍ତୁ, ନଚେତ୍ ପାଣି ଜମି ସନ୍ତସନ୍ତିଆ ହେଲେ ଗୋରୁଙ୍କୁ ବିଭିନ୍ନ ସଂକ୍ରାମକ ରୋଗ ହେବାର ଆଶଙ୍କା ଥାଏ।
- ଗୁହାଳର ତଳକୁ ଦିନରେ ଅନ୍ତତଃ ଥରେ ବା ଦୁଇଥର ଫିନାଇଲ ପ୍ରଭୃତି ବିଶୋଧକ ପଦାର୍ଥରେ ସଫା କରନ୍ତୁ ।
- ଗୋରୁଙ୍କୁ କଦାପି ଫିମ୍ପି ହୋଇଥିବା ଦାନା ଖୁଆନ୍ତୁ ନାହିଁ ।

# ଆଖୁ ଚାଷରେ କାଣ୍ଡବିନ୍ଧା ପୋକ ଦମନ

ଆଖୁ ଚାଷ କରାଯାଇଥିବା ଜମିରେ ଜଳ ନିଷ୍କାସନର ସୁବିଧା କରନ୍ତୁ । ଫସଲ ୩-୪ ମାସର ହୋଇଥିଲେ ଭେଳାବନ୍ଧା କାର୍ଯ୍ୟ ଶେଷ କରନ୍ତୁ । ସଅଳ କାଣ୍ଡବିନ୍ଧା ପୋକର ଦମନ ଲାଗି ଅଗ୍ରାଧିକାରରେ ଜୈବ ନିୟନ୍ତ୍ରଣ ପଦ୍ଧତି (ଏକର ପିଛା ୪୦,୦୦୦ ଟ୍ରାଇକୋଡର୍ମା ଜାପୋକମ୍) ଅବଲମ୍ବନ କରନ୍ତୁ କିମ୍ବା ହେକ୍ଟର ପ୍ରତି ୧ ଲିଟର ଫିପ୍ରୋନିଲ୍ ୫୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। ଅଗବିନ୍ଧା ପୋକ ଦେଖାଯାଉଥିଲେ ଦମନ ପାଇଁ ହେକ୍ଟର ପ୍ରତି ୧ ଲିଟର ଫିପ୍ରୋନିଲ୍ କିମ୍ବା ପ୍ରୋଫେନୋଫସ୍ କିମ୍ବା ୫୦୦ ଲିଟର ପାଣିରେ ୫୦୦ ଗ୍ରାମ୍ ଏସିଫେଟ୍ ମିଶାଇ ସିଞ୍ଚନ କରନ୍ତୁ। ସୁବିଧା ଥିଲେ, ପତ୍ର କନ୍ଦାରେ ଦାନାଦାର ଔଷଧ ପ୍ରୟୋଗ କରାଯାଇପାରେ।



# ମଧ୍ୟମ କିସମ ଧାନ ଚାଷ

ମଧ୍ୟମ କିସମ ଧାନର ୫୦-୬୦ଦିନିଆ ତଳି ରୁଆଯାଇପାରିବ। ବୁଦାପ୍ରତି ୪ରୁ ୫ଟି ତଳି ଓ ବର୍ଗମିଟର ପ୍ରତି ୫୦ଟି ବୁଦା ଧାଡିରେ ରୁଅନ୍ତୁ। ବିଳମ୍ବ କିସମ ଧାନର ୬୦-୭୦ଦିନିଆ ଧାନ ତଳି ରୁଆଯାଇପାରିବ। ବୁଦା ପ୍ରତି ୫ରୁ ୬ଟି ତଳି ଓ ବର୍ଗମିଟର ପ୍ରତି ୬୫ଟି ବୁଦା ଧାଡିରେ ରୁଅନ୍ତୁ। ଏକର ପ୍ରତି ଅଧିକ ୧୦କି.ଗ୍ରା ଯବକ୍ଷାରଜାନ ପ୍ରୟୋଗ କରନ୍ତୁ। ଯେଉଁ ସ୍ଥାନରେ ଅତ୍ୟଧିକ ବର୍ଷା ହେତୁ ଫସଲ ଧୋଇ ହୋଇଯାଇଛି ସେଠି ଅନ୍ୟ ସ୍ଥାନରୁ ତଳି ସଂଗ୍ରହ କରି ରୁଆ କାମ କରନ୍ତୁ। ତଳି ନ ମିଳିଲେ ରୁଆ ତଳି ପକାନ୍ତୁ। ଓଡ଼ିଶାରେ ଅଗଷ୍ଟମାସ ଶେଷ ପର୍ଯ୍ୟନ୍ତ ଧାନ ଲଗାଯାଇପାରିବ ଏବଂ ଦକ୍ଷିଣ ଓଡ଼ିଶାରେ ଏହା ସେପ୍ଟେମ୍ବର ୧୫ପର୍ଯ୍ୟନ୍ତ ଲଗାଯାଇପାରିବ। ତେଣୁ ମଧ୍ୟମ କିସମ ଜମିପାଇଁ ୧୦୦ଦିନିଆ କିସମ ଯଥା ଅନ୍ନଦା,ଖଣ୍ଡଗିରି,ପାରିଜାତ ଏବଂ ବିଳମ୍ବ କିସମ ଜମି ପାଇଁ ୧୨୦ ଏବଂ -୧୩୦ଦିନିଆ କିସମ ଯଥା-ଲଲାଟ,ସୁରେନ୍ଦ୍ର ଆଦି କିସମ ସଂଗ୍ରହ କରି କାଦୁଆ ତଳି ଘରାରେ ଧାନ ଗଜା କରି ତଳି ପକାନ୍ତୁ ଏବଂ ୧୫ଦିନ ପରେ ତଳି ରୁଅନ୍ତୁ। ତଳି ବଢ଼ିବା ପାଇଁ ତଳିଘରାରେ ଯଥେଷ୍ଟ ଯବକ୍ଷାରଜାନ ସାର ଦିଅନ୍ତୁ।



## ଜନ୍ମଦିନର ଶୁଭେଚ୍ଛା

ନାମ: ......................................
ବୟସ: ......................................
ଜନ୍ମ ତାରିଖ: ......................................


ଗୁନ୍‌ଗୁନ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ବିଶ୍ୱ ଚାମ୍ପିୟନ ଗୁକେଶଙ୍କୁ ହରାଇଲେ କାର୍ଲସେନ

**ଷ୍ଟାଭାଙ୍ଗର, ୨୭।୫(ପି.ଟି.):** ୱାର୍ଲ୍ଡ ନଂ.୧ ମାଗ୍‌ନସ କାର୍ଲସେନ ନରୱେ ଚେସ୍ ଟୁର୍ନାମେଣ୍ଟର ପ୍ରଥମ ରାଉଣ୍ଡରେ ବିଶ୍ୱ ଚାମ୍ପିୟନ ଡି ଗୁକେଶଙ୍କୁ ପରାସ୍ତ କରିଛନ୍ତି। ୫ ଥରର ବିଶ୍ୱ ଚାମ୍ପିୟନ କାର୍ଲସେନଙ୍କୁ ତାଙ୍କ ଅଧା ବୟସର ଖେଳାଳି ଗୁକେଶ ଏକ ଘଣ୍ଟାରୁ ଉର୍ଦ୍ଧ୍ୱ ସମୟ ଧରି ଚାଲିଥିବା କ୍ଲାସିକ୍ ଚେସ୍ ମ୍ୟାଚ୍‌ରେ ପ୍ରାୟତଃ ଚାପରେ ରଖିଥିଲେ। ହେଲେ ଗୁକେଶ ନିଜ ତ୍ରୁଟି କାରଣରୁ ୫୫ତମ ମୁଭ୍‌ରେ ପରାଜିତ ହୋଇଥିଲେ। ଏହି ବିଜୟ ସହ କାର୍ଲସେନ ୩ ପଏଣ୍ଟ ହାସଲ କରିଛନ୍ତି।

# ‘ମର୍ସି ରାଫା’ ଟି-ଶାର୍ଟ ମୂଲ୍ୟ ୫୪୦ ଡଲାର

**ପ୍ୟାରିସ୍, ୨୭।୫(ଏପି)**

ଫ୍ରେଞ୍ଚ୍ ଓପନ୍ ଦ୍ୱାରା ରାଫେଲ ନାଡାଲଙ୍କୁ ସମ୍ମାନିତ କରାଯିବାର ଦିନକ ପରେ କିଛି ପ୍ରଶଂସକ କ୍ଲେ ରଙ୍ଗର ‘ମର୍ସି ରାଫା’ ଟି-ଶାର୍ଟକୁ ବିକିବା ଆରମ୍ଭ କରିଛନ୍ତି। ଏପରିକି କିଛି ପ୍ରଶଂସକ ଏହି ସ୍ୱତନ୍ତ୍ର ଟି-ଶାର୍ଟ ଲାଗି ୫୦୦ ୟୁରୋ (୫୪୦ ଆମେରିକୀୟ ଡଲାର) ଦାବି କରୁଛନ୍ତି। ଏହି ଟି-ଶାର୍ଟ ଫ୍ରେଞ୍ଚରେ ‘ଥାଙ୍କ୍ ୟୁ ରାଫା’ ଓ ‘୨୫।୫।୨୦୨୫’ ଉଲ୍ଲେଖ ରହିଛି। ଗତ ରବିବାର ୧୪ ଥରର ଫ୍ରେଞ୍ଚ୍ ଓପନ୍ ଚାମ୍ପିୟନ ନାଡାଲଙ୍କ ଲାଗି ଆୟୋଜନ କରାଯାଇଥିବା ଫେୟାରୱେଲ ଉତ୍ସବରେ କୋର୍ଟ ଫିଲିପ-ଚାଟରିଅର




ଯୋଗ ଦେଇଥିବା ଦର୍ଶକଙ୍କ ମଧ୍ୟରେ ଏହି ଶାର୍ଟକୁ ବଣ୍ଟାଯାଇଥିଲା। ଦର୍ଶକଙ୍କ ମଧ୍ୟରେ ବିଭିନ୍ନ କ୍ଲେ ରଙ୍ଗର ଟି-ଶାର୍ଟ ବଣ୍ଟନ କରାଯାଇଥିଲା। ଏହି ଇଭେଣ୍ଟ ଶେଷହେବାର କିଛି ମିନିଟ୍ ପରେ ଉକ୍ତ ଟି-ଶାର୍ଟ ପୁନଃ ବିକ୍ରି ଲାଗି ବ୍ୟବହୃତ ହେଉଥିବା ପ୍ଲାଟଫର୍ମରେ ନଜର ଆସିଥିଲା। ସୋମବାର ୩୦ଟି ଶାର୍ଟ ବିକ୍ରି ଲାଗି ଲିଷ୍ଟେଡ୍ ହୋଇଥିବା ବେଳେ ମାକ୍ସିମ ବର୍ଥୁଇସ ନାମକ ଜଣେ ବିକ୍ରେତା ୫୦୦ ୟୁରୋରେ ତାଙ୍କ ଶାର୍ଟ ଲିଷ୍ଟ କରିଛନ୍ତି। ଏ ସଂକ୍ରାନ୍ତରେ ଫ୍ରେଞ୍ଚ୍ ଟେନିସ୍ ଫେଡେରେଶନ ସଭାପତି ଗାଇଲ୍ସ ମୋରଟନ କହିଛନ୍ତି, ଟି-ଶାର୍ଟକୁ ପୁନଃ ବିକ୍ରି କରାଯିବା ମୋତେ ଆଶ୍ଚର୍ଯ୍ୟ କରିଛି। ଦୁଃଖର ବିଷୟ ଯେ, କିଛି ଲୋକ ଲାଭ ପାଇଁ ମର୍ସି ରାଫା ଶାର୍ଟ ବିକ୍ରି କରୁଛନ୍ତି। ଆମେ କିଛି ସ୍ୱତନ୍ତ୍ର କରିଥିଲୁ। ଏଭଳି ପରିସ୍ଥିତି ପଛରେ ଏହି ସ୍ୱତନ୍ତ୍ରତା ହିଁ କାରଣ ହୋଇଥାଇପାରେ।

# ମେଡ୍‌ଭେଡେଭ୍‌ଙ୍କୁ ହରାଇଲେ ନୋରି


ମେଡଭେଡେଭଙ୍କୁ ହରାଇବାପରେ ଉଲ୍ଲସିତ କାମେରନ ନୋରି।

**ପ୍ୟାରିସ୍, ୨୭।୫**

ଚଳିତ ଫ୍ରେଞ୍ଚ୍ ଓପନ୍ ଗ୍ରାଣ୍ଡସ୍ଲାମ ଟେନିସ୍ ପୁରୁଷ ସିଙ୍ଗଲ୍ସ ପ୍ରଥମ ରାଉଣ୍ଡରୁ ବିଦାୟ ନେଇଛନ୍ତି ୧୧ଶ ସିଡ୍ ରୁଷିଆର ଡାନିଲ ମେଡ୍‌ଭେଡେଭ୍। ବ୍ରିଟେନ୍‌ର ଅଣସିଡେଡ୍ ଖେଳାଳି କାମେରନ ନୋରି ୭-୫, ୬-୩, ୪-୬, ୧-୬, ୭-୫ ସେଟ୍‌ରେ ମେଡ୍‌ଭେଡେଭ୍‌ଙ୍କୁ ହରାଇ ବିପର୍ଯ୍ୟୟ ସୃଷ୍ଟି କରିଛନ୍ତି। ତେବେ ଟପ୍ ସିଡ୍ ଜାନିକ ସିନର, ୩ୟ ସିଡ୍ ଆଲେକ୍‌ଜାଣ୍ଡର ଜେଭରେଭ୍, ୯ମ ସିଡ୍ ଆଲେକ୍ସ ଡି ମିନାଉର ପ୍ରମୁଖ ବିଜୟ ସହ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ସିନର ୬-୪, ୬-୩, ୭-୫ରେ ଆର୍ଥର ରିଣ୍ଡେର୍କନେଚ୍‌ଙ୍କୁ, ଜେଭରେଭ୍ ୬-୩, ୬-୩, ୬-୪ରେ ଲର୍ନର ଟିଏନଙ୍କୁ ଏବଂ ମିନାଉର ୬-୩, ୬-୪, ୭-୬ (୮/୬) ସେଟ୍‌ରେ ଲାସ୍‌ଲୋ ଡିଜେରେଙ୍କୁ ହରାଇ ଦେଇଛନ୍ତି। ୧୬ଶ ସିଡ୍ ଗ୍ରିଗୋର ଡିମିଟ୍ରୋଭ ୬-୨, ୬-୩, ୨-୬ରେ ଅଗ୍ରଣୀ ରହିଥିଲେ ହେଁ ଆହତ ସମସ୍ୟା ଯୋଗୁ ଓହରିଯିବାରୁ ଇଥାନ କ୍ୱିନ୍ ୱାକ୍‌ଓଭର ପାଇ ଦ୍ୱିତୀୟ ରାଉଣ୍ଡରେ ପହଞ୍ଚିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଆଲେକ୍‌ଜାଣ୍ଡର ଶେଭଚେଙ୍କୋ, ଫେଡେରିକୋ ଅଗଷ୍ଟିନ ଗୋମେଜ, ଆଲେକ୍‌ଜାଣ୍ଡର ବୁବ୍‌ଲିକ୍ ପ୍ରମୁଖ ବିଜୟୀ ହୋଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

## ଫ୍ରେଞ୍ଚ୍ ଓପନ୍ ଗ୍ରାଣ୍ଡସ୍ଲାମ ଟେନିସ୍

## ସିନର, ଜେଭରେଭ୍ ଦ୍ୱିତୀୟ ରାଉଣ୍ଡରେ

## ଗଫ୍, ଆଜାରେଙ୍କା ବିଜୟୀ

ମହିଳା ସିଙ୍ଗଲ୍ସରେ ଦ୍ୱିତୀୟ ସିଡ୍ କୋକୋ ଗଫ୍ ୬-୨, ୬-୨ ସେଟ୍‌ରେ ଓଲିଭିଆ ଗଡେକିଙ୍କୁ ହରାଇ ୨ୟ ରାଉଣ୍ଡରେ ପହଞ୍ଚିଛନ୍ତି। ସେହିପରି ସୋଫିଆ କେନିନ ୬-୩, ୬-୧ରେ ବାର୍ବରା ଗ୍ରାଚେଭାଙ୍କୁ, ଭିକ୍ଟୋରିଆ ଆଜାରେଙ୍କା ୬-୦, ୬-୦ରେ ୟାନିନା ୱିକମେୟରଙ୍କୁ, ୬ଷ୍ଠ ସିଡ୍ ମୀରା ଆନ୍ଦ୍ରେଭା ୬-୪, ୬-୩ରେ କ୍ରିଷ୍ଟିନା ବୁକ୍‌ସାଙ୍କୁ, ମାର୍କେଟା ଭେନ୍ଦ୍ରୋସୋଭା ୬-୪, ୬-୪ରେ ଓକସାନା ସେଲେଖମେଟେଭାଙ୍କୁ ହରାଇଥିବାବେଳେ ୨୩ତମ ସିଡ୍ ବିଟ୍ରିଜ ହାଡାଡ ମାଇଆ ୬-୪, ୩-୬, ୧-୬ରେ ହିଲି ବାପ୍ଟିଷ୍ଟେଙ୍କଠାରୁ ହାରି ବିଦାୟ ନେଇଛନ୍ତି। ତୃତୀୟ ସିଡ୍ ଜେସିକା ପେଗୁଲା ସିଧାସଳଖ ୬-୨, ୬-୪ ସେଟ୍‌ରେ ଆନ୍‌କା ଟୋଡୋନିଙ୍କୁ ହରାଇ ପ୍ରଥମ ରାଉଣ୍ଡ ଅତିକ୍ରମ କରିଛନ୍ତି।

# ସିନ୍ଧୁ, ପ୍ରଣୟ ଦ୍ୱିତୀୟ ରାଉଣ୍ଡରେ

**ସିଙ୍ଗାପୁର, ୨୭।୫(ପି.ଟି.)**

ଦୁଇଥର ଅଲିମ୍ପିକ ପଦକ ବିଜେତା ପି.ଭି. ସିନ୍ଧୁ ଓ ଏଚ୍.ଏସ୍. ପ୍ରଣୟ ଏଠାରେ ଚାଲିଥିବା ସିଙ୍ଗାପୁର ଓପନ ସୁପର ୭୫୦ ଟୁର୍ନାମେଣ୍ଟର ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ସିନ୍ଧୁ କାନାଡ଼ାର ୱେନ୍ ୟୁ ଝାଙ୍ଗ୍‌ଙ୍କ ବିପକ୍ଷ ମ୍ୟାଚ୍‌କୁ ମାତ୍ର ୩୧ ମିନିଟ୍‌ରେ ୨୧-୧୪, ୨୧-୯ ସିଧାସଳଖ ଗେମ୍‌ରେ ଜିତିନେଇଛନ୍ତି। ଏହି ପୂର୍ବତନ ବିଶ୍ୱ ଚାମ୍ପିୟନଙ୍କୁ କିନ୍ତୁ ପରବର୍ତ୍ତୀ ରାଉଣ୍ଡ ଜିତିବା କଷ୍ଟସାଧ୍ୟ ହେବ। ଏହି ରାଉଣ୍ଡରେ ସେ ଟୋକିଓ ଅଲିମ୍ପିକ ସ୍ୱର୍ଣ୍ଣ ବିଜେତା ଏବଂ ବର୍ତ୍ତମାନ ବିଶ୍ୱର ୫ ନମ୍ବର ଚାଇନାର ଚେନ୍ ୟୁ ଫେଇଙ୍କୁ ଭେଟିବେ। ଅନ୍ୟପକ୍ଷେ ବିଶ୍ୱର ୩୪ ନମ୍ବର ଖେଳାଳି ପ୍ରଣୟ କିନ୍ତୁ କଷ୍ଟସାଧ୍ୟ ବିଜୟ ହାସଲ କରିଛନ୍ତି। ୩୨ ବର୍ଷୀୟ ଏହି ଖେଳାଳି ପ୍ରଥମ ଗେମ୍ ୧୯-୨୧ରେ ପରାଜିତ ହେବା ପରେ ଦୃଢ଼ ପ୍ରତ୍ୟାବର୍ତ୍ତନ ସହ ଅବଶିଷ୍ଟ ଦୁଇଟି ଗେମ୍ ୨୧-୧୬, ୨୧-୧୪ରେ ଜିତି ନେଇଥିଲେ। ପ୍ରି-କ୍ୱାର୍ଟରରେ ସେ ଫ୍ରାନ୍ସର ଖ୍ରୀଷ୍ଟୋଭ ପୋପୋଭଙ୍କ ସହ ମୁକାବିଲା କରିବେ। ତେବେ ଭାରତର ଅନ୍ୟ ଖେଳାଳି ମାଳବିକା ବନ୍‌ସୋଡ୍, ଅନ୍‌ମୋଲ ଖରବ, ପ୍ରିୟାଂଶୁ ରାଜୱତ ଓ କରଣ ଜର୍ଜ ପ୍ରମୁଖ ସେମାନଙ୍କ ପ୍ରଥମ ରାଉଣ୍ଡ ସିଙ୍ଗଲ୍ସ ମ୍ୟାଚ ହାରିଯାଇଛନ୍ତି। ମାଳବିକା ଓ ପ୍ରିୟାଂଶୁ ଉଭୟ ସେମାନଙ୍କ ପ୍ରଥମ ଗେମ୍‌ରେ ଅଗ୍ରଣୀ ଲାଭକରି ମଧ୍ୟ ପରାଜିତ ହୋଇଥିଲେ। ମାଳବିକା ୮ମ ସିଡ୍ ଥାଇଲାଣ୍ଡର ସୁପାନିଦା କେଟ୍‌ଥଙ୍ଗ୍‌ଙ୍କଠାରୁ ୨୧-୧୪, ୧୮-୨୧, ୧୧-୨୧ରେ ହାରିଯାଇଥିବା ବେଳେ ପ୍ରିୟାଂଶୁ ୭ମ ସିଡ୍ ଜାପାନର କୋଦାଇ ନାରାଓକାଙ୍କଠାରୁ ୨୧-୧୪, ୧୦-୨୧, ୧୪-୨୧ରେ ପରାସ୍ତ ହୋଇଛନ୍ତି।


# ମନେ ପଡ଼ନ୍ତି

### ଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰ବିକେ ମୀରା ପାତ୍ର
(୰ଶ୍ୟାମସୁନ୍ଦର ପାତ୍ରଙ୍କ ଧର୍ମପତ୍ନୀ)
ସ୍ଥାନ: ଭିଆଇପି ପ୍ରେଷ୍ଟିଜ୍ ଆପାର୍ଟମେଣ୍ଟ, ରମାବଲ୍ଲଭ ରୋଡ୍, ପୁରୀ
ଆବିର୍ଭାବ: ମେ, ୧୯୩୦
ତିରୋଧାନ: ୧୯।୦୫।୨୦୨୫
ଜାତସ୍ୟ ହି ଧ୍ରୁବୋ ମୃତ୍ୟୁର୍ଧ୍ରୁବଂ ଜନ୍ମ ମୃତସ୍ୟ ଚ ତସ୍ମାଦପରିହାର୍ଯ୍ୟେଽର୍ଥେ ନ ତ୍ୱଂ ଶୋଚିତୁମର୍ହସି।
ତୁମର କର୍ମମୟ ଜୀବନ, ସ୍ନେହ, ଶ୍ରଦ୍ଧା, ତ୍ୟାଗ ଓ ଧର୍ମପରାୟଣତା ଆମ୍ଭମାନଙ୍କ ପାଇଁ ଅବିସ୍ମରଣୀୟ। ତୁମର ଅମର ଆତ୍ମାର ସଦ୍‌ଗତି ନିମନ୍ତେ ଜଗତର ନାଥ ଶ୍ରୀଜଗନ୍ନାଥଙ୍କର ନିକଟରେ ବିନମ୍ର ପ୍ରାର୍ଥନା।
ଶୋକସନ୍ତପ୍ତ: ପୁତ୍ର-ପୁତ୍ରବଧୂ, କନ୍ୟା-ଜାମାତା, ନାତି-ନାତୁଣୀ ଏବଂ ପରିବାରବର୍ଗ
ଧ-୭୬୦୫୯

### ଏକାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰ଶ୍ରୀଯୁକ୍ତ କରୁଣାକର ମଲ୍ଲିକ
Vijay Vihar, Bhubaneswar-2
ଆବିର୍ଭାବ: ୧୩।୧୦।୧୯୪୫
ତିରୋଧାନ: ୧୮।୦୫।୨୦୨୫
ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଚରଣ କମଳରେ ବିନମ୍ର ପ୍ରାର୍ଥନା।
ଶୋକସନ୍ତପ୍ତ:- ଜମ୍ବୁବତୀ, ନିରୁ, ଅଶୋକ, ବାବୁଲି, ଟୁନା, ବିଜୁ, ରିଙ୍କି, ଗୀତା, ଧୀରେନ୍ଦ୍ର, ଜୁଲି, ବାବୁ, ରନି, ମାମା, ପପୁ, ଗୁଡ଼ି, ସୋନା, ମୋନା ଓ ବନ୍ଧୁମାନେ।
ଧ-୬୫୫

### ଚତୁର୍ଥ ଶ୍ରାଦ୍ଧବାର୍ଷିକୀ



୰ ସତ୍ୟଭାମା ତ୍ରିପାଠୀ
୫୬୨-ଏକାମ୍ରବିହାର, ଭୁବନେଶ୍ୱର
ଆବିର୍ଭାବ-୧୪.୦୭.୧୯୪୫
ତିରୋଧାନ-୧୧.୦୬.୨୦୨୧
ଆପଣଙ୍କ ସ୍ନେହ, ଶ୍ରଦ୍ଧା, ତ୍ୟାଗ ଓ ନିଷ୍ଠା ଆମର ସର୍ବଦା ପାଥେୟ ହେଉ। ଆପଣଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ଶ୍ରୀଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା।
ଶୋକ ସନ୍ତପ୍ତ :
ପୁତ୍ର, ପୁତ୍ରବଧୂ, ଝିଅ-ଜ୍ୱାଇଁ, ନାତି-ନାତୁଣୀ, ପରିବାର ବର୍ଗ, ଆତ୍ମୀୟସ୍ୱଜନ ଏବଂ କର୍ମଚାରୀବୃନ୍ଦ
ସୌଜନ୍ୟ - ଗଣେଷ ଇନିଷ୍ଟିଚ୍ୟୁଟ୍ ଅଫ୍ ଇଞ୍ଜିନିୟରିଂ ଆଣ୍ଡ ଟେକ୍‌ନୋଲୋଜି (ଗ୍ରୁପ୍ ଅଫ୍ ଇନିଷ୍ଟିଚ୍ୟୁସନ୍ସ)
ଧ-୭୧୦

# Classified Everyday

0674-2580101, 9692975378


MATRIMONIAL

**BRIDE WANTED**

Bride wanted Brahmin 32 network Engineer (HFCL). 7008123336. D-694

Handsome Khandayat Boy 1990, 5'9", B.Tech, Serving Data Scientist MNC Bangalore. "SUNASANSAR". 9937512659. D-76271


REAL ESTATE

**SALE**

ନଖରାଛକରୁ 6K.M. ବ୍ରାହ୍ମଣଝରିଲୋରେ ଘରବାରି **boundary plot sale, 1500sqft. 30,00,000/-. 7978947520.** D-76272

ଭୁବନେଶ୍ୱର, **Puri bypass** ପିପିଲି, ଉତ୍ତରାଛକ, ଝାରପଡ଼ା ଏବଂ ନଖରାଛକ ଠାରେ **Residential Plot, 2/3BHK Flat** ବିକ୍ରିହେବ। **8327785834.** D-76266

**Sthitiban plot sale near IIT Argul, Khurdha, Bhubaneswar. Immediate registration/ possession sqft.- 350/-. 8328868883.** D-76270


CONSTRUCTION

Do you want to construct a building on your own plot please contact K.K. Construction. 7008268129, 9439143273. D-71397




Newly open Jyoti SPA positively health benefits (Expert therapist). 8458067955. D-76914

**Relax, Refresh your body, Mind at Saikrupa Spa with best therapies. 7848011468.** D-568

Newly open health benefits SPA by expert therapist. Contact- 8280961126. D-76915

**AFFIDAVIT**

By virtue of an affidavit sworn before Executive Magistrate, Bhadrak, dtd. 15.05.2025, I, Malatilata Sethy, W/o- Late Parshuram Sethi, Vill- Baudpur, P.O.- Madhabnagar, P.S./Dist.- Bhadrak, PIN- 756181 declare that I have changed my name from Malati Sethi to Malatilata Sethy. Henceforth, I shall be known as Malatilata Sethy for all purposes. D-722

I, Sandeep Sahoo, S/o- Ganeswar Sahoo, Resident of At- Baniasahi, P.O.- Buxibazar, Cuttack Sadar, Town/District.- Cuttack, PIN-753001, Odisha declare by this affidavit No.-4091, dt.20.03.2025. That now onwards I shall be known as Sandeep Kumar Sahoo for all future purposes. D-719

I, Jayant Kumar Moharana, S/o-Late Ajoy Moharana, At- Buxibazar, Baniasahi, P.S.- Mangalabag, Town/District-Cuttack, Odisha declare by this affidavit No,-4558, dt.27.05.2025. That now onwards I shall be known as Jayant Moharana for all future purposes. D-718

**Email** ମାଧ୍ୟମରେ କ୍ଲାସିଫାଏଡକୁ ବିଜ୍ଞାପନ ପଠାଇବାର ଠିକଣା:-
classifieddharitri@gmail.com

I, Rinita Sahoo, W/o- Sandeep Kumar Sahoo, Resident of At- Baniasahi, P.O.- Buxibazar, P.S.- Mangalabag, Town/ District-Cuttack, Odisha declare by this affidavit No.-4076, dt.06.05.2025. That now onwards I shall be known as Rinita Moharana for all future purposes. D-720

By virtue of an affidavit sworn before Executive Magistrate Sadar, Cuttack Sl. No.- 4554, dated 27.05.2025, I Aparna Dei, Address: At- Kendujhar Bazar, P.O.- Old Town, P.S.- Kendujhar, Dist.- Kendujhar, PIN-758001 declare that I have changed my name from Aparna Rout to Aparna Dei. Henceforth, I shall be known as Aparna Dei for all purposes.
Aparna Dei D-715

By virtue of an affidavit sworn before the Executive Magistrate, Bolangir, dated 22.05.2025, I, Susanta Rana, Address: At- Kutumdola, P.O.- Jhankarpali, P.S.- Bolangir Sadar, Dist.- Bolangir declare that I have changed my son's name from Sushanta Rana to Aditya Rana. Henceforth, he shall be known as Aditya Rana for all purposes.
Susanta Rana D-721

I, Vijayalaxmi Sahoo, D/o-Hrusikesh Sahoo, Vill/P.O.-Santrabandha, P.S.-Chhendipada, Dist.- Angul, Odisha. affidavit No.-782, dated 27.05.2025 sworn before the Executive Magistrate, Chhendipada, I have changed my Old name Bijaylaxmi Sahoo to Vijayalaxmi Sahoo. Bijaylaxmi Sahoo & Vijayalaxmi Sahoo is one & same person. Henceforth, she shall be known as Vijayalaxmi Sahoo for all future purposes. D-716

I, Sri Nalla Lokanath Das declared that as per affidavit No.-41, dtd. 27.5.2025 before the Executive Magistrate, Nandapur my son's Old name N Barun Das has been changed to Nalla Barun Das. Henceforth, he will be known as Nalla Barun Das, Son of Nalla Lokanath Das, At/P.O.- Nandapur, Dist.- Koraput for all purposes. D-714

By virtue of an affidavit sworn before Executive Magistrate, Jajpur Road, Sl No.- 2345, dated 27.05.2025 my son's correct name is Sriyansh Ghadei, Son of Smruti Ranjan Ghadai instead of Suryansha Ghadai, Village Chhotaraypur, Post.- Sankhachilla, Dist.- Jajpur. Henceforth, my son shall be known as Sriyansh Ghadei for all purpose. D-713

By virtue of an affidavit before the Executive Magistrate, Bhubaneswar, Khurdha, affidavit No.-24 on dated 09.02.2022, I, Rajendra Kumar Patanaik, S/o- Late Ramesh Chandra Patanaik of Plot No.- 222/ 223, Unit-III, Bhubaneswar, Odisha. My minor son Sangrila Pattnaik vide Lease Deed No.-209, dated 11.10.1999. That the Birth Certificate and all Educational Certificate has been mentioned Biswajeet Pattanayak. That Biswajeet Pattanayak and Sangrila Pattnaik is one and same person. D-711

By virtue of an affidavit before the Executive Magistrate, Bhubaneswar, Khurdha, affidavit No.-120 on dated 23.05.2025, I, Rajendra Kumar Patanaik, S/o- Late Ramesh Chandra Patanaik of Plot No.- 222/223, Unit-III, Bhubaneswar, Odisha. My minor son Sangrila Pattnaik vide Lease Deed No.-209 dated 11.10.1999. That the Birth Certificate and all Educational Certificate has been mentioned Biswajeet Pattanayak. That Biswajeet Pattanayak and Sangrila Pattnaik is one and same person. D-712

By virtue of an affidavit vide No.-54 sworn in the Court of Executive Magistrate, Panposh, I, Mukesh Ranjan Sahoo, S/o- Maheswar Sahoo, resident of Qrs. No.- EM 85, Basanti Colony, P.O.- Rourkela- 769012, P.S.- Uditnagar, Dist.- Sundargarh changed my Son's name from Shivam Sahoo to Akshat Kumar Sahoo in LIC Policy bearing No.- 866605911. Henceforth, he shall be known as Akshat Kumar Sahoo for all purposes. D-723

By virtue of an affidavit No.-913 sworn before Executive Magistrate, Bonth, dtd.23.05.2025, I, Snehalata Palei (28yrs), D/o- Maheswar Palei, Vill- Padakana, P.O.- Padhanpada, P.S.- Bonth, Dist.- Bhadrak, PIN- 756114 declare that I have changed my name from Premalata Palei to Snehalata Palei. Henceforth, I shall be known as Snehalata Palei for all purposes. D-724

Your Classified Advertisement published in Dharitri will be listed free in Dharitri Online Edition: dharitriepaper.in

**ପାଠକଙ୍କ ପାଇଁ ସୂଚନା**

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

# 'ଆର୍ଥିକ ସଶକ୍ତୀକରଣକୁ ନୂଆ ଆକାର ଦେବ'

ମୁମ୍ବାଇ,୨୭।୫(ଅଭୟ ଦାଶ)

ଜିଓ ବ୍ଲାକରକ୍ ଆସେଟ୍ ମ୍ୟାନେଜମେଣ୍ଟ ପ୍ରାଇଭେଟ୍ ଲିମିଟେଡ୍‌କୁ ଭାରତରେ ମ୍ୟୁଚୁଆଲ୍ ଫଣ୍ଡ ବ୍ୟବସାୟ କରିବା ପାଇଁ ସେବିର ଅନୁମୋଦନ ଲାଭ କରିଛି। ଏପରିକି ଏହି କମ୍ପାନୀ ଜିଓ ଫାଇନାନ୍ସ ସର୍ଭିସେସ୍ ଲିମିଟେଡ୍ (ଜେଏଫ୍ଏସ୍ଏଲ୍) ଏବଂ ବ୍ଲାକରକ୍ କମ୍ପାନୀର ଏକ ମିଳିତ ଉଦ୍ୟୋଗ ବୋଲି କୁହାଯାଉଛି। ଅପରପକ୍ଷରେ ଆଶା କରାଯାଉଛି ଯେ, କମ୍ପାନୀଟି ଖୁବ୍‌ଶୀଘ୍ର ଭାରତୀୟ ମ୍ୟୁଚୁଆଲ୍ ଫଣ୍ଡ ବଜାରରେ ପ୍ରବେଶ କରିବ। ଜିଓ ବ୍ଲାକରକ୍ ଦ୍ୱାରା ସିଡ୍ ସ୍ୱାମୀନାଥନଙ୍କୁ କମ୍ପାନୀର ଏମ୍‌ଡି ତଥା ସିଇଓ ଭାବେ ନିଯୁକ୍ତ କରାଯାଇଛି।

ଏ ସମ୍ପର୍କରେ ଜେଏଫ୍ଏସ୍ଏଲ୍‌ର ଅଣ-କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଈଶା ଅମ୍ବାନୀ କହିଛନ୍ତି, ବ୍ଲାକରକର୍ ବିଶ୍ୱସ୍ତରୀୟ


ଈଶା ଅମ୍ବାନୀ

ନିବେଶ ବିଶେଷଜ୍ଞତା ଏବଂ ଜିଓର ଡିଜିଟାଲ୍-ପ୍ରଥମ ନବସୃଜନ ଅଭିଜ୍ଞତା ରହିଛି, ଯାହା ବ୍ଲାକରକ୍ ସହିତ ଆମର ଏହି ସହଭାଗିତାକୁ ସଶକ୍ତ କରୁଛି। ଆମେ ଏକାଠି ପ୍ରତ୍ୟେକ ଭାରତୀୟଙ୍କ ପାଇଁ ନିବେଶକୁ ସରଳ, ସୁଲଭ ଏବଂ ସମାବେଶୀ କରିବା ପାଇଁ ପ୍ରତିବଦ୍ଧ ରହିଛୁ। ମୁଁ ନିଶ୍ଚିତ ଯେ ଜିଓ ବ୍ଲାକରକ ଆସେଟ୍ ମ୍ୟାନେଜମେଣ୍ଟ ଭାରତରେ ଆର୍ଥିକ ସଶକ୍ତୀକରଣର ଭବିଷ୍ୟତକୁ ଆକାର ଦେବାରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରିବ। ସେହିଭଳି ବ୍ଲାକରକ୍ ଅନ୍ତର୍ଜାତୀୟ ମୁଖ୍ୟ ରାଚେଲ ଲର୍ଡ କହିଛନ୍ତି, ଭାରତରେ ଆସେଟ୍ ମ୍ୟାନେଜମେଣ୍ଟ ବା ସମ୍ପତ୍ତି ପରିଚାଳନା ଆଜି ଏକ ଅନନ୍ୟ ମୋଡ଼ରେ ରହିଛି। ଜିଓ ବ୍ଲାକରକ୍ ନିବେଶକମାନଙ୍କୁ ସିଧାସଳଖ କମ୍ ମୂଲ୍ୟରେ ସଂସ୍ଥାଗତ ଗୁଣାତ୍ମକ ଉତ୍ପାଦ ପ୍ରଦାନ କରି ଭାରତରେ ଅଧିକ ଲୋକଙ୍କୁ ପୁଞ୍ଜି ବଜାରରେ ପ୍ରବେଶ କରିବାରେ ସାହାଯ୍ୟ କରିବ। ଏପରିକି ଆମର ସହଭାଗୀ ଜେଏଫ୍ଏସ୍ଏଲ୍ ସହିତ ମିଶି ଆମେ ଭାରତକୁ ସଞ୍ଚୟକାରୀଙ୍କ ଦେଶରୁ ନିବେଶକଙ୍କ ଦେଶ ଭାବେ ପରିବର୍ତ୍ତିତ ହେବା ଦିଗରେ ଯୋଗଦାନ ପାଇଁ ପ୍ରସ୍ତୁତ ରହିଛୁ।

ସେହିପରି ବ୍ଲାକରକ ଅନ୍ତର୍ଜାତୀୟ ଇଣ୍ଡେକ୍ସ ଇକ୍ୱିଟିର ପୂର୍ବତନ ମୁଖ୍ୟ ସିଡ୍ ସ୍ୱାମୀନାଥନଙ୍କୁ ବର୍ତ୍ତମାନ ଜିଓ ବ୍ଲାକରକ୍ ଦାୟିତ୍ୱ ମିଳିଛି। ସେ ବର୍ତ୍ତମାନ ପର୍ଯ୍ୟନ୍ତ ୧.୨୫ ଟ୍ରିଲିୟନ ଡଲାର ମୂଲ୍ୟର ସମ୍ପତ୍ତି ପରିଚାଳନା କରିଛନ୍ତି। ଏ ନେଇ ସେ କହିଛନ୍ତି, ମୋତେ ଜିଓ ବ୍ଲାକରକ୍ ଆସେଟ୍ ମ୍ୟାନେଜମେଣ୍ଟର ନେତୃତ୍ୱ ନେବା ଏବଂ ନିବେଶକମାନଙ୍କ ନିବେଶ କ୍ଷମତା ବୃଦ୍ଧି କରି ଭାରତରେ ଆସେଟ୍ ମ୍ୟାନେଜମେଣ୍ଟ ବା ସମ୍ପତ୍ତି ପରିଚାଳନାକୁ ନୂଆ ରୂପ ଦେବାର ସମ୍ମାନ ମିଳିଛି। ଜିଓ ବ୍ଲାକରକ୍ ଆସେଟ୍ ମ୍ୟାନେଜମେଣ୍ଟର ଲକ୍ଷ୍ୟ ହେଉଛି, ସାରା ଭାରତରେ ନିବେଶକମାନଙ୍କୁ ସଂସ୍ଥାଗତ ଗୁଣାତ୍ମକ ନିବେଶ ଉତ୍ପାଦ ପ୍ରଦାନ କରିବା।

## ଶେୟାର ବଜାରରେ ହ୍ରାସ

ମୁମ୍ବାଇ,୨୭।୫

ଦିନକ ପରେ ପୁଣି ଥରେ ଘରୋଇ ଶେୟାର ବଜାର କାରବାରରେ ପରିବର୍ତ୍ତନ ଘଟିଛି। ଏପରିକି ଚଳିତ ସପ୍ତାହର ଦ୍ୱିତୀୟ କାର୍ଯ୍ୟ ଦିବସ ଫଳାଫଳ ଅନୁଯାୟୀ ଶେୟାର ବଜାର କାରବାରରେ ହ୍ରାସ ସହ ନିବେଶକମାନେ ଲକ୍ଷାଧିକ ଟଙ୍କାର ନିବେଶ ହରାଇଛନ୍ତି। ବିଶେଷ କରି ମଙ୍ଗଳବାର ବମ୍ବେ ଷ୍ଟକ ଏକ୍ସଚେଞ୍ଜ (ବିଏସଇ) ର ସେନସେକ୍ସ ୬୨୪.୮୨ ପଏଣ୍ଟ ହ୍ରାସ ଘଟି ୮୧,୫୫୧.୬୩ ଅଙ୍କରେ କାରବାର ବନ୍ଦ ହୋଇଥିଲା। ସେହିଭଳି ନ୍ୟାଶନାଲ ଷ୍ଟକ ଏକ୍ସଚେଞ୍ଜ (ଏନଏସଇ) ର ନିଫ୍ଟି-୫୦ରେ ମଧ୍ୟ ୧୭୪.୯୫ ପଏଣ୍ଟ କମି ୨୪,୮୨୬.୨୦ ଅଙ୍କରେ କାରବାର ଶେଷ ହୋଇଥିଲା। ଅପରପକ୍ଷରେ ବିଏସଇ ସେନସେକ୍ସର ମିଡକ୍ୟାପ୍ ଓ ସ୍ମଲକ୍ୟାପ୍ ଶେୟାରଗୁଡ଼ିକର ଇଣ୍ଡେକ୍ସ ସହିତ ଏନଏସଇ ନିଫ୍ଟି ମିଡକ୍ୟାପ, ସ୍ମଲକ୍ୟାପ ଏବଂ ବ୍ୟାଙ୍କ ଓ ଆଇଟି ଶେୟାରଗୁଡ଼ିକର କାରବାରରେ ମଧ୍ୟ ପରିବର୍ତ୍ତନ ହୋଇଛି।

## କ୍ୟାମ୍ପସ ଚୟନରେ ଡ୍ରିମ୍ସ ପଲିଟେକ୍‌ନିକର ବାଜିମାତ

ଭୁବନେଶ୍ୱର,୨୭।୫

ରାଜ୍ୟର ପ୍ରମୁଖ ଘରୋଇ ଶିକ୍ଷାନୁଷ୍ଠାନ ତଥା ଡ୍ରିମ୍ସ ଗ୍ରୁପର ବୈଷୟିକ କଲେଜ ଡ୍ରିମ୍ସ ପଲିଟେକ୍‌ନିକ କ୍ୟାମ୍ପସ ଚୟନରେ ବାଜିମାତ କରିଛି। ଏପରିକି ଡ୍ରିମ୍ସ ପଲିଟେକନିକ୍ ୨୦୨୫ ବ୍ୟାଚ୍‌ର ୪୭୯ ଛାତ୍ରୀଛାତ୍ରଙ୍କୁ ଦେଶର ବିଭିନ୍ନ ପ୍ରତିଷ୍ଠିତ ଉଦ୍ୟୋଗରେ ନିଯୁକ୍ତି ସୁଯୋଗ ମିଳିଛି। ଏମାନଙ୍କ ମଧ୍ୟରେ ୩୩ ଜଣ ଛାତ୍ରୀ ଏବଂ ୪୪୬ ଜଣ ଛାତ୍ର ସାମିଲ ଅଛନ୍ତି। ଅପରପକ୍ଷରେ କଲେଜର ମେକାନିକାଲ, ଇଲେକ୍ଟ୍ରିକାଲ, ଇଲେକ୍ଟ୍ରୋନିକ୍ସ ଆଣ୍ଡ ଟେଲିକମ୍ୟୁନିକେଶନ, ସିଭିଲ୍ ଓ କମ୍ପ୍ୟୁଟର ସାଇନ୍ସ ଇଞ୍ଜିନିୟରିଂ ବିଭାଗର ଏହି କୃତୀ ଛାତ୍ରୀଛାତ୍ରଙ୍କୁ ଉଇପ୍ରୋ, ଭୋଲଟାସ୍, ସେନଟମ୍ ଇଲେକ୍ଟ୍ରୋନିକ୍ସ, କୁମିନ୍ସ ଇଣ୍ଡିଆ ଲିମିଟେଡ୍, ଏଲ୍ ଆଣ୍ଡ ଟି, ସିପ୍‌ଲା ଲିମିଟେଡ୍, ଜେଏସ୍‌ଡବ୍ଲ୍ୟୁ ଷ୍ଟିଲ୍, ଏଟିସି ଟାୟାର, ଆର୍ସେଲର ମିତ୍ତଲ, ଥର୍ମାକ୍ସ ଲିମିଟେଡ୍ ଭଳି କମ୍ପାନୀରେ ନିଯୁକ୍ତି ମିଳିଛି। ଡ୍ରିମ୍ସ ପଲିଟେକ୍‌ନିକର ପ୍ଲେସମେଣ୍ଟ ଅଧିକାରୀ ବୈଦ୍ୟନାଥ ସାମଲଙ୍କ ତତ୍ତ୍ୱାବଧାନରେ ଏହି ନିଯୁକ୍ତି ମନୋନୟନ ଆୟୋଜିତ ହୋଇଥିଲା। ଛାତ୍ରୀଛାତ୍ରଙ୍କ ଏହି ଉଲ୍ଲେଖନୀୟ ସଫଳତା ନିମନ୍ତେ



ଡ୍ରିମ୍ସ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥ, ସହ ଅଧ୍ୟକ୍ଷ ଇଂ. ଦୁର୍ଗା ପ୍ରସାଦ ରଥ, ପ୍ରଶାସନିକ ନିର୍ଦ୍ଦେଶକ ବଳରାମ କର, ବରିଷ୍ଠ ନିର୍ଦ୍ଦେଶକ ପ୍ରଦୀପ୍ତ ଚନ୍ଦ୍ର ରଥ, ନିର୍ଦ୍ଦେଶିକା ଚିନ୍ମୟୀ ରଥ, ପଲିଟେକ୍‌ନିକର ଏକାଡେମିକ୍ ନିର୍ଦ୍ଦେଶକ ଇଂ. ପ୍ରଦୀପ୍ତ ରଞ୍ଜନ ମହାନ୍ତି ଓ ଅଧ୍ୟକ୍ଷା ଡ. ତପସ୍ୱିନୀ ସାହୁ ପ୍ରମୁଖ ସେମାନଙ୍କୁ ଶୁଭେଚ୍ଛା ଜଣାଇବା ସହିତ ସମସ୍ତଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି।

ଉଲ୍ଲେଖଯୋଗ୍ୟ, ରାଜ୍ୟର ଘରୋଇ ଶିକ୍ଷାନୁଷ୍ଠାନଗୁଡ଼ିକ ମଧ୍ୟରେ ଡ୍ରିମ୍ସ ପଲିଟେକନିକ୍ ଶ୍ରେଷ୍ଠ ୨ୟ ସ୍ଥାନରେ ରହିଥିବାବେଳେ ଶିକ୍ଷାନୁଷ୍ଠାନର 'ଇନୋଭେଶନ୍ ସେଲ୍' (ଆଇଆଇସି) ଭାରତ ସରକାରଙ୍କ ଶିକ୍ଷା ମନ୍ତ୍ରାଳୟ ଦ୍ୱାରା ଥ୍ରୀ-ଷ୍ଟାର ର୍ୟାଙ୍କ୍ ପାଇବାର ଗୌରବ ହାସଲ କରିଛି।

## ବ୍ୟବସାୟରେ ଆର୍ଥିକ ସାକ୍ଷରତାକୁ ଗୁରୁତ୍ୱ

ଭୁବନେଶ୍ୱର,୨୭।୫

ବର୍ତ୍ତମାନ ସମୟରେ ଡିଜିଟାଲ ଜ୍ଞାନକୌଶଳ ସାଙ୍ଗକୁ ଆର୍ଥିକ ସାକ୍ଷରତାର ଚାହିଦା ଦିନକୁ ଦିନ ବୃଦ୍ଧି ପାଇଚାଲିଛି। ବିଶେଷକରି ବ୍ୟବସାୟ କ୍ଷେତ୍ରରେ ଆର୍ଥିକ ସାକ୍ଷରତାକୁ ସର୍ବାଧିକ ଗୁରୁତ୍ୱ ଦିଆଯାଉଛି ବୋଲି ଜିଆର୍‌ଏସ୍‌ଇର ନିର୍ଦ୍ଦେଶକ(ଅର୍ଥ) ଆର୍.କେ. ଦାଶ ବିସ୍ତୃତ ଭାବେ ମତପ୍ରକାଶ କରିଛନ୍ତି। ଏପରିକି ସେ ଜଣେ ଅଭିଜ୍ଞ ଆର୍ଥିକ ପେସାଦାର ଏବଂ ବିଭିନ୍ନ ଶିଳ୍ପରେ ୩୫ ବର୍ଷରୁ ଅଧିକ ଅଭିଜ୍ଞତା ରହିଛି। ନିଜର ଅଭିନବ ଚିନ୍ତାଧାରା ଏବଂ ପରିବର୍ତ୍ତନଶୀଳ ଆର୍ଥିକ ରଣନୀତି ପାଇଁ ସେ ବେଶ୍ ଜଣାଶୁଣା ଓ ଅନେକ ସଂଗଠନର ଆର୍ଥିକ ସ୍ୱାସ୍ଥ୍ୟରେ ଉନ୍ନତି ଆଣିବାରେ ଦାଶ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଛନ୍ତି। ଅପରପକ୍ଷରେ ଏକ ଗଭୀର ବାର୍ତ୍ତାଳାପରେ ଦାଶ କେବଳ କର୍ପୋରେଟ୍‌ମାନଙ୍କ ପାଇଁ ନୁହେଁ, ବ୍ୟକ୍ତିବିଶେଷ ଏବଂ କ୍ଷୁଦ୍ର ବ୍ୟବସାୟ ପାଇଁ ମଧ୍ୟ ଆର୍ଥିକ ସାକ୍ଷରତାର ଗୁରୁତ୍ୱ ଉପରେ ଗୁରୁତ୍ୱାରୋପ କରିଥିଲେ। ତାଙ୍କ ମତରେ ଆମର ଶିକ୍ଷାଗତ ପାଠ୍ୟକ୍ରମରେ ଇତିହାସ, ଭୂଗୋଳ, ବିଜ୍ଞାନ ଏବଂ ଗଣିତ ଭଳି ବିଷୟକୁ ଅନ୍ତର୍ଭୁକ୍ତ କରାଯାଇଥିଲେ ମଧ୍ୟ ଏହା ପ୍ରାୟତଃ ଏକ ଦକ୍ଷତାକୁ ଅବହେଳା କରିଥାଏ, ଯାହା ଦୈନନ୍ଦିନ ଜୀବନର ପ୍ରତ୍ୟେକ ଦିଗକୁ ପ୍ରଭାବିତ କରିଥାଏ- ବ୍ୟକ୍ତିଗତ ଆର୍ଥିକ ପରିଚାଳନା ଓ ଆର୍ଥିକ ଜ୍ଞାନର ଅଭାବ ଅନେକ ସମୟରେ ଆର୍ଥିକ ସମସ୍ୟା ସୃଷ୍ଟି କରିଥାଏ, ଯାହା ଖାଦ୍ୟ, ଆଶ୍ରୟ, ଶିକ୍ଷା ଏବଂ ସ୍ୱାସ୍ଥ୍ୟସେବା ଭଳି ମୌଳିକ ଆବଶ୍ୟକତାକୁ ସିଧାସଳଖ ପ୍ରଭାବିତ କରିଥାଏ। ଆର୍ଥିକ ସାକ୍ଷରତା ବିଳାସ ନୁହେଁ, ଏହା ଏକ ଆବଶ୍ୟକତା ବୋଲି କୁହାଯାଉଛି। ଏହି ଧାରଣାକୁ ସରଳ ଶବ୍ଦରେ ବର୍ଣ୍ଣନା କରି ଦାଶ ଆର୍ଥିକ ସାକ୍ଷରତାକୁ ସାଧାରଣ ସାକ୍ଷରତା ସହ ତୁଳନା କରିଥିଲେ।

## ମଣିପାଲ ହସ୍ପିଟାଲରେ ବିଶ୍ୱ ଜରୁରିକାଳୀନ ଚିକିତ୍ସା ଦିବସ ପାଳିତ

ଭୁବନେଶ୍ୱର,୨୭।୫

ପ୍ରତିବର୍ଷ ଭଳି ଚଳିତବର୍ଷ ମଧ୍ୟ ଭୁବନେଶ୍ୱରର ମଣିପାଲ ହସ୍ପିଟାଲରେ ବିଶ୍ୱ ଜରୁରିକାଳୀନ ଚିକିତ୍ସା ଦିବସ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ମଣିପାଲ ହସ୍ପିଟାଲ ଭୁବନେଶ୍ୱର ପକ୍ଷରୁ ଏକ ସ୍ୱତନ୍ତ୍ର ଆଲୋଚନାଚକ୍ର 'ଜରୁରିକାଳୀନ ଚିକିତ୍ସାର ଭବିଷ୍ୟତ : ରୋଗୀ ସେବାରେ ନୂତନ ପ୍ରଦର୍ଶନ' ର ଆୟୋଜନ କରାଯାଇଥିଲା।

ଏହି ଅବସରରେ ରାଜ୍ୟ ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡା. ନୀଳକଣ୍ଠ ମିଶ୍ର ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲାବେଳେ ମଣିପାଲ ହସ୍ପିଟାଲର ହସ୍ପିଟାଲ ଡାଇରେକ୍ଟର ଡା. ଶକ୍ତିମୟ ମହାପାତ୍ର, ମେଡିକାଲ ସୁପରିଣ୍ଟେଣ୍ଡେଣ୍ଟ ଡା. ସିଦ୍ଧାର୍ଥ ମିଶ୍ରଙ୍କ ସମେତ ରାଜ୍ୟର ବିଭିନ୍ନ ହସ୍ପିଟାଲରେ ଜରୁରିକାଳୀନ ବିଭାଗରେ କାମ କରୁଥିବା ୮୦ରୁ ଊର୍ଦ୍ଧ୍ୱ ଡାକ୍ତର ଯୋଗଦାନ କରିଥିଲେ। ସେହିଭଳି ଡା.



ନୀଳକଣ୍ଠ ମିଶ୍ର ଜରୁରିକାଳୀନ ଚିକିତ୍ସାରେ ପ୍ରସ୍ତୁତି ଏବଂ ଅବିରତ ଶିକ୍ଷାର ଗୁରୁତ୍ୱ ଉପରେ ଆଲୋଚନା କରିଥିଲେ। ଏ ନେଇ ସେ କହିଥିଲେ, ଜରୁରିକାଳୀନ ଚିକିତ୍ସା ଜୀବନ ରକ୍ଷା ପାଇଁ ଅତ୍ୟନ୍ତ ଜରୁରୀ ହୋଇଥିଲାବେଳେ ଏଭଳି କାର୍ଯ୍ୟକ୍ରମଗୁଡ଼ିକ ଡାକ୍ତରଙ୍କ ପାଇଁ ବେଶ୍ ଗୁରୁତ୍ୱପୂର୍ଣ୍ଣ। ଏ ନେଇ ମଣିପାଲ ହସ୍ପିଟାଲର ହସ୍ପିଟାଲ ଡାଇରେକ୍ଟର ଡା. ମହାପାତ୍ର କହିଥିଲେ, ଆମେ ଦୃଢ଼ଭାବେ ବିଶ୍ୱାସ କରୁଛୁ ଯେ ଜରୁରିକାଳୀନ ଚିକିତ୍ସା ହେଉଛି ଆଧୁନିକ ସ୍ୱାସ୍ଥ୍ୟସେବାର ମୂଳାଧାର। ଏହି ଆଲୋଚନାଚକ୍ର ହେଉଛି ଆମର ଏହି ପ୍ରତିବଦ୍ଧତାର ପ୍ରମାଣ, ଯାହା ଆଗାମୀ ଦିନର ଜରୁରିକାଳୀନ ଚିକିତ୍ସା ପ୍ରଣାଳୀକୁ ଅଧିକ କାର୍ଯ୍ୟକ୍ଷମ, ସହଯୋଗମୂଳକ ଓ ନବପରିଚାଳିତ କରିବା ଲକ୍ଷ୍ୟରେ ଚିକିତ୍ସାର ଉତ୍ତମତାକୁ ପ୍ରୋତ୍ସାହିତ କରିବାରେ ସହାୟକ ହେବ।

## ଆଇଟିଆର ଦାଖଲ ସମୟସୀମା ବୃଦ୍ଧି

ଭୁବନେଶ୍ୱର,୨୭।୫
(ଅନୁରାଧା ମହାରଣା)

ଆୟକର ବିଭାଗ ପକ୍ଷରୁ ଆୟକରଦାତାଙ୍କୁ ଏକ ବଡ଼ ଆଶ୍ୱସ୍ତି ମିଳିଛି। ଆର୍ଥିକ ବର୍ଷ ୨୦୨୫-୨୬ ପାଇଁ ଆୟକର ରିଟର୍ନ (ଆଇଟିଆର) ଦାଖଲ ସମୟସୀମା ବୃଦ୍ଧି କରାଯାଇଛି। ଆଇଟିଆର୍ ଦାଖଲ କରିବାର ଶେଷ ତାରିଖ ଜୁଲାଇ ୩୧ରୁ ସେପ୍ଟେମ୍ବର ୧୫ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। କେନ୍ଦ୍ରୀୟ ପ୍ରତ୍ୟକ୍ଷ ଟିକସ ବୋର୍ଡ (ସିବିଡିଟି) ପକ୍ଷରୁ ଏହି ସୂଚନା ଦିଆଯାଇଛି। ଆଇଟିଆର ଫର୍ମରେ ବଡ଼ ପରିବର୍ତ୍ତନ, ସିଷ୍ଟମ ଅପଗ୍ରେଡ ଏବଂ ଟିଡିଏସ କ୍ରେଡିଟରେ ଥିବା ଅସଙ୍ଗତି ଯୋଗୁଁ ଆୟକର ରିଟର୍ନ ଦାଖଲ ସମୟସୀମା ବୃଦ୍ଧି କରିବାର ନିଷ୍ପତ୍ତି ନିଆଯାଇଛି। କରଦାତାମାନେ ସୁବିଧାରେ ସଠିକ ଭାବେ ସେମାନଙ୍କର ରିଟର୍ନ ଫାଇଲ ପାଇଁ ସମୟସୀମା ବୃଦ୍ଧି କରିବାକୁ ନିଷ୍ପତ୍ତି ନିଆଯାଇଛି। ଫର୍ମରେ ପରିବର୍ତ୍ତନ ସହିତ, ଆୟକର ଫାଇଲିଂ ପୋର୍ଟାଲରେ ସିଷ୍ଟମ ଅପଗ୍ରେଡ କାମ ମଧ୍ୟ ଚାଲିଛି। ଏହି ବୃଦ୍ଧି ପରେ ସେପ୍ଟେମ୍ବର୧୫ ସୁଦ୍ଧା ଆଇଟିଆର ଫାଇଲ କଲେ କରଦାତାଙ୍କୁ କୌଣସି ପ୍ରକାରର ଜରିମାନା ଦେବାକୁ ପଡ଼ିବ ନାହିଁ। ଯେଉଁ କରଦାତା ଏବଂ ଛୋଟ ବ୍ୟବସାୟୀଙ୍କର ଆକାଉଣ୍ଟଗୁଡ଼ିକର ଅଡିଟ କରିବା ବାଧ୍ୟତାମୂଳକ ନୁହେଁ ଏହି ନିଷ୍ପତ୍ତି ସେମାନଙ୍କ ପାଇଁ ଲାଭ ଦାୟକ ହେବ।




# ଆରସିବି-ପଞ୍ଜାବ କ୍ୱାଲିଫାୟର-୧

**ଲକ୍ଷ୍ନୌ, ୨୭।୫**

ଇଣ୍ଡିଆନ ପ୍ରିମିୟର ଲିଗ (ଆଇପିଏଲ୍) ୨୦୨୫ର ମଙ୍ଗଳବାର ଅନୁଷ୍ଠିତ ଶେଷ ଲିଗ୍ ମ୍ୟାଚରେ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆରସିବି) ୬ ଉଇକେଟରେ ଲକ୍ଷ୍ନୌ ସୁପର ଜାଏଣ୍ଟ୍ସକୁ ପରାସ୍ତ କରିଛି। ଅଧିନାୟକ ରିଷଭ ପନ୍ତଙ୍କ ଶତକ ସହାୟତାରେ ଲକ୍ଷ୍ନୌ ୨୦ ଓଭରରେ ୩ ଉଇକେଟ ହରାଇ ୨୨୭ ରନ କରିଥିଲା। ପନ୍ତ ୬୧ ବଲ୍‌ରୁ ୧୧ ଚୌକା ଓ ୮ ଛକା ସହାୟତାରେ ୧୧୮ରନରେ ଅପରାଜିତ ରହିଥିଲେ। ଜବାବରେ ଆରସିବି ୧୮.୪ ଓଭରରେ ୪ ଉଇକେଟ ହରାଇ ୨୩୦ ରନ ସଂଗ୍ରହ କରି ନେଇଥିଲା। ବିରାଟ କୋହଲିଙ୍କ ଦ୍ରୁତ ଅର୍ଦ୍ଧଶତକ (୩୦ ବଲ୍‌ରୁ ୫୪ ରନ, ୧୦ ଚୌକା) ପରେ କାମଚଳା ଅଧିନାୟକ ଜୀତେଶ ଶର୍ମାଙ୍କ ବିସ୍ଫୋରକ ୮୫* (୩୩ ବଲ୍, ୮ ଚୌକା, ୬ ଛକା) ଓ ମୟଙ୍କ ଅଗ୍ରୱାଲଙ୍କ ୪୧ (୨୩ ବଲ) ରନ ବଳରେ ଆରସିବି ଉତ୍କଣ୍ଠିତ ବିଜୟ ହାସଲ କରିଥିଲା। ଏହି ମ୍ୟାଚ ଫଳାଫଳ ସହ



ଶଟ୍ ଖେଳିବା ଅବସରରେ ଜୀତେଶ ଶର୍ମା।

### ପ୍ଲେ-ଅଫ୍ କାର୍ଯ୍ୟସୂଚୀ

ମେ ୨୯: କ୍ୱାଲିଫାୟର-୧
ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ବନାମ ପଞ୍ଜାବ କିଙ୍ଗ୍ସ
ସ୍ଥାନ: ମୁଲାନପୁର, ଚଣ୍ଡିଗଡ଼
ମେ ୩୦: ଏଲିମିନେଟର
ଗୁଜରାଟ ଟାଇଟନ୍ସ ବନାମ ମୁମ୍ବାଇ ଇଣ୍ଡିଆନ୍ସ
ସ୍ଥାନ: ମୁଲାନପୁର, ଚଣ୍ଡିଗଡ଼
ଜୁନ୍-୧: କ୍ୱାଲିଫାୟର-୨
ସ୍ଥାନ: ଅହମଦାବାଦ
ଜୁନ ୩: ଫାଇନାଲ
ସ୍ଥାନ: ଅହମଦାବାଦ
(ସମସ୍ତ ମ୍ୟାଚ ସନ୍ଧ୍ୟା ୭ଟା ୩୦ରେ ଆରମ୍ଭ ହେବ)

### ଗୁଜରାଟ-ମୁମ୍ବାଇ ଏଲିମିନେଟର

ଆଇପିଏଲ୍‌ର ପ୍ଲେ-ଅଫ୍ କାର୍ଯ୍ୟସୂଚୀ ଚୂଡ଼ାନ୍ତ ହୋଇଯାଇଛି। ଆସନ୍ତା ୨୯ ତାରିଖରେ ପଞ୍ଜାବ କିଙ୍ଗ୍ସ ସହ ଆରସିବି କ୍ୱାଲିଫାୟର-୧ ଖେଳିବ। ୩୦ ତାରିଖରେ ମୁମ୍ବାଇ ଇଣ୍ଡିଆନ୍ସ ଓ ଗୁଜରାଟ ଟାଇଟନ୍ସ ମଧ୍ୟରେ ଏଲିମିନେଟର ଅନୁଷ୍ଠିତ ହେବ।

ଟସ୍ ଜିତି ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ ଆରସିବିର କାମଚଳା ଅଧିନାୟକ ଜୀତେଶ ଶର୍ମା। ଲକ୍ଷ୍ନୌ ସ୍କୋର ୨୫ ଥିବାବେଳେ ୩ୟ ଓଭରର ୪ର୍ଥ ବଲ୍‌ରେ ମାଥ୍ୟୁ ବ୍ରିଜ୍‌କେଙ୍କୁ ଆଉଟ କରିଥିଲେ ଥୁଶରା। ମାତ୍ର ଏଥିରୁ ଆରସିବି ବିଶେଷ ଫାଇଦା ଉଠାଇପାରି ନ ଥିଲା। ଓପନର ମିଚେଲ ମାର୍ଶଙ୍କ ସହ ଅଧିନାୟକ ରିଷଭ ପନ୍ତ ଯୋଗଦେଇ ଦ୍ରୁତ ହାରରେ ରନ ସଂଗ୍ରହ ସହ ଇନିଂସକୁ ଆଗେଇ ନେଇଥିଲେ। ପନ୍ତ ଏଠାରେ ମାତ୍ର ୫୪ ବଲ୍‌ରୁ ୧୦ ଚୌକା ଓ ୬ ଛକା ସହାୟତାରେ ଶତକ ପୂରଣ କରିଥିଲେ। ଚଳିତ ସିଜନରେ ଏହାଥିଲା ତାଙ୍କର ପ୍ରଥମ ଓ ଆଇପିଏଲ୍‌ରେ ଦ୍ୱିତୀୟ ଶତକ। ଆରସିବି ପକ୍ଷରୁ ନୂଆନ ଥୁଶରା, ଭୁବନେଶ୍ୱର କୁମାର ଓ ରୋମାରିଓ ଶେଫର୍ଡ ଗୋଟିଏ ଲେଖାଏ ଉଇକେଟ ନେଇଥିଲେ।

**ସଂକ୍ଷିପ୍ତ ସ୍କୋର**

ଲକ୍ଷ୍ନୌ ସୁପର ଜାଏଣ୍ଟ୍ସ ୨୦ ଓଭରରେ ୨୨୭/୩ (ରିଷଭ ପନ୍ତ-୧୧୮*, ମିଚେଲ ମାର୍ଶ-୬୭, ନୂଆନ ଥୁଶରା-୧/୨୬, ଭୁବନେଶ୍ୱର କୁମାର-୧/୪୬, ରୋମାରିଓ ଶେଫର୍ଡ-୧/୫୧)। ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ୧୮.୪ ଓଭରରେ ୨୩୦/୪ (ବିରାଟ କୋହଲି-୫୪, ଜୀତେଶ ଶର୍ମା-୮୫*, ମୟଙ୍କ ଅଗ୍ରୱାଲ-୪୧*, ଫିଲିପ ସଲ୍ଟ-୩୦, ୱିଲ୍ ଓ'ରୌର୍କ-୨/୭୪, ଆକାଶ ସିଂ-୧/୪୦, ଆଭେସ ଖାଁ-୧/୩୨)।

### ଆଇପିଏଲ୍ ପଏଣ୍ଟ ଟେବୁଲ

| ଦଳ | ମ୍ୟାଚ | ବିଜୟ | ପରାଜୟ | ବି.ଫ. | ପଏଣ୍ଟ | ରନ ହାର |
|---|---|---|---|---|---|---|
| ପଞ୍ଜାବ କିଙ୍ଗ୍ସ | ୧୪ | ୯ | ୪ | ୧ | ୧୯ | +୦.୩୭୨ |
| ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ | ୧୪ | ୯ | ୪ | ୧ | ୧୯ | +୦.୩୦୧ |
| ଗୁଜରାଟ ଟାଇଟନ୍ସ | ୧୪ | ୯ | ୫ | ୦ | ୧୮ | +୦.୨୫୪ |
| ମୁମ୍ବାଇ ଇଣ୍ଡିଆନ୍ସ | ୧୪ | ୮ | ୬ | ୦ | ୧୬ | +୧.୧୪୨ |
| ଦିଲ୍ଲୀ କ୍ୟାପିଟାଲ୍ସ | ୧୪ | ୭ | ୬ | ୧ | ୧୫ | +୦.୦୧୧ |
| ସନ୍‌ରାଇଜର୍ସ ହାଇଦ୍ରାବାଦ | ୧୪ | ୬ | ୭ | ୧ | ୧୩ | -୦.୨୪୧ |
| ଲକ୍ଷ୍ନୌ ସୁପର ଜାଏଣ୍ଟ୍ସ | ୧୪ | ୬ | ୮ | ୦ | ୧୨ | -୦.୩୭୬ |
| କୋଲକାତା ନାଇଟ ରାଇଡର୍ସ | ୧୪ | ୫ | ୭ | ୨ | ୧୨ | -୦.୩୦୫ |
| ରାଜସ୍ଥାନ ରୟାଲ୍ସ | ୧୪ | ୪ | ୧୦ | ୦ | ୮ | -୦.୫୪୯ |
| ଚେନ୍ନାଇ ସୁପର କିଙ୍ଗ୍ସ | ୧୪ | ୪ | ୧୦ | ୦ | ୮ | -୦.୬୪୭ |

# ପ୍ରତିଷ୍ଠା ସର୍ବଶ୍ରେଷ୍ଠ ଶକ୍ତି ଉତ୍ତୋଳିକା

**ଭୁବନେଶ୍ୱର, ୨୭।୫(ତପନ ସ୍ୱାଇଁ)**

### ଜାତୀୟ ଜୁନିୟର ଶକ୍ତି ଉତ୍ତୋଳନ

**ସୋମେନଙ୍କ ଜାତୀୟ ରେକର୍ଡ ସହ ଓଡ଼ିଶାକୁ ୧୨ ପଦକ**

ଗତ ୨୦ରୁ ୨୫ ତାରିଖ ପର୍ଯ୍ୟନ୍ତ ମହାରାଷ୍ଟ୍ରର କୋହ୍ଲାପୁରଠାରେ ଅନୁଷ୍ଠିତ ଜାତୀୟ ଜୁନିୟର ଓ ସବ୍‌ଜୁନିୟର ଶକ୍ତି ଉତ୍ତୋଳନ ପ୍ରତିଯୋଗିତାରେ ଓଡ଼ିଶାର ପ୍ରତିଯୋଗୀମାନେ ଭଲ ପ୍ରଦର୍ଶନ କରିଛନ୍ତି। ମହିଳା ଜୁନିୟର ୬୯ କେଜି ବର୍ଗରେ ପ୍ରତିଷ୍ଠା ସିଂ ସ୍ୱର୍ଣ୍ଣ ପଦକ ହାସଲ ସହ ବେଞ୍ଚପ୍ରେସ୍‌ରେ ଜାତୀୟ ରେକର୍ଡ କରିଛନ୍ତି। ଫଳରେ ସେ ସର୍ବଶ୍ରେଷ୍ଠ ଶକ୍ତି ଉତ୍ତୋଳିକା ପୁରସ୍କାରରେ ସମ୍ମାନିତ ହୋଇଛନ୍ତି। ପ୍ରତିଷ୍ଠା ସ୍କ୍ୱାଟ୍‌ରେ ରୌପ୍ୟ, ବେଞ୍ଚପ୍ରେସ୍‌ରେ ସ୍ୱର୍ଣ୍ଣ, ଡେଡ୍‌ଲିଫ୍ଟରେ ରୌପ୍ୟ ପଦକ ଜିତି ରାଜ୍ୟକୁ ଗର୍ବିତ କରିଛନ୍ତି। ଜୁନିୟର ୫୭ କେଜି ବର୍ଗ ଡେଡ୍‌ଲିଫ୍ଟରେ ଜ୍ୟୋତି ଖୋରା ଓ ଅନନ୍ୟା ଅନନ୍ଦିତା ଗିରି ବ୍ରୋଞ୍ଜ ପଦକ ହାସଲ କରିଛନ୍ତି।

ସେହିଭଳି ପୁରୁଷ ବିଭାଗରେ ସୋମେନ ସେନାପତି ୬୬ କେଜି ଜୁନିୟର ବର୍ଗରେ ବ୍ରୋଞ୍ଜ ପଦକ ହାସଲ ସହ ବେଞ୍ଚପ୍ରେସ୍‌ରେ ଜାତୀୟ ରେକର୍ଡ କରିଛନ୍ତି। ବ୍ୟକ୍ତିଗତ ଲିଫ୍ଟରେ ସୋମେନ ବେଞ୍ଚପ୍ରେସ, ଡେଡ୍‌ଲିଫ୍ଟରେ ସ୍ୱର୍ଣ୍ଣ ଏବଂ ବ୍ରୋଞ୍ଜ, ପ୍ରିୟାଂଶୁ ପଟ୍ଟନାୟକ ୮୩ କେଜି ଜୁନିୟର ବର୍ଗର ସ୍କ୍ୱାଟ୍‌ରେ ବ୍ରୋଞ୍ଜ, ପ୍ରଜ୍ଞାନ ପ୍ରଧାନ ସବ୍‌ଜୁନିୟର ୧୦୫ କେଜି ବର୍ଗର ସ୍କ୍ୱାଟ୍ ଓ ଡେଡ୍‌ଲିଫ୍ଟରେ ରୌପ୍ୟ ଏବଂ ବ୍ରୋଞ୍ଜ ପଦକ ଜିତିଛନ୍ତି। ପଦକବିଜୟୀ ପ୍ରତିଯୋଗୀମାନଙ୍କୁ ଓଡ଼ିଶା ଶକ୍ତି ଉତ୍ତୋଳନ ସଂଘର ସମ୍ପାଦକ ହରିପ୍ରସାଦ ପଟ୍ଟନାୟକ ଏବଂ ଅଧ୍ୟକ୍ଷ ଚିତ୍ତରଞ୍ଜନ ସ୍ୱାଇଁ ଅଭିନନ୍ଦନ ଜଣାଇଛନ୍ତି।




ଟ୍ରଫି ଓ ପଦକ ସହ ପ୍ରତିଷ୍ଠା ସିଂ।

# ୧୦,୦୦୦ ମିଟରରେ ଗୁଲ୍‌ବୀରଙ୍କୁ ସ୍ୱର୍ଣ୍ଣ



ଗୁଲ୍‌ବୀର ସିଂ

**ଗୁମି, ୨୭।୫(ପି.ଟି.)**

ଜାତୀୟ ରେକର୍ଡଧାରୀ ଗୁଲ୍‌ବୀର ସିଂ ଏଠାରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଥିବା ୨୬ତମ ଏସିଆନ ଆଥ୍ଲେଟିକ୍ସ ଚାମ୍ପିୟନଶିପ୍‌ର ପୁରୁଷ ୧୦,୦୦୦ ମିଟର ରେସ୍‌ରେ ପ୍ରଥମ ସ୍ଥାନ ଅଧିକାର କରିବା ସହ ଦେଶ ପାଇଁ ପ୍ରଥମ ସ୍ୱର୍ଣ୍ଣ ଆଣିଦେଇଥିବା ବେଳେ ସର୍ଭିନ ସେବାଷ୍ଟିଆନ ୨୦ କି.ମି. ୱାକ୍ ରେସ୍‌ରେ ଏକ ବ୍ରୋଞ୍ଜ୍ ପଦକ ହାସଲ କରିଛନ୍ତି। ୨୬ ବର୍ଷୀୟ ଗୁଲ୍‌ବୀର ହେଉଛନ୍ତି ୨୦୨୩ ହାଙ୍ଗଝୋ ଏସିଆନ ଗେମ୍ସ ବ୍ରୋଞ୍ଜ ବିଜେତା। ଏଠାରେ ସେ ପ୍ରି-ରେସ୍ ଫେଭରିଟ୍ ଥିଲେ। ସେ ୨୮ ମିନିଟ୍ ୩୮.୬୩ ସେକେଣ୍ଡ ଟାଇମିଂ ସହ ତାଙ୍କର ପ୍ରଥମ ଏସିଆନ ଚାମ୍ପିୟନଶିପ୍‌ରେ ସ୍ୱର୍ଣ୍ଣ ଜିତି ପାରିଛନ୍ତି। ଜାପାନର ମିବୁକି ସୁଜୁକି(୨୮:୪୩.୮୪) ରୌପ୍ୟ ଓ ବାହାରିନ୍‌ର ଆଲବର୍ଟ କିବିଚି ରପ୍(୨୮:୪୬.୮୨)ଙ୍କୁ ବ୍ରୋଞ୍ଜ ମିଳିଛି। ପ୍ରତିଯୋଗିତାରେ ସାମିଲ ଥିବା

### ଏସିଆନ୍ ଆଥ୍ଲେଟିକ୍ସ

ଅନ୍ୟ ଜଣେ ଭାରତୀୟ ସାୱ ବାର୍‌ୱାଲ ୨୮:୫୦.୫୩ ଟାଇମିଂ ସହ ଚତୁର୍ଥ ସ୍ଥାନରେ ରହିଥିଲେ। ପ୍ରଥମ ଦିବସ ଶେଷସୁଦ୍ଧା ଭାରତ ଗୋଟିଏ ସ୍ୱର୍ଣ୍ଣ ଓ ଗୋଟିଏ ବ୍ରୋଞ୍ଜ ସହ ପଦକ ତାଲିକାରେ ଚାଇନା(୫ସ୍ୱର୍ଣ୍ଣ, ୨ରୌପ୍ୟ) ପଛକୁ ଦ୍ୱିତୀୟ ସ୍ଥାନରେ ରହିଥିବା ବେଳେ ଜାପାନ (୩ ରୌପ୍ୟ,୨ବ୍ରୋଞ୍ଜ) ୩ୟ ସ୍ଥାନରେ ରହିଛି। ଗୁଲ୍‌ବୀର କହିଛନ୍ତି, ସେ ତାଙ୍କ ପ୍ରଦର୍ଶନ ନେଇ ଖୁସି ଅଛନ୍ତି। ସ୍ୱର୍ଣ୍ଣ ପଦକ ହାସଲ କରିବା ଦ୍ୱାରା ବିଶ୍ୱ ର୍‍ୟାଙ୍କିଙ୍ଗ୍ ତାଲିକାରେ ତାଙ୍କର ଉନ୍ନତି ଘଟିବ। ସେପ୍ଟେମ୍ବରରେ ହେବାକୁଥିବା ଟୋକିଓ ୱାର୍ଲ୍ଡ ଆଥ୍ଲେଟିକ୍ସ ଚାମ୍ପିୟନଶିପ୍ ପାଇଁ ଏକ ଟିକେଟ ସୁଯୋଗ ଉଜ୍ଜ୍ୱଳ ହୋଇଛି। ପୁରୁଷ ୧୦,୦୦୦ ମିଟର ପାଇଁ ସ୍ୱାଭାବିକ କ୍ୱାଲିଫିକେଶନ ୨୭ ମିନିଟ୍ ରହିଛି। ତେବେ ଗରମ ପାଗ ଯୋଗୁ ସ୍ଥାନୀୟ ଆୟୋଜକ କମିଟି ତରଫରୁ ୧୦,୦୦୦ ମିଟର ଟ୍ରାକ୍ ରେସ୍‌ରେ ଏକ ୱାଟର ଷ୍ଟେଶନ ସ୍ଥାପନ କରାଯାଇଥିଲା।

# ଭାରତୀୟ ଗେଟ୍‌ବଲ ୟୁନିୟନ ଦଳକୁ ସ୍ୱର୍ଣ୍ଣ

**ଭୁବନେଶ୍ୱର, ୨୭।୫(ତପନ ସ୍ୱାଇଁ)**

ତାଇୱାନ୍‌ର ତାଇପେଠାରେ ଗତ ୨୨ରୁ ୨୬ ପର୍ଯ୍ୟନ୍ତ ଅନୁଷ୍ଠିତ ୱାର୍ଲ୍ଡ ମାଷ୍ଟର୍ସ ଗେମ୍‌ରେ ଭାରତୀୟ ଗେଟ୍‌ବଲ ୟୁନିୟନ(ଆଇଜିୟୁ) ଦଳ ସ୍ୱର୍ଣ୍ଣ ପଦକ ହାସଲକରି ଇତିହାସ ରଚିଛି। ଓଡ଼ିଶାର ୪ ଖେଳାଳି ଭାରତୀୟ ଦଳର ସଦସ୍ୟ ଥିଲେ। ସେମାନେ ହେଲେ ଦୈପାୟନ ପଟ୍ଟନାୟକ, ଉମାକାନ୍ତ ପାଣି,

### ୱାର୍ଲ୍ଡ ମାଷ୍ଟର୍ସ ଗେମ୍

ସର୍ବେଶ୍ୱର ବ୍ରହ୍ମାନନ୍ଦ ମହାପାତ୍ର ଓ ଦିଲୀପ କୁମାର ଷଡ଼ଙ୍ଗୀ। ଭାରତୀୟ ଦଳ ପ୍ରତିଦ୍ୱନ୍ଦ୍ୱୀ ଅନ୍ୟ ସମସ୍ତ ଦଳ ବିପକ୍ଷରେ ପ୍ରଭାବୀ ପ୍ରଦର୍ଶନ କରି ଅପରାଜେୟ ରହିଥିଲା। ସ୍ୱର୍ଣ୍ଣ ବିଜୟୀ ଭାରତୀୟ ଦଳ ମଙ୍ଗଳବାର ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବା ପରେ ଭବ୍ୟ ସ୍ୱାଗତ କରାଯାଇଛି। ବିମାନବନ୍ଦରରେ ସାମାଜିକ କର୍ମୀ ଦଣ୍ଡଧର ପାଣିଙ୍କ ସମେତ ଆଇଜିୟୁ ପକ୍ଷରୁ ଉପସଭାପତି ସଞ୍ଜୀବ ପରିଡ଼ା, କୋଷାଧ୍ୟକ୍ଷ ଶରତ ପାତ୍ର, ଗିରଜା ଏଜାଜ, ବିଷ୍ଣୁପ୍ରିୟା ବେହେରା, ରଞ୍ଜିତାରାଣୀ ବେହେରା ଏବଂ ଆଇକନିକ୍ ପ୍ରତିଷ୍ଠାତା ସଞ୍ଜୟ ଚୌଧୁରୀ ଏବଂ କ୍ରାଫ୍ଟସର ଟ୍ରଷ୍ଟି ଇତିଶ୍ରୀ ଦାଶ ପ୍ରମୁଖ ଉପସ୍ଥିତ ରହି ଆଇଜିୟୁ ଦଳକୁ ସ୍ୱାଗତ ସହ ସମ୍ବର୍ଦ୍ଧନା ଜଣାଇଥିଲେ।

ପ୍ରକାଶଯୋଗ୍ୟ, ବିଶ୍ୱ ମାଷ୍ଟର୍ସ ଗେମ୍-୨୦୨୫ରେ ଗେଟ୍‌ବଲ ସହ ମୋଟ ୩୫ଟି ଇଭେଣ୍ଟରେ ପ୍ରତିଯୋଗିତା ହୋଇଥିଲା। ତାଇୱାନ୍‌ର ୬୧ଟି କ୍ରୀଡ଼ାଙ୍ଗନରେ ୧୦୮ ଦେଶର ପାଖାପାଖି ୨୫,୦୪୯ ପ୍ରତିଯୋଗୀ ବିଭିନ୍ନ ଇଭେଣ୍ଟରେ ଅଂଶଗ୍ରହଣ କରିଥିଲେ।




ୱାର୍ଲ୍ଡ ମାଷ୍ଟର୍ସ ଗେମ୍‌ରେ ସ୍ୱର୍ଣ୍ଣପଦକ ବିଜୟୀ ଆଇଜିୟୁ ଦଳ।

# ମାଡ଼ିଗଲା କାର୍: ୪୭ ଆହତ, ୪ ଗୁରୁତର

### ଲିଭରପୁଲ ବିଜୟ ଉତ୍ସବ

**ଲିଭରପୁଲ,୨୭।୫(ଏପି)**

ଇଂଲିଶ ପ୍ରିମିୟର ଲିଗ୍ ଚାମ୍ପିୟନ ଲିଭରପୁଲ କ୍ଲବର ବିଜୟ ଉତ୍ସବ ଚାଲିଥିବା ବେଳେ ସୋମବାର ଏକ ମିନି ଭ୍ୟାନ ପ୍ରଶଂସକଙ୍କ ଉପରେ ମାଡ଼ି ଯାଇଥିଲା। ଏହି ଘଟଣାରେ ୪୭ଜଣ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୪ ଜଣଙ୍କ ଅବସ୍ଥା ଗୁରୁତର ରହିଛି। କିନ୍ତୁ ଏହା ଆତଙ୍କବାଦ ସମ୍ପର୍କୀତ ଘଟଣା ନୁହେଁ ବୋଲି ପୋଲିସ ପକ୍ଷରୁ କୁହାଯାଇଛି। ୫୩ ବର୍ଷୀୟ ବ୍ରିଟିଶ ନାଗରିକଙ୍କୁ ଲିଭରପୁଲ ଅଞ୍ଚଳରୁ ଗିରଫ କରାଯାଇଛି। ପୋଲିସ କହିବା ଅନୁଯାୟୀ, ଉକ୍ତ ବ୍ୟକ୍ତି ହିଁ ପ୍ରଶଂସକଙ୍କ ଏକ ବଡ଼ ଗୋଷ୍ଠୀକୁ ଧକ୍କା ଦେଇଥିବା କାର ଚଳାଉଥିଲେ। ତେବେ ଚାଳକଙ୍କ ପରିଚୟ ପ୍ରକାଶ କରାଯାଇନାହିଁ। ବ୍ରିଟେନରେ ଦୋଷ ପ୍ରମାଣ ନହେଲା ପର୍ଯ୍ୟନ୍ତ ସନ୍ଦିଗ୍ଧଙ୍କ ନାମ ପ୍ରଘଟ କରାଯାଏ ନାହିଁ। ଲିଭରପୁଲ ଦଳର ଖେଳାଳିମାନେ ଏକ ଖୋଲା ବସ୍‌ରେ ପ୍ରିମିୟର ଲିଗ୍ ଚାମ୍ପିୟନଶିପ୍ ବିଜୟ ଉତ୍ସବ ପାଳନ କରିବା ପରେ ପ୍ରଶଂସକଙ୍କ ଭିଡ ଉପରେ ମିନି ଭ୍ୟାନ ମାଡ଼ି ଯାଇଥିଲା। ଆହତଙ୍କ ମଧ୍ୟରୁ ୪ ଜଣଙ୍କ ଅବସ୍ଥା ଗୁରୁତରଥିବା ଲିଭରପୁଲ ସହର ମେଟ୍ରୋ ମେୟର ଷ୍ଟିଭ ରୋଥରଆମ କହିଛନ୍ତି। ନର୍ଥ ୱେଷ୍ଟ ଆମ୍ବୁଲାନ୍ସ ସର୍ଭିସ ପକ୍ଷରୁ କୁହାଯାଇଛି ଯେ, ମୋଟ ଉପରେ ୪୭ ଜଣ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୨୭ ଜଣଙ୍କୁ ସ୍ଥାନୀୟ ହସ୍ପିଟାଲ ନିଆଯାଇଥିଲା। ୨୦ ଜଣଙ୍କର ଘଟଣାସ୍ଥଳରେ ଚିକିତ୍ସା କରାଯାଇଥିଲା। ଏହି ଘଟଣାରେ କାହାରି ମୃତ୍ୟୁ ହୋଇ ନାହିଁ। ୪ ଛୁଆ ଗୁରୁତର ଆହତ ହୋଇଛନ୍ତି। ସେମାନେ ଭ୍ୟାନ ତଳେ ଚାପି ହୋଇ ରହିଯାଇଥିଲେ। ଅଗ୍ନିଶମ କର୍ମଚାରୀ ସେମାନଙ୍କୁ ଉଦ୍ଧାର କରିଥିଲେ।




4-Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ- ତଥାଗତ ସତପଥୀ